# ଧରିତ୍ରୀ DHARITRI

ଧରିତ୍ରୀ 51 Years

ଭୁବନେଶ୍ୱର, ମଙ୍ଗଳବାର, ଜୁଲାଇ ୨୨/୨୦୨୫ (୧୪ ପୃଷ୍ଠା) | Bhubaneswar, Tuesday, July 22/2025 | Page 14 | ₹ 7.00 | RAYAGADA

୫୧ଶ ଭାଗ ୨୩୭ ସଂଖ୍ୟା | www.orissakhabar.com/www.dharitri.com | Printed at Rayagada, Bhubaneswar, Sambalpur & Angul | VOLUME 51 ISSUE 237 | ମୂଲ୍ୟ ₹୭/-




## ପଦାର୍ପଣରେ ପ୍ଲେୟର ଅଫ୍ ଦି ମ୍ୟାଚ୍ ହେଲେ ଓଓ୍ୱେନ

ୱେଷ୍ଟଇଣ୍ଡିଜ୍ ବିପକ୍ଷ ପ୍ରଥମ ଟି୨୦ରେ ଅନ୍ତର୍ଜାତୀୟ ପଦାର୍ପଣ କରି ପ୍ଲେୟର ଅଫ୍ ମ୍ୟାଚ୍ ହୋଇଛନ୍ତି ଅଷ୍ଟ୍ରେଲିଆର ମିଚେଲ ଓଓ୍ୱେନ।

୧୪

୦୨

## ୧୦୦ କୋଟି କ୍ଲବ୍‌ରେ 'ସୈୟାରା'

ରିଲିଜ୍ ହେବାର ୩ ଦିନ ମଧ୍ୟରେ ନବାଗତ ଅହାନ ପାଣ୍ଡେ ଏବଂ ଅନୀତ ପଡ୍ଡାଙ୍କ ଅଭିନୀତ 'ସୈୟାରା' ଫିଲ୍ମ ୧୦୦ କୋଟି କ୍ଲବ୍‌ରେ ପହଞ୍ଚିଛି।





ପୁରୀ-ଭୁବନେଶ୍ୱର ଜାତୀୟ ରାଜପଥର ତୁଳସୀଚଉରା ଛକ (ଚନ୍ଦନପୁର) ନିକଟରେ ଅଗ୍ନିଶମ ବିଭାଗ ଗାଡ଼ି ଧକ୍କାରେ ଛାତ୍ରଙ୍କ ମୃତ୍ୟୁ ଘଟଣାକୁ ନେଇ ସ୍ଥାନୀୟ ଲୋକଙ୍କ ରାସ୍ତାରୋକୋ।

# ନାବାଳିକା ହକି ପ୍ରଶିକ୍ଷାର୍ଥୀଙ୍କୁ ଗଣବଳାତ୍କାର

## ଯାଜପୁରରେ ୨ କୋଚ୍‌ଙ୍କ ଜଘନ୍ୟକାଣ୍ଡ

**ରାଜ୍ୟରେ ଗୁରୁଶିଷ୍ୟ ପରମ୍ପରାକୁ କଳୁଷିତ କରିଦେବା ଭଳି ଆଉ ଏକ ଘଟଣା ଘଟିଛି ଯାଜପୁର ସହରରେ। ହକି ଟ୍ରେନିଂ ସେଣ୍ଟରରେ ପ୍ରଶିକ୍ଷଣ ନେଉଥିବା ସଂଖ୍ୟାଲଘୁ ସମ୍ପ୍ରଦାୟର ଜଣେ ନାବାଳିକା (୧୫)ଙ୍କୁ ତାଙ୍କର ୨ କୋଚ୍‌ଙ୍କ ସମେତ ୩ଜଣ ଗଣବଳାତ୍କାର କରିଛନ୍ତି। ଅଭିଯୁକ୍ତମାନଙ୍କ ଧମକ ଏବଂ ଲୋକଲଜ୍ଜା ଭୟରେ ମାନସିକ ଓ ଶାରୀରିକ ଯନ୍ତ୍ରଣାରେ ଛଟପଟ ହେଉଥିବା ପୀଡ଼ିତା ଘଟଣାର ୧୭ ଦିନ ପରେ ରବିବାର ରାତି ୧୧ଟାରେ ଯାଜପୁର ଟାଉନ ଥାନାର ଦ୍ୱାରସ୍ଥ ହୋଇଛନ୍ତି। ପୋଲିସ ମାମଲା ରୁଜୁ କରିବା ସହ ୩ ଅଭିଯୁକ୍ତଙ୍କ ସମେତ ୪ଜଣଙ୍କୁ ଅଟକ ରଖିଥିବା ଜଣାପଡ଼ିଛି। ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଅଧ୍ୟାପକଙ୍କ ଦ୍ୱାରା ଯୌନ ନିର୍ଯାତନାର ଶିକାର ହୋଇଥିବା ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ନ ପାଇ ଆତ୍ମାହୁତି ଦେବା ଘଟଣା ସାରା ଦେଶରେ ଚହଳ ପକାଇଛି। ଏ ଘଟଣାରେ ସରକାରୀ ଉଦାସୀନତା ଅଭିଯୋଗ ଆଣି ବିରୋଧୀ ସରକାରଙ୍କୁ ଘେରିଚାଲିଛନ୍ତି। ଏଭଳିସ୍ଥଳେ ଯାଜପୁରରେ ଜଣେ ନାବାଳିକା ହକି ପ୍ରଶିକ୍ଷାର୍ଥୀ କୋଚ୍‌ମାନଙ୍କ ଦ୍ୱାରା ଗଣବଳାତ୍କାର ଶିକାର ହୋଇଛନ୍ତି। ଏସବୁ ଘଟଣାରୁ ଶିକ୍ଷାନୁଷ୍ଠାନ ଏବଂ ପ୍ରଶିକ୍ଷଣ କେନ୍ଦ୍ରରେ ଛାତ୍ରୀଙ୍କ ପାଇଁ ସୁରକ୍ଷିତ ପରିବେଶ ନ ଥିବା ସ୍ପଷ୍ଟ ହେଉଛି।**

### ନୀରବ ରହିଥିଲେ ଜିଲା କ୍ରୀଡ଼ାଧିକାରୀ

ନାବାଳିକାଙ୍କୁ ଗଣବଳାତ୍କାର ସମ୍ପର୍କରେ ତାଙ୍କ ମା' ଗତ ୧୪ ତାରିଖରେ ଜିଲା କ୍ରୀଡ଼ାଧିକାରୀ ଫକୀର ମୋହନ ଟୁଡୁଙ୍କୁ ସାକ୍ଷାତ୍ କରି ଜଣାଇଥିଲେ। ଜିଲା କ୍ରୀଡ଼ାଧିକାରୀ ଲିଖିତ ଭାବେ ଜଣାଇବାକୁ ତାଙ୍କୁ କହିଥିଲେ। ଏହାପରେ ନାବାଳିକାଙ୍କ ମା' ଗତ ୧୬ ତାରିଖରେ ଲିଖିତ ଭାବେ ଟୁଡୁଙ୍କ ନିକଟରେ ଅଭିଯୋଗ କରିଥିଲେ। ତଦନୁଯାୟୀ ୩ ଦିନ ମଧ୍ୟରେ ଜିଲାପାଳଙ୍କ ଦୃଷ୍ଟି ଆକର୍ଷଣ କରି ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ବୋଲି ଟୁଡୁ ତାଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ହେଲେ ୩ ଦିନ ଅତିକ୍ରାନ୍ତ ହୋଇ ସାରିଥିଲେ ବି ଜିଲା କ୍ରୀଡ଼ାଧିକାରୀ କୌଣସି ପ୍ରକାର ପଦକ୍ଷେପ ନ ନେଇ ନୀରବି ଯାଇଥିଲେ। ଏପରିକି ପୀଡିତା ଏକାଧିକ ଥର ଟୁଡୁଙ୍କୁ ଫୋନ୍ କରିଥିଲେ ବି ସେ କଲ୍ ଗ୍ରହଣ କରି ନ ଥିଲେ ବୋଲି ନାବାଳିକାଙ୍କ ମା' ଅଭିଯୋଗ କରିଛନ୍ତି। ଏ ସଂକ୍ରାନ୍ତରେ ଜିଲା କ୍ରୀଡାଧିକାରୀ ଟୁଡୁଙ୍କ ମତାମତ ନେବାକୁ ସୋମବାର ସନ୍ଧ୍ୟାରେ ତାଙ୍କ ମୋବାଇଲକୁ ଯୋଗାଯୋଗ କରାଯାଇଥିଲେ ମଧ୍ୟ ସେ ଫୋନ କଲ୍ ଗ୍ରହଣ କରି ନ ଥିଲେ।

**ଯାଜପୁର, ୨୧।୭ (ହର୍ଷବର୍ଦ୍ଧନ ବେହେରା)**

ଯାଜପୁର ସହର ମାନସାପୋଲ ନିକଟରେ ରହୁଥିବା ଜଣେ ନାବାଳିକା ହକି ଖେଳାଳିଙ୍କୁ ୨ ଜଣ କୋଚ୍ ଓ ସେମାନଙ୍କ ଜଣେ ସହଯୋଗୀ ଉପହାର ଦେବା ବାହାନାରେ ଏକ ହୋଟେଲକୁ ନେଇ ଗଣବଳାତ୍କାର କରିଛନ୍ତି। ଏନେଇ ନାବାଳିକା ଜଣକ ରବିବାର ରାତି ୧୧ଟାରେ ଯାଜପୁର ଟାଉନ ଥାନାରେ ଲିଖିତ ଅଭିଯୋଗ କରିବା ପରେ ବିଏନ୍‌ଏସ୍ ଦଫା ୭୦(୨), ୩୫୧(୨), ୭୪, ୩(୫) ଏବଂ ପ୍ରୋଟେକ୍ସନ ଅଫ୍ ଚିଲ୍ଡ୍ରେନ ଫ୍ରମ୍ ସେକ୍ସୁଆଲ ଅଫେନ୍ସ (ପୋକ୍‌ସୋ) ଆକ୍ଟ-୨୦୧୨ ଅନୁଯାୟୀ ଏକ ମାମଲା(ନଂ. ୩୪୧/୨୦୨୫) ରୁଜୁ ହୋଇଛି। ସୋମବାର ଯାଜପୁର କୋର୍ଟରେ ନାବାଳିକାଙ୍କ ବୟାନ ରେକର୍ଡ କରାଯାଇଛି। ଘଟଣାରେ ୪ ଜଣଙ୍କୁ ପୋଲିସ ଅଟକ ରଖିଥିବାବେଳେ ଅନ୍ୟ ଜଣେ ଫେରାର ଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡିଛି।

ଅଭିଯୋଗ ଅନୁଯାୟୀ ପୀଡ଼ିତା ଗତ ୭ ବର୍ଷ ହେଲା ଯାଜପୁର ହକି ପ୍ରଶିକ୍ଷଣ କେନ୍ଦ୍ରରେ ତାଲିମ ନେଉଥିଲେ। ☞ପୃଷ୍ଠା-୪

# ଇଡି ସବୁ ସୀମା ଟପୁଛି: ସୁପ୍ରିମ୍‌କୋର୍ଟ

**ନୂଆଦିଲ୍ଲୀ, ୨୧।୭**

ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ସବୁ ସୀମା ଟପୁଛି ବୋଲି ସୋମବାର ସୁପ୍ରିମକୋର୍ଟ ଭର୍ତ୍ସନା କରିଛନ୍ତି। ତଦନ୍ତ ବେଳେ ଆଇନଗତ ପରାମର୍ଶ ଦେବା କିମ୍ବା ମହକିଲଙ୍କ ପକ୍ଷରୁ ପ୍ରତିନିଧିତ୍ୱ କରୁଥିବା ଓକିଲମାନଙ୍କୁ ଇଡି ସମନ୍ କରୁଥିବାରୁ ଏହା ଉପରେ ସର୍ବୋଚ୍ଚ ଅଦାଲତ ଗମ୍ଭୀର ଚିନ୍ତାବ୍ୟକ୍ତ କରିଛନ୍ତି। ଏଥିସହ ଏହି ପ୍ରସଙ୍ଗରେ ଗାଇଡ୍‌ଲାଇନ ପ୍ରସ୍ତୁତ କରାଯିବା ଆବଶ୍ୟକ ବୋଲି କହିଛନ୍ତି। ବରିଷ୍ଠ ଆଇନଜୀବୀ ଅରବିନ୍ଦ ଦତାର ଓ ପ୍ରତାପ ବେଣୁଗୋପାଳଙ୍କୁ ଇଡି ପକ୍ଷରୁ ସମନ କରାଯିବା ପରେ ଲିଗାଲ ପ୍ରଫେଶନର ସ୍ୱାଧୀନତା ଉପରେ ଏପରି କାର୍ଯ୍ୟାନୁଷ୍ଠାନର ପ୍ରଭାବ ସମ୍ପର୍କରେ ସୁପ୍ରିମକୋର୍ଟ ନିଜ ଆଡୁ ଏକ ମାମଲାର ଶୁଣାଣି କରୁଛନ୍ତି। ସିଜେଆଇ ବି.ଆର୍. ଗବଇ ଏବଂ ଜଷ୍ଟିସ୍ କେ. ବିନୋଦଚନ୍ଦ୍ରନ୍‌ଙ୍କୁ ନେଇ ଗଠିତ ଖଣ୍ଡପୀଠ ଏହାର ଶୁଣାଣି ବେଳେ କହିଛନ୍ତି, ଜଣେ ଆଇନଜୀବୀ ଓ ତାଙ୍କ ମହକିଲଙ୍କ ମଧ୍ୟରେ ଯୋଗାଯୋଗ ଏକ ଅଗ୍ରାଧିକାର। ☞ପୃଷ୍ଠା-୪

## ଉପରାଷ୍ଟ୍ରପତିଙ୍କ ଇସ୍ତଫା



ଜଗଦୀପ ଧନକର

**ନୂଆଦିଲ୍ଲୀ, ୨୧।୭**

ଉପରାଷ୍ଟ୍ରପତି ଜଗଦୀପ ଧନକର ସୋମବାର ରାତିରେ ନିଜ ପଦରୁ ଇସ୍ତଫା ଦେଇଛନ୍ତି। ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କ ନିକଟକୁ ପଠାଇଥିବା ଇସ୍ତଫାପତ୍ରରେ ଧନକର ସ୍ୱାସ୍ଥ୍ୟଗତ କାରଣରୁ ପଦ ଛାଡ଼ିଥିବା ଦର୍ଶାଇଛନ୍ତି। ଧନକର ନିଜ ଇସ୍ତଫାପତ୍ରରେ ଉଲ୍ଲେଖ କରିଛନ୍ତି, ସ୍ୱାସ୍ଥ୍ୟଗତ କାରଣରୁ ଓ ଡାକ୍ତରଙ୍କ ପରାମର୍ଶକ୍ରମେ ସେ ସମ୍ବିଧାନ ଅନୁଚ୍ଛେଦ ୬୭(ଏ) ଅନୁସାରେ ଭାରତର ଉପରାଷ୍ଟ୍ରପତି ପଦରୁ ତତ୍କାଳ ଇସ୍ତଫା ଦେଇଛନ୍ତି। ୨୦୨୨ ଅଗଷ୍ଟ ୧୧ରେ ଦେଶର ଚତୁର୍ଦ୍ଦଶ ଉପରାଷ୍ଟ୍ରପତି ଭାବେ ଦାୟିତ୍ୱ ଗ୍ରହଣ କରିଥିବା ଧନକରଙ୍କ ☞ପୃଷ୍ଠା-୪

**ଆଜିର ସମ୍ପାଦକୀୟ**

**ଏହା ଇତିହାସ ନୁହେଁ**

# ଥାନାରେ ବିଷ ପିଇଲେ ଯୁବତୀ

**ନୟାଗଡ଼, ୨୧।୭ (ଲୋକନାଥ ମିଶ୍ର)**

- **କୋହଳ ଦଫା ଲଗାଇ ପ୍ରେମିକଙ୍କୁ ପୋଲିସ ଖସାଇବାର ପ୍ରତିବାଦ**
- **ବିବାହ ପ୍ରତିଶ୍ରୁତି ଦେଇ ଶାରୀରିକ ସମ୍ପର୍କ ପରେ ପ୍ରତାରଣା**

ନୟାଗଡ଼ ଜିଲାର ଇଟାମାଟି ଥାନାରେ ସୋମବାର ପୂର୍ବାହ୍ନରେ ନ୍ୟାୟ ନ ମିଳିବାରୁ ଜଣେ ଯୁବତୀ ବିଷ ପିଇ ଆତ୍ମହତ୍ୟା ଉଦ୍ୟମ କରିଛନ୍ତି। ବିବାହର ପ୍ରତିଶ୍ରୁତି ଦେଇ ଶାରୀରିକ ସମ୍ପର୍କ ରଖିବା ପରେ ପ୍ରତାରଣା କରି ଜେଲ ଯାଇଥିବା ପ୍ରେମିକଙ୍କୁ ଜାମିନ ମିଳିଛି। ତେବେ ଅଭିଯୁକ୍ତଙ୍କ ବିରୋଧରେ ପୋଲିସ କୋହଳ ଦଫା ଲଗାଇଥିବାରୁ ତାଙ୍କୁ ଜାମିନ ମିଳିଥିବା ଅଭିଯୋଗ କରି ଯୁବତୀ ଜଣକ ତାହାର ପ୍ରତିବାଦରେ ଥାନାରେ ବିଷ ପିଇ ଦେଇଛନ୍ତି। ଯୁବତୀଙ୍କୁ ଗୁରୁତର ଅବସ୍ଥାରେ ପୋଲିସ ଜିଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଛି। ପରିବାର ପକ୍ଷରୁ ଭୁବନେଶ୍ୱର ରେଫର କରିବାକୁ କୁହାଯାଉଥିବାବେଳେ ପୀଡିତାଙ୍କ ଅବସ୍ଥା ନିୟନ୍ତ୍ରଣାଧୀନ ରହିଥିବା ଡାକ୍ତର କହିଛନ୍ତି। ଜିଲା ମୁଖ୍ୟ ଚିକିତ୍ସାଳୟରେ ନୟାଗଡ଼ ତହସିଲଦାର ରାକେଶ ସ୍ୱାଇଁ ପହଞ୍ଚି ମାଜିଷ୍ଟ୍ରେଟ ଭାବେ ଯୁବତୀଙ୍କ ବୟାନ ରେକର୍ଡ କରିଛନ୍ତି।

ଅଭିଯୋଗ ଅନୁସାରେ, ଇଟାମାଟି ଥାନା ଅଞ୍ଚଳର ଜଣେ ଯୁବତୀଙ୍କୁ ଶରଧାପୁର ଗାଁର ସିଆର୍‌ପିଏଫ୍ ସିପାହି ଚାକିରି କରିଥିବା ଆଲୋକ ସ୍ୱାଇଁ ଭଲ ପାଇଥିଲେ। ବିବାହ କରିବାକୁ ପ୍ରତିଶ୍ରୁତି ଦେଇ ତାଙ୍କ ସହ ଆଲୋକ ଶାରୀରିକ ସମ୍ପର୍କ ରଖିଥିଲେ। ପରେ ବିବାହ କରିବାକୁ ରାଜି ହୋଇ ନ ଥିଲେ। ବାରମ୍ବାର ବୁଝାଇବା ପରେ ଅସଫଳ ହେବାରୁ ଗତ ଫେବୃଆରୀରେ ଇଟାମାଟି ଥାନାରେ ଯୁବତୀ ଜଣକ ଅଭିଯୋଗ କରିଥିଲେ। ପୋଲିସ ବିଏନ୍‌ଏସ୍ ଦଫା ୬୯ ଏବଂ ୩୫୧(୨) ଅନୁଯାୟୀ ମାମଲା (୪୨/୨୦୨୫) ରୁଜୁକରି ଆଲୋକଙ୍କୁ କୋର୍ଟ ଚାଲାଣ କରିଥିଲା। ଇତିମଧ୍ୟରେ ଆଲୋକ ଜାମିନରେ ମୁକୁଳିଥିବାବେଳେ ତାଙ୍କ ପରିବାର ପକ୍ଷରୁ ପୀଡ଼ିତାଙ୍କ ପରିବାର ଉପରେ ନିର୍ଯାତନା ବଢ଼ିଯାଇଥିଲା। ରବିବାର ଆଲୋକ ଓ ପୀଡ଼ିତାଙ୍କ ପରିବାର ମଧ୍ୟରେ ବିବାହ ପ୍ରସଙ୍ଗକୁ ନେଇ ଗଣ୍ଡଗୋଳ ହୋଇଥିଲା। ଥାନାରେ ଅଭିଯୋଗ ପରେ ପୋଲିସ ୨ଟି ମାମଲା ରୁଜୁ କରି ତଦନ୍ତ କରିଥିଲା। ସୋମବାର ପୋଲିସ ପୀଡ଼ିତାଙ୍କୁ ଥାନାକୁ ଡକାଇ ☞ପୃଷ୍ଠା-୪

# ସ୍କୁଲ ଉପରେ ଖସିପଡ଼ିଲା ପ୍ରଶିକ୍ଷଣ ବିମାନ

**ଢାକା, ୨୧।୭**


### ବାଂଲାଦେଶ: ଦୁର୍ଘଟଣାରେ ୨୦ ମୃତ, ଶତାଧିକ ଆହତ



ମାଇଲଷ୍ଟୋନ ସ୍କୁଲର କ୍ୟାମ୍ପସ ମଧ୍ୟରେ ଉଦ୍ଧାର କାର୍ଯ୍ୟ ଜାରି ରହିଛି।

ବାଂଲାଦେଶ ବାୟୁସେନାର ଏଫ୍-୭ ବିଜିଆଇ ପ୍ରଶିକ୍ଷଣ ବିମାନ ସୋମବାର ସ୍ଥାନୀୟ ସମୟ ଦ୍ୱିପହର ୧.୩୦ ସମୟରେ ଉତ୍ତର ଢାକାର ଦିଆବାରି ଅଞ୍ଚଳରେ ଦୁର୍ଘଟଣାଗ୍ରସ୍ତ ହୋଇଛି। ସ୍ଥାନୀୟ ମାଇଲଷ୍ଟୋନ ସ୍କୁଲ ଆଣ୍ଡ୍ କଲେଜ କ୍ୟାମ୍ପସର ୪ ମହଲା କୋଠାରେ ବିମାନଟି ଖସିପଡ଼ିଛି, ଫଳରେ ସ୍କୁଲ ଏବଂ ଏହାର ଆଖପାଖ ଅଞ୍ଚଳରେ ବ୍ୟାପକ କ୍ଷୟକ୍ଷତି ଘଟିଛି। ଦୁର୍ଘଟଣାରେ ୨୦ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ଶତାଧିକ ଆହତ ହୋଇଛନ୍ତି। ଏହି ପ୍ଲେନ୍ କ୍ରାଶର ଏକ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି, ଯେଉଁଥିରେ ସ୍କୁଲ ଛାତ୍ରୀଛାତ୍ରମାନେ ଜୀବନ ବିକଳରେ ଏଣେତେଣେ ଦୌଡୁଥିବାର ଦେଖିବାକୁ ମିଳିଛି।

ସ୍ଥାନୀୟ ଗଣମାଧ୍ୟମର ରିପୋର୍ଟ ଅନୁଯାୟୀ, ଏଫ୍-୭ ଟ୍ରେନର ବିମାନ ସୋମବାର ଦ୍ୱିପହର ୧.୦୬ରେ ଉଡ଼ାଣ ଆରମ୍ଭ କରିଥିଲା। ଏହାର ୨୪ ମିନିଟ୍ ପରେ ଏହା କ୍ରାଶ ହୋଇଯାଇଥିଲା। ତେବେ ଦୁର୍ଘଟଣାର କାରଣ ସମ୍ପର୍କରେ ବର୍ତ୍ତମାନ ସୁଦ୍ଧା ଜଣାପଡ଼ିନାହିଁ। ଏଫ୍-୭ ଏକ ଚାଇନିଜ୍ ବିମାନ ହୋଇଥିବା ନେଇ ଢାକାସ୍ଥିତ ହାଜରତ ଶାହଜଲାଲ ଇଣ୍ଟରନ୍ୟାଶନାଲ ଏୟାରପୋର୍ଟର ଜଣେ ବରିଷ୍ଠ ଅଧିକାରୀ ☞ପୃଷ୍ଠା-୪

## ସଂକ୍ଷେପରେ

### ଷ୍ଟାଲିନ୍ ଅସୁସ୍ଥ, ହସ୍ପିଟାଲରେ ଭର୍ତ୍ତି



ଚେନ୍ନାଇ,୨୧।୭(ପି.ଟି.)

ତାମିଲନାଡୁ ମୁଖ୍ୟମନ୍ତ୍ରୀ ଏମ୍.କେ. ଷ୍ଟାଲିନ୍ ହଠାତ୍ ଅସୁସ୍ଥ ହୋଇପଡ଼ିବାରୁ ତାଙ୍କୁ ଚେନ୍ନାଇସ୍ଥିତ ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ଷ୍ଟାଲିନ୍ ସବୁଦିନ ଭଳି ସୋମବାର ସକାଳେ ପ୍ରାତଃଭ୍ରମଣ କରୁଥିବାବେଳେ ଦୁର୍ବଳ ଅନୁଭବ କରିଥିଲେ। ପରେ ତାଙ୍କୁ ଆପୋଲୋ ହସ୍ପିଟାଲକୁ ନିଆଯାଇଥିଲା। ସେଠାରେ ସେ ଚିକିତ୍ସାଧୀନ ଥିବା ଓ ଆରୋଗ୍ୟ ଲାଭ କରୁଥିବା ନେଇ ରାଜ୍ୟ ଜଳସମ୍ପଦ ମନ୍ତ୍ରୀ ଦୁରାଇମୁରୁଗାନ୍ ସୂଚନା ଦେଇଛନ୍ତି।

### ଆନ୍ଧ୍ର ମଦ ଦୁର୍ନୀତି ଚାର୍ଜଶିଟ୍‌ରେ ଜଗନମୋହନଙ୍କ ନାଁ

**ମାସକୁ ୫୦ରୁ ୬୦ କୋଟି ପାଉଥିଲେ**

ଅମରାବତୀ,୨୧।୭

ଆନ୍ଧ୍ରପ୍ରଦେଶରେ ହୋଇଥିବା ୩,୫୦୦ କୋଟି ଟଙ୍କାର ମଦ ଦୁର୍ନୀତି ମାମଲାରେ ରାଜ୍ୟ ପୋଲିସ ଶନିବାର ସ୍ଥାନୀୟ ଅଦାଲତରେ ଚାର୍ଜଶିଟ୍ ଦାଖଲ କରିଛି। ଏହି ଦୁର୍ନୀତିରୁ ପୂର୍ବତନ ମୁଖ୍ୟମନ୍ତ୍ରୀ ୱାଇ.ଏ. ଜଗନମୋହନ ରେଡ୍ଡୀ ମାସିକ ହାରାହାରି ୫୦ରୁ ୬୦ କୋଟି ଟଙ୍କା ଲାଞ୍ଚ ପାଉଥିଲେ ବୋଲି ଅଭିଯୋଗ ଫର୍ଦ୍ଦରେ ଦର୍ଶାଯାଇଛି। ତେବେ ୩୦୫ ପୃଷ୍ଠାର ଏହି ଚାର୍ଜଶିଟ୍‌ରେ ଜଗନମୋହନଙ୍କୁ ଅଭିଯୁକ୍ତ ଦର୍ଶାଯାଇ ନାହିଁ। ସଂଗୃହୀତ ଟଙ୍କାକୁ ପ୍ରଥମ ଅଭିଯୁକ୍ତ କେସିରେଡ୍ଡୀ ରାଜଶେଖର ରେଡ୍ଡୀଙ୍କୁ ହସ୍ତାନ୍ତର କରାଯାଉଥିଲା। ସେ ଏହାକୁ ଅନ୍ୟ ଅଭିଯୁକ୍ତ ବିଜୟ ସାଇ ରେଡ୍ଡୀ, ମିଥୁନ ରେଡ୍ଡୀ ଏବଂ ବାଲାଜୀଙ୍କ ପାଖକୁ ପଠାଉଥିଲେ।



ୱାଇ.ଏ. ଜଗନମୋହନ ରେଡ୍ଡୀ

ସେମାନେ ଉକ୍ତ ଟଙ୍କାକୁ ଜଗନମୋହନଙ୍କ ପାଖକୁ ଟ୍ରାନ୍ସଫର କରୁଥିଲେ ବୋଲି ଚାର୍ଜଶିଟ୍‌ରେ ଉଲ୍ଲେଖ ରହିଛି। ରାଜଶେଖର ହେଉଛନ୍ତି ମଦ ଦୁର୍ନୀତିର ମାଷ୍ଟରମାଇଣ୍ଡ ଏବଂ ଅନ୍ୟତମ ଷଡ଼ଯନ୍ତ୍ରକାରୀ। ଅବକାରୀ ନୀତିରେ ଜାଲିଆତି କରିବାରେ ସେ ପ୍ରଭାବ ପକାଇବା ସହ ଓଏଫ୍‌ଏସ୍(ଯୋଗାଣ ନିର୍ଦ୍ଦେଶ) ବଦଳାଇବାରେ ସାମିଲ ଥିଲେ ଏବଂ ଆନ୍ଧ୍ରପ୍ରଦେଶ ରାଜ୍ୟ ପାନୀୟ ନିଗମ ଲିଃରେ ନିଜ ଅନୁଗତଙ୍କୁ ରଖାଇଥିଲେ।

# ମୋଦିଙ୍କ ବିବୃତି ଦାବିରେ ବିରୋଧୀ ଅଟଳ

ନୂଆଦିଲ୍ଲୀ,୨୧।୭

## ଅଧିବେଶନ ଆରମ୍ଭରୁ ସଂସଦରେ ହଟ୍ଟଗୋଳ



ରାଜ୍ୟ ସଭାରେ ବିରୋଧୀ ଦଳ ନେତା ମଲ୍ଲିକାର୍ଜୁନ ଖାର୍ଗେ।

ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ଓ ଅପରେଶନ ସିନ୍ଦୂର ଉପରେ ଲୋକ ସଭାରେ ୧୬ ଘଣ୍ଟା ଆଲୋଚନା ପାଇଁ କେନ୍ଦ୍ର ସରକାର ସହମତି ପ୍ରକାଶ କରିଛନ୍ତି। ବିରୋଧୀ ଦଳଗୁଡ଼ିକ ଏହି ପ୍ରସଙ୍ଗରେ ଚଳିତ ସପ୍ତାହରେ ଆଲୋଚନା କରାଯାଉ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ନିଜେ ବିବୃତି ରଖନ୍ତୁ ବୋଲି ଦାବି କରିଥିବାବେଳେ ଆସନ୍ତା ସପ୍ତାହରେ ଏନେଇ ଆଲୋଚନା ହୋଇପାରେ।

ଲୋକ ସଭା ବାଚସ୍ପତି ଓମ୍ ବିର୍ଲାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବିଜ୍‌ନେସ୍ ଆଡ୍‌ଭାଇଜରି କମିଟି (ବିଏସି)ର ଏକ ବୈଠକରେ ବିଭିନ୍ନ ଦଳ ସଦସ୍ୟମାନେ ଯୋଗଦେଇଥିଲେ। ପ୍ରଧାନମନ୍ତ୍ରୀ ଚଳିତ ସପ୍ତାହରେ ବିଦେଶ ଗସ୍ତ କରିବାକୁ ଥିବାରୁ ଆସନ୍ତା ସପ୍ତାହରେ ସେ ଫେରିବା ପରେ ଏହା ଉପରେ ବିତର୍କ ହେଉ ବୋଲି ସରକାରଙ୍କ ପ୍ରତିନିଧିମାନେ ମତ ଦେଇଥିଲେ। ତେବେ ଏହି ପ୍ରସଙ୍ଗରେ ସରକାରଙ୍କ ଆଭିମୁଖ୍ୟ ସମ୍ପର୍କରେ ପ୍ରଧାନମନ୍ତ୍ରୀ ବକ୍ତବ୍ୟ ରଖିବେ କି ବୋଲି ପ୍ରଶ୍ନ କରାଯିବାରୁ ଏନେଇ ନିଷ୍ପତ୍ତି ହୋଇ ନ ଥିବା ସରକାରୀ ସୂତ୍ରରୁ ପ୍ରକାଶ।

ପ୍ରଧାନମନ୍ତ୍ରୀ ମୋଦି ତାଙ୍କ କ୍ୟାବିନେଟ୍‌ର ବରିଷ୍ଠ ସହଯୋଗୀମାନଙ୍କୁ ଭେଟିଛନ୍ତି। ସେମାନେ ଶାସକ ମେଣ୍ଟର ରଣନୀତି ଉପରେ ନିଜ ନିଜ ମଧ୍ୟରେ ଆଲୋଚନା କରିଛନ୍ତି। ତେବେ ବିରୋଧୀ ସଦସ୍ୟମାନେ ସେମାନଙ୍କ ଦାବି ମୁତାବକ ଏହି ପ୍ରସଙ୍ଗ ବିତର୍କ ଚଳିତ ସପ୍ତାହରେ ସରକାରଙ୍କ କାର୍ଯ୍ୟସୂଚୀରେ ସ୍ଥାନ ପାଇ ନ ଥିବାରୁ ବିଏସି ବୈଠକରେ ପ୍ରତିବାଦ ଜଣାଇଛନ୍ତି। ପ୍ରଧାନମନ୍ତ୍ରୀ ବିବୃତି ରଖିବେ ଏବଂ ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ଓ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ମଧ୍ୟ ଉପସ୍ଥିତ ରହିବା ଉଚିତ ବୋଲି ସେମାନେ କହିଛନ୍ତି। ଏପରି କି କେତେଜଣ ବିରୋଧୀ ସଦସ୍ୟ ବିହାର ବିଧାନସଭା ଭୋଟ ପୂର୍ବରୁ ନିର୍ବାଚନ କମିଶନ (ଇସି) ଚଳାଇଥିବା ଭୋଟର ତାଲିକାର ସ୍ୱତନ୍ତ୍ର ସଂଶୋଧନ (ଏସ୍‌ଆଇଆର୍) ଏବଂ ମଣିପୁର ସ୍ଥିତି ଉପରେ ମଧ୍ୟ ଆଲୋଚନା ପାଇଁ ଦାବି କରିଛନ୍ତି। ଲୋକ ସଭା ଓ ରାଜ୍ୟ ସଭାରେ ଅଧିବେଶନ ଆରମ୍ଭରୁ ବିରୋଧୀଙ୍କ ହଟ୍ଟଗୋଳ ଯୋଗୁ ସଂସଦୀୟ କାର୍ଯ୍ୟ ବାଧାପ୍ରାପ୍ତ ହୋଇ ଅଚଳାବସ୍ଥା ସୃଷ୍ଟିହେବାରୁ ଉଭୟ ଗୃହକୁ ବାରମ୍ବାର ମୁଲତବୀ ଘୋଷଣା କରାଯାଇଥିଲା। ଶେଷରେ ଲୋକ ସଭା ଓ ରାଜ୍ୟ ସଭାକୁ ଦିନକ ପାଇଁ ମୁଲତବୀ କରାଯାଇଛି।

ସଂସଦର ମୌସୁମୀ ଅଧିବେଶନ ସୋମବାର ଆରମ୍ଭ ହେବା ମାତ୍ରେ ଅପରେଶନ ସିନ୍ଦୂର ଓ ଅନ୍ୟ ପ୍ରସଙ୍ଗଗୁଡ଼ିକ

**ପହଲଗାମ୍, ଅପରେଶନ ସିନ୍ଦୂର ଉପରେ ୧୬ ଘଣ୍ଟା ଆଲୋଚନା ପାଇଁ ସରକାର ରାଜି**

ଉପରେ ଲୋକ ସଭାରେ ବିରୋଧୀ ବିତର୍କ ଦାବିକରି ହଙ୍ଗାମା କରିଥିଲେ। ଅପରାହ୍ନ ୪ଟା ପରେ ଗୃହକାର୍ଯ୍ୟ ପୁଣି ଆରମ୍ଭ ହେବାରୁ ବିରୋଧୀ ସଦସ୍ୟ ସରକାର ବିରୋଧୀ ସ୍ଲୋଗାନ ଦେଇଥିଲେ। ସରକାର ଏହି ପ୍ରସଙ୍ଗରେ ଦୀର୍ଘ ଆଲୋଚନା ପାଇଁ ପ୍ରସ୍ତୁତ ବୋଲି ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଆଶ୍ୱାସନା ଦେଇଥିଲେ। ସେହିପରି ସଂସଦୀୟ ବ୍ୟାପାର ମନ୍ତ୍ରୀ କିରେନ୍ ରିଜିଜୁ ବିରୋଧୀ ସଦସ୍ୟମାନଙ୍କୁ ସେମାନଙ୍କ ଦାବି ଅପରାହ୍ନ ୨ଟା ୩୦ରେ ଆରମ୍ଭ ହେବାକୁ ଥିବା ବିଏସି ବୈଠକରେ ଉପସ୍ଥାପନ କରିବାକୁ ଅନୁରୋଧ କରିଥିଲେ। କିନ୍ତୁ ବିରୋଧୀ ସଦସ୍ୟମାନେ ହଟ୍ଟଗୋଳ ଜାରି ରଖିଥିଲେ। ଉଚ୍ଚ ସଦନ ରାଜ୍ୟ ସଭାରେ ମଧ୍ୟ ବିରୋଧୀ ଦଳ ନେତା ମଲ୍ଲିକାର୍ଜୁନ ଖାର୍ଗେ ଏହି ପ୍ରସଙ୍ଗ ଉଠାଇ କେନ୍ଦ୍ର ସରକାରଙ୍କୁ ଘେରିଥିଲେ। ଅପରେଶନ ସିନ୍ଦୂର ବେଳେ ଭାରତ-ପାକିସ୍ତାନ ଉପରେ ଚାପ ପକାଇ ଅସ୍ତ୍ରବିରତି କରାଇଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦାବି ପ୍ରସଙ୍ଗ ସେ ଉଠାଇଥିଲେ। ଖାର୍ଗେ କହିଥିଲେ, ଟ୍ରମ୍ପଙ୍କ ବାରମ୍ବାର ମଧ୍ୟସ୍ଥତା ଦାବି ଭାରତ ପାଇଁ ଅପମାନଜନକ। ସରକାର ଏହା ଉପରେ ସ୍ପଷ୍ଟୀକରଣ ଦିଅନ୍ତୁ। ଖାର୍ଗେଙ୍କ ସହ କଂଗ୍ରେସର ଅନ୍ୟ ସଦସ୍ୟମାନେ ମଧ୍ୟ ପ୍ରଧାନମନ୍ତ୍ରୀଙ୍କଠାରୁ ଉତ୍ତର ଦାବି କରିଥିଲେ। ଅନେକ ବିରୋଧୀ ସଦସ୍ୟ ପହଲଗାମ୍ ଓ ଅପରେଶନ ସିନ୍ଦୂର ଉପରେ ଆଲୋଚନା ପାଇଁ ରୁଲ୍ ୨୬୭ ଅଧୀନରେ ମୁଲତବୀ ନୋଟିସ ଦେଇଛନ୍ତି। ଏନେଇ ୨ ଦିନ ପାଇଁ ବିତର୍କ ହେଉ ଏବଂ ପ୍ରଧାନମନ୍ତ୍ରୀ ଉତ୍ତର ରଖନ୍ତୁ ବୋଲି ଖାର୍ଗେ ଦାବି କରିଛନ୍ତି। ଖାର୍ଗେ କହିଛନ୍ତି, ଏପ୍ରିଲ ୨୨ ପହଲଗାମ୍ ଆକ୍ରମଣର ଆତଙ୍କବାଦୀମାନଙ୍କୁ ଧରାଯାଇ ପାରିନାହିଁ କିମ୍ବା ମରାଯାଇ ପାରିନାହିଁ। ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ୍ (ସିଡିଏସ୍) ଜେନେରାଲ ଅନିଲ ଚୌହାନ ଏବଂ ଜଣେ ବରିଷ୍ଠ କ୍ୟାପ୍‌ଟେନ୍ ଅପରେଶନ୍ ସିନ୍ଦୂର ସମ୍ପର୍କରେ କିଛି ପ୍ରଘଟ କରିଛନ୍ତି। ଏହା ବ୍ୟତୀତ ଟ୍ରମ୍ପ୍ ମଧ୍ୟ ଅସ୍ତ୍ରବିରତି କରାଇଥିବା ନେଇ ୨୪ ଥର ଦାବି କଲେଣି। ଖାର୍ଗେଙ୍କ ଦାବି ଉପରେ ଗୃହର ନେତା ଜେ.ପି. ନଡ୍ଡା କହିଥିଲେ, ସରକାର ଏହି ସମସ୍ତ ପ୍ରସଙ୍ଗ ଉପରେ ଆଲୋଚନା ପାଇଁ ପ୍ରସ୍ତୁତ। ତେବେ ହଟ୍ଟଗୋଳ ମଧ୍ୟରେ ରାଜ୍ୟ ସଭା ଅଧ୍ୟକ୍ଷ ଜଗଦୀପ ଧନକର ଶେଷରେ ଗୃହକୁ ଦିନକ ପାଇଁ ମୁଲତବୀ ଘୋଷଣା କରିଥିଲେ।

### ବୋଟ୍‌ରେ ନିଆଁ ଲାଗି ୫ ମୃତ



ମନାଡୋ(ଇଣ୍ଡୋନେସିଆ),୨୧।୭

ଇଣ୍ଡୋନେସିଆର ସୁଲାୱେସି ଦ୍ୱୀପ ନିକଟବର୍ତ୍ତୀ ସମୁଦ୍ରରେ ରବିବାର ଏକ ଯାତ୍ରୀବାହୀ ବୋଟ୍‌ରେ ନିଆଁ ଲାଗିଯାଇ ଅନ୍ୟୂନ ୫ ଜଣଙ୍କ ମୃତ୍ୟୁ ଘଟିଛି। ବୋଟ୍‌ରୁ ୨୮୪ ଜଣଙ୍କୁ ଉଦ୍ଧାର କରାଗଲାଣି। କେଏମ୍ ବାର୍ସେଲୋନା୫ ନାମକ ଏହି ବୋଟ୍‌ଟି ତଲାଉଦ୍‌ରୁ ଉତ୍ତର ସୁଲାୱେସି ପ୍ରଦେଶର ରାଜଧାନୀ ମନାଡୋ ଅଭିମୁଖେ ଯାଉଥିବାବେଳେ ଟାଲିସେ ନିକଟରେ ନିଆଁ ଲାଗିଯାଇଥିଲା। ଉଦ୍ଧାର କାର୍ଯ୍ୟରେ ନୌସେନାର ୩ଟି ଜାହାଜକୁ ନିୟୋଜିତ କରାଯାଇଛି। ସ୍ଥାନୀୟ ମତ୍ସ୍ୟଜୀବୀମାନେ ମଧ୍ୟ କେତେଜଣ ଯାତ୍ରୀଙ୍କୁ ଉଦ୍ଧାର କରିଛନ୍ତି। ବୋଟ୍‌ରେ ମୋଟ କେତେ ଯାତ୍ରୀ ଓ କର୍ମଚାରୀ ଥିଲେ ତାହା ସ୍ପଷ୍ଟ ହୋଇନାହିଁ।



ପାର୍ଲାମେଣ୍ଟ ମୌସୁମୀ ଅଧିବେଶନର ପ୍ରଥମ ଦିନରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଗଣମାଧ୍ୟମକୁ ସମ୍ବୋଧନ କରୁଛନ୍ତି। ତାଙ୍କ ସହ ସଂସଦୀୟ ବ୍ୟାପାର ମନ୍ତ୍ରୀ କିରେନ୍ ରିଜିଜୁ, ରାଷ୍ଟ୍ରମନ୍ତ୍ରୀ ଜିତେନ୍ଦ୍ର ସିଂ, ଅର୍ଜୁନରାମ ମେଘୱାଲ ଏବଂ ଏଲ୍. ମୁରୁଗାନ୍ ଉପସ୍ଥିତ।

## କେରଳର ପୂର୍ବତନ ମୁଖ୍ୟମନ୍ତ୍ରୀ ଭି.ଏସ୍. ଅଚ୍ୟୁତାନନ୍ଦନଙ୍କ ପରଲୋକ

ଥିରୁଭାନନ୍ତପୁରମ, ୨୧।୭



ଭେଟାରାନ ବାମପନ୍ଥୀ ନେତା ତଥା ପୂର୍ବତନ କେରଳ ମୁଖ୍ୟମନ୍ତ୍ରୀ ଭି.ଏସ୍. ଅଚ୍ୟୁତାନନ୍ଦନଙ୍କର ସୋମବାର ୧୦୧ ବର୍ଷ ବୟସରେ ପରଲୋକ ହୋଇଯାଇଛି। ଥିରୁଭାନନ୍ତପୁରମର ଏକ ଘରୋଇ ହସ୍ପିଟାଲରେ ସେ ଶେଷ ନିଃଶ୍ୱାସ ତ୍ୟାଗ କରିଛନ୍ତି। ଗତ ଜୁନ୍ ୨୩ରେ ଥିରୁଭାନନ୍ତପୁରମରେ ନିଜ ପୁଅଙ୍କ ବାସଭବନରେ ଥିବା ସମୟରେ ତାଙ୍କର ହୃଦ୍‌ଘାତ ହୋଇଥିଲା। ଏହାପରଠାରୁ ସେ ହସ୍ପିଟାଲର ଇଣ୍ଟେନସିଭ କେୟାର ୟୁନିଟ(ଆଇସିୟୁ)ରେ ଭେଣ୍ଟିଲେଟର ସପୋର୍ଟରେ ଥିଲେ। କେରଳ ରାଜନୀତିରେ ତାଙ୍କର ବହୁ ପ୍ରଭାବ ରହିଥିଲା। ୨୦୦୧ରୁ ୨୦୦୬ ମଧ୍ୟରେ ଅଚ୍ୟୁତାନନ୍ଦନ କେରଳ ବିଧାନସଭାରେ ବିରୋଧୀ ଦଳ ନେତା ଭାବେ ଦାୟିତ୍ୱ ନିର୍ବାହ କରିଥିଲେ। ୨୦୦୬ରେ ତାଙ୍କ ନେତୃତ୍ୱରେ କେରଳରେ ଲେଫ୍ଟ ଡେମୋକ୍ରାଟିକ୍ ଫ୍ରଣ୍ଟ(ଏଲ୍‌ଡିଏଫ୍) ସରକାର ଗଠନ କରିଥିଲା। ୨୦୦୬ରୁ ୨୦୧୧ ଯାଏ ରାଜ୍ୟର ମୁଖ୍ୟମନ୍ତ୍ରୀ ଭାବେ ସେ ଦାୟିତ୍ୱ ନିର୍ବାହ କରିଥିଲେ। ୨୦୧୧ରେ ତାଙ୍କ ନେତୃତ୍ୱାଧୀନ ଏଲ୍‌ଡିଏଫ୍ ଅଳ୍ପ ବ୍ୟବଧାନରେ କଂଗ୍ରେସ ନେତୃତ୍ୱାଧୀନ ୟୁନାଇଟେଡ୍ ଡେମୋକ୍ରାଟିକ୍ ଫ୍ରଣ୍ଟ(ୟୁଡିଏଫ୍)ଠାରୁ ପରାସ୍ତ ହୋଇଥିଲା। କେରଳ ମୁଖ୍ୟମନ୍ତ୍ରୀ ପିନାରାୟୀ ବିଜୟନ୍ ଅଚ୍ୟୁତାନନ୍ଦନଙ୍କ ମୃତ୍ୟୁକୁ ନେଇ ଶୋକ ପ୍ରକଟ କରିଛନ୍ତି।


## ସିବିଏସ୍‌ଇ ସ୍କୁଲରେ ସିସିଟିଭି ବାଧ୍ୟତାମୂଳକ

ନୂଆଦିଲ୍ଲୀ,୨୧।୭

କେନ୍ଦ୍ରୀୟ ମାଧ୍ୟମିକ ଶିକ୍ଷା ବୋର୍ଡ (ସିବିଏସ୍‌ଇ) ସ୍କୁଲଗୁଡ଼ିକରେ ଛାତ୍ରୀଛାତ୍ରଙ୍କ ସୁରକ୍ଷା ବ୍ୟବସ୍ଥାକୁ ତ୍ୱରାନ୍ୱିତ କରିବା ପାଇଁ ସିସିଟିଭି କ୍ୟାମେରା ସଂଯୋଗକୁ ବାଧ୍ୟତାମୂଳକ କରିଛି। ବୋର୍ଡ ପକ୍ଷରୁ ଏହାର ଆଫିଲିଏଶନ୍ ବାଇଲଜ୍-୨୦୧୮ରେ ଥିବା ଚାପ୍ଟର ୪ (ଫିଜିକାଲ ଇନ୍‌ଫ୍ରାଷ୍ଟ୍ରକ୍ଚର)ରେ ସଂଶୋଧନ ଅଣାଯାଇଛି। ସ୍କୁଲଗୁଡ଼ିକରେ ପିଲାଙ୍କ ନିରାପତ୍ତା ଓ ସୁରକ୍ଷା ସମ୍ପର୍କିତ ଏନ୍‌ସିପିସିଆର୍ ମାନୁଆଲ କ୍ଲଜ୍ ୧(୫) ଅନୁସାରେ ବିଦ୍ୟାଳୟଗୁଡ଼ିକରେ ସିସିଟିଭି ସଂଲଗ୍ନ ସହ ଏହାକୁ ନିୟମିତ ଭାବେ ପରିଚାଳନା ଓ ଅନୁଧ୍ୟାନ କରାଯିବ। ଏହି ଆଧାରରେ ସିବିଏସ୍‌ଇ ସମସ୍ତ ସହଅନୁବନ୍ଧିତ ସ୍କୁଲରେ ହାଇ-ରେଜୋଲ୍ୟୁଶନ୍ ସିସିଟିଭି କ୍ୟାମେରା ସଂଲଗ୍ନ କରିବାକୁ ନିର୍ଦ୍ଦେଶ ଦେଇଛି। ସିସିଟିଭି କ୍ୟାମେରାଗୁଡ଼ିକ ଜରିଆରେ ସମସ୍ତ ଗୁରୁତ୍ୱପୂର୍ଣ୍ଣ ସ୍ଥାନର ରିଅଲ୍-ଟାଇମ୍ ଅଡିଓ-ଭିଜୁଆଲ ରେକର୍ଡିଂ ରହିବ। ସମସ୍ତ ପ୍ରବେଶ ଓ ପ୍ରସ୍ଥାନ ଦ୍ୱାର, ଲବି ଓ କରିଡର, ଶିଡି, ଶ୍ରେଣୀଗୃହ, ଲାଇବ୍ରେରି, ଲାବରେଟୋରି, କ୍ୟାଣ୍ଟିନ୍, ଷ୍ଟୋର ରୁମ୍, ଖେଳପଡ଼ିଆ ଏବଂ ଅନ୍ୟ କମନ୍ ଏରିଆରେ ସିସିଟିଭି କ୍ୟାମେରା ରହିବା ଜରୁରୀ। ତେବେ ଟଏଲେଟ୍, ୱାଶ୍‌ରୁମ୍ ଭଳି ସ୍ଥାନକୁ ଏଥିରୁ ବାଦ୍ ଦିଆଯାଇଛି। ପ୍ରତ୍ୟେକ ସିସିଟିଭି ସିଷ୍ଟମ୍‌ରେ ଅନ୍ୟୂନ ୧୫ ଦିନ ଧରି ଫୁଟେଜ୍ ମହଜୁଦ ରହିବା ଭଳି ସାମର୍ଥ୍ୟ ଥିବା ଜରୁରୀ, ଯାହାକୁ ଆବଶ୍ୟକ ସ୍ଥଳେ କର୍ତ୍ତୃପକ୍ଷ ଯାଞ୍ଚ କରିପାରିବେ। ଛାତ୍ରୀଛାତ୍ରଙ୍କ ସୁରକ୍ଷା ଓ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ପ୍ରତ୍ୟେକ ଆଫିଲିଏଟେଡ୍ ସ୍କୁଲ ଏହାକୁ କଡ଼ାକଡ଼ି ଭାବେ ପାଳନ କରିବେ ବୋଲି ବୋର୍ଡ ଗୁରୁତ୍ୱାରୋପ କରିଛି।

## ପରିବା ବିକାଳିଙ୍କୁ ୨୯ ଲକ୍ଷର ଜିଏସ୍‌ଟି ନୋଟିସ

ହାଭେରୀ, ୨୧।୭



କର୍ଣ୍ଣାଟକରେ ଜଣେ ପନିପରିବା ବିକ୍ରେତା ଶଙ୍କରଗୌଡ଼ା ହଦିମନି ଏବେ ଚର୍ଚ୍ଚାରେ ରହିଛନ୍ତି। ତାଙ୍କୁ ଜିଏସ୍‌ଟି ଅଧିକାରୀଙ୍କ ପକ୍ଷରୁ ୨୯ ଲକ୍ଷ ଟଙ୍କାର ଜିଏସ୍‌ଟି ନୋଟିସ୍ ଆସିଛି। ସ୍ଥାନୀୟ ହାଭେରି ମୁନିସିପାଲିଟି ହାଇସ୍କୁଲ ନିକଟରେ ତାଙ୍କର ଏକ ପନିପରିବା ଦୋକାନ ରହିଛି। ସେହି ଦୋକାନରେ ସେ ଗତ ୪ ବର୍ଷ ଧରି ପନିପରିବା ବିକ୍ରି କରି ନିଜ ଜୀବିକା ନିର୍ବାହ କରୁଛନ୍ତି। ତାଙ୍କର ଅଧିକାଂଶ ଗ୍ରାହକ ୟୁପିଆଇ କିମ୍ବା ଅନ୍ୟାନ୍ୟ ଡିଜିଟାଲ ପ୍ଲାଟଫର୍ମ ମାଧ୍ୟମରେ ପେମେଣ୍ଟ କରୁଥିବାରୁ ଏହା ତାଙ୍କ ପାଇଁ ବଡ଼ ସମସ୍ୟା ପାଲଟିଛି। ଜିଏସ୍‌ଟି ଅଧିକାରୀ ଶଙ୍କରଗୌଡ଼ାଙ୍କୁ ଏକ ନୋଟିସ୍ ପଠାଇଛନ୍ତି, ଯେଉଁଥିରେ କୁହାଯାଇଛି, ଗତ ୪ ବର୍ଷ ମଧ୍ୟରେ ତାଙ୍କ ବ୍ୟାଙ୍କ ଆକାଉଣ୍ଟରୁ ୧.୬୩ କୋଟି ଟଙ୍କାର କାରବାର ହୋଇଛି। ଏହି ଅନୁଯାୟୀ, ତାଙ୍କୁ ୨୯ ଲକ୍ଷ ଟଙ୍କାର ଜିଏସ୍‌ଟି ଦେବାକୁ ପଡ଼ିବ। ଏହି ନୋଟିସ୍ ପାଇ ଶଙ୍କରଗୌଡ଼ା କହିଛନ୍ତି, ସେ କୃଷକଙ୍କଠାରୁ ତାଜା ପନିପରିବା କିଣି ନିଜର ଛୋଟ ଦୋକାନରେ ଏହାକୁ ବିକ୍ରି କରିଥାନ୍ତି। ଅଧିକାଂଶ ଗ୍ରାହକ କିଣିଥିବା ପନିପରିବାର ପେମେଣ୍ଟ ୟୁପିଆଇ ଜରିଆରେ କରିଥାନ୍ତି। ସମ୍ପ୍ରତି ନଗଦ ଟଙ୍କା କାରବାର କମ୍ ହୋଇଛି ଏବଂ ଅଧିକାଂଶ କାରବାର ଡିଜିଟାଲ ମାଧ୍ୟମରେ ହେଉଥିବା ସେ ସ୍ୱୀକାର କରିଛନ୍ତି। ପ୍ରତିବର୍ଷ ସେ ଆୟକର ରିଟର୍ନ ଫାଇଲ କରନ୍ତି ଏବଂ ଏହାର ରେକର୍ଡ ମଧ୍ୟ ରଖନ୍ତି ବୋଲି ଶଙ୍କରଗୌଡ଼ା କହିଛନ୍ତି। ୨୯ ଲକ୍ଷ ଟଙ୍କା ଭରିବା ତାଙ୍କ ପକ୍ଷେ ଅସମ୍ଭବ ବୋଲି ସେ କହିଛନ୍ତି। କର୍ଣ୍ଣାଟକରେ ଏହି ମାମଲା ସାମ୍ନାକୁ ଆସିବା ପରେ କିଛି ଛୋଟ ବିକ୍ରେତା ଗ୍ରାହକଙ୍କଠାରୁ ୟୁପିଆଇ ପେମେଣ୍ଟ ସ୍ୱୀକାର କରିବା ବନ୍ଦ କରିବା ସହ କେବଳ ନଗଦ କାରବାର କରୁଛନ୍ତି।

### ୟୁଏଇ ଆପାର୍ଟମେଣ୍ଟରୁ ମିଳିଲା ଭାରତୀୟ ମହିଳାଙ୍କ ମୃତଦେହ

ଶାରଜା, ୨୧।୭

ସଂଯୁକ୍ତ ଆରବ ଏମିରେଟ୍ସ (ୟୁଏଇ)ରେ ଜଣେ ଭାରତୀୟ ମହିଳାଙ୍କର ମୃତ୍ୟୁ ହୋଇଯାଇଛି। ମୃତ ମହିଳା ହେଉଛନ୍ତି କେରଳର ଅତୁଲ୍ୟା ଶେଖର। ରବିବାର ଶାରଜାସ୍ଥିତ ନିଜ ଆପାର୍ଟମେଣ୍ଟରୁ ତାଙ୍କ ମୃତଦେହ ଜବତ ହୋଇଛି।



ଅତୁଲ୍ୟା ଶେଖର

ଅତୁଲ୍ୟାଙ୍କ ଗଳା ଚିପି ସ୍ୱାମୀ ସତୀଶ ହତ୍ୟା କରିଥିବା ନେଇ କେରଳରେ ଥିବା ତାଙ୍କ ବାପଘର ଲୋକେ ଅଭିଯୋଗ କରିଛନ୍ତି। ଅଭିଯୋଗ ଆଧାରରେ କେରଳ ପୋଲିସ ଅତୁଲ୍ୟାଙ୍କ ସ୍ୱାମୀଙ୍କ ବିରୋଧରେ ମାମଲା ରୁଜୁ କରିଛି।

## ଫୁରସତ

# ୩୦ ଲକ୍ଷ ଗଲା, ପ୍ରେମିକାଙ୍କୁ ବି ପାଇଲେନି

ପ୍ୟାରିସ୍

ବେଲଜିୟମର ମିଚେଲ ନାମକ ଜଣେ ବ୍ୟକ୍ତି ତାଙ୍କ ଭାବୀ ସ୍ତ୍ରୀ ସୋଫି ଭୁଜେଲାଉଡ୍‌ଙ୍କୁ ଫ୍ରାନ୍ସରେ ଥିବା ତାଙ୍କ ଘରେ ଭେଟିବା ପାଇଁ ୪୭୨ ମାଇଲ (ପ୍ରାୟ ୭୫୬ କି.ମି.) ଯାତ୍ରା କରିଥିଲେ। ତେବେ ସେ ସୋଫିଙ୍କ ବାସଭବନରେ ପହଞ୍ଚିବା ପରେ ସର୍ବପ୍ରଥମେ ତାଙ୍କ ସ୍ୱାମୀ ଫାବିଏନ୍ ବୁଟାମାଇନଙ୍କୁ ଭେଟିଥିଲେ। ତାଙ୍କ ଭାବୀ ସ୍ତ୍ରୀ ବିବାହିତ ଥିବା ଏବଂ ସେ ଠକାମିରେ ପଡ଼ିଥିବା ଜାଣି ମିଚେଲ ନିରାଶ ହୋଇ ଫେରିଥିଲେ।

ଜଣେ ଲୋକପ୍ରିୟ ଫ୍ରେଞ୍ଚ୍ ମଡେଲ ଭାବେ ସୋଫି ବେଶ୍ ପରିଚିତ। ସେ ମିସ୍ ଫ୍ରାନ୍ସ ୨୦୦୭ ପ୍ରତିଯୋଗିତାରେ ପ୍ରଥମ ରନର୍ ଅପ୍ ହୋଇଥିଲେ। ନିକଟରେ ସେ ତାଙ୍କ ଇନ୍‌ଷ୍ଟାଗ୍ରାମରେ ଏକ ଭିଡିଓ ଅପ୍‌ଲୋଡ କରିଛନ୍ତି, ଯେଉଁଥିରେ ତାଙ୍କ ସ୍ୱାମୀ ଫାବିଏନ୍ କହୁଛନ୍ତି, ମିଚେଲ



ଫ୍ରେଞ୍ଚ୍ ମଡେଲ ସୋଫି ଭୁଜେଲାଉଡ୍

ନାମକ ଜଣେ ବ୍ୟକ୍ତି ତାଙ୍କ ଘରକୁ ଆସି ସୋଫିଙ୍କର ଭାବୀ ସ୍ୱାମୀ ବୋଲି ନିଜକୁ ଦାବି କରୁଛନ୍ତି। ଚାଲନ୍ତୁ କ୍ୟାମେରା ସମ୍ମୁଖରେ ତାଙ୍କୁ ପଚାରିବା ଘଟଣା କ'ଣ। ଏହାପରେ ଫାବିଏନ୍ ଯାଇ ମିଚେଲଙ୍କୁ କହିଥିଲେ, ସେ ହେଉଛନ୍ତି ସୋଫିଙ୍କର ସ୍ୱାମୀ ଫାବିଏନ୍। ଏହାକୁ ମିଚେଲ ବିଶ୍ୱାସ କରିପାରି ନ ଥିଲେ। କିଛି ସମୟର କଥାବାର୍ତ୍ତା ପରେ ସୋଫିଙ୍କ ଫଟୋ ଥିବା ଏକ ଇନ୍‌ଷ୍ଟାଗ୍ରାମ ଆକାଉଣ୍ଟ ସହ ସେ ଦୀର୍ଘ ଦିନ ଧରି ଚାଟିଂ କରି ଆସୁଛନ୍ତି ଏବଂ ଉଭୟେ ପରସ୍ପରକୁ ପ୍ରେମ କରୁଥିବା ନେଇ ମିଚେଲ କହିଥିଲେ। ଏପରିକି ସୋଫି ତାଙ୍କୁ ବିବାହ କରିବା ପାଇଁ ରାଜି ହୋଇଥିଲେ ଏବଂ ତାଙ୍କୁ ନିଜ ବାସଭବନକୁ ଡକାଇଥିଲେ ବୋଲି ମିଚେଲ କହିଥିଲେ। ଏହାପରେ ମିଚେଲ ସୋଫିଙ୍କ ସହ ତାଙ୍କ ଚାଟିଂକୁ ଫାବିଏନ୍‌ଙ୍କୁ ଦେଖାଇଥିଲେ। ଉକ୍ତ ଚାଟିଂ ଦେଖି ଫାବିଏନ୍ କହିଥିଲେ, ଏହା ସୋଫିଙ୍କ ଆକାଉଣ୍ଟ ନୁହେଁ। ଏହା ତାଙ୍କ ନାମରେ ଖୋଲା ଯାଇଥିବା କୌଣସି ଫେକ୍ ଆକାଉଣ୍ଟ। ଏପରି ବୋକା କିପରି ହୋଇ ପାରିଲ ବୋଲି ସେ ମିଚେଲଙ୍କୁ ପ୍ରଶ୍ନ କରିଥିଲେ। ଠକାମିର ଶିକାର ହୋଇଥିବା ଜାଣି ମିଚେଲ ଦୁଃଖ ପ୍ରକାଶ କରିଥିଲେ। ସେ ସୋଫିଙ୍କ ସହ ଚାଟିଂ କରୁଥିବା ଭାବି ଫେକ୍ ଆକାଉଣ୍ଟ କରିଥିବା ବ୍ୟକ୍ତିଙ୍କୁ ବର୍ତ୍ତମାନ ସୁଦ୍ଧା ମୋଟ ୩୫ ହଜାର ଡଲାର (ପ୍ରାୟ ୩୦ ଲକ୍ଷ ଟଙ୍କା) ଦେଇ ସାରିଥିବା ପ୍ରକାଶ କରିଥିଲେ। ଶେଷରେ ନିଜେ ସୋଫି ମିଚେଲଙ୍କୁ ଦେଖା କରିଥିଲେ। ତାଙ୍କ ନାଁରେ ମିଚେଲ ସମ୍ମୁଖୀନ ହୋଇଥିବା ଠକେଇ ପାଇଁ ସୋଫି ଦୁଃଖ ପ୍ରକାଶ କରିଥିଲେ। ଉକ୍ତ ନକଲି ଆକାଉଣ୍ଟ ସହ କରିଥିବା ସମସ୍ତ ଚାଟିଂ ଏବଂ ଅନ୍ୟ ସମସ୍ତ ପ୍ରମାଣକୁ ସୁରକ୍ଷିତ ରଖି ପୋଲିସ ନିକଟରେ ଅଭିଯୋଗ କରିବା ପାଇଁ ସେ ମିଚେଲଙ୍କୁ ପରାମର୍ଶ ଦେଇଥିଲେ। ସେହିପରି ବିଭିନ୍ନ ସୋସିଆଲ ମିଡିଆ ପ୍ଲାଟ୍‌ଫର୍ମର ବ୍ୟବହାର ସମୟରେ ସତର୍କ ରହିବାକୁ ସେ ମିଚେଲଙ୍କୁ ସତର୍କ କରାଇଥିଲେ। ସୋଫି ତାଙ୍କ ପୋଷ୍ଟର କ୍ୟାପ୍‌ଶନ୍‌ରେ ଲେଖିଛନ୍ତି, ଏହି ବ୍ୟକ୍ତି ଜଣକ ପାଇଁ ମୁଁ ଦୁଃଖିତ। ସୋସିଆଲ ମିଡିଆ ପ୍ଲାଟ୍‌ଫର୍ମରେ ଫେକ୍ ଆକାଉଣ୍ଟ ପ୍ରତି ସତର୍କ ରୁହନ୍ତୁ। ବିଭିନ୍ନ ନକଲି ଆକାଉଣ୍ଟ ମାଧ୍ୟମରେ ଲୋକମାନେ କିପରି ଠକାମିର ଶିକାର ହେଉଛନ୍ତି, ତାହା ଜଣାଇବା ପାଇଁ ଏହି ଭିଡିଓ ଶେୟାର କରିଛି।

# ୧୦୦ କୋଟି କ୍ଲବ୍‌ରେ 'ସୈୟାରା'

ମୁମ୍ବାଇ

ମୋହିତ ସୁରୀଙ୍କ ନିର୍ଦ୍ଦେଶିତ 'ସୈୟାରା' ଫିଲ୍ମ ବକ୍ସ ଅଫିସ୍‌ରେ ଲୋକପ୍ରିୟ ହେବାରେ ଲାଗିଛି। ଏହି ଫିଲ୍ମ ଯୋଗେ ଅଭିନେତା ଅହାନ ପାଣ୍ଡେ ଏବଂ ଅଭିନେତ୍ରୀ ଅନୀତ ପଡ୍ଡା ବଲିଉଡ୍‌ରେ ଡେବ୍ୟୁ କରିଛନ୍ତି। ଫିଲ୍ମରେ ଉଭୟଙ୍କ ଲଭ୍ କେମେଷ୍ଟ୍ରିକୁ ଦର୍ଶକ ଖୁବ୍ ପସନ୍ଦ କରୁଛନ୍ତି। ବିଭିନ୍ନ ରିପୋର୍ଟ ଅନୁଯାୟୀ, ରିଲିଜ୍ ହେବାର ପ୍ରଥମ ୩ ଦିନ ମଧ୍ୟରେ 'ସୈୟାରା' ଫିଲ୍ମ ୧୦୦ କୋଟି କ୍ଲବ୍‌ରେ ପହଞ୍ଚିଛି। ସାକ୍‌ନିଲ୍କର ରିପୋର୍ଟ ଅନୁଯାୟୀ, ରବିବାର ମଧ୍ୟରାତ୍ରି ସୁଦ୍ଧା ଏହି ଫିଲ୍ମ କେବଳ ଭାରତୀୟ ସିନେମା ହଲଗୁଡ଼ିକରୁ ୮୩ କୋଟି ଟଙ୍କା ସଂଗ୍ରହ କରିଥିବା ବେଳେ ବିଶ୍ୱବ୍ୟାପୀ ଏହା ୧୧୫ କୋଟିର ବ୍ୟବସାୟ କରିଛି। ଏହି ଫିଲ୍ମ କେବଳ ରବିବାର ଭାରତୀୟ ସିନେମାହଲ୍‌ଗୁଡ଼ିକରୁ ୩୭ କୋଟିର ବ୍ୟବସାୟ କରିଛି। ସେହିପରି ପିଙ୍କଭିଲାର ରିପୋର୍ଟ ଅନୁଯାୟୀ, ଏହି ଫିଲ୍ମ ରିଲିଜ୍



ହେବାର ପ୍ରଥମ ୩ ଦିନ ମଧ୍ୟରେ ଘରୋଇ ବକ୍ସ ଅଫିସ୍‌ରୁ ୯୬.୭୫ କୋଟି ଏବଂ ବିଦେଶରୁ ୧୨.୨୫ କୋଟି ଟଙ୍କାର ବ୍ୟବସାୟ କରିଛି। ଏହିପରି ଭାବେ ପ୍ରଥମ ୩ ଦିନରେ 'ସୈୟାରା' ଫିଲ୍ମ ୧୦୯ କୋଟି ଟଙ୍କାର ବ୍ୟବସାୟ କରିଥିବା ନେଇ ପିଙ୍କଭିଲ୍ଲା କହିଛି। ପ୍ରକାଶ ଯେ, 'ସୈୟାରା' ଫିଲ୍ମର କାହାଣୀକୁ ସଂକଳ୍ପ ସଦାନହ ଏବଂ ରୋହନ ଶଙ୍କର ଲେଖିଛନ୍ତି।




# ୭ ସାଇକେଲକୁ ନେଇ ତନାଘନା

ବାଲେଶ୍ୱର,୨୧।୭(ବାଞ୍ଛାନିଧି ଦେ)

ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଇଣ୍ଟିଗ୍ରେଟେଡ୍ ବିଏଡ୍ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଘଟଣାର ପ୍ରକୃତ ରହସ୍ୟ ଜାଣିବା ପାଇଁ ଚାଲିଛି ଜୋର୍‌ଦାର ତନାଘନା। ୟୁଜିସି ଫ୍ୟାକ୍ଟ ଫାଇଣ୍ଡିଂ ଟିମ୍, କ୍ରାଇମବ୍ରାଞ୍ଚ ଟିମ୍ ଓ ଉଚ୍ଚଶିକ୍ଷା ବିଭାଗର ଉଚ୍ଚସ୍ତରୀୟ ତଦନ୍ତ କମିଟି ପକ୍ଷରୁ ଖୋଳତାଡ଼ ଜାରି ରହିଛି। ବିଶେଷକରି କ୍ରାଇମବ୍ରାଞ୍ଚ ଟିମ୍ ଘଟଣା ଉପରୁ ପରଦା ହଟାଇବା ଦିଗରେ ବିଭିନ୍ନ ଦିଗକୁ ନେଇ ତଦନ୍ତ ଜାରି ରଖିଛି।

ସୋମବାର କ୍ରାଇମବ୍ରାଞ୍ଚର ସିଏଡବ୍ଲ୍ୟୁ ଆଣ୍ଡ ସିଡବ୍ଲ୍ୟୁ ଶାଖା ଡିଏସ୍‌ପି ଇମାନ କଲ୍ୟାଣ ନାୟକ, ଇନ୍ସପେକ୍ଟର ପାଞ୍ଚାଳି ରାଉତ ପୁଣି ମହାବିଦ୍ୟାଳୟରେ ପହଞ୍ଚି ୨ଘଣ୍ଟା ଧରି ଘଟଣାର ବିଭିନ୍ନ ଦିଗ ଉପରେ ତଦନ୍ତ କରିଥିଲେ। ଭାରପ୍ରାପ୍ତ ଅଧ୍ୟକ୍ଷ ପ୍ରଫେସର ଫିରୋଜ ପାଢ଼ୀ, ଆଇସିସି ସଦସ୍ୟା ଓ କେତେଜଣ ଛାତ୍ରୀଛାତ୍ରଙ୍କୁ ପଚରାଉଚରା କରିଥିଲେ। ଅପରପକ୍ଷରେ କଲେଜ ଷ୍ଟୋର୍ ରୁମ୍‌ରେ ଥିବା ୭ଟି ସାଇକେଲକୁ ନେଇ ସନ୍ଦେହ ଦେଖାଦେଇଛି। ଘଟଣା ଘଟିବା ଦିନ ଠାରୁ ଛାତ୍ରୀଛାତ୍ର ଏହି ୭ଟି ସାଇକେଲ କଲେଜରୁ ନ ନେଇ ପଳାଇଥିବା ଦେଖିବାକୁ ମିଳିଥିଲା। ଏହାପରେ କଲେଜ କର୍ତ୍ତୃପକ୍ଷ ଷ୍ଟୋର ରୁମ୍‌ରେ ସାଇକେଲଗୁଡ଼ିକୁ ନେଇ ରଖିଥିଲେ। ସେବେଠାରୁ ସାଇକେଲଗୁଡ଼ିକ କାହାର, କାହିଁକି ନେଉ ନାହାନ୍ତି, ହୁଏତ ସେମାନେ ଘଟଣାର ପ୍ରତ୍ୟକ୍ଷଦର୍ଶୀ ଥାଇପାରନ୍ତି ବୋଲି ଆଶା କରାଯାଉଛି। ଏହି ସାଇକେଲ ସମ୍ପର୍କରେ ମଧ୍ୟ ତଦନ୍ତକାରୀ ଟିମ୍ ଗୁରୁତ୍ୱ ଦେଇଛନ୍ତି। ଆଇସିସିର ସଦସ୍ୟାଙ୍କ ଭୂମିକା ଉପରେ ସନ୍ଦେହ ଦେଖାଦେଇଛି। ବାରମ୍ବାର ୩ ତଦନ୍ତକାରୀ ଟିମ୍ ପକ୍ଷରୁ ସେମାନଙ୍କୁ ପଚରାଉଚରା ଜାରି ରହିଛି। ସୌମ୍ୟାଶ୍ରୀଙ୍କ ଅଭିଯୋଗ ବେଳର ଆଇସିସି ପକ୍ଷରୁ ଦିଆଯାଇଥିବା ରିପୋର୍ଟକୁ ନେଇ କ୍ରାଇମବ୍ରାଞ୍ଚ ଟିମ୍ ପକ୍ଷରୁ ଗୁରୁତ୍ୱ ଦିଆଯାଇଛି। କ୍ରାଇମବ୍ରାଞ୍ଚ ଡିଏସ୍‌ପି ନାୟକ ଗଣମାଧ୍ୟମକୁ ପ୍ରତିକ୍ରିୟାରେ କହିଛନ୍ତି, ଠିକ୍ ଭାବରେ ତଦନ୍ତ ଚାଲିଛି। ଏ ଯାଏ କାହାକୁ ଅଟକ ରଖାଯାଇନାହିଁ। ସମସ୍ତେ ତଦନ୍ତରେ ସହଯୋଗ କରୁଛନ୍ତି।

ଭାରପ୍ରାପ୍ତ ଅଧ୍ୟକ୍ଷ ପ୍ରଫେସର ପାଢ଼ୀ କହନ୍ତି, କଲେଜରେ ଏବେ ପାଠ ପଢ଼ା ସ୍ୱାଭାବିକ ହୋଇଛି। ଘଟଣା ଯୋଗୁ କୌଣସି ପିଲା ଏଠାରୁ ଟିସି ନେଇ ଅନ୍ୟତ୍ର ଯିବା ମୋ ନଜରକୁ ଆସି ନାହିଁ। ଫକୀରମୋହନ ମହାବିଦ୍ୟାଳୟର ଗରିମା ବଜାୟ ରଖିବା ପାଇଁ ସମସ୍ତଙ୍କ ଉଦ୍ୟମ ଓ ସହଯୋଗ ଆବଶ୍ୟକ। ଘଟଣା ଦିନଠାରୁ ଏହି ସାଇକେଲଗୁଡ଼ିକ କଲେଜରେ ଅଛି। କଲେଜ ବନ୍ଦ ଥିବାରୁ ହୁଏତ ଛାତ୍ରୀଛାତ୍ର ସାଇକେଲ ନେବା ପାଇଁ ଆସିପାରି ନ ଥାନ୍ତି। ଯେଉଁ ପିଲା ସାଇକେଲ ନେବାକୁ ଆସିବେ ତାଙ୍କୁ ଦିଆଯିବ ବୋଲି ସେ କହିଛନ୍ତି।



ଅଧ୍ୟକ୍ଷଙ୍କ କାର୍ଯ୍ୟାଳୟ ସମ୍ମୁଖରେ କ୍ରାଇମବ୍ରାଞ୍ଚ ଟିମ୍।

**ସୌମ୍ୟାଶ୍ରୀ ଆତ୍ମାହୁତି ମାମଲା**
- ବଢୁଛି ସସପେନ୍ସ, ହଟୁନି ପରଦା
- ପୁଣି ପହଞ୍ଚିଲେ କ୍ରାଇମବ୍ରାଞ୍ଚ ଟିମ୍

# ଲିଜ୍ ଜମିରୁ ହଟିବ ସ୍ଥିତିବାନ୍

ଭୁବନେଶ୍ୱର,୨୧।୭
(ରବିନାରାୟଣ ଜେନା)

- ଅଣଚାଷ ଲିଜ୍ ଜମିର ସ୍ୱତ୍ୱରେ ଲେଖାଯିବ 'ପଟ୍ଟାଦାର'
- ସରକାରୀ ଜମି ସୁରକ୍ଷା ଲାଗି ସବୁ ଜିଲାପାଳଙ୍କୁ ଏସିଏସ୍‌ଙ୍କ ନିର୍ଦ୍ଦେଶ

ରାଜସ୍ୱ କ୍ଷେତ୍ରରେ କିଭଳି ଅଧିକ ସଂସ୍କାର ଆସିବ ସେନେଇ ବିଭାଗ ପକ୍ଷରୁ ଗୁରୁତ୍ୱ ଦିଆଯାଉଛି। ଏହି କ୍ରମରେ ସରକାରୀ ଜମିକୁ ସୁରକ୍ଷାଦେବା ପାଇଁ ଲିଜ୍ ଜମିରେ କେତେକ ପରିବର୍ତ୍ତନ ଅଣାଯାଇଛି। ସରକାରଙ୍କ ପକ୍ଷରୁ ସମସ୍ତ ଅଣଚାଷ ଲାଗି ପ୍ରଦାନ କରାଯିବା ଲିଜ୍ ଜମିରେ 'ପଟ୍ଟାଦାର' ବୋଲି ସ୍ୱତ୍ୱରେ ଉଲ୍ଲେଖ ରହିବ। ଅଣଚାଷ ଜମି ପାଇଁ ଆଉ ସ୍ଥିତିବାନ୍ ଲେଖାଯିବ ନାହିଁ। ଏହି ନିୟମକୁ କଡ଼ାକଡ଼ି ଭାବେ ପାଳନ କରିବା ଲାଗି ନିକଟରେ ରାଜସ୍ୱ ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ(ଏସିଏସ୍) ଦେଓରଞ୍ଜନ କୁମାର ସିଂ ସବୁ ଜିଲାପାଳଙ୍କୁ ଏକ ନିର୍ଦ୍ଦେଶନାମା ଜାରି କରିଛନ୍ତି।

ଏସିଏସ୍ ଜିଲାପାଳମାନଙ୍କୁ ପ୍ରଦାନ କରିଥିବା ପତ୍ରରେ ଦର୍ଶାଇଛନ୍ତି, ବିଭିନ୍ନ କ୍ଷେତ୍ରରେ ସରକାରୀ ଜମି ବିଭିନ୍ନ ବ୍ୟକ୍ତିବିଶେଷ କିମ୍ବା ଅନୁଷ୍ଠାନକୁ ଲିଜ୍ ସୂତ୍ରରେ ପ୍ରଦାନ କରାଯାଇଛି। ସେଥିମଧ୍ୟରେ ଶିଳ୍ପ, ବାଣିଜ୍ୟ, ନିଗମ, ସ୍ଥାନୀୟ କର୍ତ୍ତୃପକ୍ଷ ଏବଂ ଉଦ୍ୟୋକ୍ତା ମଧ୍ୟ ରହିଛନ୍ତି। ତେବେ ଅଣଚାଷ, ବାଣିଜ୍ୟ ଓ ଶିଳ୍ପ ଉଦ୍ଦେଶ୍ୟରେ ପ୍ରଦାନ କରାଯାଇଥିବା ଜମି ସ୍ୱତ୍ୱରେ ଭୁଲ୍‌ବଶତଃ ସ୍ଥିତିବାନ୍ ବୋଲି ଉଲ୍ଲେଖ ରହିଛି। ଏହି ବେଆଇନ ଓ ଅନିୟମିତ କାର୍ଯ୍ୟ ଯୋଗୁ ସରକାରଙ୍କୁ ବିଭିନ୍ନ ସମୟରେ ସମସ୍ୟାର ସମ୍ମୁଖୀନ ହେବାକୁ ପଡୁଛି। ଏହି ପରିପ୍ରେକ୍ଷୀରେ ସରକାରୀ ଜମି ରେକର୍ଡ କରିବା ପ୍ରଣାଳୀକୁ ଅନୁସରଣ କରିବାକୁ ପଡ଼ିବ। ସରକାରଙ୍କ ପକ୍ଷରୁ ଯଦି ଚାଷକ୍ଷେତ୍ରରେ ଜମି ପ୍ରଦାନ କରାଯାଇଛି କିମ୍ବା କରାଯିବ, ସେକ୍ଷେତ୍ରରେ ସ୍ୱତ୍ୱରେ ସ୍ଥିତିବାନ୍/ରୟତି ଉଲ୍ଲେଖ କରାଯିବ। କିନ୍ତୁ ଅଣଚାଷ ଉଦ୍ଦେଶ୍ୟରେ ଜମି ଦିଆଗଲେ ତା'ର ସ୍ୱତ୍ୱରେ ଆଉ ସ୍ଥିତିବାନ୍ ଉଲ୍ଲେଖ ରହିବ ନାହିଁ। ଏହି କ୍ଷେତ୍ରରେ ବିଧିବଦ୍ଧ ଭାବେ ସରକାରୀ ଜମି ଲିଜ୍ ପ୍ରଦାନବେଳେ ସଂପୃକ୍ତ ପଟ୍ଟାଦାରଙ୍କ ନାମରେ ଏକ ସ୍ୱତନ୍ତ୍ର ଖାତା ପ୍ରସ୍ତୁତ ହେବ। ଜମିର ସ୍ୱତ୍ୱରେ 'ପଟ୍ଟାଦାର' ବୋଲି ଉଲ୍ଲେଖ ରହିବ। ପଟ୍ଟାର ଶେଷ ଅବଧି ମଧ୍ୟ ସେଥିରେ ଉଲ୍ଲେଖ କରିବାକୁ ଏସିଏସ୍ ଦର୍ଶାଇଛନ୍ତି।


ଏଥିସହ ବିଭିନ୍ନ କ୍ଷେତ୍ରରେ ସରକାରୀ ଜମି ଲିଜ୍ ପ୍ରଦାନ ବେଳେ ଭୁଲ୍‌ବଶତଃ ସ୍ଥିତିବାନ୍ ଉଲ୍ଲେଖ ରହିଛି। ସେସବୁ କ୍ଷେତ୍ରରେ ସ୍ୱତନ୍ତ୍ର ଭାବେ ଯାଞ୍ଚ କରାଯାଇ ସଂଶୋଧନ କରାଯିବା ଆବଶ୍ୟକ। ଏହାକୁ ଦୃଷ୍ଟିରେ ରଖି ସମସ୍ତ ତହସିଲଦାରଙ୍କୁ ଏକ ନିର୍ଦ୍ଦେଶନାମା ଜାରି କରନ୍ତୁ, ଯେଉଁଥିରେ ବେଆଇନ ଭାବେ ଉଲ୍ଲେଖଥିବା ସ୍ଥିତିବାନ୍ ସ୍ୱତ୍ୱକୁ ପଟ୍ଟାଦାରରେ ପରିବର୍ତ୍ତନ କରିବା ଦିଗରେ ପଦକ୍ଷେପ ନେବେ। ଏହିସବୁ କାର୍ଯ୍ୟକୁ ଅତିରିକ୍ତ ଜିଲାପାଳ ତଦାରଖ କରିବେ ଏବଂ ନିଜେ କାଉଣ୍ଟର ଦସ୍ତଖତ କରିବେ। ଏ କ୍ଷେତ୍ରରେ ଜିଲାପାଳଙ୍କ ପକ୍ଷରୁ କି ପ୍ରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଗଲା ତା'ର ରିପୋର୍ଟ ମାସକ ମଧ୍ୟରେ ପ୍ରଦାନ କରିବାକୁ ଏସିଏସ୍ ଦର୍ଶାଇଛନ୍ତି।

# ଶପଥ ନେଲେ ହାଇକୋର୍ଟ ବିଚାରପତି ମାନସ ରଞ୍ଜନ ପାଠକ


ହାଇକୋର୍ଟ ମୁଖ୍ୟ ବିଚାରପତି ହରିଶ୍ ଟଣ୍ଡନ ବିଚାରପତି ମାନସ ରଞ୍ଜନ ପାଠକଙ୍କୁ ଶପଥ ପାଠ କରାଉଛନ୍ତି।

କଟକ,୨୧।୭(କାର୍ତ୍ତିକ ସାହୁ)

ଗୁଆହାଟୀ ହାଇକୋର୍ଟରୁ ଓଡ଼ିଶା ହାଇକୋର୍ଟକୁ ବଦଳି ହୋଇ ଆସିଥିବା ବିଚାରପତି ମାନସ ରଞ୍ଜନ ପାଠକ ସୋମବାର ଆନୁଷ୍ଠାନିକ ଭାବେ ଶପଥ ଗ୍ରହଣ କରିଛନ୍ତି। ହାଇକୋର୍ଟ ପୁରୁଣା ବିଲ୍ଡିଂର ନିଉ କନ୍‌ଫରେନ୍ସ ହଲ୍‌ରେ ସୋମବାର ପୂର୍ବାହ୍ନ ୧୦ଟାରେ ଶପଥ ଗ୍ରହଣ ଉତ୍ସବ ଅନୁଷ୍ଠିତ ହୋଇଛି। ରାଷ୍ଟ୍ରପତି ଭବନରୁ ଆସିଥିବା ବିଚାରପତି ପାଠକଙ୍କ ବଦଳି ସମ୍ପର୍କିତ ପତ୍ର ପ୍ରଥମେ ପାଠ କରାଯିବା ପରେ ହାଇକୋର୍ଟ ମୁଖ୍ୟ ବିଚାରପତି ହରିଶ୍ ଟଣ୍ଡନ ବିଚାରପତି ପାଠକଙ୍କୁ ଶପଥ ପାଠ କରାଇଛନ୍ତି। ଶପଥ ଗ୍ରହଣ ଉତ୍ସବରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ, ହାଇକୋର୍ଟ ସମସ୍ତ କାର୍ଯ୍ୟରତ ବିଚାରପତି, ପୂର୍ବତନ ବିଚାରପତି, ଆଡ୍‌ଭୋକେଟ୍ ଜେନେରାଲ୍ ପୀତାମ୍ବର ଆଚାର୍ଯ୍ୟ, ହାଇକୋର୍ଟ ବାର୍ ଆସୋସିଏଶନ୍ କର୍ମକର୍ତ୍ତା, ବରିଷ୍ଠ ଆଇନଜୀବୀ, ହାଇକୋର୍ଟ ରେଜିଷ୍ଟ୍ରାର, ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ଥିଲେ।




# ରାଜ୍ୟପାଳଙ୍କୁ ଭେଟିଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୨୧।୭(ସୁନିତ୍ ମିଶ୍ର)

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୋମବାର ରାଜ୍ୟପାଳ ହରିବାବୁ କମ୍ଭମ୍‌ପାଟିଙ୍କୁ ସୌଜନ୍ୟମୂଳକ ସାକ୍ଷାତ କରିଛନ୍ତି। ରାଜ୍ୟପାଳଙ୍କ ସହ ପ୍ରାୟ ଘଣ୍ଟାଏରୁ ଅଧିକ ସମୟ ଧରି ସେ ଆଲୋଚନା କରିବା ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ ଚର୍ଚ୍ଚା ଜୋର୍ ଧରିବା ଆରମ୍ଭ ହୋଇଛି। ରାଜ୍ୟରେ ଭାଜପା ଶାସନକୁ ଆସିବା ପରେ ମନ୍ତ୍ରିମଣ୍ଡଳର ୬ଟି ପଦବୀ ଖାଲି ପଡ଼ିଥିଲା। ସରକାର ଗଠନକୁ ବର୍ଷେ ପୂରଣ ହୋଇଥିଲେ ମଧ ଏପର୍ଯ୍ୟନ୍ତ ଉକ୍ତ ୬ ମନ୍ତ୍ରୀ ପଦ ଖାଲି ରହିଛି। ଅନ୍ୟପଟେ ମନ୍ତ୍ରୀମଣ୍ଡଳରେ କିଛି ପରିବର୍ତ୍ତନ କରାଯାଇପାରେ ବୋଲି ମଧ କିଛିଦିନ ହେଲା ଚର୍ଚ୍ଚା ଜୋର୍ ଧରିଛି। ତେଣୁ ରାଜ୍ୟପାଳଙ୍କ ସହ ମୁଖ୍ୟମନ୍ତ୍ରୀଙ୍କ ଏହି ଭେଟଘାଟ ଉକ୍ତ ଚର୍ଚ୍ଚାକୁ ଆହୁରି ବଢାଇ ଦେଇଛି।

ସୂଚନାଯୋଗ୍ୟ, କିଛିଦିନ ତଳେ ମୁଖ୍ୟମନ୍ତ୍ରୀ ନୂଆଦିଲ୍ଲୀ ଗସ୍ତରେ ଯାଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ ଭେଟିଥିଲେ। ଏହି ସମୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ ପ୍ରଧାନମନ୍ତ୍ରୀଙ୍କ ସହ ଆଲୋଚନା ହୋଇଥାଇପାରେ ବୋଲି ରାଜନୈତିକ ମହଲରୁ ଶୁଣିବାକୁ ମିଳୁଛି। ସେହିପରି ମନମୋହନ ସାମଲ ଭାଜପା ରାଜ୍ୟ ସଭାପତି ହେବାପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ ତାଙ୍କର ପ୍ରତିକ୍ରିୟା ରଖିଥିଲେ। ପୂର୍ବରୁ ଭାଜପା ରାଜ୍ୟ ପ୍ରଭାରୀ ବିଜୟ ପାଲ ସିଂ ତୋମାର ଦଳର ରାଜ୍ୟ ସଭାପତି ଚୟନ ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ କରାଯିବ ବୋଲି କହିଥିଲେ। ତେଣୁ ମନମୋହନ ୪ର୍ଥ ଥର ଲାଗି ସଭାପତି ହେବାପରେ ଲିଙ୍ଗରାଜ ମନ୍ଦିରରୁ ଦର୍ଶନ ସାରି ଫେରିବା ପରେ ଗଣମାଧ୍ୟମ ପ୍ରତିନିଧିମାନେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହେବ ନା ନାହିଁ ବୋଲି ପ୍ରଶ୍ନ କରିଥିଲେ। ସେ ତାଙ୍କ ପ୍ରତିକ୍ରିୟାରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ଖୁବଶୀଘ୍ର ହେବ ବୋଲି କହିଥିଲେ।

**ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ ବଢ଼ିଲା ଚର୍ଚ୍ଚା**


ରାଜ୍ୟପାଳ ହରିବାବୁ କମ୍ଭମ୍‌ପାଟିଙ୍କୁ ସାକ୍ଷାତ କରୁଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ

# ପ୍ରକାଶ ପାଇଲା ଯୁକ୍ତ୨ ଦ୍ୱିତୀୟ ମେଧା ତାଲିକା

ଭୁବନେଶ୍ୱର,୨୧।୭
(ସୁଚିସ୍ମିତା ସାହୁ)

**୨ଲକ୍ଷ ୧୩ହଜାର ୫୪୭ଟି ସିଟ୍ ଖାଲି**

ଯୁକ୍ତ୨ ନାମଲେଖା ପାଇଁ ପ୍ରଥମ ପର୍ଯ୍ୟାୟ ଦ୍ୱିତୀୟ ଚୟନ ମେଧା ତାଲିକା ସୋମବାର ଗଣଶିକ୍ଷା ବିଭାଗ ପକ୍ଷରୁ ପ୍ରକାଶ ପାଇଛି। ଏହି ପର୍ଯ୍ୟାୟ ନାମଲେଖା ପାଇଁ ୫୨ହଜାର ୯୫୫ ଜଣ ଚୟନ ହୋଇଛନ୍ତି। ସେମାନଙ୍କ ମଧ୍ୟରେ ପ୍ରଥମ ଚୟନରେ ସ୍ଲାଇଡ୍ ଅପ୍ କରିଥିବା ୨୮ହଜାର ୩୧୩ ଛାତ୍ରୀଛାତ୍ର ରହିଛନ୍ତି। କଳାରେ ସର୍ବାଧିକ ୩୮ହଜାର ୧୬୫ ଛାତ୍ରୀଛାତ୍ର ଚୟନ ହୋଇଥିବା ବେଳେ ବିଜ୍ଞାନରେ ୧୧ ହଜାର ୮୭୭ଜଣ ଚୟନ ହୋଇଛନ୍ତି। ସେହିପରି ବାଣିଜ୍ୟରେ ୨ହଜାର ୪୦୩, ସଂସ୍କୃତରେ ୧୭୧ ଏବଂ ଧନ୍ଦାମୂଳକରେ ୩୩୯ ଛାତ୍ରୀଛାତ୍ର ଚୟନ ହୋଇଛନ୍ତି। ଏମାନଙ୍କ ମଧ୍ୟରେ ୨୬ ହଜାର ୮୬୧ ଛାତ୍ରୀ ଓ ୨୬ ହଜାର ୯୨ ଜଣ ଛାତ୍ର ଓ ୨ଜଣ ଅନ୍ୟ ଜେଣ୍ଡର ରହିଥିବା ଗଣଶିକ୍ଷା ବିଭାଗ ତଥ୍ୟରୁ ଜଣାଯାଇଛି। ସୂଚନାଯୋଗ୍ୟ, ୫ଲକ୍ଷ ୬୮ହଜାର ୬୧୫ ସିଟ୍‌ରେ ନାମଲେଖାଇବାକୁ ପ୍ରଥମ ପର୍ଯ୍ୟାୟ ପ୍ରଥମ ଚୟନରେ ୩ଲକ୍ଷ ୫୫ହଜାର ୬୮ ଛାତ୍ରୀଛାତ୍ର ନାମଲେଖାଇଛନ୍ତି। ପ୍ରଥମ ଚୟରେ ମୋଟ ୬୨.୪୫% ସିଟ୍ ପୂରଣ ହୋଇଥିବାବେଳେ ୨ଲକ୍ଷ ୧୩ହଜାର ୫୪୭ଟି ସିଟ୍ ଫାଙ୍କା ପଡ଼ିଛି।

# ପ୍ଲାଷ୍ଟିକ ବୋତଲରେ ମିଳିବନି ପେଟ୍ରୋଲ, ଡିଜେଲ

ଭୁବନେଶ୍ୱର,୨୧।୭(ସୁନିତ୍ ମିଶ୍ର)

- ବିନା ଲାଇସେନ୍ସରେ ଖୋଲାରେ ବିକିଲେ ଚଢ଼ଉ
- କାଚ, ଆଲୁମିନିୟମ କିମ୍ବା ଷ୍ଟିଲ୍ ଜାର୍‌ରେ ମିଳିବ
- ପେଟ୍ରୋଲିୟମ ରୁଲ୍ ଅନୁପାଳନ ଉପରେ ଗୁରୁତ୍ୱ ବଢ଼ିବ

କୌଣସି ପେଟ୍ରୋଲ ପମ୍ପ ପକ୍ଷରୁ ଏଣିକି ପ୍ଲାଷ୍ଟିକ ବୋତଲରେ ପେଟ୍ରୋଲ କିମ୍ବା ଡିଜେଲ ଦିଆଯିବ ନାହିଁ। ପେଟ୍ରୋଲିୟମ ଆଇନ ଅନୁଯାୟୀ କୌଣସି ତେଲଟାଙ୍କି ପ୍ଲାଷ୍ଟିକ ବୋତଲରେ ତେଲ ବିକିବାର ପ୍ରାବଧାନ ମଧ ନାହିଁ। ଏହି ନିୟମକୁ ଅଧିକ କଡ଼ାକଡ଼ି କରାଯିବ। ହେଲେ ଗ୍ରାହକଙ୍କ ସମସ୍ୟାକୁ ଦେଖି ଏହି ନିୟମକୁ କଡ଼ାକଡ଼ି ଭାବେ ଲାଗୁ କରାଯାଉ ନ ଥିଲା। ହେଲେ ଏଣିକି ଏହା ଉପରେ ରୋକ ଲାଗିବ। ପେଟ୍ରୋଲିୟମ ଆଇନ ଅନୁଯାୟୀ ଗ୍ରାହକମାନେ ଚାହିଁଲେ କାଚ ବୋତଲରେ ପେଟ୍ରୋଲ ନେଇପାରିବେ। ଯେଉଁମାନେ ୨୦ରୁ ୨୫ ଲିଟର ପର୍ଯ୍ୟନ୍ତ ପେଟ୍ରୋଲ କିମ୍ବା ଡିଜେଲ ନେବାକୁ ଚାହୁଁଛନ୍ତି ସେମାନେ ଆଲୁମିନିୟମ କିମ୍ବା ଷ୍ଟିଲ୍ ପାତ୍ର ଯେଉଁଥିରେ ମୁହଁ ବନ୍ଦ କରିବାର ଠିକ୍ ବ୍ୟବସ୍ଥା ରହିଥିବ ସେଥିରେ ନେଇପାରିବେ। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି ଯେଉଁମାନେ ରାସ୍ତାକଡ଼ରେ ଖୋଲାରେ ବିନା ଲାଇସେନ୍ସରେ ପେଟ୍ରୋଲ ଓ ଡିଜେଲ ବିକ୍ରି କରୁଛନ୍ତି ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ରାସ୍ତାକଡ଼ରେ ଆଉ ଯେପରି ପେଟ୍ରୋଲ କିମ୍ବା ଡିଜେଲ ବିକ୍ରି ନ ହେବ ସେଥିପ୍ରତି ଚଢ଼ାଉ କରାଯିବ ବୋଲି ଯୋଗାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ସୂଚନା ଦେଇଛନ୍ତି।

ଯୋଗାଣ ମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ସୋମବାର ରାଜ୍ୟର ୩ ପ୍ରମୁଖ ତୈଳ କମ୍ପାନୀର ଅଧିକାରୀ ଏବଂ ଡିଲର ସଂଘର ସଦସ୍ୟମାନେ ଉପସ୍ଥିତ ରହି ଏହା ଉପରେ ଆଲୋଚନା ହୋଇଛି। ଏହି ଅବସରରେ ତୈଳ କମ୍ପାନୀ ଏବଂ ଡିଲର ସଂଘ ପକ୍ଷରୁ ମନ୍ତ୍ରୀଙ୍କୁ ପେଟ୍ରୋଲିୟମ ଆଇନ ଯାହା ରହିଛି ସେନେଇ ବୁଝାଇଥିଲେ। ମନ୍ତ୍ରୀ ମଧ ସମସ୍ତ କଥା ଜାଣିବା ପରେ କେନ୍ଦ୍ର ସରକାରଙ୍କ ଅଧୀନ ତୈଳ ମନ୍ତ୍ରଣାଳୟର ନିୟମ ଜାଣିବା ପରେ ଏହାକୁ ପରିବର୍ତ୍ତନ କରି ପେଟ୍ରୋଲ ପମ୍ପଗୁଡିକରୁ ସମ୍ପୂର୍ଣ୍ଣ ଖୋଲାରେ ତେଲ ବିକ୍ରି ବନ୍ଦ କରାଯାଇପାରିବ ନାହିଁ ବୋଲି ବୁଝିଛନ୍ତି। କାରଣ ଚାଷୀମାନେ ସେମାନଙ୍କ ଜେନେରେଟର ଚଲାଇବା ଏବଂ ଅନ୍ୟ ଯନ୍ତ୍ରପାତିର ବ୍ୟବହାର ଯେପରିକି ବିଭିନ୍ନ ଅଫିସ୍‌ରେ ଚାଲୁଥିବା ଜେନେରେଟରର ବ୍ୟବହାର ଲାଗି ପେଟ୍ରୋଲ ପମ୍ପରୁ ଖୋଲାରେ ତେଲ ନେବା ଏକ ଜରୁରୀ କାର୍ଯ୍ୟ। ତେଣୁ ପେଟ୍ରୋଲିୟମ ରୁଲ୍ ଅନୁଯାୟୀ ଏଣିକି ପେଟ୍ରୋଲ ପମ୍ପଗୁଡିକ କାଚ ବୋତଲରେ ନ ହେଲେ ଆଲୁମିନିୟମ ଏବଂ ଷ୍ଟିଲ ବୋତଲରେ ତେଲ ବିକ୍ରି କରିବେ ବୋଲି ମନ୍ତ୍ରୀ ସ୍ପଷ୍ଟ କରିଛନ୍ତି। ମନ୍ତ୍ରୀ ଆହୁରି କହିଛନ୍ତି, ଯେଉଁମାନେ ଆଇନ ବିରୋଧରେ ଯାଇ କାର୍ଯ୍ୟ କରିବେ ଏହା ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ। ଏନେଇ ସମସ୍ତ ଜିଲାପାଳଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ବାହାରେ ବିନା ଲାଇସେନ୍ସରେ ପେଟ୍ରୋଲ ବିକ୍ରି କରିଲେ ସିଜ୍ କରିବା ଲାଗି ଅଧିକାରୀମାନଙ୍କୁ କୁହାଯାଇଛି। ଉତ୍କଳ ପେଟ୍ରୋଲିୟମ ଡିଲର ଆସୋସିଏଶନ ସାଧାରଣ ସମ୍ପାଦକ ସଞ୍ଜୟ ଲାଠ କହିଛନ୍ତି, ନିୟମ କିଛି ବଦଳାଯାଇ ନାହିଁ। ଯାହା ନିୟମ ରହିଛି ତାକୁ କିପରି କଡ଼ାକଡ଼ି କରାଯିବ ସେନେଇ ଆଲୋଚନାରେ ନିଷ୍ପତ୍ତି ହୋଇଛି। ପ୍ଲାଷ୍ଟିକରେ ଇଲେକ୍ଟ୍ରିସିଟି ଫର୍ମେଶନ ହେବାର ଅଧିକ ସମ୍ଭାବନା ରହିଛି, ସେଥିଲାଗି ପେଟ୍ରୋଲିୟମ ଜିନିଷ ସେଥିରେ ବ୍ୟବହାର କରାଯିବା ନେଇ ବାରଣ ହୋଇଥାଏ। କେଉଁଠାରେ କିଛି ଅସୁବିଧା ହୋଇନାହିଁ ବୋଲି ଲୋକମାନେ ଏହା ଉପରେ ଗୁରୁତ୍ୱ ଦେଉନାହାନ୍ତି ମାତ୍ର ଏଥିରେ ସମ୍ଭାବନା ଅଧିକ ଥାଏ ବୋଲି ସେ କହିଛନ୍ତି।

ସୂଚନାଯୋଗ୍ୟ, ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶି ପେଟ୍ରୋଲ ଢାଳିହୋଇ ନିଜ ଦେହରେ ନିଆଁ ଲଗାଇ ଆତ୍ମହତ୍ୟା କରିବା ପରେ ଏନେଇ ଯାଞ୍ଚ ଆରମ୍ଭ ହୋଇଛି। ପ୍ରଥମେ ସେ କେଉଁଠାରୁ ପେଟ୍ରୋଲ ଆଣିଥିଲେ ନା ତାଙ୍କୁ କିଏ ଦେଇଥିଲା ତାକୁ ନେଇ ବହୁ ଚର୍ଚ୍ଚା ଚାଲିଲା। ପରବର୍ତ୍ତୀ ସମୟରେ ସେ ଏକ ପମ୍ପରୁ ପେଟ୍ରୋଲ ଆଣିଥିବା ଜଣାପଡିବା ପରେ ଏହି ନିୟମକୁ କଡ଼ାକଡ଼ି କରାଯାଇଛି।

ଏକାଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି
"ନୈନଂ ଛିନ୍ଦନ୍ତି ସସ୍ତ୍ରାଣୀ ନୈନଂ ଦହତି ପାବକଃ
ନ ଚୈନଂ କ୍ଲେଦୟନ୍ତ୍ୟାପୋ ନ ଶୋଷୟତି ମାରୁତଃ"



ଆବିର୍ଭାବ
୧୯୩୦

ତିରୋଧାନ
୧୨.୦୭.୨୦୨୫

ଁ ସୀତା ଆପଟ
ଗୁଆଲି, ବଡ଼ବିଲ, କେନ୍ଦୁଝର
ଆପଣଙ୍କ ସ୍ନେହ, ଶ୍ରଦ୍ଧା, କର୍ତ୍ତବ୍ୟନିଷ୍ଠା ଆମ୍ଭମାନଙ୍କ ପାଇଁ ପ୍ରେରଣାର ଉତ୍ସ ହୋଇରହିବ । ଶ୍ରୀଜଗନ୍ନାଥଙ୍କ କୃପାରୁ ଆପଣଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରୁଛୁ ।
ଅଶ୍ରୁଳ ଶ୍ରଦ୍ଧାଞ୍ଜଳି ସହ
ହତଭାଗ୍ୟ ପୁତ୍ର/ପୁତ୍ରବଧୂ:ଭୀମସେନ, ରଙ୍ଗ, ନବ, ରସାନନ୍ଦିନୀ, କୁଶ, ଆଦ୍ରମଣୀ,
ଝିଅ/ଜ୍ୱାଇଁ: ରାଧା, ଦୁଃଖୀ, ସୁରେନ୍ଦ୍ର
ନାତିନାତୁଣୀ:ମିଟ୍ଟୁ, ଜିତୁ, ଗୁରୁ, ବ୍ରହ୍ମା, ଅମିତ, ସ୍ୱପ୍ନା, ମୀନାକ୍ଷୀ ଏବଂ ଆପଟ ପରିବାରବର୍ଗ ।

# ଆଜି କ'ଣ କେଉଁଠି

## ଭୁବନେଶ୍ୱର
- ସାହିତ୍ୟ ଅକାଦେମି ଏବଂ ଓଡ଼ିଶା ସାହିତ୍ୟ ଏକାଡ଼େମି ପକ୍ଷରୁ ପୂର୍ବାଞ୍ଚଳୀୟ ଲେଖକ ସମ୍ମିଳନୀ, ସ୍ଥାନ: ସମ୍ମିଳନୀ କକ୍ଷ, ସଂସ୍କୃତି ଭବନ(ଭଞ୍ଜକଳା ମଣ୍ଡପ ପଛପଟ), ସମୟ: ପୂର୍ବାହ୍ନ ୧୦ଟା ୩୦।
- ଜାତୀୟ ଅଭିଲେଖାଗାର ପକ୍ଷରୁ ଷୋଡ଼ଶ ମାସିକ ଆଲୋଚନାଚକ୍ର, ସ୍ଥାନ: କନ୍‌ଫରେନ୍ସ ହଲ୍, ସମୟ: ଅପରାହ୍ନ ୫ଟା

## ବାଲେଶ୍ୱର
- ସୌମ୍ୟାଶ୍ରୀଙ୍କ ଉଦ୍ଦେଶ୍ୟରେ ରାଜ୍ୟସ୍ତରୀୟ ସ୍ମୃତିଚାରଣ ସଭା,ସ୍ଥାନ: ବାଇତପୁର ଗଣ୍ଡ ଯାତ୍ରା ପଡ଼ିଆ, ଭୋଗରାଇ,
- ସମୟ: ପୂର୍ବାହ୍ନ ୧୦ଟା।

## ଭଦ୍ରକ
- ସ୍ମୃତିସଭା ଓ ସ୍ମରଣିକା ଉନ୍ମୋଚନ, ସ୍ଥାନ: ଭଗବାନପୁର, ଧାମନଗର, ସମୟ: ପୂର୍ବାହ୍ନ ୧୦ଟା।
- ରମା ଦେବୀଙ୍କ ଶ୍ରାଦ୍ଧୋତ୍ସବ, ସ୍ଥାନ: ଭଦ୍ରକ ମହିଳା ମହାବିଦ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା ୩୦।

## ମୟୂରଭଞ୍ଜ
- ରକ୍ତଦାନ ଶିବିର, ସ୍ଥାନ: ପିଆର୍‌ଏମ୍ ମେଡିକାଲ କଲେଜ, ରଙ୍ଗାମାଟିଆ, ବାରିପଦା, ସମୟ: ପୂର୍ବାହ୍ନ ୧୦ଟା।
- ଜିଲା ସମନ୍ୱୟ କମିଟି ବୈଠକ, ସ୍ଥାନ: ଜିଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ବାରିପଦା, ସମୟ: ଅପରାହ୍ନ ୪ଟା।

## ବ୍ରହ୍ମପୁର
- ବିଏମ୍‌ସି କର୍ପୋରେଶନ ବୈଠକ, ସ୍ଥାନ: ବିଏମସି ସମ୍ମିଳନୀ କକ୍ଷ, ସମୟ: ପୂର୍ବାହ୍ନ ୧୧ଟା।

## କେନ୍ଦ୍ରାପଡ଼ା
- ରାଜ୍ୟସ୍ତରୀୟ ସାହାଣୀ କପ୍ ଫୁଟ୍‌ବଲ ଟୁର୍ନାମେଣ୍ଟ, ସ୍ଥାନ: ମିନି ଷ୍ଟାଡିୟମ, ରାଜକନିକା, ସମୟ: ସକାଳ ୮ଟା।
- ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମ, ସ୍ଥାନ: ସାନମଙ୍ଗ, ଆଳି, ସମୟ: ପୂର୍ବାହ୍ନ ୧୦ଟା।
- ମା' ମଙ୍ଗଳା କମିଟି ପକ୍ଷରୁ ନାମଯଜ୍ଞ, ସ୍ଥାନ: କଳାବୁଦା, ଗରଦପୁର, ସମୟ: ସନ୍ଧ୍ୟା ୬ଟା।

## ନୟାଗଡ଼
- ଅଙ୍ଗଦାନ କରିଥିବା ଯୁବକଙ୍କ ଉଦ୍ଦେଶ୍ୟରେ ଶ୍ରଦ୍ଧାଞ୍ଜଳି ସମାରୋହ, ସ୍ଥାନ: କଣ୍ଟିଲୋ ପଞ୍ଚାୟତ କଲ୍ୟାଣ ମଣ୍ଡପ, ସମୟ: ଅପରାହ୍ନ ୫ଟା।

## ରାୟଗଡ଼ା
- ବିଶ୍ୱ ଆଦିବାସୀ ଦିବସ ପାଳନ ନେଇ ପ୍ରସ୍ତୁତି ବୈଠକ, ସ୍ଥାନ: ସୌଣ୍ଡିକ ଭବନ, ମୁନିଗୁଡା, ସମୟ: ପୂର୍ବାହ୍ନ ୧୦ଟା।

## କୋରାପୁଟ
- ଜିଲା ପରିଷଦର ବିଭିନ୍ନ ଯୋଜନା ଉପରେ ସମୀକ୍ଷା, ସ୍ଥାନ:ସଦ୍‌ଭାବନା ସଭାଗୃହ, କୋରାପୁଟ, ସମୟ: ପୂର୍ବାହ୍ନ ୧୦ଟା।
- ଶିଶୁ ଅଧିକାର ସମ୍ପର୍କିତ ବୈଠକ, ସ୍ଥାନ: ଦକ୍ଷତା ବିକାଶ ତାଲିମ କେନ୍ଦ୍ର ସଭାଗୃହ, କୋରାପୁଟ,
- ସମୟ: ପୂର୍ବାହ୍ନ ୧୧ଟା ୩୦।

## ସମ୍ବଲପୁର
- ନିଃଶୁଳ୍କ ଯୋଗ ଶିବିର, ସ୍ଥାନ : ହୀରାକୁଦ କଲୋନୀ ସ୍ଥିତ ଯୋଗ କେନ୍ଦ୍ର, ସମୟ : ସକାଳ ୬ଟା।
- ଯୋଗ ପରିବାର ଆୟୋଜନରେ ଯୋଗ ଶିବର, ସ୍ଥାନ: ହାୱା ମଇଦାନ ସ୍ଥିତ ଗାନ୍ଧୀ ପାର୍କ, ସମୟ ସକାଳ ୬ଟା।
- ରାଧା ଶ୍ରୀନିବାସ ସେବା ଟ୍ରଷ୍ଟ ଆୟୋଜନରେ ସ୍ୱାସ୍ଥ୍ୟ ପରୀକ୍ଷା ଶିବିର, ସ୍ଥାନ: ହାଉସିଂ ବୋର୍ଡ କଲୋନୀସ୍ଥିତ ଆରୋଗ୍ୟ ନିକେତନ, ସମୟ : ସକାଳ ୮ଟା।

## ବଲାଙ୍ଗୀର
- ଉପମୁଖ୍ୟମନ୍ତ୍ରୀଙ୍କ ପୋଷଣ କିଟ୍ ବଣ୍ଟନ କାର୍ଯ୍ୟକ୍ରମ, ସ୍ଥାନ: ଖପ୍ରାଖୋଲ ପଞ୍ଚାୟତ ସମିତି ସଭାଗୃହ, ସମୟ: ମଧ୍ୟାହ୍ନ ୧୨ଟା।

## ବରଗଡ଼
- ସଂଯୁକ୍ତ କୃଷକ ସଂଗଠନର ଦାବିପତ୍ର ପ୍ରଦାନ, ସ୍ଥାନ: ତହସିଲ କାର୍ଯ୍ୟାଳୟ, ବରଗଡ଼,ସମୟ: ପୂର୍ବାହ୍ନ ୧୧ଟା।

## କଳାହାଣ୍ଡି
- ପିସିସି ସଭାପତିଙ୍କ ବିରୋଧରେ ଭାଜପାର ବିକ୍ଷୋଭ, ସ୍ଥାନ: ଭବାନୀପାଟଣା ଗାନ୍ଧୀ ଛକ, ସମୟ: ପୂର୍ବାହ୍ନ ୧୦ଟା।
- ପ୍ରଧାନଶିକ୍ଷକ ସମ୍ମିଳନୀ, ସ୍ଥାନ: ଭବାନୀପାଟଣା ଟାଉନ ହଲ, ସମୟ: ପୂର୍ବାହ୍ନ ୧୦ଟା।

## ବୌଦ୍ଧ
- ଜିଲାସ୍ତରୀୟ ସ୍ୱାଧୀନତା ଦିବସ ପାଳନ ପ୍ରସ୍ତୁତି ବୈଠକ, ସ୍ଥାନ: ଜିଲାପାଳଙ୍କ ସଦ୍‌ଭାବନା ସଭାଗୃହ, ବୌଦ୍ଧ, ସମୟ: ମଧ୍ୟାହ୍ନ ୧୨ଟା ୩୦।
- ଆନ୍ତଃ ଜିଲା ସାହାଣୀ କପ୍ ଫୁଟବଲର ଷଷ୍ଠ ଦିବସ, ସ୍ଥାନ: ଜିଲା ଷ୍ଟାଡିୟମ ବୌଦ୍ଧ, ସମୟ: ଅପରାହ୍ନ ୧ଟା ୩୦।

## ଦେବଗଡ଼
- ମା' କନକ ଦୁର୍ଗାଙ୍କ ସନ୍ଧ୍ୟା ଆଳତି, ସ୍ଥାନ: ମଠ ସାହି, ମା' କନକ ଦୁର୍ଗା ମନ୍ଦିର, ସମୟ: ସନ୍ଧ୍ୟା ୭ଟା।
- ସମୂହ ହନୁମାନ ଚାଳିଶା ପାଠ, ସ୍ଥାନ: ଗୋପାଳଜୀ ମନ୍ଦିର, ହନୁମାନ ବାଟିକା, ପୁରୁଣାଗଡ଼ ପଞ୍ଚମୁଖୀ ହନୁମାନ ମନ୍ଦିର, ଦେବଗଡ଼ ସହର, ସମୟ: ସନ୍ଧ୍ୟା ୭ଟା।

## ସୁବର୍ଣ୍ଣପୁର
- ସୁବର୍ଣ୍ଣପୁରର ମା' ସୁରେଶ୍ୱରୀ ମନ୍ଦିରରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା ଓ ସନ୍ଧ୍ୟା ଆଳତି, ସ୍ଥାନ: ମନ୍ଦିର ପରିସର, ସମୟ: ସନ୍ଧ୍ୟା ୬ଟା ୩୦।
- ତରଭା ମା' ପାଟ ମାହେଶ୍ୱରୀ ମନ୍ଦିରରେ ବିଶେଷ ପୂଜାର୍ଚ୍ଚନା ଓ ମଙ୍ଗଳ ଆଳତୀ, ସ୍ଥାନ: ମନ୍ଦିର ପ୍ରାଙ୍ଗଣ, ସମୟ: ସନ୍ଧ୍ୟା ୬ଟା ୪୫।

## ନୂଆପଡ଼ା
- ମୁଖ୍ୟମନ୍ତ୍ରୀ ବାୟୁସେବା ଯୋଜନାରେ ଉତ୍ତମ ସ୍ୱାସ୍ଥ୍ୟସେବା କାର୍ଯ୍ୟକ୍ରମ, ସ୍ଥାନ: ଜିଲା ମୁଖ୍ୟ ଚିକିତ୍ସାଳୟ ନୂଆପଡ଼ା, ସମୟ: ପୂର୍ବାହ୍ନ ୧୦ଟା।

# ଆୟୁଷ ଇଣ୍ଟର୍ନଶିପ୍ ଭତ୍ତା ବୃଦ୍ଧି ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଦାବି

ଭୁବନେଶ୍ୱର,୨୧।୭(ବନ୍ଦନା ସେଠୀ)

ରାଜ୍ୟ ସରକାରଙ୍କ ଅଧୀନରେ ଥିବା ୭ଟି ସରକାରୀ ଆୟୁଷ ମହାବିଦ୍ୟାଳୟ ଓ ହସ୍ପିଟାଲରେ କାର୍ଯ୍ୟ କରୁଥିବା ହାଉସ ସର୍ଜନଙ୍କ ଭତ୍ତା ବୃଦ୍ଧି ପାଇଁ ରାଜ୍ୟ ସରକାର ପାଖରେ ବହୁଦିନରୁ ଦାବି ହୋଇଆସୁଛି। ରାଜ୍ୟ ସରକାର ଏମ୍‌ବିବିଏସ୍ ଓ ବିଡିଏସ୍ ଛାତ୍ରାଛାତ୍ରୀଙ୍କ ଭତ୍ତାକୁ ୪୨ ହଜାର ଟଙ୍କାକୁ ବୃଦ୍ଧି କରିଥିବାବେଳେ ଆୟୁଷ ହାଉସ ସର୍ଜନଙ୍କ କ୍ଷେତ୍ରରେ ସମ୍ପୂର୍ଣ୍ଣ ଚୁପ୍ ରହିଛନ୍ତି। ଏଭଳି ମନୋଭାବ ସହିତ ହାଉସ ସର୍ଜନଙ୍କୁ ଉପେକ୍ଷା କରାଯାଉଥିବା ଅଭିଯୋଗ ହୋଇଛି। ଏହିକ୍ରମରେ ଓଡ଼ିଶା ଆୟୁଷ ବିକାଶ ପରିଷଦ ପକ୍ଷରୁ ଡା. ତ୍ରୈଲୋକ୍ୟନାଥ ମହାରଣା ସୋମବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ସ୍ୱାସ୍ଥ୍ୟ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ସ୍ୱାସ୍ଥ୍ୟ ସଚିବ, କେନ୍ଦ୍ର ସରକାରଙ୍କ ଆୟୁଷ ବିଭାଗ ମନ୍ତ୍ରୀ, ସଚିବ ଓ ରାଜ୍ୟ ସରକାରଙ୍କ ଆୟୁଷ ନିର୍ଦ୍ଦେଶକଙ୍କୁ ମେଲ୍ ମାଧ୍ୟମରେ ଦାବିପତ୍ର ପ୍ରଦାନ କରିଛନ୍ତି। ପୂର୍ବରୁ ଅଲ୍ ଓଡ଼ିଶା ଆୟୁଷ ଷ୍ଟୁଡେଣ୍ଟ ଆସୋସିଏଶନ ପକ୍ଷରୁ ଆୟୁଷ ହାଉସ ସର୍ଜନଙ୍କ ୨୦ହଜାର ଟଙ୍କା ଭତ୍ତାକୁ ଆୟୁଷ ମେଡ଼ିକାଲ ଅଫିସରଙ୍କ ମାସିକ ଦରମାର ୫୦% ହାରରେ ବୃଦ୍ଧି କରି ଡାଇନାମିକ ଷ୍ଟାଇପେଣ୍ଡ ଦେବାକୁ ମୁଖ୍ୟମନ୍ତ୍ରୀ, ସ୍ୱାସ୍ଥ୍ୟମନ୍ତ୍ରୀ, ସଚିବ ଓ ଆୟୁଷ ନିର୍ଦ୍ଦେଶକଙ୍କ ସହିତ ଆଲୋଚନା କରାଯାଇଥିଲା। ଏନେଇ ଆୟୁଷ ନିର୍ଦ୍ଦେଶକ ରାଜ୍ୟର ୭ଟି ସରକାରୀ ଆୟୁଷ କଲେଜ ଅଧକ୍ଷଙ୍କୁ ୨୦୨୪ ମସିହାରେ ୧୮ରେ ପତ୍ର ସଂଖ୍ୟା – ୬୭୭୯ ଲେଖି ଆୟୁଷ ଇଣ୍ଟର୍ନଶିପ୍ ଭତ୍ତା ବୃଦ୍ଧି ପାଇଁ ମତାମତ ଲୋଡ଼ିଥିଲେ। ଶେଷରେ ଆୟୁଷ ନିର୍ଦ୍ଦେଶକ ରାଜ୍ୟ ଆୟୁଷ ଛାତ୍ର ସଂସଦ ପ୍ରତିନିଧିଙ୍କ ସହିତ ଆଲୋଚନା କରି ଏଣିକି ୫୦% ବର୍ଦ୍ଧିତ ହାରରେ ଆୟୁଷ ହାଉସ ସର୍ଜନ ଛାତ୍ରାଛାତ୍ରୀଙ୍କୁ ଡାଇନାମିକ୍ ଷ୍ଟାଇପେଣ୍ଡ ଦେବା ପାଇଁ ଫାଇଲ ସରକାରଙ୍କୁ ପଠାଇବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଏପରିକି ଏହା ଅତିଶୀଘ୍ର କାର୍ଯ୍ୟକାରୀ ହେଉଥିବା ନେଇ ବିଭିନ୍ନ ଆୟୁଷ ମହାବିଦ୍ୟାଳୟରେ ଯୋଗଦେଇ ସ୍ୱାସ୍ଥ୍ୟମନ୍ତ୍ରୀ ସୂଚନା ଦେଇଥିଲେ। ଇତି ମଧ୍ୟରେ ୩ମାସ ବିତିଯାଇଥିଲେ ମଧ୍ୟ ଭତ୍ତା ବୃଦ୍ଧି କ୍ଷେତ୍ରରେ କୌଣସି ପ୍ରକାର ପଦକ୍ଷେପ ନେଇ ନ ଥିବାରୁ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

# ଉଡ଼ଗମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)


ଶାଗ ଭିତରେ ମଦରଙ୍ଗା
ନଈ ଭିତରେ ଗଙ୍ଗା
ପର୍ବତ ଭିତରେ ହିମାଳୟ
ଲୟ ଭିତରେ ଜୟା

ଶାଗ ଭିତରେ ମଦରଙ୍ଗା ଶାଗ ଶ୍ରେଷ୍ଠ ହୋଇଥିବା ବେଳେ ନଈ ଭିତରେ ଗଙ୍ଗା ଓ ପର୍ବତ ଭିତରେ ହିମାଳୟ ନିଜ ନିଜର ଶୀର୍ଷତ୍ୱ ପ୍ରତିପାଦନ କରିଥାନ୍ତି। ସେହିପରି ଏକାନ୍ତ ଚିତ୍ତରେ କୌଣସି କାର୍ଯ୍ୟ କଲେ ସେଥିରେ ସଫଳତା ମିଳିଥାଏ ବୋଲି ଏଠାରେ ଉଲ୍ଲେଖ କରାଯାଇଛି।

ଖେଳ ଚାଷେ ମୂଳା,
ତା'ର ଅର୍ଦ୍ଧେକ ତୁଳା,
ତା'ର ଅର୍ଦ୍ଧେକ ଧାନ,
ବିନା ଚାଷେ ପାନ।

ଚାଷ ପାଇଁ ପରିଶ୍ରମ ଲୋଡ଼ା। ଏଠାରେ ମୂଳା, ତୁଳା, ଧାନ ଓ ପାନ ଚାଷର ବିଧି ବର୍ଣ୍ଣନା କରାଯିବା ସହ ପାନ ଏକ ଲାଭଜନକ ବ୍ୟବସାୟ ହୋଇଥାଏ ବୋଲି ପ୍ରକାଶ କରାଯାଇଛି।

ଓଡ଼ିଆ ଢଗଢମାଳି ଓ ରୂଢ଼ି ପ୍ରୟୋଗ-ଏ.କେ. ମିଶ୍ର ପବ୍ଲିସର୍ସ ପ୍ରା:ଲିଃ



ସୋମବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗର ଚିତ୍ର।

# ନାରୀ ନିର୍ଯାତନା ପ୍ରସଙ୍ଗରେ ସାଲିସ୍‌ର ପ୍ରଶ୍ନ ଉଠୁନାହିଁ: ଭକ୍ତ

- ବାଲେଶ୍ୱର ଦିବଂଗତ ଛାତ୍ରୀଙ୍କୁ ନ୍ୟାୟ ପାଇଁ ଆନ୍ଦୋଳନ ଜାରି ରହିବ
- ନିମାପଡ଼ା ପ୍ରସଙ୍ଗରେ ପୋଲିସ ହାତ ଖାଲି

ଭୁବନେଶ୍ୱର,୨୧।୭(ରବିନାରାୟଣ ଜେନା)

ନାରୀ ନିର୍ଯାତନା ପ୍ରସଙ୍ଗରେ କୌଣସି ପରିସ୍ଥିତିରେ ବି ସାଲିସ୍‌ର ପ୍ରଶ୍ନ ଉଠୁନାହିଁ ବୋଲି ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି। ସୋମବାର କଂଗ୍ରେସ ଭବନଠାରେ ଆୟୋଜିତ ଖବରଦାତା ସମ୍ମିଳନୀରେ ଭକ୍ତ କହିଛନ୍ତି, ବାଲେଶ୍ୱର ଫକୀର ମୋହନ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମହତ୍ୟା ଏବଂ ବଳାତ୍କାରରେ ଜଣେ ଝିଅକୁ ନିଆଁ ଲଗାଇ ପୋଡ଼ିବା ଘଟଣା ରାଜ୍ୟ ସରକାରଙ୍କ ନିଷ୍କ୍ରିୟତାକୁ ସ୍ପଷ୍ଟ କରୁଛି। ଏପର୍ଯ୍ୟନ୍ତ ପୋଲିସ ସୌମ୍ୟାଶ୍ରୀଙ୍କ ଘଟଣାର ନିର୍ଯାତନରେ ପହଞ୍ଚିପାରି ନ ଥିବାବେଳେ ବଳଙ୍ଗା ଘଟଣାରେ ଅପରାଧୀ ଖୋଲାରେ ବୁଲୁଛନ୍ତି। ସରକାରଙ୍କ ନିଷ୍କ୍ରିୟତାରୁ ଅପରାଧୀମାନେ ବଳ ପାଉଛନ୍ତି।

ଏହି ପରିପ୍ରେକ୍ଷୀରେ ଚଳିତ ମାସ ୨୪ରେ ସୌମ୍ୟାଶ୍ରୀଙ୍କ ଏକାଦଶାହକୁ ସମଗ୍ର ଓଡ଼ିଶାବାସୀ ଶ୍ରଦ୍ଧାଞ୍ଜଳି ଦିବସ ରୂପେ ପାଳନ କରିବା ଲାଗି ଭକ୍ତ ନିବେଦନ କରିଛନ୍ତି। ଏହାସହ ନିମାପଡ଼ା ପୋଡ଼ି ଘଟଣାରେ କିଛିତ ହେଉଥିବା ଛାତ୍ରୀଙ୍କ ଅକ୍ସିଆରୋଗ୍ୟ କାମନା କରିଛନ୍ତି। ରାଜ୍ୟର ବିଭିନ୍ନ ବିଶ୍ୱବିଦ୍ୟାଳୟ, କଲେଜରେ ୧ ମିନିଟ୍ ନୀରବ ପ୍ରାର୍ଥନା ସହ ଗୋଟିଏ ଦିନ ଶିକ୍ଷାନୁଷ୍ଠାନ ବନ୍ଦ କରିବାକୁ ସେ ଅନୁରୋଧ କରିଛନ୍ତି।

ସେ ପୁଣି କହିଛନ୍ତି, ରାଜ୍ୟରେ ନାରୀ ନିର୍ଯାତନା ବନ୍ଦ ନ ହେବା ଯାଏ ଆମ ସଂଗ୍ରାମ ଜାରି ରହିବ। ବାଲେଶ୍ୱର ପଡ଼ିତା ମୁଖ୍ୟମନ୍ତ୍ରୀ, ରାଜ୍ୟ ଶିକ୍ଷାମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ, ସାଂସଦ, ବିଧାୟକ, ଜିଲା ଆରକ୍ଷୀ ଅଧୀକ୍ଷକ ସମସ୍ତଙ୍କୁ ନିବେଦନ କରିବା ସତ୍ତ୍ୱେ ସାହାଯ୍ୟ ତ ଦୂରେ ଥାଉ, କେହିବି କର୍ଣ୍ଣପାତ



ଖବରଦାତା ସମ୍ମିଳନୀରେ ପିସିସି ସଭାପତି ଭକ୍ତ ଦାସ ଓ ଦଳୀୟ ନେତୃବୃନ୍ଦ।

କରି ନ ଥିଲେ। ଏଥିପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଜବାବ ଦେବାକୁ ପଡ଼ିବ। ଏହି ଘଟଣାକୁ ନେଇ କଂଗ୍ରେସ ଜୁଡିସିଆଲ କମିଟି ଦ୍ୱାରା ଅନୁସନ୍ଧାନ କରିବାକୁ ଦାବି କରିଥିଲା, କିନ୍ତୁ ସରକାର କ୍ରାଇମବ୍ରାଞ୍ଚ ତଦନ୍ତ କରୁଛନ୍ତି। ଏହି ତଦନ୍ତର ମୁଖିଆ ଭାବେ ଏଭଳି ଜଣେ ଅଫିସରଙ୍କୁ ରଖାଯାଇଛି, ଯାହାଙ୍କ ବିରୁଦ୍ଧରେ ନିର୍ଯାତନାର ବିରାଟ ଇତିହାସ ରହିଛି।

ଏହି ଅବସରରେ ଭକ୍ତ ସାମ୍ବାଦିକଙ୍କ ବିଭିନ୍ନ ପ୍ରଶ୍ନର ଉତ୍ତରରେ କହିଥିଲେ, ନାରୀ ସମ୍ମାନ ହେଉଛି ସାମାଜିକ ନ୍ୟାୟ ଏବଂ ଆମର ଲଢ଼େଇ ନାରୀ ନ୍ୟାୟ ପାଇଁ। ସରକାର ଅଭିଯୁକ୍ତଙ୍କ ରାଜ୍ୟ ମହିଳା କମିଶନ ନିଯୁକ୍ତ କରିପାରିନାହାନ୍ତି। ଯଦି ନିଜ ଦଳର ଏବିଭିପି ଛାତ୍ରୀଙ୍କୁ ନ୍ୟାୟ ଦେବାରେ ସରକାରଙ୍କ ପକ୍ଷେ ସମ୍ଭବ ହେଉନାହିଁ ତେବେ ଏ ସରକାର କ୍ଷମତାରେ ରହିବା କୌଣସି ଅଧିକାର ନାହିଁ ବୋଲି ସେ କହିଥିଲେ। ଏବିଭିପି ନିଜ ଛାତ୍ରନେତ୍ରୀଙ୍କୁ ମଧ୍ୟ ସୁରକ୍ଷା ଦେଇପାରିଲା ନାହିଁ। କିନ୍ତୁ ରାଜ୍ୟ କଂଗ୍ରେସ ଛାତ୍ର ସଭାପତି ଗିରଫ ହେବାର କେଇଘଣ୍ଟା ଭିତରେ ତାଙ୍କୁ ଦଳରୁ ନିଲମ୍ବନ କରାଗଲା। ନାରୀ ପ୍ରତି ଅନ୍ୟାୟ କ୍ଷେତ୍ରରେ କୌଣସି ପ୍ରକାର ସାଲିସ୍ କରାଯିବ ନାହିଁ ବୋଲି ଭକ୍ତ କହିଛନ୍ତି। ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ କେନ୍ଦ୍ରମନ୍ତ୍ରୀ ଶ୍ରୀକାନ୍ତ ଜେନା, ପୂର୍ବତନ ପିସିସି ସଭାପତି ଜୟଦେବ ଜେନା, ପ୍ରସାଦ ହରିଚନ୍ଦନ, ପିସିସି ଉପସଭାପତି ଓଡା ବିଧାୟକ ତାରାପ୍ରସାଦ ବାହିନୀପତି, ରମେଶ ଜେନା ପ୍ରମୁଖ ଉପସ୍ଥିତ ଥିଲେ।

## ନାବାଳିକା ହତ୍ୟା...

ପ୍ରଥମ ପୃଷ୍ଠାରୁ...

ସେ ୩୦।୬।୨୦୨୫ ସନ୍ଧ୍ୟା ସମୟରେ ଘରକୁ ଫେରୁଥିବା ବେଳେ ହଠାତ୍ କୋତ୍ ସାର୍ଥକ ଓ ସନ୍ଦୀପ ସ୍କୁଟି ତାଙ୍କୁ ଫୋନ କରି ଏକ ଉପହାର ଅଛି ଆସି ନେଇଯିବାକୁ କହିଥିଲେ। କିନ୍ତୁ ବିଳମ୍ବ ହୋଇ ଯାଇଥିବାରୁ ନାବାଳିକା ଆଉ ଉପହାର ନେବାକୁ ଯାଇ ନ ଥିଲେ। ହେଲେ ଯାଜପୁର ଗାନ୍ଧୀ ଛକ ନିକଟରେ ନାବାଳିକା ଅନ୍ୟ ସାଙ୍ଗମାନଙ୍କ ସହ ଠିଆ ହୋଇ କଥା ହେଉଥିଲେ। ଏହାକୁ କୋତ୍ ସାର୍ଥକ ଓ ସନ୍ଦୀପ ନିରୀକ୍ଷଣ କରିଥିଲେ। ସେଠାରୁ ନାବାଳିକା ଘରକୁ ଯିବା ବାଟରେ ତାଙ୍କୁ ସାର୍ଥକ, ସନ୍ଦୀପ ଓ ସେମାନଙ୍କ ସହଯୋଗୀ ସାଗର ଅଟକାଇ ଜବରଦସ୍ତ ବାଇକରେ ବସାଇ ସହରର ଜୋଡି ହୋଟେଲକୁ ନେଇ ଯାଇଥିଲେ। ସେଠାରେ ୩ ଜଣ ନାବାଳିକାଙ୍କୁ ଗଣବଳାତ୍କାର କରିଥିଲେ। ଏହାପରେ ନାବାଳିକା କାନ୍ଦିକାନ୍ଦି ଜୋରରେ ଚିତ୍କାର କରିଥିଲେ। ଏହା ଶୁଣି ଲଜ୍‌ର ଜଣେ କର୍ମଚାରୀ ରୁମ୍ ଭିତରପଟୁ କବାଟ ଖୋଲିବାକୁ କହିଥିଲେ। ନାବାଳିକାଙ୍କ ହାତ ନ ପାଇବାରୁ ସାଗର କବାଟ ଖୋଲିଥିଲେ। ଏହାପରେ ଯେଉଁ ଉତେଜନା ସେଠାରେ ଛାଡି ଦେବାକୁ ନାବାଳିକା ଅନୁରୋଧ କରିବାରୁ ସୁଦ୍ଧ ଜଣ ନେଇ ତାଙ୍କୁ ଛାଡ଼ିଥିଲେ। ଏହି ଘଟଣା ସମ୍ପର୍କରେ କାହାରିକୁ କହିଲେ ଜୀବନରୁ ମାରିଦେବୁ ବୋଲି ଅଭିଯୁକ୍ତମାନେ ନାବାଳିକାଙ୍କୁ ଧମକ ଦେଇଥିଲେ। ଏନେଇ ନାବାଳିକା ସମସ୍ତ ବିଷୟ ତାଙ୍କ ମା'ଙ୍କୁ କହିଥିଲେ। ଘଟଣାର ପ୍ରାୟ ୧୭ ଦିନ ଅତିକ୍ରାନ୍ତ ହେବା ପରେ ନାବାଳିକା ଜଣକ ଥାନାର ଦ୍ୱାରସ୍ଥ ହୋଇଛନ୍ତି। ଯାଜପୁର ଟାଉନ ଥାନାଧିକାରୀ ଶରତ ଚନ୍ଦ୍ର ପାତ୍ରଙ୍କୁ ପଚାରିବାରୁ ସେ କହିଛନ୍ତି, ଅଭିଯୋଗ ଆଧାରରେ ତଦନ୍ତ ଚାଲିଛି। ଏଯାଏ କାହାରିକୁ ଗିରଫ କରାଯାଇନାହିଁ। ଖୁବ୍‌ଶୀଘ୍ର ଅଭିଯୁକ୍ତମାନଙ୍କୁ ଗିରଫ କରାଯିବ। ଅନ୍ୟପକ୍ଷରେ ପୋଲିସ ପଡ଼ିତାଙ୍କୁ ଡାକ୍ତରୀ ମାଇନା କରିବା ନିମନ୍ତେ ଯାଜପୁର ମେଡିକାଲକୁ ପଠାଇବା ସହ ବିଚାରପତିଙ୍କ ନିକଟରେ ନାବାଳିକାଙ୍କୁ ହାଜର କରାଇ ତାଙ୍କ ବୟାନ ରେକର୍ଡ କରାଯାଇଛି।

## ଉଡି ସବୁ ସୀମା...

ସେମାନଙ୍କ ବିରୋଧରେ କୋଟିସ କିପରି ଜାରି କରାଯାଇପାରିବ? ଏଥିପାଇଁ କେତେକ ଗାଇଡ଼ଲାଇନ୍ ରହିବା ଉଚିତ। ଉଡି ସବୁ ସୀମା ଲଙ୍ଘୁଛି। ବରିଷ୍ଠ ଆଇନଜୀବୀ ବଦାରଙ୍କ ଭଳି ଲିଗାଲ ପ୍ରଫେସନାଲଙ୍କୁ ଇଡି ନୋଟିସ ପଠାଇବା ଦ୍ୱାରା ସେମାନଙ୍କ ବୃତ୍ତି ପ୍ରଭାବିତ ହୋଇପାରେ ବୋଲି ସିଜେଆଇ ଗବଇ କହିଛନ୍ତି। ଇଡି ପକ୍ଷରୁ ପ୍ରତିନିଧିତ୍ୱ କରୁଥିବା ଆଟର୍ନି ଜେନେରାଲ ଆର୍. ଭେଙ୍କଟରମଣି ଏବଂ ସଲିସିଟର ଜେନେରାଲ ତୁଷାର ମେହେଟା ମଧ୍ୟ ସିଜେଆଇଙ୍କ ସହ ଏଥିରେ ସହମତି ପ୍ରକାଶ କରିଛନ୍ତି। ଆଇନଗତ ପରାମର୍ଶ ଦେଉଥିବା ଓକିଲଙ୍କୁ ସମନ କରାଯାଇପାରିବ ନାହିଁ ବୋଲି ଉଭୟେ କହିଛନ୍ତି।

## ଉପରାଷ୍ଟ୍ରପତିଙ୍କ ଇସ୍ତଫା...

କାର୍ଯ୍ୟକାଳ ୨୦୨୭ ଅଗଷ୍ଟ ୧୦ରେ ଶେଷ ହୋଇଥାନ୍ତା। ତେବେ ସଂସଦ ମୌସୁମୀ ଅଧିବେଶନର ପ୍ରଥମ ଦିନରେ ରାଜ୍ୟ ସଭାରେ ଅଧ୍ୟକ୍ଷତା କରିବା ପରେ ସେ ହଠାତ୍ କାହିଁକି ଇସ୍ତଫା ଦେଲେ ସେନେଇ କିଛି ଜଣାପଡ଼ିନାହିଁ।

## ଥାନାରେ ବିଷ...

ତାଙ୍କ ଭାଇକୁ ଗିରଫ କରାଯିବ ବୋଲି ପୋଲିସ କହିଥିଲା। ଭାଇକୁ ଗିରଫ କରାଯିବା କଥା ଶୁଣିବା ପରେ ପଡ଼ିତା ଥାନା ଭିତରେ ବିଷ ପିଇ ଦେଇଥିଲେ। ଜିଲା ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସିତ ହେଉଥିବା ପଡ଼ିତା କହିଛନ୍ତି, ଆଲୋକ ତାଙ୍କୁ ପ୍ରତାରଣା କରିଛନ୍ତି। ପୋଲିସ ତାଙ୍କୁ ସହଯୋଗ ନ କରି ଆଲୋକଙ୍କୁ ଅନୁକମ୍ପା ଦେଖାଇ କୋହଳ ଦଫା ଲଗାଇଥିବାରୁ ସେ ଜାମିନରେ ଆସି ଅୟସ କରୁଛନ୍ତି। ହେଲେ ତାଙ୍କୁ ନର୍କ ଯନ୍ତ୍ରଣା ଭୋଗିବାକୁ ପଡୁଛି। ତାଙ୍କୁ ଏବେ କିଏ ବାହା ହେବ। ତାଙ୍କ ଇଜ୍ଜତ ସେ କ'ଣ ଫେରି ପାଇବେ କି ବୋଲି ପଡ଼ିତା କହିଛନ୍ତି। ଏହାସହିତ ଆଲୋକଙ୍କ ପରିବାର ସଦସ୍ୟରେ ନିର୍ଯାତନା ଦେଉଛନ୍ତି। ରବିବାର ଆଲୋକଙ୍କ ପରିବାର ପକ୍ଷରୁ ତାଙ୍କ ଭାଇଙ୍କ ମାରପିଟ୍ ଅଭିଯୋଗ କେସ୍ ଦେଲେ। ତଦନୁଯାୟୀ ପୋଲିସ ମାମଲା ରୁଜୁ କରି ଭାଇଙ୍କୁ ଗିରଫ କରିବାକୁ କହିଲା। ପୋଲିସଠାରୁ ନିରାଶ ହେବା ପରେ ଜୀବନକୁ ଘୃଣା କରି ମନେ କରି ବିଷ ପିଇଦେବି ବୋଲି ପଡ଼ିତା କହିଛନ୍ତି।

ଏନେଇ ନୟାଗଡ଼ ଏସ୍‌ଡିପିଓ ଜ୍ୟୋତି ସାମନ୍ତରାୟ ଓ ଇଟାମାଟି ଥାନା ଆଇଆଇସି ପ୍ରିୟବ୍ରତ ରାଉତଙ୍କୁ ପଚାରିବାରେ ପଡ଼ିତାଙ୍କୁ ପୋଲିସ ଅବହେଳା କରିନାହିଁ। ଫେବୃଆରୀରେ ପଡ଼ିତାଙ୍କ ଅଭିଯୋଗକ୍ରମେ ନଂ.୪୨/୨୫ରେ ମାମଲା କରାଯାଇ ଆଲୋକଙ୍କୁ ରାୟପୁରରୁ ଗିରଫକରି ଜେଲ ପଠାଯାଇଛି। ରବିବାର ମାରପିଟ ଘଟଣାରେ ଆଲୋକଙ୍କ ବାପାଙ୍କ ଅଭିଯୋଗକ୍ରମେ ନଂ.୧୬୪/୨୫ରେ ମାମଲା ହୋଇଛି। ଏଥିରେ ପଡ଼ିତାଙ୍କ ଭାଇଙ୍କ ନାଁ ମୁଖ୍ୟ ଅଭିଯୁକ୍ତ ରହିଛି। ସେପଟେ ପଡ଼ିତାଙ୍କ ପରିବାର ଅଭିଯୋଗ କ୍ରମେ ୨୨୫/୨୫ ନମ୍ବରରେ ମାମଲା ହୋଇଛି। ବଳାତ୍କାର ମାମଲାରେ ପୋଲିସ ଚାର୍ଜସିଟ ଦାଖଲ କରିନାହିଁ। କୋର୍ଟରେ ମାମଲା ଥିବାବେଳେ ପଡ଼ିତା ବାହାକୁ ହେବାକୁ ଜିଦ୍ କରିବା ପରେ ପୋଲିସ କିଭଳି ନ୍ୟାୟ ଦେବ। ଥାନାରେ ପଡ଼ିତା ବିଷ ପିଇବା ଘଟଣାକୁ ଆମେ ଅଣଦେଖା ନ କରି ମଧ୍ୟ କରିନାହୁଁ। ବିଷ ପିଇବାର ଦୃଶ୍ୟ ସିସିଟିଭି ଫୁଟେଜରେ ଅଛି ବୋଲି ସେମାନେ କହିଛନ୍ତି।

## ସ୍କୁଲ ଉପରେ...

ସୂଚନା ଦେଇଛନ୍ତି। ଦୁର୍ଘଟଣାରେ ୨୦ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ଶତାଧିକ ଆହତ ହୋଇଥିବା ନେଇ ଢାକାସ୍ଥିତ ଅଗ୍ନିଶମ ସେବା ଏବଂ ନାଗରିକ ପ୍ରତିରକ୍ଷାର ମହାନିର୍ଦ୍ଦେଶକ ବ୍ରିଗେଡିଅର ଜେନେରାଲ ଜାହେଦ କମାଲ ସୂଚନା ଦେଇଛନ୍ତି। ଆହତଙ୍କ ମଧ୍ୟରୁ ୫୦ ଜଣଙ୍କ ଅବସ୍ଥା ଗୁରୁତର ଥିବା ବେଳେ ଅଧିକାଂଶ ଛାତ୍ରାଛାତ୍ରୀ ରହିଛନ୍ତି। ସେମାନଙ୍କୁ ଢାକାସ୍ଥିତ କମ୍ବାଇନଡ଼ ମିଲିଟାରୀ ହସ୍ପିଟାଲ (ସିଏମ୍‌ଏଚ୍), ଢାକା ମେଡିକାଲ କଲେଜ ହସ୍ପିଟାଲ, ନ୍ୟାଶନାଲ ଇନ୍‌ଷ୍ଟିଚ୍ୟୁଟ ଅଫ୍ ବର୍ନ ଆଣ୍ଡ ପ୍ଲାଷ୍ଟିକ ସର୍ଜରି (ଏନ୍‌ଆଇବିପିଏସ୍)ରେ ଭର୍ତ୍ତି କରାଯାଇଛି। ଘଟଣାସ୍ଥଳରେ ବାଂଲାଦେଶ ସେନା, ଅଗ୍ନିଶମ ବାହିନୀ,ସିଭିଲ ଡିଫେନ୍ସର ୮ଟି ୟୁନିଟ୍, ଏୟାରଫୋର୍ସ ହେଲିକପ୍ଟର ଆଦି ପହଞ୍ଚି ଉଦ୍ଧାର କାର୍ଯ୍ୟ ଜାରି ରଖିଛନ୍ତି। ଉଦ୍ଧାର କାର୍ଯ୍ୟ ତତ୍ପରତାର ସହ ଜାରି ରହିଛି ଏବଂ ଦୁର୍ଘଟଣାର ତଦନ୍ତ କରାଯିବ ବୋଲି ବାଂଲାଦେଶ ଅନ୍ତରୀଣ ସରକାରଙ୍କ ମୁଖ୍ୟ ପରାମର୍ଶଦାତା ମହମ୍ମଦ ୟୁନୁସ କହିଛନ୍ତି। ସେହିପରି ସେ ଘଟଣାକୁ ନେଇ ଶୋକ ପ୍ରକଟ ମଧ୍ୟ କରିଛନ୍ତି। ଏହି ବିମାନ ଦୁର୍ଘଟଣା ପାଇଁ ବାଂଲାଦେଶରେ ଦିନେକ ପାଇଁ ଶୋକ ଘୋଷଣା କରାଯାଇଛି। ମାଇଲଷ୍ଟୋନ ସ୍କୁଲ ଆଣ୍ଡ କଲେଜରେ କିଣ୍ଡରଗାର୍ଟେନଠାରୁ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ୨୦୦୦ରୁ ଅଧିକ ଛାତ୍ରାଛାତ୍ରୀ ଅଧ୍ୟୟନ କରୁଥିବା ନେଇ ସ୍ଥାନୀୟ ଗଣମାଧ୍ୟମରେ ପ୍ରକାଶ ପାଇଛି।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାବୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ** – ପରିବାରର ଖର୍ଚ୍ଚ ବୃଦ୍ଧି ପାଇଲେ ମଧ୍ୟ ଯାତ୍ରା, ବାଣିଜ୍ୟ, ବ୍ୟବସାୟ ପାଇଁ ଦିନଟି ବହୁତ ଭଲ। ଆଳୋଚନା କ୍ରମରେ ଘରର କେତେକ ରହିଯାଇଥିବା କାମ କରିବା ସକାଶେ ଚିନ୍ତା କରିପାରନ୍ତି। ପ୍ରତିଯୋଗିତାରେ ସଫଳତା ଯୋଗୁ ମନ ଖୁସି ରହିବ। ବନ୍ଧୁ ଓ ପଡ଼ୋଶୀଙ୍କ ସହ ବିଭିନ୍ନ ପ୍ରକାର ଆଲୋଚନାରେ ସମୟ କଟାଇପାରନ୍ତି।

**ବୃଷ** – ଆଜିର ଯାତ୍ରା ଖର୍ଚ୍ଚ ସକାଶେ ପୂର୍ବ ପ୍ରତିଶ୍ରୁତି ଅନୁଯାୟୀ ବନ୍ଧୁଙ୍କ ନିକଟରୁ ଅର୍ଥ ସାହାଯ୍ୟ ଲାଭକରି ଖୁସି ହେବେ। କର୍ମକ୍ଷେତ୍ରରେ ଉପରିସ୍ଥ କର୍ମଚାରୀଙ୍କ ନିକଟରୁ ଉତ୍ସାହ ଓ ପ୍ରେରଣା ପାଇ ଲକ୍ଷ୍ୟସାଧ୍ୟ ସାଧନ କରିପାରନ୍ତି। ପରିସ୍ଥିତିକୁ ଲକ୍ଷ୍ୟକରି ପ୍ରଶାସନିକ ସ୍ତରରେ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତିନେବାକୁ ପଡ଼ିପାରେ। ଘରୋଇ କଳହକୁ ନେଇ ଅଶାନ୍ତି ଲାଗିରହିବ।

**ମିଥୁନ** – ବିଭିନ୍ନ ସମସ୍ୟା ମଧ୍ୟରେ ଗତି କରୁଥିବା କାରଣରୁ ବ୍ୟସ୍ତତା ବୃଦ୍ଧିପାଇବ। ବନ୍ଧୁଙ୍କ ସାହାଯ୍ୟରେ ନୂତନ କର୍ମାରମ୍ଭକରି ଉତ୍ସାହିତ ହେବେ ଓ ସଫଳତା ହାସଲ କରିବେ। ଦୂରଯାତ୍ରା, ଶିଳ୍ପ, ବାଣିଜ୍ୟ, ବ୍ୟବସାୟରେ ସାମାନ୍ୟ ପ୍ରତିବନ୍ଧକ ଦେଖାଦେଇପାରେ। ନିଜର ସ୍ୱାର୍ଥ କିମ୍ବା ସମ୍ମାନହାନି କାରଣରୁ ବନ୍ଧୁଙ୍କ ଉପରେ ଖପ୍ପା ହୋଇପାରନ୍ତି।

**କର୍କଟ** – କୌଣସି ବନ୍ଧୁଙ୍କ ପରୋକ୍ଷ ଶତ୍ରୁତା କର୍ମକ୍ଷେତ୍ର ପାଇଁ ପ୍ରତିକୂଳତା ସୃଷ୍ଟିକରିବ। ତଥାପି ଅପରାହ୍ନରେ ଉଚ୍ଚବର୍ଗଙ୍କ ସାହାଯ୍ୟ ଓ ବନ୍ଧୁମିଳନରୁ ଉତ୍ସାହିତ ହେବେ। ଶତ୍ରୁମାନଙ୍କ ସକ୍ରିୟତା ବୃଦ୍ଧି ପାଇବା ହେତୁ ସାମୟିକ ବ୍ୟସ୍ତ ରହିପାରନ୍ତି। ସାମାଜିକ ସ୍ତରରେ ମନ ବୁଝିଲା ଭଳି କଥା କହି ଅନ୍ୟଙ୍କୁ ଆପଣାର କରିପାରନ୍ତି।

**ସିଂହ** – ରବିଙ୍କ ପ୍ରଭାବରୁ ଆରୋଗ୍ୟ, ସରକାରୀ ଅନୁକମ୍ପା, ବିଶିଷ୍ଟ ବ୍ୟକ୍ତିଙ୍କ ସଙ୍ଗଲାଭର ସୁଯୋଗ ପ୍ରାପ୍ତ ହେବ। ପରିସ୍ଥିତିରେ ପଡ଼ି ଇଚ୍ଛା ନ ଥାଇ ମଧ୍ୟ ସମ୍ପର୍କୀୟଙ୍କ ସକାଶେ ବ୍ୟୟ କରିବାକୁ ବାଧ୍ୟହେବେ। ବଳେୟା ଅର୍ଥ ଆଦାୟ କରିବାରେ ବନ୍ଧୁଙ୍କ ସହ ଉଚ୍ଚବାଚ ଘଟିପାରେ। ପାରିବାରିକ ସମସ୍ୟା ସୁଧାରିବାକୁ ଯାଇ ବ୍ୟସ୍ତ ବିବ୍ରତ ହୋଇପାରନ୍ତି।

**କନ୍ୟା** – ଆଜି ଯାହା ମନକୁ ଆସୁଛି କଲେ କୌଣସି ଅସୁବିଧା ହେବନାହିଁ। ଆଲୋଚନା ପରିସରରେ, ବନ୍ଧୁମହଲରେ, ଯାତ୍ରା କାଳରେ ସୁସମ୍ପର୍କ ଓ ସହାନୁଭୂତି ଲାଭକରିବେ। ପାରିବାରିକ କ୍ଷେତ୍ରକୁ ଶନିଙ୍କ ଦୃଷ୍ଟି ସନ୍ଦେହ କିମ୍ବା ଭୁଲ ବୁଝାମଣାଜନିତ କଳହ ସୃଷ୍ଟିକରିବ। ଯାନବାହନରେ ଯାନ୍ତ୍ରିକ ତ୍ରୁଟି ଆପଣଙ୍କ ଯାତ୍ରାକୁ ବିଳମ୍ବିତ କିମ୍ବା ସ୍ଥଗିତ କରିଦେଇପାରେ।

**ତୁଳା** – ପାରିବାରିକ ଜୀବନରେ କେତେକ ବ୍ୟତିକ୍ରମ ରହିଥିଲେ ମଧ୍ୟ ଆଜିର କାମ ସକାଶେ ଅସୁବିଧା ହେବନାହିଁ। ଶିଳ୍ପ, ବ୍ୟବସାୟରେ ସଫଳତା ମିଳିବ। ଯାତ୍ରା, ଆନୁଷ୍ଠାନିକ କାମ ଓ ଆଲୋଚନା ପରିସରରେ କଳହ ଲାଗିଥିବ। ବନ୍ଧୁଟି ପ୍ରତି ସତର୍କ ରୁହନ୍ତୁ। କ୍ରୀଡ଼ା, ସାହିତ୍ୟାଦି କ୍ଷେତ୍ର ଶୁକ୍ରଙ୍କ ବିଳାସ ସ୍ଥାନାରୋହଣରୁ ଭଲ ରହିବ।

**ବିଛା** – ଭାଗ୍ୟସ୍ଥାନରେ ଏକାଧିକ ଗ୍ରହ ରହି ଆପଣଙ୍କ ଦେହରେ ବଳ ଓ ମନରେ ଧୈର୍ଯ୍ୟ ପ୍ରଦାନ କରିବେ। ଆଜିର ପ୍ରସ୍ତୁତ ଯାତ୍ରାରେ ସଫଳତା ମିଳିବ, କିନ୍ତୁ ଅତ୍ୟଧିକ ଖର୍ଚ୍ଚାନ୍ତ ହେବାକୁ ପଡ଼ିପାରେ। ଶିଳ୍ପ, ବାଣିଜ୍ୟ, ପରିବହନ ତଥା ପ୍ରଶାସନିକ ସ୍ତରରେ ବ୍ୟସ୍ତତା ଦୂର ହେବ। ପାଖ ଲୋକ ଈର୍ଷାପରାୟଣ ହୋଇ ଅପପ୍ରଚାର କରିପାରନ୍ତି।

**ଧନୁ** – କେନ୍ଦ୍ରରେ ବୃହସ୍ପତିଙ୍କ ସ୍ଥିତି ହେତୁ ସମସ୍ୟା ଆସିଲେ ମଧ୍ୟ ଅସୁବିଧା ହେବନାହିଁ। କେତେକ କ୍ଷେତ୍ରରେ ଠିକ୍ ନିଷ୍ପତ୍ତି ନେବାରେ ସମସ୍ୟା ଦେଖାଦେବ। ଭଲ ସମ୍ପର୍କ ଥିବା ବ୍ୟକ୍ତିଙ୍କ ଭୁଲ୍ ଧାରଣା ପୋଷଣକରି ଦୂରେଇ ରହିବ। ରାଜ୍ୟନୀତି ବାଣିଜ୍ୟରେ ଉନ୍ନତି ଘଟିବ, କିନ୍ତୁ ରାଜନୀତିରେ ନେତୃତ୍ୱ ନେଇ ପ୍ରଶଂସିତ ହୋଇପାରନ୍ତି।

**ମକର** – ପାରିବାରିକ ସ୍ତରରେ ସ୍ୱାର୍ଥସାଧନ ପରିପ୍ରେକ୍ଷୀରେ ନିଜ ଲୋକମାନେ ଶତ୍ରୁତା କରିପାରନ୍ତି। ପୂର୍ବ ସ୍ଥିରୀକୃତ ଯୋଜନା ଠିକ୍ ଭାବରେ ବଦଳାଇବା କଷ୍ଟକର ହେବ। ସମସ୍ୟା ଆସିଲେ ମଧ୍ୟ ପ୍ରତ୍ୟେକ କ୍ଷେତ୍ରରେ ଧୈର୍ଯ୍ୟଶୀଳ ନ ହୋଇ କାର୍ଯ୍ୟକଲେ ଉପକୃତ ହେବେ। ସାମାଜିକ କ୍ଷେତ୍ରରେ କିମ୍ବା ଗଠନମୂଳକ କାର୍ଯ୍ୟରୁ ପ୍ରଶଂସିତ ହୋଇପାରନ୍ତି।

**କୁମ୍ଭ** – ସାମାଜିକ ସ୍ତରରେ ସମ୍ମାନ ପ୍ରଶଂସାରେ ନିଜକୁ ଭାଗ୍ୟବାନ୍ ମନେକରିବେ। ଆତ୍ମୀୟଙ୍କ ସହଯୋଗରେ ଯାତ୍ରା, ନୂତନ ସମ୍ପର୍କ ଓ ଅର୍ଥପ୍ରାପ୍ତି ସୂଚନା ରହିଛି। ବୁଝାମଣାର ଅଭାବଜନିତ ଛୋଟ କଥାକୁ ନେଇ କଳହ ସୃଷ୍ଟି ହୋଇପାରେ। ପରିବାରରେ ପୁତ୍ରକନ୍ୟାଙ୍କ ଆବଶ୍ୟକତା କିମ୍ବା ଇଚ୍ଛା ପୂରଣ ଅବକାରୁ ଚିନ୍ତିତ ରହିପାରନ୍ତି।

**ମୀନ** – ପୂର୍ବର ସମସ୍ୟା ଧୀରେ ଧୀରେ ଦୂରେଇଯାଉଥିବା ଅନୁଭବକରି ଉତ୍ସାହିତ ହେବେ। କ୍ରୀଡ଼ା, ସାହିତ୍ୟ, ସାମ୍ବାଦିକତା, ସଙ୍ଗୀତ କ୍ଷେତ୍ରରେ ସଫଳତା ଅର୍ଜନ କରିବେ। ପାରିବାରିକ, ପ୍ରଶାସନ, ଯାନବାହନ, ନିର୍ମାଣ ଓ ଯାତ୍ରାରୁ ମଧ୍ୟ ସୁଫଳ ମିଳିବ। କର୍ମକ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବା ପୂର୍ବରୁ ପରିବାର ସହ ଆଲୋଚନା କରିବା ଭଲ।

ଆଜି ଜୁଲାଇ ୨୨ତାରିଖ,ଶ୍ରାବଣ କୃଷ୍ଣ ଦ୍ୱାଦଶୀଯୁକ୍ତ ତ୍ରୟୋଦଶୀ ମଙ୍ଗଳବାର। ରାଶିନକ୍ଷତ୍ର-ମୃଗଶିରା/ବୃଷ, ଦିବା ଘ. ୦।୮୨୫ ମି. ଗତେ ମିଥୁନ ରାଶି, ତ୍ରୟୋଦଶରେ ଏକାଦିଷ୍ଟ ଓ ପାର୍ବଣଶ୍ରାଦ୍ଧ। ଘ.୦୮।୩୭ ଗତେ, ଘ. ୧୦।୩୪ ମଧ୍ୟେ, ଘ.୦୧।୧୧ ଗତେ, ଘ.୦୧।୩୦ ମଧ୍ୟେ ଶୁଭ ଶୁଭବେଳା। ଅପରାହ୍ନ ଘ.୦୩।୦୮ ଗତେ, ଘ.୦୪।୪୫ ମଧ୍ୟେ ରାହୁକାଳ।

# ଅଧ୍ୟକ୍ଷ, ଗଣିତ ଅଧ୍ୟାପକ ନିଲମ୍ବିତ

## ସ୍ୱାମୀ ଅରୂପାନନ୍ଦ ଜୁନିୟର କଲେଜ
### ଛାତ୍ରୀଙ୍କୁ ଅସଦାଚରଣ ଅଭିଯୋଗ ପ୍ରସଙ୍ଗ

ରଘୁନାଥପୁର,୨୧।୭
(ରାଜେନ୍ଦ୍ର ନାରାୟଣ ସିଂହ)

ଛାତ୍ରୀଙ୍କୁ ଅସଦାଚରଣ ଅଭିଯୋଗରେ ଜଗତ୍‌ସିଂହପୁର ଜିଲା ରଘୁନାଥପୁର ବ୍ଲକ୍ କୃତ୍ତିଙ୍ଗସ୍ଥିତ ସ୍ୱାମୀ ଅରୂପାନନ୍ଦ ଜୁନିୟର କଲେଜ ଅଧ୍ୟକ୍ଷ ରମେଶ ଚନ୍ଦ୍ର ସାହୁ ଓ ଗଣିତ ଅଧ୍ୟାପକ ଶାଶ୍ୱତ ମହାନ୍ତିଙ୍କୁ ସୋମବାର ନିଲମ୍ବନ କରାଯାଇଛି। ଜିଲାପାଳଙ୍କ ଜରିଆରେ ଉପଜିଲାପାଳ ପ୍ରଶାନ୍ତ କୁମାର ତରାଇଙ୍କ ପକ୍ଷରୁ ଏହି ନିର୍ଦ୍ଦେଶନାମା ପ୍ରକାଶ ପାଇଛି।

ସୂଚନାଯୋଗ୍ୟ, ୨୦୨୫ ଜାନୁଆରୀ ୧୫ରେ ଏହି କଲେଜର ଜଣେ ଛାତ୍ରୀ ଗଣିତ ଅଧ୍ୟାପକ ମହାନ୍ତିଙ୍କ ବିରୋଧରେ ଅସଦାଚରଣ ଅଭିଯୋଗ କରିଥିଲେ। ଏନେଇ ସମ୍ପୃକ୍ତା ଛାତ୍ରୀ ଅଧ୍ୟକ୍ଷଙ୍କ ନିକଟରେ ଅଭିଯୋଗ କରିଥିଲେ। ଛାତ୍ରୀଙ୍କ ଅଭିଯୋଗ ଅନୁଯାୟୀ ଅଧ୍ୟକ୍ଷ ସାହୁ ତୁରନ୍ତ ଏକ କମିଟି ଗଠନକରି ସମ୍ପୃକ୍ତ ଅଧ୍ୟାପକ ମହାନ୍ତିଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିଥିଲେ। ଏହାଛଡା କମିଟି ମଧ୍ୟ ଏ ସମ୍ପର୍କରେ ତଦନ୍ତ କରି ଅଧ୍ୟକ୍ଷଙ୍କୁ ରିପୋର୍ଟ ପ୍ରଦାନ କରିଥିଲେ। ୨୦୨୫ ଏପ୍ରିଲ ୨ରେ ଛାତ୍ରୀ ଜଣକ ଅଧ୍ୟକ୍ଷ ସାହୁଙ୍କୁ ଏକ ଲିଖିତ ଦରଖାସ୍ତ କରିଥିଲେ। ସେଥିରେ ଅଧ୍ୟାପକ ମହାନ୍ତି ତାଙ୍କର ଭୁଲ୍ ବୁଝିପାରି କ୍ଷମା ପ୍ରାର୍ଥନା କରିଥିବା ଏବଂ ଆପୋସ ସମାଧାନ ହୋଇଥିବା ସମ୍ପର୍କରେ ଦର୍ଶାଇଥିଲେ। ଏଣୁ ଉକ୍ତ ଅଭିଯୋଗକୁ ଆଉ ଆଗକୁ ନନେଇ ପରିସମାପ୍ତି କରିବାପାଇଁ ଛାତ୍ରୀ ଜଣକ ଅଧ୍ୟକ୍ଷଙ୍କୁ ଲିଖିତ ଭାବେ ଜଣାଇଥିଲେ। ଗତ କିଛିଦିନ ତଳେ ମୁଖ୍ୟମନ୍ତ୍ରୀଙ୍କ ଜନଶୁଣାଣି ଅଭିଯୋଗ ପ୍ରକୋଷ୍ଠରେ ଜଣେ ସାମାଜିକ କର୍ମୀ ଏନେଇ ଅଭିଯୋଗ କରିଥିଲେ। ୨୦୨୫ ଜୁଲାଇ ୧୯ରେ ଜିଲାପାଳଙ୍କ ପକ୍ଷରୁ ଅଧ୍ୟକ୍ଷ ସାହୁଙ୍କୁ ୩ ଦିନ ମଧ୍ୟରେ ଏହି ଘଟଣା ସମ୍ପର୍କିତ ରିପୋର୍ଟ ପ୍ରଦାନ ପାଇଁ ନିର୍ଦ୍ଦେଶ ଦିଆଯାଇଥିଲା। ମାତ୍ର ଅଧ୍ୟକ୍ଷ ସାହୁଙ୍କ ରିପୋର୍ଟ ସନ୍ତୋଷଜନକ ନ ହେବାରୁ ଉଭୟ ଅଧ୍ୟକ୍ଷ ଓ ଅଧ୍ୟାପକଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ଅନ୍ୟପକ୍ଷେ ଛାତ୍ରୀଙ୍କ ବାପାଙ୍କ ପକ୍ଷରୁ ସୋମବାର କଲେଜ କର୍ତ୍ତୃପକ୍ଷଙ୍କୁ ଏକ ଦରଖାସ୍ତ ଦିଆଯାଇଛି। ସେଥିରେ ସେ ତାଙ୍କ ଜ୍ଞାତସାରରେ ଏହି ଘଟଣାର ସମାଧାନ ତଥା ପରିସମାପ୍ତି ହୋଇଥିବା ଉଲ୍ଲେଖ କରିଛନ୍ତି।

# ଆର୍‌ଡିସି କାର୍ଯ୍ୟାଳୟ ଘେରାଉ କଲା ବିଜେଡି
## ନାରୀ ସୁରକ୍ଷା, ଏଫ୍‌ଏମ୍ କଲେଜ ଛାତ୍ରୀଙ୍କୁ ନ୍ୟାୟ ଦାବି


କଟକରେ ବିଜୁ ଜନତା ଦଳ ପକ୍ଷରୁ ଆର୍‌ଡିସି କାର୍ଯ୍ୟାଳୟ ଘେରାଉ କରି ବିକ୍ଷୋଭ ପ୍ରଦର୍ଶନ କରାଯାଉଛି।

କଟକ,୨୧।୭(ଶିଳ୍ପା ପ୍ରିୟଦର୍ଶିନୀ)

ରାଜ୍ୟରେ ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ପରିସ୍ଥିତି, ଅସୁରକ୍ଷିତ ନାରୀ ସମାଜ, ଓଡ଼ିଶାରେ ନାରୀମାନଙ୍କ ଉପରେ ହେଉଥିବା ଅତ୍ୟାଚାର ଆଦି ବିଭିନ୍ନ ପ୍ରସଙ୍ଗ ନେଇ ସୋମବାର କଟକରେ ବିଜୁ ଜନତା ଦଳ ଆର୍‌ଡିସି କାର୍ଯ୍ୟାଳୟ ଘେରାଉ କରି ଏକ ଦାବିପତ୍ର ପ୍ରଦାନ କରିଛି। ବିଜେଡି ବରିଷ୍ଠ ନେତା ଦେବୀ ପ୍ରସାଦ ମିଶ୍ରଙ୍କ ନେତୃତ୍ୱରେ କଟକ ରିଂରୋଡସ୍ଥିତ ସନସାଇନ ପଡିଆଠାରେ ସମାବେଶ କରାଯାଇଥିଲା। ଏଥିରେ ରାଜ୍ୟ ସଭା ସଦସ୍ୟ ଦେବାଶିଷ ସାମନ୍ତରାୟ, ଆଠଗଡ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ, ପୂର୍ବତନ ବିଧାୟକ ପ୍ରତାପ ଜେନା, ବରିଷ୍ଠ ନେତା ଅଶୋକ ପଣ୍ଡା, କଟକ ମେୟର ସୁବାସ ସିଂ, ଭୁବନେଶ୍ୱର ମେୟର ସୁଲୋଚନା ଦାସ, ଚାନ୍ଦବାଲି ବିଧାୟକ ବ୍ୟୋମକେଶ ରାୟ, ଚୌଦ୍ୱାର କଟକ ବିଧାୟକ ସୌଭିକ ବିଶ୍ୱାଳ, ସାଲେପୁର ବିଧାୟକ ପ୍ରଶାନ୍ତ ବେହେରା, ବରିଷ୍ଠ ନେତା ଅତନୁ ସବ୍ୟସାଚୀ ନାୟକ, ଲେଖାଶ୍ରୀ ସାମନ୍ତସିଂହାର ଓ ଅନ୍ୟାନ୍ୟ ନେତାମାନେ ଏକଜୁଟ ହୋଇ ମୁଖ୍ୟତଃ ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ଆତ୍ମାହୁତି ଘଟଣା, ପୁରୀ ବଳଙ୍ଗାରେ ଦୁର୍ବୃତ୍ତମାନେ ପୋଡିଦେଇଥିବା ନାବାଳିକା ଘଟଣା ଏବଂ ରାଜ୍ୟରେ ସବୁଦିନ ଘଟୁଥିବା ଆପରାଧିକ ଘଟଣାକୁ ବିରୋଧ କରି ସ୍ୱର ଉଠାଇଛନ୍ତି। ଭାଜପା ସରକାର ଯୋଗୁ ଓଡ଼ିଶା ଆଜି ସାରା ବିଶ୍ୱରେ ନିନ୍ଦିତ ହୋଇଛି। ଏହି ଦୁଇଟି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ କରାଯାଉ ଏବଂ ତୁରନ୍ତ ନ୍ୟାୟ ପ୍ରଦାନ କରାଯାଉ ବୋଲି ଦଳ ଦାବି କରିଛି। ସରକାର ଶାସନ କରିବାରେ ବିଫଳ ହୋଇଛନ୍ତି। ବିଜେଡି ସରକାର ସମୟରେ ଏଭଳି ଛାତ୍ରୀ କେବେ ଦେହରେ ନିଆଁ ଲଗାଇବା ଉଦ୍ୟମ କରିନାହାଁନ୍ତି। ହେଲେ ଭାଜପା ସରକାରର ୧ ବର୍ଷ ଶାସନରେ ଏଭଳି ଅଘଟଣ ଘଟିଛି। ଯଦି ଭାଜପା ସରକାର ଶାସନ କରି ପାରୁନାହାନ୍ତି ତେବେ ମୁଖ୍ୟମନ୍ତ୍ରୀ ଇସ୍ତଫା ଦିଅନ୍ତୁ ବୋଲି ଦଳ ଦାବି କରିଛି। ସନସାଇନ ପଡିଆଠାରୁ ଏକ ବିଶାଳ ପ୍ରତିବାଦ ଶୋଭାଯାତ୍ରା ବାହାରି ସହର ପରିକ୍ରମା କରି ଆର୍‌ଡିସି କାର୍ଯ୍ୟାଳୟ ସମ୍ମୁଖରେ ପହଞ୍ଚିଥିଲା। ପରେ ଏକ ପ୍ରତିନିଧି ମଣ୍ଡଳୀ ଆର୍‌ଡିସି ବି. ପରମେଶ୍ୱରନଙ୍କୁ ଦାବିପତ୍ର ପ୍ରଦାନ କରିଥିବାବେଳେ ରାଜ୍ୟ ସରକାରଙ୍କୁ ଅବଗତ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିବା ସୂଚନା ମିଳିଛି। ପ୍ରତିବାଦ ଓ ସମାବେଶରେ ବିଜେଡିର ଶତାଧିକ କର୍ମୀ ଯୋଗଦେଇଥିଲେ।

# ଉଦିତ୍ ଗିରଫ ହେବା ପରେ ଭକ୍ତଙ୍କ ଇସ୍ତଫା ଦାବି କଲା ଯୁବମୋର୍ଚ୍ଚା

ଭୁବନେଶ୍ୱର,୨୧।୭(ସୁନିତ୍ ମିଶ୍ର)

ଜଣେ ଛାତ୍ରୀଙ୍କୁ ବଳାତ୍କାର କରିବା ଅଭିଯୋଗରେ ରାଜ୍ୟ ଛାତ୍ର କଂଗ୍ରେସ ସଭାପତି ଉଦିତ୍ ପ୍ରଧାନ ଗିରଫ ହୋଇଛନ୍ତି। ଗତ କିଛିଦିନ ତଳେ ଅଭିଯୁକ୍ତ ଉଦିତ ପ୍ରଧାନ ନାରୀ ସୁରକ୍ଷା ପ୍ରସଙ୍ଗରେ ରାଜରାସ୍ତାକୁ ଓହ୍ଲାଇ କୁମ୍ଭୀର କାନ୍ଦଣା କାନ୍ଦୁଥିଲେ, ଏହାସହ ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଇସ୍ତଫା ଦାବିକରି କୁଶପୁତ୍ତଳିକା ଦାହ କରୁଥିଲେ। ରାଜରାସ୍ତା ବନ୍ଦ କରି ଜନସାଧାରଣଙ୍କୁ ହଇରାଣ କରୁଥିଲେ। ଏବେ ତାଙ୍କ ଅସଲ ଚେହେରା ପଦାରେ ପଡ଼ିଯାଇଛି। ଏହି ଘଟଣାରେ ପ୍ରଦେଶ କଂଗ୍ରେସ କମିଟି(ପିସିସି) ସଭାପତି ଭକ୍ତ ଚରଣ ଦାସ ଇସ୍ତଫା ଦିଅନ୍ତୁ ବୋଲି ଭାଜପା ଯୁବମୋର୍ଚ୍ଚା ସଭାପତି ଅଭିଳାଷ ପଣ୍ଡା କହିଛନ୍ତି।



ବିଜେପି ଯୁବମୋର୍ଚ୍ଚା ପକ୍ଷରୁ ମାଷ୍ଟର କ୍ୟାଣ୍ଟିନ୍ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଉଛି।

ଭାଜପା ରାଜ୍ୟ କାର୍ଯ୍ୟାଳୟଠାରେ ସୋମବାର ଆୟୋଜିତ ଖବରଦାତା ସମ୍ମିଳନୀରେ ଅଭିଳାଷ କହିଛନ୍ତି, ମହିଳାଙ୍କୁ ନ୍ୟାୟ ଦେବା ପାଇଁ ଆନ୍ଦୋଳନ କରୁଥିବା ବ୍ୟକ୍ତି ନିଜେ ବଳାତ୍କାରୀ ବୋଲି ଜଣାପଡ଼ିଛି। କଂଗ୍ରେସ ବର୍ତ୍ତମାନ ସୁଦ୍ଧା ଉଦିତ୍‌ଙ୍କୁ ଖାଲି ସଭାପତି ପଦରୁ ନିଲମ୍ବିତ କରି ନିଜ କର୍ତ୍ତବ୍ୟ ଶେଷ କରିଦେଇଛି ବୋଲି ଭାବୁଛି। ଆଉ ତାଙ୍କ ଦଳ ଉପରେ କେହି ଆଙ୍ଗୁଠି ଉଠାଇବେ ନାହିଁ ବୋଲି ସେମାନେ ଭାବିଛନ୍ତି। ଏହାକୁ ଯେତେ ନିନ୍ଦା କଲେ ତାହା କମ୍ ହେବ। ଉଦିତ୍ ଛାତ୍ର କଂଗ୍ରେସ ସଭାପତି ହେବାର ବହୁ ପୂର୍ବରୁ ମଧ୍ୟ ବିଭିନ୍ନ ଆପରାଧିକ କାର୍ଯ୍ୟକଳାପରେ ଜଡ଼ିତ ଥିଲେ। ୨୭ ମେ ୨୦୨୪ରେ ଖଣ୍ଡଗିରି ଥାନାରେ ଉଦିତ୍‌ଙ୍କ ନାମରେ ଡକାୟତି ଅଭିଯୋଗ ହୋଇଥିଲା। କେବଳ ସେତିକି ନୁହେଁ ଟଙ୍କା ଠକେଇ, ଆପରାଧିକ ମାନସିକତା ରଖି ମାରଧର କରିବା ଭଳି ଅଭିଯୋଗ ମଧ୍ୟ ତାଙ୍କ ନାମରେ ରହିଛି। ଏସବୁ ଅପରାଧ ବିଷୟରେ ଜାଣିବା ସତ୍ତ୍ୱେ ଥାନାରେ ଏଫଆଇଆର୍ ହେବାର ମାତ୍ର ୩ ମାସ ପରେ ଅର୍ଥାତ୍ ୧୩ ଅଗଷ୍ଟ ୨୦୨୪ରେ କଂଗ୍ରେସ ତାଙ୍କୁ ପୁରସ୍କାର ଦେଇ ରାଜ୍ୟ ଛାତ୍ର କଂଗ୍ରେସ ସଭାପତି ଭାବେ ଦାୟିତ୍ୱ ଦେଇଛି। ଏଭଳି ଅପରାଧୀଙ୍କୁ କାହିଁକି ନିଯୁକ୍ତି ଦିଆଯାଇଥିଲା ସେନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। କିଛିଦିନ ତଳେ ପିସିସି ସଭାପତି ଭକ୍ତ ଦାସ ବାଲେଶ୍ୱର ଏଫ୍‌ଏମ୍ କଲେଜ ଘଟଣାରେ ରାଜ୍ୟ ସରକାରଙ୍କୁ ଦାୟୀ କରୁଥିଲେ। ନୈତିକତା ଆଧାରରେ ମୁଖ୍ୟମନ୍ତ୍ରୀ ଓ ଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବି କରୁଥିଲେ। ଏବେ ତାଙ୍କ ଦଳର ନେତା ଯାହାଙ୍କ ନାଁରେ ବଳାତ୍କାରଠାରୁ ଆରମ୍ଭକରି ଅନ୍ୟାନ୍ୟ ଆପରାଧିକ ମାମଲା ରହିଛି, ସେଭଳି ବ୍ୟକ୍ତିଙ୍କୁ ଗୁରୁତ୍ୱପୂର୍ଣ୍ଣ ପଦରେ ନିଯୁକ୍ତି ଦେଇଥିବାରୁ ନୈତିକତା ଦୃଷ୍ଟିରୁ ଭକ୍ତ ଦାସ ନିଜେ ଇସ୍ତଫା ଦିଅନ୍ତୁ। କଂଗ୍ରେସ ତାଙ୍କ ଦଳୀୟ ନେତାଙ୍କ କାର୍ଯ୍ୟକଳାପରେ କିଭଳି କାର୍ଯ୍ୟାନୁଷ୍ଠାନ ନେବ ତାକୁ ଦେଖିବା ବାକି ରହିଲା। ତେବେ ଏହି ଘଟଣାକୁ ନେଇ ଯୁବମୋର୍ଚ୍ଚା ପକ୍ଷରୁ ମାଷ୍ଟର କ୍ୟାଣ୍ଟିନ ଛକଠାରେ କଂଗ୍ରେସ ବିରୋଧରେ ଆନ୍ଦୋଳନ କରାଯିବା ସହିତ ପିସିସି ସଭାପତିଙ୍କ ଇସ୍ତଫା ଦାବିରେ କୁଶପୁତ୍ତଳିକା ଦାହ କରାଯାଇଛି।

# ଆର୍‌ଏସ୍‌ପିରେ ଦୁର୍ଘଟଣା, ଠିକା ଶ୍ରମିକ ମୃତ

ରାଉରକେଲା,୨୧।୭(ସଙ୍ଗୀତା ଜେନା)

ରାଉରକେଲା ଇସ୍ପାତ କାରଖାନା (ଆର୍‌ଏସ୍‌ପି)ର ଷ୍ଟିଲ୍ ମେଲ୍ଟିଂ ଶପ୍(ଏସ୍‌ଏମ୍‌ଏସ୍)-୨ରେ ପାଇପ୍ ସଫେଇ କରୁଥିବାବେଳେ ଲୁହା ପିଣ୍ଡୁଳା ପଡିବାରୁ ଜଣେ ଠିକା ଶ୍ରମିକଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ବିଶ୍ରା ବ୍ଲକ ଭାଲୁଲତା ଜରେଇକେଲା ଗ୍ରାମର ଅଭିରାମ ମହତୋ(୫୨)। ଖବର ପାଇ ବିଭିନ୍ନ ଶ୍ରମିକ ସଙ୍ଗଠନର କର୍ମକର୍ତ୍ତା ଘଟଣାସ୍ଥଳରେ ପହଞ୍ଚି ମୃତକ ପରିବାରକୁ ଅନୁକମ୍ପାମୂଳକ ଚାକିରି ଏବଂ କ୍ଷତିପୂରଣ ଦାବି କରିଛନ୍ତି। ତେବେ ଖବର ଲେଖାଯିବା ସୁଦ୍ଧା (ସନ୍ଧ୍ୟା ୬ଟା) ଦାବି ପୂରଣ ହୋଇ ନ ଥିବାରୁ ମୃତଦେହକୁ ସେଲ୍ ପରିଚାଳିତ ଆଇଜିଏଚ୍ ଶବ ବ୍ୟବଚ୍ଛେଦ ଗୃହରେ ରଖାଯାଇଛି।

ସୂଚନା ଅନୁସାରେ, ଅଭିରାମ ଏସ୍‌ଏମ୍‌ଏସ୍-୨ରେ କାର୍ଯ୍ୟ କରୁଥିବା ଠିକା ସଂସ୍ଥା ମେସର୍ସ ଲକି କନ୍‌ଷ୍ଟ୍ରକ୍ସନ ଅଧୀନରେ ଦୀର୍ଘ ୮ ବର୍ଷ ହେଲା କାମ କରିଆସୁଥିଲେ। ସୋମବାର ସକାଳ 'ଏ' ଶିଫ୍ଟରେ ସେ କାମକୁ ଆସି କନଭର୍ଟର 'ବି' ନିକଟରେ ଶାବଳ ଦ୍ୱାରା ପାଇପ୍ ସଫେଇ କରୁଥିଲେ। ଏହି ସମୟରେ ଉକ୍ତ ପାଇପରୁ ଜାମ୍ ଲୁହା ପିଣ୍ଡୁଳା ହଠାତ୍ ବାହାରି ଆସି ତାଙ୍କ ଉପରେ ପଡ଼ିବାରୁ ସେ ଚାପି ହୋଇଯାଇଥିଲେ। ତାଙ୍କୁ ତୁରନ୍ତ ଆର୍‌ଏସ୍‌ପି ଫାଷ୍ଟ ଏଡ୍‌କୁ ନିଆଯାଇଥିଲା। ପରେ ଆଇଜିଏଚ୍‌କୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ନିୟମ ଅନୁଯାୟୀ ପରିବାର ଲୋକଙ୍କୁ ଅନୁକମ୍ପାମୂଳକ ଚାକିରି ସହ ୧୦ ଲକ୍ଷ ଟଙ୍କା କ୍ଷତିପୂରଣ ରାଶି ପ୍ରଦାନ ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ମୃତଦେହ ଗ୍ରହଣ କରାଯିବ ନାହିଁ ବୋଲି ଶ୍ରମିକ ନେତା ନୀହାର ଦାସ କହିଥିଲେ। ଅନ୍ୟପକ୍ଷେ ଏହି ଘଟଣାକୁ ନେଇ ଆର୍‌ଏସ୍‌ପିର ଭାରପ୍ରାପ୍ତ ଡିଆଇସି ଆଲୋକ ବର୍ମା ଦୁଃଖ ପ୍ରକାଶ କରିବା ସହ ମୃତକଙ୍କ ପରିବାରକୁ କାରଖାନା ପକ୍ଷରୁ ଯଥାସମ୍ଭବ ସହଯୋଗ କରାଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

# ନିରପେକ୍ଷ ତଦନ୍ତ କରାନ୍ତୁ ସରକାର: ବିଜେଡି

## ଉଦିତ୍ ପ୍ରଧାନଙ୍କ ଗିରଫ ଘଟଣା

ଭୁବନେଶ୍ୱର,୨୧।୭(ସୁନିତ୍ ମିଶ୍ର)

ଜଣେ ଯୁବତୀଙ୍କୁ ବଳାତ୍କାର ଅଭିଯୋଗରେ ଛାତ୍ର କଂଗ୍ରେସ ସଭାପତିଙ୍କ ଗିରଫ ପ୍ରସଙ୍ଗରେ ବିଜେଡି ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି କରିଛି। ଶଙ୍ଖ ଭବନଠାରେ ସୋମବାର ଆୟୋଜିତ ଖବରଦାତା ସମ୍ମିଳନୀରେ ଦଳର ମୁଖପାତ୍ର ଇପ୍ସିତା ସାହୁ କହିଛନ୍ତି, ଛାତ୍ର କଂଗ୍ରେସ ସଭାପତି ଥିବା ଉଦିତ ପ୍ରଧାନଙ୍କ ବିରୋଧରେ ଯେଉଁ ଅଭିଯୋଗ ଆସିଛି, ତାହା ଅତ୍ୟନ୍ତ ସଙ୍ଗିନ। ପୀଡ଼ିତା ମହିଳାଙ୍କ ଅଭିଯୋଗ ଆଧାରରେ ସରକାର ନିରପେକ୍ଷ ତଦନ୍ତ କରି ଦୋଷୀଙ୍କୁ ଉପଯୁକ୍ତ ଦଣ୍ଡ ଦେବାର ବ୍ୟବସ୍ଥା କରନ୍ତୁ। କେବଳ ଏହି ଘଟଣା ନୁହେଁ, ସମଗ୍ର ରାଜ୍ୟରେ ଯେଉଁଠି ନାରୀମାନଙ୍କ ଉପରେ ଅତ୍ୟାଚାର ହେଉଛି, ପ୍ରତ୍ୟେକ କ୍ଷେତ୍ରରେ ସରକାର ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରିବା ସହିତ ନିରପେକ୍ଷ ତଦନ୍ତ କରି ଦୋଷୀମାନଙ୍କୁ ଦୃଷ୍ଟାନ୍ତମୂଳକ ଦଣ୍ଡ ବ୍ୟବସ୍ଥା କରନ୍ତୁ ବୋଲି ସେ କହିଛନ୍ତି।

# ରନ୍ଧନ ଗ୍ୟାସ୍ ନିଆଁରେ ପୋଡ଼ିଗଲେ

ବ୍ରହ୍ମପୁର,୨୧।୭
(ସୁବାସ ଚନ୍ଦ୍ର ପାଢ଼ୀ)

ବ୍ରହ୍ମପୁର ନିମଖଣ୍ଡି ଥାନା ଅନ୍ତର୍ଗତ ନୀଳାଞ୍ଚଳ ନଗର ୫ମ ଲାଇନ୍‌ରେ ସୋମବାର ସନ୍ଧ୍ୟାରେ ଏକ ଅଭାବନୀୟ ଘଟଣା ଘଟିଛି। ଘରେ ରନ୍ଧନ ଗ୍ୟାସ୍ ନିଆଁରେ ପୋଡ଼ିହୋଇ ଜଣେ ମହିଳାଙ୍କ ମୃତ୍ୟୁ ଘଟିଛି। ସେ ହେଲେ ହରିଶଙ୍କର ରଥଙ୍କ ସ୍ତ୍ରୀ ନମିତା(୫୫)। ସେ ଘରେ ଏକା ଥିବାବେଳେ ଏହି ଅଘଟଣ ଘଟିଛି। ଖବରପାଇ ଅଗ୍ନିଶମ କର୍ମଚାରୀ ପହଞ୍ଚି ତାଙ୍କୁ ଅର୍ଦ୍ଧଦଗ୍ଧ ଅବସ୍ଥାରେ ଉଦ୍ଧାର କରି ଏମ୍‌କେସିଜି ମେଡିକାଲ ପଠାଇଥିଲେ। ସେଠାରେ ନମିତାଙ୍କୁ ଡାକ୍ତର ମୃତ ଘୋଷଣା କରିଛନ୍ତି। ମାନସିକ ଅନଗ୍ରସର ନମିତା ଗ୍ୟାସ୍ ଲଗାଇ କିଛି ଖାଦ୍ୟ ପ୍ରସ୍ତୁତ କରୁଥିବା ବେଳେ ଅସାବଧାନତାରୁ ନିଆଁ ଲାଗି ଯାଇଥିବା ପ୍ରାଥମିକ ତଦନ୍ତରୁ ଅନୁମାନ କରାଯାଉଥିବା ପୋଲିସ କହିଛି। ଏ ନେଇ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି। ସନ୍ଧ୍ୟା ହୋଇଯାଇଥିବାରୁ ଜବତ ମୃତଦେହ ବ୍ୟବଚ୍ଛେଦ ନ ହୋଇ ସଂରକ୍ଷିତ ରଖାଯାଇଛି।

ସୂଚନା ଅନୁଯାୟୀ, ହରିଶଙ୍କର ସ୍ତ୍ରୀ ନମିତା ଓ ଝିଅ ସହ ନୀଳାଞ୍ଚଳ ନଗରରେ ଏକ ଘର ଭଡ଼ା ନେଇ ରହୁଥିଲେ। ନମିତା ମାନସିକ ଅନଗ୍ରସର ଥିଲେ। ସୋମବାର ହରିଶଙ୍କର ଓ ତାଙ୍କ ଝିଅ ଘରେ ତାଲା ପକାଇ କୌଣସି କାମରେ ବାହାରକୁ ଯାଇଥିଲେ। ନମିତା ତାଲା ବନ୍ଦ ଘର ଭିତରେ ରହିଯାଇଥିଲେ। ସନ୍ଧ୍ୟାରେ ଘରୁ ଧୂଆଁ ବାହାରୁଥିବା ଦେଖି ଘର ମାଲିକ ପୋଲିସ ଓ ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ତେବେ ନିଆଁ କିପରି ଲାଗିଲା ସେ ନେଇ ତଦନ୍ତ ଚାଲିଥିବା ପୋଲିସ କହିଛି।

# ବାହୁଙ୍ଗିରେ ରେଟ୍ରୋ ରିଫ୍ଲେକ୍ଟିଭ୍ ଟ୍ୟାପ ଲଗାଇବାକୁ ପରାମର୍ଶ

## କାଉଡ଼ିଆଙ୍କ ପାଇଁ ସତର୍କ ସୂଚନା ଜାରି

କଟକ,୨୧।୭(କାର୍ତ୍ତିକ ସାହୁ)

ଶ୍ରାବଣ ମାସରେ ମହାଦେବଙ୍କୁ ଜଳଲାଗି ପାଇଁ କାଉଡ଼ିଆ (ଶ୍ରଦ୍ଧାଳୁ)ମାନେ ପାଣିଭାର ନେଇ ଶୈବପୀଠ ଅଭିମୁଖେ ଯାତ୍ରା କରୁଛନ୍ତି। ସେମାନେ ରାଜ୍ୟ ରାଜପଥ ଅଥବା ଜାତୀୟ ରାଜପଥରେ ଯିବା ବେଳେ ବିପଦର ଆଶଙ୍କା ରହିଛି। ଏହାକୁ ଦୃଷ୍ଟିରେ ରଖି ରାଜ୍ୟ ପରିବହନ କର୍ତ୍ତୃପକ୍ଷ (ଏସ୍‌ଟିଏ) ପକ୍ଷରୁ ସତର୍କ ସୂଚନା ଜାରି ହୋଇଛି। ଶୈବପୀଠକୁ ଜଳାଭିଷେକ ପାଇଁ ଯାଉଥିବା କାଉଡ଼ିଆ ଭକ୍ତଙ୍କ ସୁରକ୍ଷିତ ଯାତ୍ରା କାମନା କରି ଏସ୍‌ଟିଏ ପକ୍ଷରୁ ସୂଚନା ସର୍ବସାଧାରଣଙ୍କ ଗୋଚରାର୍ଥେ ସୋସିଆଲ ମିଡିଆ 'ଏକ୍ସ' ଜରିଆରେ ପ୍ରଦାନ କରାଯାଇଛି। ସୂଚନା ଅନୁସାରେ, ଜଳ ଲାଗି ପାଇଁ ଯିବା ସମୟରେ ସୁରକ୍ଷିତ ଯାତ୍ରା ଉପରେ ଗୁରୁତ୍ୱ ଦିଅନ୍ତୁ। ରାସ୍ତାରେ ପଥଚାରୀଙ୍କ ପାଇଁ ଉଦ୍ଦିଷ୍ଟ ବାଟରେ ଯାଆନ୍ତୁ। ସୁରକ୍ଷିତ ଭାବେ ଏକଦମ ରାସ୍ତାକଡ଼ରେ ଚାଲନ୍ତୁ। ଅତ୍ୟନ୍ତ ସତର୍କତାର ସହ ରାସ୍ତା ପାର ହୁଅନ୍ତୁ। ଉଭୟ ପାର୍ଶ୍ୱ ରାସ୍ତା ଭଲ ଭାବେ ଦେଖି ଗାଡ଼ି ଚଳାଚଳ ହେଉ ନ ଥିବା ସମୟରେ ଆଗକୁ ବଢ଼ନ୍ତୁ। ବାହୁଙ୍ଗିରେ ରେଟ୍ରୋ ରିଫ୍ଲେକ୍ଟିଭ୍ ଟ୍ୟାପ ଲଗାଇବାକୁ ପରାମର୍ଶ ଦିଆଯାଇଛି। ଗ୍ରୁପ୍ ବା ଗୋଷ୍ଠୀରେ ପଛକୁ ପଛ ଧାଡ଼ିରେ ଚାଲନ୍ତୁ। ଏହାଦ୍ୱାରା ଗାଡ଼ି ଚାଳକ ଆପଣଙ୍କୁ ସହଜରେ ଦେଖିପାରିବେ। କୌଣସି ସମୟରେ ମଝି ରାସ୍ତାରେ ଚାଲନ୍ତୁ ନାହିଁ କିମ୍ବା ଅଟକନ୍ତୁ ନାହିଁ। ରାତିରେ ଚାଲିବା ବେଳେ ଟର୍ଚ୍ଚ ଲାଇଟ ବ୍ୟବହାର କରନ୍ତୁ। ଥକ୍କା ଲାଗିଲେ ବିଶ୍ରାମ ନିଅନ୍ତୁ। ସତେଜ ଅନୁଭବ କଲେ ସଡ଼କରେ ଯାତ୍ରା କରନ୍ତୁ। ମହାଦେବଙ୍କ କୃପାରୁ କାଉଡ଼ିଆମାନଙ୍କ ଯାତ୍ରା ନିରାପଦ ଓ ମଙ୍ଗଳମୟ ହେଉ ବୋଲି କୁହାଯାଇଛି।

ଉଲ୍ଲେଖଯୋଗ୍ୟ ଯେ, ନିକଟରେ ବୈପାରୀଗୁଡ଼ାରେ କାଉଡ଼ିଆମାନେ ସଡ଼କରେ ଚାଲିଚାଲି ପାଣିଭାର ନେଇ ଯାଉଥିବା ବେଳେ ଏକ ଦୁର୍ଘଟଣା ଘଟିଥିଲା, ଯଦ୍ୱାରା ଜଣେ କାଉଡ଼ିଆଙ୍କ ମୃତ୍ୟୁ ଘଟିଥିଲା। ଏହାପରେ ଏଭଳି ଅଘଟଣ ଆଗାମୀ ଦିନରେ ନ ଘଟିବା ପାଇଁ ଏସ୍‌ଟିଏ ପକ୍ଷରୁ ଏଭଳି ସତର୍କତା ସୂଚନା ଜାରି କରାଯାଇଥିବା ଜଣାଯାଇଛି।

# ନିଷ୍ଠାର ସହ ସରକାରୀ କାର୍ଯ୍ୟ କର: ବାଚସ୍ପତି

## ନବାଗତ ଉପବିଭାଗୀୟ ଅଧିକାରୀଙ୍କ କର୍ମଶାଳା

ଭୁବନେଶ୍ୱର,୨୧।୭
(ରବିନାରାୟଣ ଜେନା)

ସରକାରୀ କର୍ମଚାରୀଙ୍କ କର୍ତ୍ତବ୍ୟନିଷ୍ଠ ତଥା ଜନସହଯୋଗ ଦ୍ୱାରା ରାଜ୍ୟ ତଥା ଦେଶର ପ୍ରତ୍ୟେକ କାର୍ଯ୍ୟକ୍ରମ ତ୍ୱରାନ୍ୱିତ ହୋଇପାରିବ ବୋଲି ବାଚସ୍ପତି ସୁରମା ପାଢ଼ୀ କହିଛନ୍ତି। ସୋମବାର ରାଜ୍ୟ ସଚିବାଳୟର ନବନିଯୁକ୍ତ ତାଲିମ ଗ୍ରହଣକାରୀ ଉପବିଭାଗୀୟ ଅଧିକାରୀମାନେ ବିଧାନସଭାର କାର୍ଯ୍ୟାବଳୀ ଓ କାର୍ଯ୍ୟଧାରା ସମ୍ପର୍କରେ ଜ୍ଞାନ ଆହରଣ ଅବସରରେ ବାଚସ୍ପତି କହିଲେ, ପ୍ରତ୍ୟେକ ଅଧିକାରୀ ସରକାରଙ୍କ କାର୍ଯ୍ୟକୁ ସୁଚାରୁରୂପେ ପରିଚାଳନା କରିବା ଦ୍ୱାରା ଆମ ରାଜ୍ୟର ଅଶେଷ ଉପକାର ସାଧିତ ହୋଇପାରିବ। ଅଧିକାରୀମାନଙ୍କ କର୍ତ୍ତବ୍ୟ, ମହତ୍ ଚିନ୍ତାଧାରା କାର୍ଯ୍ୟରେ ରୂପାନ୍ତରିତ ହୋଇପାରିଲେ ସମାଜର ଅନ୍ୟମାନଙ୍କ ପାଇଁ ଉଦାହରଣ ସୃଷ୍ଟି କରିବ। ବିଧାନସଭାର କାର୍ଯ୍ୟାବଳୀକୁ ସୁନିଶ୍ଚିତ ତଥା ଶୃଙ୍ଖଳିତ କରିବା ପାଇଁ ଓଡ଼ିଶା ବିଧାନସଭା କାର୍ଯ୍ୟବିଧି ଓ କାର୍ଯ୍ୟ ପରିଚାଳନା ନିୟମାବଳୀ ପ୍ରଣୀତ ହୋଇଛି। ଗଣତନ୍ତ୍ରର ମୂଳମନ୍ତ୍ର ହେଉଛି ଶାସନ ବ୍ୟବସ୍ଥାର ବିକେନ୍ଦ୍ରୀକରଣ। ଶାସକ ଓ ଶାସିତମାନଙ୍କ ମଧ୍ୟରେ ସୁନ୍ଦର ସମନ୍ୱୟ କ୍ଷେତ୍ରରେ ଅଧିକାରୀମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଚାକିରି ଜୀବନରେ ଅନୁଭୂତି ଓ ଅଭିଜ୍ଞତା ଅର୍ଜନ କରିବା ପାଇଁ ସୁଯୋଗ ମିଳିଥାଏ। ଏହି ସୁଯୋଗର ସଦ୍‌ବ୍ୟବହାର କରି ଜନସାଧାରଣଙ୍କ ନିକଟରେ ଯୋଜନାର ସୁଫଳ ପହଞ୍ଚାଇବାରେ ସମସ୍ତେ ଦାୟିତ୍ୱବାନ୍ ହୋଇ କାର୍ଯ୍ୟ କରିବା ଦରକାର ବୋଲି ବାଚସ୍ପତି କହିଥିଲେ।

କାର୍ଯ୍ୟକ୍ରମରେ ବିଧାନସଭାର ସଚିବ ସତ୍ୟବ୍ରତ ରାଉତ, ଗବେଷଣା ଶାଖାର ନିର୍ଦ୍ଦେଶକ ଡ. ତ୍ରିବିକ୍ରମ ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ।



“ତୁମେ ଯେତେବେଳେ ଲୋକମାନଙ୍କୁ ତୁଷ୍ଟ କରିବାକୁ ଚାହଁ– ସେତେବେଳେ ତୁମେ ସବୁ କିଛିକୁ ତା'ବାଟରେ ଯିବା ପାଇଁ ଛାଡିଦିଅ । ଏବଂ ଅପେକ୍ଷା କରି ବସ– କେତେବେଳେ ପ୍ରକୃତି ମନୁଷ୍ୟ ଉପରେ ପ୍ରଗତିକୁ ଜବରଦସ୍ତି ଲଦି ଦେବ । କିନ୍ତୁ ଏହା ସୃଷ୍ଟିର ସତ୍ୟ ନୁହେଁ । ମଣିଷର ଯଥାର୍ଥ କର୍ତ୍ତବ୍ୟ ହେଲା– ତା'ର ପ୍ରଗତି ଲାଗି ପ୍ରକୃତିକୁ ବାଧ୍ୟ କରିବା । –ଶ୍ରୀମା



# ଏହା ଇତିହାସ ନୁହେଁ

କେନ୍ଦ୍ର ସରକାରଙ୍କ ଅଧୀନ ନ୍ୟାଶନାଲ କାଉନ୍‌ସିଲ ଅଫ୍ ଏଜୁକେଶନାଲ ରିସର୍ଚ୍ଚ ଆଣ୍ଡ୍ ଟ୍ରେନିଂ (ଏନ୍‌ସିଇଆର୍‌ଟି) ମୁଖ୍ୟତଃ ସେଣ୍ଟ୍ରାଲ ବୋର୍ଡ ଅଫ୍ ସେକେଣ୍ଡାରୀ ଏଜୁକେଶନ (ସିବିଏସ୍‌ଇ) ଅନୁବନ୍ଧିତ ସ୍କୁଲଗୁଡ଼ିକ ପାଇଁ ପାଠ୍ୟପୁସ୍ତକ ପ୍ରସ୍ତୁତ କରିଥାଏ। ଏହି କ୍ରମରେ ବିଶେଷକରି ସିଲାବସ ବଦଳାଯିବା ସହ ବିଭିନ୍ନ ଶ୍ରେଣୀର ପାଠ୍ୟ ପୁସ୍ତକର ବିଷୟଗୁଡ଼ିକରେ ପରିବର୍ତ୍ତନ କିମ୍ବା ସଂଶୋଧନକୁ ନେଇ ଏହା ୭୦ ଦଶକରୁ ଅଧିକାଂଶ ସମୟରେ ବିବାଦରେ ରହିଆସିଛି। ଚଳିତ ଶିକ୍ଷାବର୍ଷ ପ୍ରାରମ୍ଭରେ ଏନ୍‌ସିଇଆର୍‌ଟି ଇଂଲିଶ ନାମ ଥିବା କେତେକ ବହିର ହିନ୍ଦୀ ନାମକରଣ କରିଥିଲା ଏବଂ ଏହାକୁ ନେଇ ଭାଷାବିତ୍‌ମାନେ ପ୍ରଶ୍ନ ଉଠାଇଥିଲେ। ଉଦାହରଣ ସ୍ୱରୂପ, ସିବିଏସ୍‌ଇ ଷଷ୍ଠ ଶ୍ରେଣୀର ଇଂଲିଶ ପୁସ୍ତକର ନାମ 'ହନିସକଲ୍'କୁ ବଦଳାଇ ହିନ୍ଦୀରେ ପୂର୍ବୀ ଏବଂ ପ୍ରଥମ ଓ ଦ୍ୱିତୀୟ ଶ୍ରେଣୀ ଇଂଲିଶ ପୁସ୍ତକ 'ମେରିଗୋଲ୍ଡ ୱାନ୍ ଆଣ୍ଡ୍ ଟୁ'ର ନାମ 'ମୃଦଙ୍ଗ' ଏବଂ ତୃତୀୟ ଶ୍ରେଣୀ ଇଂଲିଶ ବହି 'ମେରିଗୋଲ୍ଡ-ଥ୍ରି'ର ନାମ 'ସନ୍ତୁର' କରାଯାଇଥିଲା। ପୂର୍ବୀ ଶାସ୍ତ୍ରୀୟ ସଙ୍ଗୀତ ରାଗର ନାମ ହୋଇଥିବାବେଳେ ଓ ଅନ୍ୟସବୁ ବାଦ୍ୟଯନ୍ତ୍ରର ନାମ । ଏହାସହ ଅତୀତରେ ଦ୍ୱାଦଶ ଶ୍ରେଣୀର ଇତିହାସ ବହିର ଗୋଟିଏ ଅଧ୍ୟାୟରେ ମହାତ୍ମା ଗାନ୍ଧୀଙ୍କ ହତ୍ୟା ବିଷୟରେ ଏବଂ ସପ୍ତମ ଶ୍ରେଣୀ ଇତିହାସ ବହିରେ ମୋଗଲ ସମ୍ରାଟଙ୍କ ସଫଳତାର କାହାଣୀରେ ପରିବର୍ତ୍ତନ କରାଯାଇଥିଲା। ଦଶମ ଶ୍ରେଣୀର ପାଠ୍ୟପୁସ୍ତକରୁ 'ଇଭୋଲ୍ୟୁଶନ' ବା କ୍ରମବିବର୍ତ୍ତନ ବିଷୟକୁ ବଦଳାଯାଇ ଇତିହାସର ବିକୃତୀକରଣ କରାଯାଇଥିଲା। ଦ୍ୱାଦଶ ଶ୍ରେଣୀ ରାଜନୀତି ବିଜ୍ଞାନ ବହିରୁ ଗୁଜରାଟ ଦଙ୍ଗା ଓ ବାବ୍ରୀ ମସ୍‌ଜିଦ ଭଙ୍ଗ ବିଷୟକୁ ମଧ୍ୟ ବାଦ୍ ଦିଆଯାଇଥିଲା।

ଏବେ ଏନ୍‌ସିଆରଟି ଦ୍ୱାରା ପ୍ରକାଶିତ ଅଷ୍ଟମ ଶ୍ରେଣୀର ନୂଆ ଇତିହାସ ବହି 'ଏକ୍ସପ୍ଲୋରିଂ ସୋସାଇଟି: ଇଣ୍ଡିଆ ଆଣ୍ଡ୍ ବିଅଣ୍ଡ୍'ରେ ଓଡ଼ିଶାର ପାଇକ ବିଦ୍ରୋହ ସମ୍ପର୍କିତ ଲେଖାକୁ ସମ୍ପୂର୍ଣ୍ଣ ଭାବେ ବାଦ୍ ପକାଇ ଦିଆଯାଇଛି, ଯେଉଁଥିପାଇଁ ଭବିଷ୍ୟତ ପିଢ଼ି ଓଡ଼ିଆ ଜାତି ସମ୍ପର୍କରେ ଏକ ଭ୍ରମ ଧାରଣା ପାଇବେ। ସତେଯେମିତି ଏହି ଉପମହାଦେଶର ଇତିହାସରେ ଓଡ଼ିଆ ଜାତିର କୌଣସି ଅବଦାନ ନାହିଁ। ପାଠ୍ୟପୁସ୍ତକରୁ ପାଇକ ବିଦ୍ରୋହ ବିଷୟ ବାଦ୍ ପଡ଼ିବାକୁ ନେଇ ବିଭିନ୍ନ ମହଲରୁ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବା ପରେ ୨୧ ଜୁଲାଇ ୨୦୨୫ରେ ଏନ୍‌ସିଇଆର୍‌ଟି ସ୍ପଷ୍ଟୀକରଣ ଦେଇଛି। ସଂସ୍ଥା ପକ୍ଷରୁ କୁହାଯାଇଛି ଯେ, ଆସନ୍ତା ସେପ୍ଟେମ୍ବର ଆଡ଼କୁ ଆସିବାକୁ ଥିବା 'ଏକ୍ସପ୍ଲୋରିଂ ସୋସାଇଟି: ଇଣ୍ଡିଆ ଆଣ୍ଡ୍ ବିଅଣ୍ଡ୍'ର ଦ୍ୱିତୀୟ ଭାଗରେ ପାଇକ ବିଦ୍ରୋହକୁ ସ୍ଥାନିତ କରାଯିବ। ଉଲ୍ଲେଖଯୋଗ୍ୟ ଯେ, ଏନ୍‌ସିଇଆର୍‌ଟି ୨୦୧୭ରେ ଅଷ୍ଟମ ଶ୍ରେଣୀ ଇତିହାସ ବହିରେ ପାଇକ ବିଦ୍ରୋହକୁ ସ୍ଥାନିତ କରିଥିଲା। ଏବେ କ'ଣ ଏମିତି ହେଲା ଯେ, ଗତ ସପ୍ତାହରେ ପ୍ରକାଶ ପାଇଥିବା ଅଷ୍ଟମ ଶ୍ରେଣୀ ନୂଆ ଇତିହାସ ବହିରେ ବଙ୍ଗଳାର ସନ୍ନ୍ୟାସୀ ବିଦ୍ରୋହ, ବିହାରର କୋଲ ଓ ସାନ୍ତାଳ ବିଦ୍ରୋହ ଥିବାବେଳେ ଓଡ଼ିଶାର ପାଇକ ବିଦ୍ରୋହକୁ ବାଦ୍ ଦିଆଗଲା ବୋଲି ପ୍ରଶ୍ନ ଉଠିବା ସ୍ୱାଭାବିକ। ଏହା ପାଇକଙ୍କ ବଳିଦାନ ପ୍ରତି ଚରମ ଉପହାସ ବୋଲି କେତେକେ କହୁଥିବା ବେଳେ ଆଉ କିଛି ଓଡ଼ିଆ ଅସ୍ମିତା କଥା ଉଠାଇଲେଣି। ୧୮୧୭ର ପାଇକ ବିଦ୍ରୋହରେ ଖୋର୍ଦ୍ଧାର ପାଇକମାନେ ଇଂରେଜ ବିରୋଧରେ ରକ୍ତାକ୍ତ ସଂଗ୍ରାମ କରିଥିଲେ। ଏଠାରେ ମନେ ପକାଇ ଦିଆଯାଇପାରେ ଯେ, ଓଡ଼ିଶାରେ ବିଗତ ବର୍ଷଗୁଡ଼ିକରୁ ପାଇକ ବିଦ୍ରୋହକୁ ଭାରତର ପ୍ରଥମ ସ୍ୱାଧୀନତା ସଂଗ୍ରାମର ସ୍ୱୀକୃତି ଲାଗି ଦାବି କରାଯାଇଆସୁଛି। କେବଳ ଏତିକି ନୁହେଁ, ୨୪ ଡିସେମ୍ବର ୨୦୧୮ରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆଇଆଇଟି ଭୁବନେଶ୍ୱର ଗସ୍ତ ବେଳେ ସେହିଠାରୁ ପାଇକ ବିଦ୍ରୋହ ସମ୍ପର୍କିତ ସ୍ମାରକ ଡାକ ଟିକେଟ ଓ ମୁଦ୍ରା ଉନ୍ମୋଚନ କରିଥିଲେ। ବିଦ୍ରୋହର ସ୍ମୃତି ଉଜାଗର କରିବା ସକାଶେ ଏଥିଲାଗି ଆର୍ଥିକ ଅନୁଦାନ ପ୍ରଦାନ କରାଯାଇଛି। କେନ୍ଦ୍ର ସରକାର ଏଥିପାଇଁ ୧୦୦ କୋଟି ଟଙ୍କା ଓ ରାଷ୍ଟ୍ରାୟତ୍ତ ତୈଳ କମ୍ପାନୀ ଆଇଓସିଏଲ୍ ୯୦ କୋଟି ଟଙ୍କା ଦେଇଥିବା ବେଳେ ଓଡ଼ିଶା ସରକାର ପାଇକ ବିଦ୍ରୋହ ସ୍ମୃତି ସ୍ମାରକୀ ପ୍ରତିଷ୍ଠା ସକାଶେ ବରୁଣେଇ ପାଦଦେଶରେ ୧୦ ଏକର ଜାଗା ଦେଇଛନ୍ତି। ଏପରି କି ତତ୍କାଳୀନ ରାଷ୍ଟ୍ରପତି ରାମନାଥ କୋବିନ୍ଦ ଡିସେମ୍ବର ୨୦୧୯ରେ ବରୁଣେଇ ପାହାଡ଼ ପାଦଦେଶରେ ପାଇକ ବିଦ୍ରୋହ ସ୍ମାରକୀର ଶିଳାନ୍ୟାସ କରିଥିଲେ। ପାଇକ ବିଦ୍ରୋହ ଉପରେ ଅଧିକ ଗୁରୁତ୍ୱ ଦିଆଯାଇ ଆସୁଥିବା ବେଳେ ଏନ୍‌ସିଇଆର୍‌ଟି ପ୍ରସ୍ତୁତ ଅଷ୍ଟମ ଶ୍ରେଣୀ ଇତିହାସ ବହିରୁ ତାହାକୁ ବାଦ୍ ଦିଆଯିବା ଓ ବିରୋଧ ପରେ ତାହାକୁ ସାମିଲ କରିବା ନେଇ ଦିଆଯାଇଥିବା ସ୍ପଷ୍ଟୀକରଣ ସୂଚାଉଛି ଯେ, ସଂସ୍ଥାର ଏଭଳି ମାନସିକତା ବାସ୍ତବ ଇତିହାସକୁ ନିଶ୍ଚିହ୍ନ କରିବା ଲାଗି ଗୋଟେ ଷଡ଼ଯନ୍ତ୍ର ଚାଲିଛି। ମନେହେଉଛି ଯେପରି କିଛି ଲୋକଙ୍କ ଇଚ୍ଛା ଅନୁଯାୟୀ ଓଡ଼ିଶାର ଅତୀତକୁ ନୂତନ ଭାବେ ସୃଷ୍ଟି କରାଯିବାର ପ୍ରୟାସ ହେଉଛି। ପୁଣି ଯାହାକୁ ଯାହା ସୁହାଉଛି ସେହି ଅନୁଯାୟୀ ଇତିହାସର ବିକୃତୀକରଣ କରାଯାଉଛି। ଲାଗୁଛି ଯେମିତି ଏନ୍‌ସିଇଆର୍‌ଟି ଏସବୁ ପାଇଁ ମାଧ୍ୟମ ପାଲଟି ଯାଇଛି। ଓଡ଼ିଶାର ଏହି ବିଦ୍ରୋହକୁ ପ୍ରଥମ ସ୍ୱାଧୀନତା ସଂଗ୍ରାମ ବୋଲି ଦାବି କରାଯାଉଥିବାବେଳେ ଏହାକୁ ସମ୍ପୂର୍ଣ୍ଣ ଭାବେ ଇତିହାସ ପୃଷ୍ଠାରୁ ନିଶ୍ଚିହ୍ନ କରିଦେବାର ପ୍ରୟାସ ଏକ ମନ୍ଦ ଉଦ୍ଦେଶ୍ୟର ପରିଚୟ ଦେଉଛି। ଯଦି ଜଣାଶୁଣା ଏବଂ ତଥ୍ୟ ଥିବା ଭଳି ପାଇକ ବିଦ୍ରୋହର ଇତିହାସକୁ ଏଭଳି କରାଯାଉଛି, ସେଥିରୁ ବୁଝିବାକୁ ହେବ ଦେଶବ୍ୟାପୀ ଅନେକ ବିଷୟକୁ ଏହିପରି ବିକୃତ କରାଯାଇଛି। ଏହା କରିକୁଲମ୍ ପ୍ରସ୍ତୁତକର୍ତ୍ତାଙ୍କ ମୂର୍ଖାମିର ପରିଚୟ ହୋଇପାରେ, ନଚେତ୍ ଦୁଷ୍ଟ ଓ କ୍ଷତିକାରକ ମାନସିକତାର ଲକ୍ଷଣ ଦର୍ଶାଉଛି।

## su | do | ku
Puzzles by Srikant Ghosh

## ସୁ-ଡୋ-କୁ

| | | | | | | | | |
|---|---|---|---|---|---|---|---|---|
| | | | | | | 7 | | 9 |
| | | | | 3 | 2 | | | |
| | | | 8 | | | | 1 | |
| 7 | | 2 | | | 8 | | | |
| | 1 | 6 | | | 9 | | 5 | |
| | | | | | 4 | | 6 | |
| | 2 | 1 | | | | 6 | | |
| | | | | 9 | | 2 | 7 | |
| | | 9 | 5 | | | | | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 7 | 1 | 2 | 6 | 4 | 3 | 9 | 8 | 5 |
| 9 | 4 | 8 | 5 | 2 | 1 | 3 | 6 | 7 |
| 6 | 3 | 5 | 7 | 8 | 9 | 4 | 1 | 2 |
| 5 | 7 | 1 | 8 | 6 | 4 | 2 | 9 | 3 |
| 3 | 6 | 4 | 2 | 9 | 5 | 1 | 7 | 8 |
| 2 | 8 | 9 | 3 | 1 | 7 | 5 | 4 | 6 |
| 4 | 2 | 3 | 1 | 7 | 6 | 8 | 5 | 9 |
| 1 | 5 | 7 | 9 | 3 | 8 | 6 | 2 | 4 |
| 8 | 9 | 6 | 4 | 5 | 2 | 7 | 3 | 1 |

ଗତକାଲିର ଉତ୍ତର

# ଆଇନର ସାମ୍ପ୍ରତିକ ମୂଲ୍ୟବୋଧ



ହରେକୃଷ୍ଣ ପଣ୍ଡା

ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀଙ୍କ ମୃତ୍ୟୁ ପରେ ସରକାର କହୁଛନ୍ତି ଦୋଷୀଙ୍କୁ କଠୋରରୁ କଠୋର ଦଣ୍ଡ ଦିଆଯିବ, ପୋଲିସ କହୁଛି ନିରପେକ୍ଷ ତଦନ୍ତ ହେବ। ଏଇଭଳି ଲୋମହର୍ଷଣକାରୀ ଘଟଣା ଓଡ଼ିଶାରେ ନୂଆ ନୁହେଁ। ଅତୀତ ଛବିରାଣୀ, ଅଞ୍ଜନା, ପରୀ, ପିଙ୍କୁ, ମମିତା, ଇତିଶ୍ରୀ, ବେବିନା, ସସ୍ମିତା, ରୁଚିକା, ସ୍ମିତାରାଣୀ, ମାଧବୀଲତାଙ୍କ ମୃତ୍ୟୁ ଜନ ମାନସରୁ ଉଭେଇ ଯାଇଛି। ଏହିସବୁ ଘଟଣା ସାରା ଓଡ଼ିଶା କାହିଁକି ଭାରତରେ ଚର୍ଚ୍ଚାର କେନ୍ଦ୍ରବିନ୍ଦୁ ପାଲଟିଥିଲା। ଏବେ ସେହିଭଳି ଏକ ମର୍ମନ୍ତୁଦ ଘଟଣା ଆମ ହୃଦୟକୁ ବିଦାରିତ କରିପକାଉଛି। ସମ୍ବେଦନଶୀଳ ଗୋଷ୍ଠୀ ଚିନ୍ତା କରିବା କଥା ଜଣକ ମୃତ୍ୟୁ ପରେ ଆଉ ଏଭଳି ଘଟଣାର ପୁନରାବୃତ୍ତି ନ ହେଉ। କିନ୍ତୁ କାହିଁକି ଏକାଧିକ ସମ୍ଭବ ହୋଇପାରିଲା ? ଏହାର ନିରାକରଣ ଦିଗରେ ଯଦି ଚିନ୍ତା କରାଯାଇ ପାରିଥାଆନ୍ତା ତେବେ ଆଜି ଏଭଳି ମର୍ମନ୍ତୁଦ ଘଟଣା ଘଟି ନ ଥାଆନ୍ତା। ଆମ୍ଭେମାନେ ଗୋଟିଏ ପଟେ ଆଇନ ଓ ଆଇନର ରକ୍ଷକ, ଅନ୍ୟପଟେ ଆଜିର ସମାଜରେ ବଡ଼ପଣିଆ ଅର୍ଜନ କରିଥିବା ବହୁ ବ୍ୟକ୍ତିଙ୍କଠାରେ ମଣିଷପଣିଆର ଅଭାବ। ଭାବ ଓ ସମ୍ବେଦନାରେ ପରିପୂର୍ଣ୍ଣ ବ୍ୟକ୍ତି ହିଁ ଏହି ରୀତିନୀତିକୁ ବୁଝନ୍ତି। ଆମ ସମାଜରେ ଉଦ୍ଦୀପ୍ତ ବାସନା, ଅନିୟନ୍ତ୍ରିତ ତୃଷ୍ଣା ବହନ କରିଚାଲୁଥିବା ଗୋଟିଏ ବଡ଼ମଣିଷ ସମାଜ ରହିଛି। ସେମାନେ ସବୁ କ୍ଷେତ୍ରରେ କିଛି ଶକ୍ତି ଆହରଣ କରି ଭଦ୍ରମୁଖା ତଳେ ବଞ୍ଚିଛନ୍ତି। ଏହିଭଳି ଗୋଟିଏ ଗୋଷ୍ଠୀ ଶିକ୍ଷା, ସ୍ୱାସ୍ଥ୍ୟ, ଶାସନ, ପ୍ରଶାସନ, ରାଜନୀତି ଓ ସାମାଜିକ ସ୍ତରରେ ବହୁ ଦିନରୁ ପ୍ରତିପତ୍ତି ବିସ୍ତାର କରିଆସିଛନ୍ତି। ଏମାନେ ସବୁପ୍ରକାର ବେଆଇନ କାର୍ଯ୍ୟ, ପ୍ରତିଶୋଧର ବାଟ ତିଆରି କରିଥାଆନ୍ତି। ଦୁର୍ନୀତି କିପରି କରାହୁଏ ଏମାନେ ତା'ର କୌଶଳ ତିଆରି କରି ଶୋଷକମାନଙ୍କୁ ବାଟ ବତାଇ ଦିଅନ୍ତି। ଏମାନେ ହେଉଛନ୍ତି ଅଦୃଶ୍ୟ ଇଲାକାର ଅଦୃଶ୍ୟ ରାଜା। ଅଦ୍ୟାବଧି ଏମାନଙ୍କ ପାଖକୁ ଆଇନ ଯାଇ ପାରିନାହିଁ, କି ସ୍ପର୍ଶ କରିପାରିନାହିଁ।

ଦୁଃଖର କଥା ନିର୍ଦ୍ଦୋଷ ନାରୀ ସତ୍ୟ ପ୍ରତିଷ୍ଠା କରିବାକୁ ଚାହୁଁଥିବା ବେଳେ ସମାଜରେ ନିର୍ଯାତନାର ଶିକାର ହେଉଛନ୍ତି। ଏଥିପାଇଁ ଆମ ବ୍ୟବସ୍ଥା ଦାୟୀ ନୁହେଁ ତ? ସରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ଦୋଷୀକୁ ଧରିଦେଇ ପାରନ୍ତି। କିନ୍ତୁ ଏପରି ଯେ ଆଉ ନ ହେବ ସେଥିପାଇଁ ଗ୍ୟାରେଣ୍ଟି ଦେଇ ପାରିବେ କି? ସବୁ କ୍ଷେତ୍ରରେ ଏକ ସତ୍ୟ ପ୍ରତିଷ୍ଠା କରିପାରିବେ କି? ଆଜି ଆମ ସମାଜରେ ସତ୍ୟର ପ୍ରତିଷ୍ଠା ପାଇଁ ବିବେକୀମାନେ ଉଦ୍ୟମ କରୁଛନ୍ତି କିନ୍ତୁ ତାହା ପ୍ରତିଷ୍ଠା ହୋଇ ପାରୁ ନାହିଁ କାହିଁକି?

ପ୍ରଥମେ ଦେଖିବା ଆମ ଆଇନଗତ ଦିଗ। ଆମ ଆଇନରେ ଅଛି "ହଜାରେ ଦୋଷୀ ବରଂ



ଖସି ଯାଆନ୍ତୁ କିନ୍ତୁ ଜଣେ ହେଲେ ନିର୍ଦ୍ଦୋଷ ଦଣ୍ଡ ନ ପାଆନ୍ତୁ"। ତେବେ ଏହି ଆଇନର ପରିବର୍ତ୍ତନର ଆବଶ୍ୟକତା ରହିଛି। ଏଭଳି ଏକ ସନ୍ଦେହାତ୍ମକ ପ୍ରଶ୍ନବାଚୀ ଏବେ ଆଇନରେ ସୃଷ୍ଟି ନ ହେବା ପାଇଁ ଆଇନ ବିଶେଷଜ୍ଞମାନେ ନିଜ ଗବେଷଣା ଦ୍ୱାରା ସାବ୍ୟସ୍ତ କରି ଆଉ ଏକ ନୂତନ ଆଇନ ବା ଜନତାଙ୍କ ପାଇଁ ଆଶା ଭରସା ଯଦି ସୃଷ୍ଟି କରନ୍ତେ ତେବେ ସମାଜରେ ଠିକ୍ ନ୍ୟାୟ ବ୍ୟବସ୍ଥା ପ୍ରତିଷ୍ଠା ହୋଇପାରନ୍ତା। ଆଉ ଏକ ଆଇନଗତ ଦ୍ୱନ୍ଦ୍ୱ ରହିଛି, ତା'ହେଲା ହତ୍ୟା, ବଳାତ୍କାର କ୍ଷେତ୍ରରେ 'ଆଇ ୱିଟ୍‌ନେସ' ବା ସ୍ୱଚକ୍ଷୁରେ ଦେଖିଥିବା ସାକ୍ଷୀ ବିହୁନେ ଦଣ୍ଡ ବ୍ୟବସ୍ଥା ଆଇନରେ ନାହିଁ। ଏହା ବିଗତ ଶତାବ୍ଦୀରେ ଆବଶ୍ୟକ ଥିଲା। କିନ୍ତୁ ଏବେ ନାଗରିକମାନଙ୍କ ଚରିତ୍ର ଯେତେବେଳେ ବଦଳି ଯାଇଛି, ଯାବତୀୟ କୁକର୍ମକୁ ଚାପିଦିଆଯିବା ପାଇଁ ଶକ୍ତିଗୁଡ଼ିଏ ସୃଷ୍ଟି ହୋଇଗଲେଣି। ଏ କ୍ଷେତ୍ରରେ ରାଜନୀତି ଯେତେବେଳେ ନିଜ ଦଳ ଓ ଦଳୀୟ କର୍ମୀଙ୍କ ସୁରକ୍ଷା ପାଇଁ କାମ କରୁଥିବା ଦେଖାଗଲାଣି, ସେତେବେଳେ ଜଣେ ବଳାତ୍କାରୀ ଯଦି ତାଙ୍କ ଦଳର ହୋଇଥିବେ ତେବେ ସେମାନେ ତା' ପଛରେ ଏକ ଶକ୍ତିରୂପେ ଠିଆ ହେବେ ନାହିଁ କି? ଏପରି କ'ଣ ଓଡ଼ିଶା କାହିଁକି ସାରା ଭାରତବର୍ଷରେ ଉଦାହରଣର ଅଭାବ ରହିଛି? ଅତୀତରେ ଓଡ଼ିଶାରେ ମମିତା ମେହେରଙ୍କ ଭଳି ଲୋମଟାଙ୍କୁରା ଘଟଣାରେ ଅଦୃଶ୍ୟ ଶକ୍ତିମାନେ କ'ଣ କେହି ଦଣ୍ଡ ପାଇଲେ? ଏଠାରେ ଅନୁଭୂତ ହେଲା ଯେ ନ୍ୟାୟିକ ବ୍ୟବସ୍ଥାରେ ଅଭାବନୀୟ ସ୍ଥିତି ଲାଗି ରହିଛି।

ଆମେ ଜାଣୁ ଆମ ଦେଶରେ ବିଚାରପତିମାନେ ଆଇନରେ ବନ୍ଧା। ସେମାନେ ପ୍ରକୃତରେ ଦୋଷୀ କିଏ ଜାଣୁଥିଲେ ହେଁ ତାଙ୍କୁ ବିନା ସାକ୍ଷୀ ପ୍ରମାଣରେ କାଠଗଡ଼ାରେ ଠିଆ କରାଇବା କ୍ଷମତା ବା ସ୍ୱାଧୀନତା ସମ୍ବିଧାନରେ ଦିଆଯାଇ ନାହିଁ। ଏବେ ବେଳ ଆସିଛି ଭାରତ ସରକାର ୧୮୬୦ର ଆଇନକୁ ଯେଭଳି ଗୋଟିଏ ଗୋଟିଏ ପରିବର୍ତ୍ତନ କରି ଚାଲିଛନ୍ତି ସେହିଭଳି ସମ୍ବିଧାନରେ ଥିବା ନ୍ୟାୟିକ ବ୍ୟବସ୍ଥାକୁ ସୁଦୂରପ୍ରସାରୀ କରିବା ପାଇଁ ଅପରାଧ ଆଉ ବୃଦ୍ଧି ନ ଘଟିବା ଲାଗି ସମ୍ବିଧାନ ପରିବର୍ତ୍ତନ ନ କରି ଆଇନର ଧାରାରେ ଏଥିପାଇଁ ସଂଯୁକ୍ତ କରାଯାଇ ପାରିବ। ମୋଟ ଉପରେ କହିବାକୁ ଗଲେ ତାଟିତଳେ ରହି ଗୁଳି ମାରୁଥିବା, ହିଂସାକୁ ଭିଆଉଥିବା, ସମର୍ଥନ ଓ ପ୍ରୋତ୍ସାହନ ଦେଉଥିବା ବ୍ୟକ୍ତିର ମୁଖା ଖୋଲିଦେବା ପାଇଁ ସିଏ ଯିଏ ହେଉନା କାହିଁକି ତାଙ୍କୁ ଯେତେବେଳେ ଆଇନର କାଠଗଡ଼ାକୁ ଅଣାଯାଇପାରିବ ସେତେବେଳେ ସବୁଠି ନ୍ୟାୟ ପ୍ରତିଷ୍ଠା ହୋଇପାରିବ। ଆମେ ଦେଖୁଛେ ଆମ ଦେଶରେ ନ୍ୟାୟ ପ୍ରତିଷ୍ଠା ପାଇଁ ବହୁ ମହିଳା, ଯୁବକ, ସାମ୍ବାଦିକ, ସାମାଜିକ କର୍ମୀ, ମାନବାଧିକାର କର୍ମୀ ରାଜନୈତିକ ଆକ୍ରୋଶର ଶିକାର ହୋଇ ମୃତ୍ୟୁବରଣ କରୁଛନ୍ତି। କିନ୍ତୁ ସେମାନଙ୍କ ମୃତ୍ୟୁର କାରଣ ଜଣାପଡ଼େନି। ଏଭଳି ଏକ ବ୍ୟବସ୍ଥା ହୁଅନ୍ତା ଯେଉଁଥିରେ ହିଂସା ଭିଆଉଥିବା ଅଦୃଶ୍ୟ ଶକ୍ତିକୁ ସହଜରେ ଦୋଷୀ ବୋଲି ସାବ୍ୟସ୍ତ କରଯାଇ ପାରନ୍ତା। ଦେଖନ୍ତୁ ହିଂସା, ଅପରାଧ ଭଳି କାର୍ଯ୍ୟର ଅନୁସନ୍ଧାନ କରି ନ୍ୟାୟ ଦେବା ପାଇଁ ଆମ ଦେଶରେ ପୋଲିସ ବିଭାଗ, କ୍ରାଇମ ବ୍ରାଞ୍ଚ ବିଭାଗ, ଆହୁରି ଅନେକ ବିଭାଗ ଗଠନ କରାଯାଇଛି। କିନ୍ତୁ ଏମାନେ କ'ଣ ମାନବିକ ଦୃଷ୍ଟିକୋଣରୁ ବିଚାର କରି ନିରପେକ୍ଷ ନା ଅନୁରକ୍ତ ହୋଇ ଥାଆନ୍ତି? କିନ୍ତୁ ତ୍ୱରିତ ଦଣ୍ଡଦେବା ବ୍ୟବସ୍ଥା ଦିଗରେ ଆଇନର ବାଟ ସିଧା ନ ଥାଏ। ତେବେ ଏକବିଂଶ ଶତାବ୍ଦୀରେ ଆଇନର ଉପଧାରାଗୁଡିକ ପରିବର୍ଦ୍ଧିତ ହେବା ଆବଶ୍ୟକ କରୁ ନାହିଁ କି? ବର୍ତ୍ତମାନର ଆଇନ ସମ୍ପର୍କରେ ପଣ୍ଡିତ ମହେଶ୍ୱର କହିଛନ୍ତି ଯେ, ଆଇନ ବର୍ତ୍ତମାନ ବହୁରୂପୀ ଏଣ୍ଡୁଅରେ ରୂପାନ୍ତରିତ। ସାର୍ବଭୌମ ସାମାଜିକ ଜୀବନର ଅନ୍ତରାୟ। ରାଜା ମହାରାଜା ଦୁଇଟି ଆଇନ ପ୍ରଣୟନ କରିଥିଲେ ଗୋଟିଏ ହେଉଛି କଚ୍ଛିମାହାଲ ଓ ଅନ୍ୟଟି ହେଉଛି ପଞ୍ଚିମାହାଲ। ପ୍ରଥମଟି ହେଉଛି ରାଜକର୍ମଚାରୀମାନେ ବିଚାର କରି ଦଣ୍ଡ ଦେବାର ବ୍ୟବସ୍ଥା ଓ ଅନ୍ୟଟି ହେଉଛି ରାଜା ନିଜେ ବିଚାର କରି ଦଣ୍ଡଦେବା। ବର୍ତ୍ତମାନ ଆଇନ ଦରବାରୀ ନଚେତ୍ ରାଜନୈତିକ ଦଳର ଇସ୍ତାହାର ବୋଲି ସେ ଆଖ୍ୟା ଦେଇଛନ୍ତି। ବାସ୍ତବରେ ଦେଖିବାକୁ ଗଲେ ଦଣ୍ଡ ବ୍ୟବସ୍ଥା ଦୃଷ୍ଟାନ୍ତମୂଳକ ହୋଇ ପାରୁ ନ ଥିବାରୁ ତାହା ଅପରାଧୀଙ୍କୁ ସଚେତନ କରି ପାରୁନାହିଁ। ଜନଚରିତ୍ର ଏଭଳି ହୋଇ ଯାଇଛି ଯେ ତାହା ବଦଳାଇବା ଖୁବ୍ କଷ୍ଟକର। ବର୍ତ୍ତମାନ ପ୍ରତ୍ୟେକ କ୍ଷେତ୍ରରେ ପ୍ରବେଶ କରିଥିବା ସମସ୍ୟା, ଅବାଞ୍ଛନୀୟତା, ବିଡ଼ମ୍ବନା ଏଥିପାଇଁ ଦୋଷ କାହାକୁ ଦେବା? ପ୍ରତ୍ୟକ୍ଷବାଦ ପୃଷ୍ଠଭୂମିରେ ଜନ୍ମ ନେଇଥିବା ଭୌତିକବାଦ ପ୍ରାୟ ସମସ୍ତ ନୈତିକ ମୂଲ୍ୟର ଉପଯୋଗିତା ଆବଶ୍ୟକତାକୁ ମାନିବା ପାଇଁ ରାଜି ନୁହେଁ। ଆଇନ ଅଛି କିନ୍ତୁ ସେ ଅଦୃଶ୍ୟ ଶକ୍ତିକୁ ଭେଦ କରି ସେମାନଙ୍କୁ ଦଣ୍ଡିତ କରି ପାରୁନାହିଁ। ଏଠି ବିଷକୁ ଅମୃତ ମାନ୍ୟତା, କ୍ଷତିକୁ ଲାଭ ବୋଲି ମନେକରି ତାକୁ ପାଇବା ପାଇଁ ସମସ୍ତେ ଲାଳାୟିତ। ଯାହାଫଳରେ ଆଇନ ଆଖିରେ ଲୁହ ନୁହେଁ ତା' ପରିବର୍ତ୍ତେ ଲହୁ ଝରୁଛି। ନ୍ୟାୟକୁ ଠିକ୍ ଏବଂ ଅଦୃଶ୍ୟ ଜାଗାରେ ପହଞ୍ଚାଇବା ପାଇଁ, ଆଇନ ବିଶାରଦ ଓ ଆଇନ ଗବେଷକମାନେ ଗବେଷଣା ଉପଲବ୍ଧ ଜ୍ଞାନକୁ ପ୍ରସାରିତ କରବା ଉଚିତ।

**ସୟଦପୁର, ଯାଜପୁର**
**ମୋ: ୯୪୩୭୩୧୫୬୨୩**

# ଭୁଲ୍ ବୁଝାମଣା



ରାଧାଶ୍ୟାମ ରାଉଳ


କେତେକ କ୍ଷେତ୍ରରେ କୌଣସି ନା କୌଣସି କାରଣରୁ ତ କେତେକ କ୍ଷେତ୍ରରେ କୌଣସି କାରଣ ନ ଥାଇ ଭୁଲ୍ ବୁଝାମଣା ସୃଷ୍ଟି ହୁଏ। ତେବେ ଭୁଲ୍ ବୁଝାମଣା ସୃଷ୍ଟି ଓ ବଢିବା ହେବା ମୂଳରେ ରହୁଛି ଜଣେ ଅନ୍ୟଜଣଙ୍କୁ କିମ୍ବା ପରସ୍ପରକୁ ବୁଝି ନ ପାରିବାର ଅଦୂରଦର୍ଶୀ ମାନସିକତା। ଘୃଣା, ବିଦ୍ୱେଷ, ସନ୍ଦେହ, ଅସୂୟା, ଗର୍ବ, ଅହଂକାର, ଔଦ୍ଧତ୍ୟ ଭଳି ତତ୍ତ୍ୱ ଭୁଲ୍ ବୁଝାମଣା ଉତ୍ପତ୍ତିର ପ୍ରମୁଖ କାରଣ।

ଭଲ କଥାବାର୍ତ୍ତା କରୁଥିବା, ଭଲ ବ୍ୟବହାର ପ୍ରଦର୍ଶନ କରୁଥିବା ବ୍ୟକ୍ତିଟି ଅନ୍ୟର ପ୍ରରୋଚନାରେ ହେଉ କିମ୍ବା ନିଜର ଅହଂକାର ଯୋଗୁ ହେଉ, ହଠାତ୍ ଯଦି ଆପଣଙ୍କୁ ଭୁଲ୍ ବୁଝିବେ, ଆପଣଙ୍କ ସହ ଅବାନ୍ତର ଯୁକ୍ତିତର୍କ କରିବସିବେ, ଅସମ୍ମାନ ପ୍ରଦର୍ଶନ କରିବେ ତ ତାଙ୍କର ସେଭଳି ଅମାର୍ଜିତ ଆଚରଣରେ ଆପଣ ସ୍ତବ୍ଧ, ଚକିତ ହେବେ ହିଁ ହେବେ। କଥା ଆଉ ଆଗକୁ ନ ବଢ଼େଇ ସୃଷ୍ଟ ପରିସ୍ଥିତିକୁ ନିଜ ନିୟନ୍ତ୍ରଣରେ ରଖିବାକୁ ଆପଣ ନାନା ଚେଷ୍ଟାକରି ହୁଏତ ବିଫଳ ହେବେ। ସେଇଠୁ ଅନନ୍ୟୋପାୟ ହୋଇ ଅଗତ୍ୟା ନୀରବରେ ହେଜିବା ସାର ହେବ, 'ଓଃ ଥରେ ନୁହେଁ, ଦୁଇଥର ନୁହେଁ, ବାରମ୍ବାର ଜୀବନରେ ଏମିତି ମଣିଷ ଚିହ୍ନିବାରେ କେଉଁଠି ନା କେଉଁଠି ଭୁଲ ହୋଇଯାଉଛି, ସତରେ!'

ସବୁ ସମୟରେ, ସବୁକ୍ଷେତ୍ରରେ ଭୁଲ ବୁଝାମଣା ବିଗାଡିଦିଏ ସମ୍ପର୍କକୁ, ଉଜାଡିଦିଏ ସଂସାରକୁ! ପ୍ରେମରେ, ଭକ୍ତିରେ, କର୍ମରେ, ଧର୍ମରେ, ଭାବ ବିନିମୟରେ, ନୀତିନିୟମ ବ୍ୟବସ୍ଥାରେ, କଳା, ସାହିତ୍ୟ, ସଂସ୍କୃତି, ଶିକ୍ଷା, କ୍ରୀଡା, ରାଜନୀତି ଇତ୍ୟାଦି ପ୍ରାୟ ସବୁକ୍ଷେତ୍ରକୁ ଭୁଲ ବୁଝାମଣା ଏମିତି ଆବୋରି ବସିଛି ଯେ ଯାହାର ପ୍ରଭାବରେ ବଢିଚାଲିଛି ସଂଘର୍ଷ, ସଂଘାତ, ସନ୍ତ୍ରାସ, ତିକ୍ତତା, ଶତ୍ରୁତା, ହିଂସ୍ରତା, ବିଶୃଙ୍ଖଳା, ବ୍ୟଭିଚାର, ଅରାଜକତା।

ବାଲ୍ୟାବସ୍ଥାରୁ ବର୍ତ୍ତମାନ ପର୍ଯ୍ୟନ୍ତ ଆମେ ବିଭିନ୍ନ ପର୍ଯ୍ୟାୟ ଦେଇ ଆସିବା ଭିତରେ ବିଭିନ୍ନ ସମୟରେ କାହାର ନା କାହାର ଭୁଲ୍ ବୁଝାମଣାର ଶିକାର ହୋଇଆସୁଛୁ। ଘରେ, ବାହାରେ, ସାହିବସ୍ତିରେ, ରାସ୍ତାଘାଟରେ, ହାଟବଜାରରେ, ସଭାସମିତିରେ, ବୃତ୍ତିକ୍ଷେତ୍ରରେ, ପ୍ରବୃତ୍ତିକ୍ଷେତ୍ରରେ, ସାଙ୍ଗସାଥୀ, ବନ୍ଧୁମହଲରେ କେତେବେଳେ ନା କେତେବେଳେ ଭୁଲ ବୁଝାମଣା ସୃଷ୍ଟି ହେଉଛି। କେଉଁଠି ଏହାର ପ୍ରଭାବ ଓ ଭୋଗକାଳ କିଛିକ୍ଷଣ, କିଛିଦିନ, କିଛିବର୍ଷ। ତା'ପରେ ଭୁଲ୍ ବୁଝାମଣାର କୁଝଟିକା ଅପସରି ଯାଇ ସମ୍ପର୍କ ପୁଣି ସହଜ, ସ୍ୱଚ୍ଛନ୍ଦ ହୁଏ। କେଉଁଠି ପୁଣି ଏହାର ପ୍ରଭାବ ଭୟଙ୍କର ହୋଇ ଜୀବନଧାରାକୁ ଏମିତି ଆଚ୍ଛନ୍ନ, ଆକ୍ରାନ୍ତ କରିରଖେ ଯେ ସେଥିରୁ ମୁକ୍ତି ମିଳିବା ଅସମ୍ଭବ ସାବ୍ୟସ୍ତ ହୁଏ।

ଜୀବନରେ ଦୈବାତ୍ ପ୍ରେମରେ ପଡିବା ବିଚିତ୍ର କଥା ନୁହେଁ। ହେଲେ ପ୍ରେମ ବ୍ୟାପାରରେ ଦୁଇ ଅଂଶୀଦାର ଅର୍ଥାତ୍ ପ୍ରେମିକ ଓ ପ୍ରେମିକା ମଧ୍ୟରେ ଉତ୍ତମ ବୁଝାମଣା ଯଦି ରହିଲା, ତେବେ ପ୍ରେମରେ ସଫଳତା ମିଳିବ। ଆଉ ଯଦି ଭୁଲ୍ ବୁଝାମଣା ମୁଣ୍ଡଟେକିଲା, ତେବେ ଅବସ୍ଥା ହେବ



ଅସମ୍ଭାଳ, ପରିସ୍ଥିତି ଅଣାୟତ୍ତ ହେବା ଥୟ। ପ୍ରେମ ପରି ବନ୍ଧୁତା ମଧ୍ୟ ପବିତ୍ର ସମ୍ପର୍କର ନମୁନା। ବନ୍ଧୁତା ଭିତରେ ଯଦି ଭୁଲ୍ ବୁଝାମଣା ପଶିବ, ତେବେ ତାହା ଶତ୍ରୁତାର ରୂପ ନେବ ନିଶ୍ଚୟ।

ନିଜର କର୍ତ୍ତବ୍ୟନିଷ୍ଠା, ପରିଶ୍ରମ, ଅଧ୍ୟବସାୟ, ସାଧନା, ପରାକାଷ୍ଠା ଥିବା ସତ୍ତ୍ୱେ କର୍ମକ୍ଷେତ୍ରରେ ହେଉ ଅବା ସାଧନା କ୍ଷେତ୍ରରେ, ଯେଉଁମାନଙ୍କୁ ମୁଁ ଗ୍ରହଣ କରିଆସିଛି, ଯେଉଁମାନେ ମୋ ଦୈନନ୍ଦିନ କାର୍ଯ୍ୟଶୈଳୀ ଓ ଜୀବନଚର୍ଯ୍ୟାକୁ ଭୂୟସୀ ପ୍ରଶଂସା କରିଆସିଛନ୍ତି, ସେମାନେ କୌଣସି ନା କୌଣସି ଭିତ୍ତିହୀନ, ଅବାସ୍ତବ କାରଣ ପାଇଁ ମୋତେ ଭୁଲ୍ ବୁଝିଛନ୍ତି। ସେଇ ଦାୟରେ, ମୋ ଦୀର୍ଘ ଛତିଶବର୍ଷର କର୍ମମୟ ଜୀବନରେ ମୁଁ ସହକର୍ମୀଙ୍କର ଚୁଗୁଲି, ଷଡଯନ୍ତ୍ରର ଶିକାର ହୋଇଛି। କର୍ତ୍ତୃପକ୍ଷଙ୍କ ଆକ୍ରୋଶର ଶିକାର ହୋଇ ଅନ୍ୟତ୍ର ବଦଳିହେବାର ମାନସିକ ଚାପ ଓ ଉତ୍ପୀଡ଼ନକୁ ନୀରବରେ ସହିଛି। ଜଣେ କର୍ତ୍ତୃପକ୍ଷ ନିଜ କ୍ଷମତାର ଅପପ୍ରୟୋଗ କରି ମୋର ପ୍ରାପ୍ୟ ଟଙ୍କାରୁ ମୋତେ ବଞ୍ଚିତ କରିଛନ୍ତି। ଅନୁରୂପ ଭାବେ ହାଇସ୍କୁଲ ପଢିବା ସମୟର ସାଙ୍ଗ ପ୍ରଦୀପ ମାତ୍ରାଧିକ ବାହାଦୁରିର ପ୍ରଭାବରେ ଏବେ ଏ ପରିଣତ ବୟସରେ ମୋତେ ହୃଦୟହୀନ କହିବା, ଯୁକ୍ତ୩ ପଢୁଥିବା ସମୟର ସାଙ୍ଗ ଅନିଲ ନିଜକୁ ମାନ୍ୟଗଣ୍ୟ ମନେକରି ମୋତେ ବଦରାଗୀ, ବେସରମ କହିବା, ସମବୟସ୍କ ସାହିତ୍ୟିକ ବନ୍ଧୁ ମକରନ୍ଦ ବାବୁ ଏକ ସମ୍ଭ୍ରାନ୍ତ ସାହିତ୍ୟାନୁଷ୍ଠାନରେ ଶୀର୍ଷ ପଦବୀରେ ରହିବା ପରେ ଆମ ଦୀର୍ଘବର୍ଷର ବନ୍ଧୁତାକୁ ଭୁଲିଯାଇ ମୋତେ ଅବଜ୍ଞା, ଅବହେଳା କରିବା, ନିଜ କଲୋନୀରେ ଦୁର୍ନୀତି, ଭ୍ରଷ୍ଟାଚାର ବିରୋଧରେ ସ୍ୱରୋତ୍ତୋଳନ କରି ନ୍ୟସ୍ତସ୍ୱାର୍ଥଗୋଷ୍ଠୀର ଆହ୍ୱାନ, ଅଦଉତିକୁ ସାମ୍ନା କରିବା ଇତ୍ୟାଦି ବାସ୍ତବରେ ମୋ ଜୀବନରେ ଅତ୍ୟନ୍ତ ଦୁଃଖଦାୟକ ଓ ଦୁର୍ଭାଗ୍ୟଜନକ ଅନୁଭୂତି !

ମନରେ ସ୍ୱତଃ ପ୍ରଶ୍ନ ଆସିବା ସ୍ୱାଭାବିକ, ଭୁଲ ବୁଝାମଣା କ'ଣ ଏମିତି ଦୟନୀୟତା ଓ ଦୁର୍ଗତିପ୍ରାପ୍ତ ହୁଏ ସବୁବେଳେ ? ଏଇ ଯେମିତି ନୀତିଭ୍ରଷ୍ଟ, ଦୁର୍ନୀତିଗ୍ରସ୍ତଙ୍କୁ ସଦାଚାରୀ, ନୀତିନିଷ୍ଠ, ସତ୍ୟନିଷ୍ଠ ; ଅନାଡି, ଅକାଳକୁଷ୍ମାଣ୍ଡମାନଙ୍କୁ ମହାଜ୍ଞାନୀ ; ଅସାହିତ୍ୟିକଙ୍କୁ ବିଶିଷ୍ଟ ସାହିତ୍ୟିକ ; କର୍ମକୋଡ଼ି ବାହାଦୁରିଆଙ୍କୁ କର୍ମଯୋଗୀ ; ଭ୍ରଷ୍ଟାଚାରୀ, ଟାଉଟରଙ୍କୁ ସୁଧାରକ, ସଂସ୍କାରକ ଉପାଧିରେ ଭୂଷିତ କରିବା। ଆଉ ସବୁ ତ୍ରୁଟିବିଚ୍ୟୁତି, ବିଲକ୍ଷଣ, ବ୍ୟତିକ୍ରମ, ବିରୋଧାଭାସକୁ ବରଦାସ୍ତ କରୁଥିବା, ମୁଣ୍ଡପାତି ସହୁଥିବା ସହୃଦୟ ମଣିଷଙ୍କୁ ଇତର, ନଗଣ୍ୟ ମନେକରି ସେମାନଙ୍କ ସହ ଅନୁଚିତ ଆଚରଣ ଓ ବେପରୁଆ ବ୍ୟବହାର ପ୍ରଦର୍ଶନ କରିବା ?

ନିଜ ସପକ୍ଷରେ ନିଜର ଯୁକ୍ତି, 'ମୋର ଆଜ୍ଞା, କିଛି ଭୁଲ ନାହିଁ। ଦୟାକରି ମୋତେ ଭୁଲ ବୁଝନ୍ତୁନାହିଁ 'ର ଭାବାର୍ଥ କି ଶବ୍ଦାର୍ଥ କିଏ ବୁଝୁଛି, ଆଜିର ସଙ୍କଟପୂର୍ଣ୍ଣ ସମୟରେ। ଭୁଲ ବୁଝାମଣା ଏକ ନକାରାତ୍ମକ ଅନୁଚିନ୍ତା। ଏହାର ପାର୍ଶ୍ୱପ୍ରତିକ୍ରିୟା ପ୍ରବଳ। ଏହାକୁ ପ୍ରତିହତ କରିବା ସାଧ୍ୟାତୀତ ନିଶ୍ଚୟ। ଆମେ ସେଇ ଭୁଲ୍ ବୁଝାମଣାର ପାପଚକ୍ର ଭିତରେ ଅହରହ ଧନ୍ଦିହେଉଛୁ।

**ବୀମାବିହାର, ମର୍କତନଗର,**
**ସେକ୍ଟର-୬, କଟକ**
**ମୋ:୯୪୩୭୦୯୦୯୮୫**

## ଏଇ ଭାରତରେ

ଭାରତ ସ୍ୱାଧୀନତା ପାଇବା ପରଠାରୁ ଏଯାବତ୍ ଅଧିକାଂଶ ଗାଁର ଇତିହାସକୁ ଖୋଜିଲେ ଜଣେ ଆଇଏଏସ୍ କିମ୍ବା ଆଇପିଏସ୍ ଅଧିକାରୀ ମିଳିବେ ନାହିଁ। ହେଲେ ଉତ୍ତରପ୍ରଦେଶର ମାଧପଟି ଗାଁ ଆଇଏଏସ୍ ଫ୍ୟାକ୍ଟ୍ରି ଭାବେ ଜଣାଶୁଣା। ଅର୍ଥାତ୍ ଏହି ଗାଁରୁ ଏଯାବତ୍ କେନ୍ଦ୍ର ଲୋକସେବା ଆୟୋଗ(ୟୁପିଏସ୍‌ସି) ଦ୍ୱାରା ପରିଚାଳିତ ସିଭିଲ ସର୍ଭିସ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇ ୪ ଆଇଏଏସ୍‌ଙ୍କ ସମେତ ମୋଟ ୫୦ ଜଣ ଆଇଏଏସ୍, ଆଇପିଏସ୍ ଓ ଆଇଆର୍‌ଏସ୍ ହେବାର ସୌଭାଗ୍ୟ ଲାଭ କରିପାରିଛନ୍ତି। କେବଳ ଏତିକି ନୁହେଁ, ଏହି ଗାଁରୁ ଅନେକେ ମଧ୍ୟ ମହାକାଶ ବିଜ୍ଞାନୀ, ଆଣବିକ ଗବେଷଣା, ନ୍ୟାୟିକ ସେବା ଏବଂ ବ୍ୟାଙ୍କିଙ୍ଗ୍‌ର ଉଚ୍ଚ ପଦପଦବୀରେ ଆସୀନ ହୋଇଛନ୍ତି। ଜଉନପୁର ଜିଲାର ଏହି ଗାଁରେ ୭୫ଟି ପରିବାର ରହୁଛନ୍ତି। ବଡ଼ କଥା ହେଉଛି, ଏଠାରେ କୌଣସି କୋଚିଂ ସେଣ୍ଟର ନାହିଁ। ତଥାପି ପ୍ରତିବର୍ଷ ଜଣଙ୍କ ପରେ ଜଣେ ସିଭିଲ ସର୍ଭିସ୍ ପରୀକ୍ଷାରେ କୃତକାର୍ଯ୍ୟ ହୋଇଚାଲିଛନ୍ତି।

## ୫୦ ବର୍ଷ ତଳର ଧରିତ୍ରୀ

**୨୨ ଜୁଲାଇ ୧୯୭୬**

- ଭାରତ ଓ ପାକିସ୍ତାନ ମଧ୍ୟରେ ବିମାନ ଚଳାଚଳ ଆରମ୍ଭ କରାଯାଇଥିବା ବେଳେ ପ୍ରଥମଥର ପାଇଁ ଭାରତର ଏକ ବିମାନରେ ପାକିସ୍ତାନ ପାଇଁ ମନୋନୀତ ଭାରତର ରାଷ୍ଟ୍ରଦୂତ କେ.ଏସ୍. ବାଜପେୟୀ ନୂଆଦିଲ୍ଲୀରୁ ଇସଲାମାବାଦ ଅଭିମୁଖେ ଲାହୋର ଯାତ୍ରା କରିଛନ୍ତି।
- ଆମେରିକା ଦ୍ୱାରା ପ୍ରେରିତ ଅମାନବ ମହାକାଶଯାନ ଭାଇକିଙ୍ଗ-୧ ନିରାପଦରେ ମଙ୍ଗଳ ଗ୍ରହ ପୃଷ୍ଠରେ ଅବତରଣ କରିଛି।

## ଚିରନ୍ତନୀ

ବିଶ୍ୱର ତରଙ୍ଗେ ଭାସି
ଅଭାବର ରାଶି ରାଶି
ଜମିଅଛି କେତେ ଶତ ମୋର ଏ
ଅନ୍ତରେ,
ନିବିଡ଼ ସେ ଆଲିଙ୍ଗନେ
ଉଠିବ ପୂରି ସଘନେ
ନୀରବ ନିଭୃତ ଏହି ନିଶୀଥ ରାତ୍ରରେ ।
–(ଆଶ୍ଳେଷ ସ୍ୱର୍ଗ)
–କାଳିନ୍ଦୀ ଚରଣ ପାଣିଗ୍ରାହୀ

## ପାଠକ ଶ୍ରେଷ୍ଠ ବିଚାରକ

### ଆୟକର ଲାଗୁ ହେଉ

ମହାଶୟ,

ରାଜ୍ୟରେ ଯାତ୍ରା କଳାକାରମାନେ ବାର୍ଷିକ ୬୦ରୁ ୭୦ ଲକ୍ଷ ଟଙ୍କା ଆୟ କରୁଥିବାରୁ ସେମାନେ ଆୟକର ଦେବାକୁ ବାଧ୍ୟ। ଯଦି ଦେଉ ନ ଥିବେ ତେବେ ସେମାନଙ୍କ ପାଇଁ ନୂଆ ନିୟମ ଲାଗୁ କରାଯାଉ। ସେହିପରି ଚଳଚ୍ଚିତ୍ରରେ ମଧ୍ୟ ବାର୍ଷିକ ଆୟ ଥାଇ ବି ଆୟକରରୁ ରିହାତି ପାଉଛନ୍ତି। କିନ୍ତୁ ଗାଡ଼ି ମାଲିକମାନେ ଆୟକର ପରିସରଭୁକ୍ତ। ଯାତ୍ରା ମାଲିକମାନଙ୍କୁ କଳାକାରଙ୍କ ତାଲିକା ମଗାଯାଉ। ସେମାନଙ୍କଠାରୁ ସରକାର ରାଜସ୍ୱ ପାଇପାରିବେ। ନିୟମ ସମସ୍ତଙ୍କ ପାଇଁ ସମାନ ହେଉ, ଯେପରି ଏହାକୁ କେହି ଖିଲାପ ନ କରନ୍ତି। ଏହା କଡ଼ାକଡ଼ି ପାଳନ କରାଯାଉ।

**–ରମେଶ ଚନ୍ଦ୍ର ବେହେରା, ଆୟତପୁର, କଟକ**

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦ କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail:dharitripress@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

# ଭଲ୍ୟୁମ୍‌-୨ରେ ସ୍ଥାନ ପାଇବ 'ପାଇକ ବିଦ୍ରୋହ'

## ସ୍ପଷ୍ଟୀକରଣ ଦେଲା ଏନ୍‌ସିଇଆରଟି

ଭୁବନେଶ୍ୱର,୨୧।୭ (ସୁଚିସ୍ମିତା ସାହୁ)

ଦେଶର ପ୍ରଥମ ସ୍ୱାଧୀନତା ସଂଗ୍ରାମ ରୂପେ ଜଣାଯାଉଥିବା ଓଡ଼ିଶାର 'ପାଇକ ବିଦ୍ରୋହ'କୁ ନ୍ୟାସନାଲ କାଉନ୍‌ସିଲ ଅଫ୍ ଏଜୁକେସନାଲ ରିସର୍ଚ୍ଚ ଆଣ୍ଡ ଟ୍ରେନିଂ (ଏନ୍‌ସିଇଆରଟି) ପାଠ୍ୟପୁସ୍ତକରୁ ବାଦ୍ ଦିଆଯାଇଛି। ଏହା ଜଣାପଡିବା ପରେ ରାଜ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇବା ସହ କେନ୍ଦ୍ର ଶିକ୍ଷାମନ୍ତ୍ରୀଙ୍କ ନିକଟରେ ଅଭିଯୋଗ ହୋଇଥିଲା। ଏପରିସ୍ଥିତିରେ ଏନ୍‌ସିଇଆରଟି ପକ୍ଷରୁ ସୋମବାର ଏକ ପ୍ରେସ୍ ବିବୃତି ମାଧ୍ୟମରେ ସ୍ପଷ୍ଟୀକରଣ ଦିଆଯାଇଛି। ସେଥିରେ ଉଲ୍ଲେଖ କରାଯାଇଛି ଯେ, ୮ମ ଶ୍ରେଣୀର ସୋସିଆଲ ସାଇନ୍ସ ପୁସ୍ତକ 'ଏକ୍ସପ୍ଲୋରିଂ ସୋସାଇଟି: ଇଣ୍ଡିଆ ଆଣ୍ଡ ବିଅଣ୍ଡ' ଭଲ୍ୟୁମ୍‌-୧ର ନୂତନ ସଂସ୍କରଣ ପ୍ରକାଶ ପାଇଛି। ଏହାର ଭଲ୍ୟୁମ୍‌-୨ର ପ୍ରସ୍ତୁତି ବର୍ତ୍ତମାନ ପର୍ଯ୍ୟାୟରେ ପହଞ୍ଚିଛି। ଆସନ୍ତା ସେପ୍ଟେମ୍ବର କିମ୍ବା ଅକ୍ଟୋବରରେ ଏହା ପ୍ରକାଶ ପାଇବାର ସମ୍ଭାବନା ରହିଛି। ସେଥିରେ ଆଞ୍ଚଳିକ ଆନ୍ଦୋଳନ ଏବଂ ସଶସ୍ତ୍ର ବିଦ୍ରୋହ ଉପରେ ଏକ ସ୍ୱତନ୍ତ୍ର ସଂକ୍ରାନ୍ତ ପାଠ୍ୟକ୍ରମ ରହିବ। ଓଡ଼ିଶାର ପାଇକ ବିଦ୍ରୋହ ବା ଖୋର୍ଦ୍ଧା ବିଦ୍ରୋହ ସହ ପଞ୍ଜାବରେ କୁକା ଆନ୍ଦୋଳନ ବା ଶିଖ ବିଦ୍ରୋହ ଆଦି ବିଷୟଗୁଡ଼ିକ ସ୍ଥାନ ପାଇବ ବୋଲି ସ୍ପଷ୍ଟ କରାଯାଇଛି। ସୂଚନାଯୋଗ୍ୟ, ଗତ ସପ୍ତାହରେ ଏନ୍‌ସିଇଆରଟି ପକ୍ଷରୁ ପ୍ରକାଶିତ ୮ମ ଶ୍ରେଣୀ ସୋସିଆଲ ସାଇନ୍ସ ବହିର ଭଲ୍ୟୁମ୍‌-୧ରୁ 'ପାଇକ ବିଦ୍ରୋହ' ବିଷୟକୁ ବାଦ୍ ଦିଆଯାଇ ଥିବାରୁ ଏହାକୁ ନେଇ ଅଭିଯୋଗ ଓ ପ୍ରତିବାଦ ଉଠିଥିଲା। ସେଥିରେ ବଙ୍ଗଳାର ସନ୍ୟାସୀ ବିଦ୍ରୋହ, ବିହାରର କୋଲ୍ ବିଦ୍ରୋହ ଓ ସାନ୍ତାଳଙ୍କ ବିଦ୍ରୋହ ସ୍ଥାନ ପାଇଥିବା ବେଳେ ଖୋର୍ଦ୍ଧାର ପାଇକ ବିଦ୍ରୋହକୁ ବାଦ୍ ଦେବା ବୀର ପାଇକଙ୍କ ଗୌରବମୟ ତ୍ୟାଗ ଓ ବଳିଦାନ ପ୍ରତି ଏକ ଚରମ ଉପହାସ ବୋଲି ମତପ୍ରକାଶ ପାଉଥିଲା। ଏହାକୁ ନେଇ ଓଡ଼ିଆ ଅସ୍ମିତା ପରିଷଦ ଅଭିଯୋଗ ଉଠାଇବା ସହ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ଉଦ୍ଦେଶ୍ୟ କରି ପତ୍ର ଲେଖିଥିଲେ। ଅନ୍ୟ କେତେକ ସଙ୍ଗଠନ ଓ ବୁଦ୍ଧିଜୀବୀମାନେ ମଧ୍ୟ ରାଜ୍ୟ ସରକାର ଓ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଏଥିପ୍ରତି ଦୃଷ୍ଟି ଦେବାକୁ ଦାବି କରିଥିଲେ।

# ଇନ୍‌ଫର୍ମର ସନ୍ଦେହରେ ୨ଜଣଙ୍କୁ ହତ୍ୟାକଲେ ମାଓବାଦୀ

ମାଲକାନଗିରି,୨୧।୭(ଦୁର୍ଯ୍ୟୋଧନ ପାତ୍ର)

ଛତିଶଗଡ଼ ବିଜାପୁର ଜିଲ୍ଲା ଛୁଟୱାଇ ଓ ତୋରେମ ଗାଁର ୨ଜଣ ବ୍ୟକ୍ତିଙ୍କୁ ମାଓବାଦୀମାନେ ଇନ୍‌ଫର୍ମର ସନ୍ଦେହରେ ରବିବାର ରାତିରେ ହତ୍ୟାକରି ଗାଁ ଦାଣ୍ଡରେ ଫୋପାଡ଼ି ଚାଲି ଯାଇଛନ୍ତି। ମୃତକ ହେଲେ କବାସୀ ଜୋଗା ଓ ମଙ୍ଗଳ କର୍ଣ୍ଣମ। ସୂଚନା ଅନୁଯାୟୀ, ଛୁଟୱାଇ ଓ ତୋରେମ ଗାଁର ୨ଜଣ ବ୍ୟକ୍ତିଙ୍କୁ ରବିବାର ରାତିରେ ୧୫ରୁ ଉର୍ଦ୍ଧ୍ୱ ସଶସ୍ତ୍ର ମାଓବାଦୀ ତାଙ୍କ ଘରୁ ଅପହରଣକରି ନେଇ ହତ୍ୟା କରିଥିଲେ। ପରେ ଗାଁ ଦାଣ୍ଡରେ ମୃତଦେହ ଫିଙ୍ଗି ଚାଲିଯାଇଥିଲେ। ମୃତଦେହ ନିକଟରୁ ମିଳିଥିବା ଚିଠିରେ ଉଲ୍ଲେଖ କରିଥିଲେ, ଏହି ୨ଜଣ ପୋଲିସର ସୂଚନାଦାତା ଥିବାରୁ ଏମାନଙ୍କୁ ହତ୍ୟା କରାଯାଇଛି। ପୋଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତକରିବା ସହ ଉକ୍ତ ଅଞ୍ଚଳରେ କୋମ୍ବିଙ୍ଗକୁ ଜୋରଦାର କରିଛି। ବିଜାପୁର ପୋଲିସ ସୂଚନା ଦେଇଛି, ଗ୍ରାମ ଲୋକମାନଙ୍କୁ ସୁରକ୍ଷା ଦେବା ଆମର ମୂଳଲକ୍ଷ୍ୟ। ଆଗାମୀ ଦିନରେ ଆହୁରି ଅଧିକ କ୍ୟାମ୍ପ ପ୍ରତିଷ୍ଠା କରି ଗ୍ରାମକୁ ସୁରକ୍ଷା ଯୋଗାଇବା ସହ ଛତିଶଗଡ଼କୁ ସମ୍ପୂର୍ଣ୍ଣ ମାଓବାଦୀମୁକ୍ତ କରାଯିବ।

# ସ୍ୱଚ୍ଛ ସହର ସର୍ଭେରେ ମିଳିଥିବା ପୁରସ୍କାର ମୁଖ୍ୟମନ୍ତ୍ରୀଙ୍କ ନିକଟରେ ପ୍ରଦର୍ଶିତ

## ସ୍ୱଚ୍ଛ ସହର ସର୍ଭେରେ ଆସ୍କା ବିଜ୍ଞାପିତ ଅଞ୍ଚଳ ଦେଶରେ ୨ୟ

ଭୁବନେଶ୍ୱର,୨୧।୭(ସୁନନ୍ଦ ମିଶ୍ର)

ଦେଶର ସ୍ୱଚ୍ଛ ସହର ସର୍ଭେରେ ଗଞ୍ଜାମ ଜିଲ୍ଲାର ଆସ୍କା ବିଜ୍ଞାପିତ ଅଞ୍ଚଳ ପରିଷଦ ୨ୟ ସ୍ଥାନ ହାସଲ କରିଛି। ଗତ ୧୭ ତାରିଖରେ ନୂଆଦିଲ୍ଲୀର ବିଜ୍ଞାନ ଭବନ ଠାରେ ଗୃହ ଓ ସହରାଞ୍ଚଳ ବ୍ୟାପାର ମନ୍ତ୍ରଣାଳୟ ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ମହାମହିମ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ରଙ୍କୁ ଏଥି ନିମନ୍ତେ ସ୍ୱଚ୍ଛ ସର୍ବେକ୍ଷଣ ପୁରସ୍କାର ୨୦୨୪-୨୫ ପ୍ରଦାନ କରିଥିଲେ। ସୋମବାର ଲୋକସେବା ଭବନଠାରେ ଆସ୍କା ବିଧାୟକ ସରୋଜ କୁମାର ପାଢ଼ୀ ଏବଂ ଅଧ୍ୟକ୍ଷା ବିନୀତା ସ୍ୱାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନିକଟରେ ଏହି ସାର୍ଟିଫିକେଟ ଓ ଟ୍ରଫି ପ୍ରଦର୍ଶନ କରିଥିଲେ। ମୁଖ୍ୟମନ୍ତ୍ରୀ ଏହି ସଫଳତା ପାଇଁ ଖୁସିବ୍ୟକ୍ତ କରିବା ସହିତ ଉଭୟ ବିଧାୟକ ଓ ଅଧ୍ୟକ୍ଷାଙ୍କୁ ଅଭିନନ୍ଦନ ଜଣାଇଛନ୍ତି। ଏହିପରି ସ୍ୱଚ୍ଛ ଅଭିଯାନ ଜାରି ରଖି ୧ମ ସ୍ଥାନ ହାସଲ କରିବା ପାଇଁ ଉଦ୍ୟମ କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି। ସୂଚନାଯୋଗ୍ୟ, ୨୦ ହଜାରରୁ ୫୦ ହଜାର ଜନସଂଖ୍ୟା ବିଶିଷ୍ଟ କ୍ୟାଟେଗୋରିରେ ଗଞ୍ଜାମ ଜିଲ୍ଲାର ଆସ୍କା ଦେଶରେ ସ୍ୱଚ୍ଛ ସହର ଭାବେ ୨ୟ ସ୍ଥାନ ହାସଲ କରି ଏହି ପୁରସ୍କାର ପାଇଛି।

# ହତ୍ୟା ମାମଲା: ବାପ, ପୁଅଙ୍କୁ ଆଜୀବନ ଜେଲ

ଅନୁଗୋଳ,୨୧।୭ (ଜ୍ୟୋତିରଞ୍ଜନ ସାହୁ)

ଏକ ହତ୍ୟା ମାମଲାର ବିଚାର କରି ଅନୁଗୋଳ ଅତିରିକ୍ତ ସେସନ ଜଜ୍ ତଥା ସ୍ୱତନ୍ତ୍ର ଜଜ୍ ଭିଜିଲାନ୍ସ ସୋମବାର ଅଭିଯୁକ୍ତ ବନ୍ତଲା ଥାନା ବଡ଼କନ୍ତକୁଲୁ ଗ୍ରାମର ବିଶ୍ୱନାଥ ସାହୁ ଏବଂ ତାଙ୍କ ପୁଅ ଶିଶିର ସାହୁଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ଆଜୀବନ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ମାମଲାରୁ ପ୍ରକାଶ, ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଅନୁଗୋଳ ଜିଲ୍ଲା ବନ୍ତଲା ଥାନା ବଡ଼କନ୍ତକୁଲୁ ଗ୍ରାମରେ ୨୦୨୧ ଜୁନ ୩୦ରେ ଏକ ହତ୍ୟାକାଣ୍ଡ ଘଟିଥିଲା। ଅଭିଯୁକ୍ତ ବିଶ୍ୱନାଥ ସାହୁ ଏବଂ ତାଙ୍କ ପୁଅ ଶିଶିର ସାହୁ ସେହି ଗ୍ରାମର ଗୁଟୁ ବେହେରା ଏବଂ ତାଙ୍କ ପରିବାର ଲୋକଙ୍କୁ ହତ୍ୟା କରିବା ଉଦ୍ଦେଶ୍ୟରେ ଘରେ ପଶିଥିଲେ। ଗୁଟୁ ବେହେରାଙ୍କ ପୁତୁରା ଅଖିଳ ବେହେରା ଏହାର ପ୍ରତିବାଦ କରିବାରୁ ଶିଶିର ଗୁଳି ଚଳାଇଥିଲା। ଫଳରେ ଅଖିଳଙ୍କ ମୃତ୍ୟୁ ହୋଇଥିଲା। ଏହାପରେ ବିଶ୍ୱନାଥ ଟାଙ୍ଗିଆରେ ଗୁଟୁଙ୍କୁ ଆକ୍ରମଣ କରି ଫେରାର ହୋଇଯାଇଥିଲେ। ଏ ନେଇ ଗୁଟୁ ବନ୍ତଲା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୋଲିସ ଏକ ମାମଲା ରୁଜୁ କରି ଉଭୟ ବାପ ଓ ପୁଅଙ୍କୁ ଗିରଫ କରିଥିଲା। ଏହି ମାମଲାର ବିଚାର କରୁଥିବା ଅତିରିକ୍ତ ସେସନ ଜଜ୍ ତଥା ସ୍ୱତନ୍ତ୍ର ଜଜ୍ ଭିଜିଲାନ୍ସ ଅଭିଯୁକ୍ତ ବିଶ୍ୱନାଥ ଏବଂ ପୁଅ ଶିଶିରଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ଆଜୀବନ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ସରକାରଙ୍କ ପକ୍ଷରୁ ଏହି ମାମଲାକୁ ଆଡିଶିନାଲ ପି.ପି. ତାପସ ରଞ୍ଜନ ମିଶ୍ର ଏବଂ ଧ୍ରୁବ ଚରଣ ସାହୁ ପରିଚାଳନା କରିଥିଲେ।

# ଓଡ଼ିଶା ସରକାର
## ଜଙ୍ଗଲ ଏବଂ ପରିବେଶ ବିଭାଗ

### ଏନ୍‌ଟିପିସି ଲିଃ, ଦର୍ଲିପାଲି ଏସ୍‌ଟିପିପି ଦ୍ୱାରା ମେକ୍ ଅପ୍ ୱାଟର (ଏମ୍‌ୟୁଡବ୍ଲ୍ୟୁ) ପାଇପଲାଇନ୍ ଏବଂ ୧୩୨ କେଭି ବୈଦ୍ୟୁତିକ ଟ୍ରାନ୍ସମିଶନ୍ ଲାଇନ୍‌ର ପର୍ଯ୍ୟାୟ-୧/୨ ଜଙ୍ଗଲ ଜମିର ପରିବର୍ତ୍ତନ ମଞ୍ଜୁରୀ

**ପରିଶିଷ୍ଟ-୧**

Government of India/ଭାରତ ସରକାର
Ministry of Environment, Forest & Climate Change/
ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ
Eastern Regional Office/ପୂର୍ବାଞ୍ଚଳ କ୍ଷେତ୍ରୀୟ କାର୍ଯ୍ୟାଳୟ
A/3, Chandrasekharpur/ଏ/୩, ଚନ୍ଦ୍ରଶେଖରପୁର
Bhubaneswar-751023/ଭୁବନେଶ୍ୱର-୭୫୧୦୨୩
ଟେଲିଫୋନ୍: ୦୬୭୪-୨୩୦୧୨୧୩, ୨୩୦୧୨୪୮, ୨୩୦୨୪୫୨, ୨୩୦୨୪୫୩
ଫାକ୍ସ: ୦୬୭୪-୨୩୦୨୪୩୨, ଇ-ମେଲ୍: roez.bsr-mef@nic.in

ନଂ. ୫-ଓଆର୍‌ସି୨୭୯/୨୦୧୬-ବିଏଚ୍‌ୟୁ — ୧ ନଭେମ୍ବର, ୨୦୧୬

ପ୍ରାପ୍ତେଷୁ,
ପ୍ରଧାନ ସଚିବ,
ଜଙ୍ଗଲ ଏବଂ ପରିବେଶ ବିଭାଗ,
ଓଡ଼ିଶା ସରକାର,
ଭୁବନେଶ୍ୱର

ବିଷୟ:- ଏନ୍‌ଟିପିସି ଲିମିଟେଡ୍ ଦ୍ୱାରା ସୁନ୍ଦରଗଡ଼ ଜିଲ୍ଲାରେ ଏହାର ଦର୍ଲିପାଲି ସୁପର ଥର୍ମାଲ ପାୱାର ପ୍ରୋଜେକ୍ଟ ପାଇଁ ହୀରାକୁଦ ଜଳଭଣ୍ଡାରରୁ ଜଳ ଉଠାଇବା ନିମନ୍ତେ ମେକ୍ ଅପ୍ ୱାଟର (ଏମ୍‌ୟୁଡବ୍ଲ୍ୟୁ) ପାଇପଲାଇନ୍ ଓ ୧୩୨ କେଭି ବୈଦ୍ୟୁତିକ ଟ୍ରାନ୍ସମିଶନ ଲାଇନ୍ ବିଛାଇବା ନିମନ୍ତେ ଓଡ଼ିଶାର ଝାରସୁଗୁଡ଼ା ଓ ସୁନ୍ଦରଗଡ଼ ଜିଲ୍ଲାରେ ୨୫.୫୬ ହେକ୍ଟର ଜଙ୍ଗଲ ଜମି (ମୂଳତଃ ପ୍ରସ୍ତାବିତ ୨୫.୭୬ ହେକ୍ଟର)ର ପରିବର୍ତ୍ତନ କରିବା ।

ମହାଶୟ,

ଜଙ୍ଗଲ (ସଂରକ୍ଷଣ) ଅଧିନିୟମ, ୧୯୮୦ର ଧାରା ୨ ଅଧୀନରେ ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ଆଗୁଆ ଅନୁମୋଦନ ଲୋଡ଼ିବା ପାଇଁ ଉପରଦର୍ଶିତ ବିଷୟରେ ରାଜ୍ୟ ସରକାରଙ୍କ ଚିଠି ସଂ.୧୦ଏଫ(ସିଏନଏସ)୨୯୨/୨୦୧୫-୯୮୭୩/ଏଫ୍ ଆଣ୍ଡ ଇ, ତାରିଖ ୨୩.୦୫.୨୦୧୬ ଏବଂ ସଂ.୧୭୮୧୭/ଏଫ୍ ଆଣ୍ଡ ଇ, ତାରିଖ: ୨୪.୦୯.୨୦୧୬କୁ ସନ୍ଦର୍ଭକୁ ନେବା ପାଇଁ ମୋତେ ନିର୍ଦ୍ଦେଶ ଦିଆଯାଇଛି ।

ରାଜ୍ୟ ସରକାରଙ୍କ ପ୍ରସ୍ତାବ ଉପରେ ଯଥେଷ୍ଟ ବିଚାର କରିବା ପରେ ଏବଂ ୨୫.୧୦.୨୦୧୬ରେ ଅନୁଷ୍ଠିତ ଆଞ୍ଚଳିକ କ୍ଷମତାସମ୍ପନ୍ନ କମିଟିର ନିଷ୍ପତ୍ତି ଆଧାରରେ ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ ଏନ୍‌ଟିପିସି ଲିମିଟେଡ୍ ଦ୍ୱାରା ସୁନ୍ଦରଗଡ଼ ଜିଲ୍ଲାରେ ଏହାର ଦର୍ଲିପାଲି ସୁପର ଥର୍ମାଲ ପାୱାର ପ୍ରୋଜେକ୍ଟ ପାଇଁ ହୀରାକୁଦ ଜଳଭଣ୍ଡାରରୁ ଜଳ ଉଠାଇବା ନିମନ୍ତେ ମେକ୍ ଅପ୍ ୱାଟର (ଏମ୍‌ୟୁଡବ୍ଲ୍ୟୁ) ପାଇପଲାଇନ୍ ଓ ୧୩୨ କେଭି ବୈଦ୍ୟୁତିକ ଟ୍ରାନ୍ସମିଶନ ଲାଇନ୍ ବିଛାଇବା ନିମନ୍ତେ ଓଡ଼ିଶାର ଝାରସୁଗୁଡ଼ା ଓ ସୁନ୍ଦରଗଡ଼ ଜିଲ୍ଲାରେ ୨୫.୫୬ ହେକ୍ଟର ଜଙ୍ଗଲ ଜମି (ମୂଳତଃ ପ୍ରସ୍ତାବିତ ୨୫.୭୬ ହେକ୍ଟର)ର ପରିବର୍ତ୍ତନ କରିବା ଲାଗି ଏତଦ୍ୱାରା 'ସୈଦ୍ଧାନ୍ତିକ ରୂପେ' ଅନୁମୋଦନ ପ୍ରଦାନ କରୁଅଛି, ଯାହା ନିମ୍ନଲିଖିତ ସର୍ତ୍ତାବଳୀ ପୂରଣ ଉପରେ ନିର୍ଭର କରିବ:

(i) ପରିବର୍ତ୍ତନ ପାଇଁ ପ୍ରସ୍ତାବିତ ଜଙ୍ଗଲ ଜମିର ଆଇନଗତ ସ୍ଥିତି ଅପରିବର୍ତ୍ତିତ ରହିବ ।

(ii) ଭାରତର ମାନ୍ୟବର ସର୍ବୋଚ୍ଚ ନ୍ୟାୟାଳୟଙ୍କ ଦ୍ୱାରା ରିଟ୍ ପିଟିସନ (ସିଭିଲ) ନଂ.୨୦୨/୧୯୯୫ରେ ତା୨୮.୦୩.୨୦୦୮, ୨୪.୦୪.୨୦୦୮ ଏବଂ ୦୯.୦୫.୨୦୦୮ରିଖର ଆଦେଶ ଏବଂ ଏ ବାବଦରେ ମନ୍ତ୍ରଣାଳୟ ଦ୍ୱାରା ଏହାର ଚିଠି ସଂ. ୫-୩/୨୦୦୭-ଏଫସି, ତାରିଖ ୦୫.୦୨.୨୦୦୯ ଜରିଆରେ ଜାରି ନିର୍ଦ୍ଦେଶାବଳୀ ଅନୁଯାୟୀ ରାଜ୍ୟ ସରକାର ୟୁଜର ଏଜେନ୍ସିଠାରୁ ଏହି ପ୍ରସ୍ତାବ ଅଧୀନରେ ପରିବର୍ତ୍ତିତ ହେବା ଲାଗି ପ୍ରସ୍ତାବିତ ଜଙ୍ଗଲ କ୍ଷେତ୍ରର ନେଟ୍ ପ୍ରେଜେଣ୍ଟ ମୂଲ୍ୟ (ଏନ୍‌ପିଭି) ଆଦାୟ କରିବେ । ଏହି ସର୍ତ୍ତର ଅନୁପାଳନ ସମ୍ପର୍କରେ ଅବଗତ କରାଇବା ସମୟରେ ଯେଉଁ ଜଙ୍ଗଲ ପାଇଁ ଏନ୍‌ପିଭି ଆଦାୟ କରାଯାଉଛି ତାହାର ଜୈବ-ଶ୍ରେଣୀ ଏବଂ ଘନତ୍ୱକୁ ଦର୍ଶାଯିବ ।

(iii) ବର୍ତ୍ତମାନ ଦରରେ ନେଟ୍ ପ୍ରେଜେଣ୍ଟ ମୂଲ୍ୟ (ଏନ୍‌ପିଭି) ପରିଶୋଧ କରିବା ସମୟରେ, ଭାରତର ମାନ୍ୟବର ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିଷ୍ପତ୍ତି ଅନୁଯାୟୀ ଯଦି ଏନ୍‌ପିଭି ଲାଗି ଅତିରିକ୍ତ ଅର୍ଥରାଶି ପୈଠ କରିବାର ଆବଶ୍ୟକତା ପଡ଼େ ତେବେ ତାହାକୁ ପୈଠ କରିବା ପାଇଁ ୟୁଜର ଏଜେନ୍ସି ଏକ ପ୍ରତିଜ୍ଞାପତ୍ର ଦାଖଲ କରିବ ।

(iv) ପରିବର୍ତ୍ତିତ ହେବା ପାଇଁ ପ୍ରସ୍ତାବିତ ଜଙ୍ଗଲ ଜମି କ୍ଷେତ୍ର ଅର୍ଥାତ୍ ୨୫.୫୬ ହେକ୍ଟର ବଦଳରେ ରାଜ୍ୟ ସରକାରଙ୍କ ଦ୍ୱାରା ଝାରସୁଗୁଡ଼ା ବନଖଣ୍ଡ ଅଧୀନରେ କୋଲାବିରା ରେଞ୍ଜର ଗୁଡ଼ିଗାଁ ଗ୍ରାମରେ ଚିହ୍ନଟ ହୋଇଥିବା ୫୧.୫୨ ହେକ୍ଟର ଅବକ୍ଷୟିତ ଜଙ୍ଗଲ ଜମିରେ ଦୁଇଗୁଣା କ୍ଷତିପୂରଣମୂଳକ ବନୀକରଣ କରିବେ ଓ ତାହାର ରକ୍ଷଣାବେକ୍ଷଣ କରିବେ, ଯାହାର ଖର୍ଚ୍ଚ ୟୁଜର ଏଜେନ୍ସି ବହନ କରିବ ।

(v) ୟୁଜର ଏଜେନ୍ସି ସାମ୍ପ୍ରତିକ ମଜୁରି ଦରରେ ୧୦ ବର୍ଷ ଲାଗି କ୍ଷତିପୂରଣମୂଳକ ବନୀକରଣ ଲାଗି ବନୀକରଣ ଓ ରକ୍ଷଣାବେକ୍ଷଣ ଖର୍ଚ୍ଚକୁ ରାଜ୍ୟ ଜଙ୍ଗଲ ବିଭାଗକୁ ସ୍ଥାନାନ୍ତର କରିବ ।

(vi) ପ୍ରକଳ୍ପ ଅଧୀନରେ ୟୁଜର ଏଜେନ୍ସିଠାରୁ ପ୍ରାପ୍ତ ହୋଇଥିବା ସମସ୍ତ ପାଣ୍ଠିକୁ ଅସ୍ଥାୟୀ ସିଏଏମ୍‌ପିଏକୁ ସ୍ଥାନାନ୍ତର କରାଯିବ, ଯାହାକୁ କର୍ପୋରେଶନ ବ୍ୟାଙ୍କ, ସିଜିଓ କମ୍ପ୍ଲେକ୍ସ, ଲୋଧି ରୋଡ୍, ନୂଆଦିଲ୍ଲୀ-୧୧୦୦୦୩ରେ ଅସ୍ଥାୟୀ ସିଏଏମ୍‌ପିଏର ସଞ୍ଚୟ ବ୍ୟାଙ୍କ ଖାତାରେ ଜମା କରାଯିବ ।

(vii) ୟୁଜର ଏଜେନ୍ସି ରାଜ୍ୟ ସରକାରଙ୍କ ଦ୍ୱାରା ଚିଠି ସଂ. ୧୦(ସିଏନ୍‌ଏସ୍)୨୯୨/୨୦୧୫-୯୮୭୩/ଏଫ୍ ଆଣ୍ଡ ଇ, ତାରିଖ: ୨୩.୦୫.୨୦୧୬ ରେ ନିର୍ଦ୍ଧାରିତ ସର୍ତ୍ତାବଳୀର ଅନୁପାଳନ କରିବ ।

(viii) ୟୁଜର ଏଜେନ୍ସି ମନ୍ତ୍ରଣାଳୟ ଦ୍ୱାରା ଚିଠି ସଂ. ୭-୨୫/୨୦୧୨-ଏଫ୍‌ସି, ତାରିଖ: ୦୫.୦୫.୨୦୧୪ ଏବଂ ୧୯.୧୧.୨୦୧୪ରେ ଜାରି ଜଙ୍ଗଲ ଅଞ୍ଚଳ ମଧ୍ୟ ଦେଇ ଟ୍ରାନ୍ସମିଶନ୍ ଲାଇନ ବିଛାଇବା ପାଇଁ ନିର୍ଦ୍ଦେଶାବଳୀର ଅନୁପାଳନ କରିବ ।

(ix) ୟୁଜର ଏଜେନ୍ସି ରାଜ୍ୟ ଜଙ୍ଗଲ ବିଭାଗର ପରାମର୍ଶ ସହ ଟ୍ରାନ୍ସମିଶନ୍ ଲାଇନ୍ ତଳେ ପ୍ରଥମ ଅଧିକାରରେ ଛୋଟ ପ୍ରଜାତି (ସମ୍ଭବତଃ ଔଷଧୀୟ ଜାତୀୟ ବୃକ୍ଷ)ର ରୋପଣ ପାଇଁ ଏକ ସବିଶେଷ ସୃଜନ ଓ ରକ୍ଷଣାବେକ୍ଷଣ ଯୋଜନା ପ୍ରସ୍ତୁତ କରିବ ଏବଂ ରାଜ୍ୟ ଜଙ୍ଗଲ ବିଭାଗ ଦ୍ୱାରା ଉକ୍ତ ଯୋଜନାକୁ କାର୍ଯ୍ୟକାରୀ କରିବା ପାଇଁ ପାଣ୍ଠି ପ୍ରଦାନ କରିବ ।

(x) ପରିବର୍ତ୍ତିତ ହେଉଥିବା ଜଙ୍ଗଲ ଜମିର ପରିସୀମାକୁ ପ୍ରକଳ୍ପ ଖର୍ଚ୍ଚରେ ଚାରି ଫୁଟ ଉଚ୍ଚ ରିଇନ୍‌ଫୋର୍ସଡ୍ ସିମେଣ୍ଟ କଂକ୍ରିଟ୍ ସ୍ତମ୍ଭ ଉଠାଯାଇ ଚିହ୍ନିତ କରାଯିବ, ପ୍ରତ୍ୟେକ ସ୍ତମ୍ଭରେ ତାହାର କ୍ରମିକ ସଂଖ୍ୟା, ଡିଜିପିଏସ୍ ନିର୍ଦ୍ଦେଶାଙ୍କ, ଫରୱାର୍ଡ ଓ ବ୍ୟାକ୍ ବିୟରିଂ ଏବଂ ସ୍ତମ୍ଭରୁ ସ୍ତମ୍ଭ ମଧ୍ୟରେ ଦୂରତା ଖୋଦିତ କରାଯିବ ଏବଂ ଡିଜିପିଏସ୍ ନକ୍ସା ସହ ସଫ୍ଟ କପି ଶେପ୍ ଫାଇଲରେ ଦାଖଲ କରାଯିବ ।

(xi) ରାଜ୍ୟ ଜଙ୍ଗଲ ବିଭାଗ/ୟୁଏ ସିଏ ନିମନ୍ତେ ପ୍ରସ୍ତାବିତ ହୋଇଥିବା ଝାରସୁଗୁଡ଼ା ବନଖଣ୍ଡ ଅଧୀନରେ କୋଲାବିରା ରେଞ୍ଜର ଗୁଡ଼ିଗାଁ ଗ୍ରାମରେ ଚିହ୍ନଟ ହୋଇଥିବା ୫୧.୫୨ ହେକ୍ଟର ପତିତ ଜଙ୍ଗଲ ଜମିର ଡିଜିପିଏସ୍ ନକ୍ସା ସହିତ ଶେପ୍ ଫାଇଲ୍ସରେ ସଫ୍ଟ କପି ଦାଖଲ କରିବେ, ଯେଉଁଥିରେ ପ୍ରତ୍ୟେକ ସୀମା ସ୍ତମ୍ଭର ଫରୱାର୍ଡ ଓ ବ୍ୟାକୱାର୍ଡ ବିୟରିଂ ଏବଂ ସେଗୁଡ଼ିକ ମଧ୍ୟରେ ଦୂରତା ଦର୍ଶାଯାଇଥିବ ।

(xii) ପ୍ରକଳ୍ପର ଭୂତଳ ପାଇପଲାଇନ ସମ୍ବନ୍ଧୀୟ ବସ୍ତୁଗତ ପ୍ରଭାବକୁ ନିୟମିତ ଭାବେ ତଦାରଖ କରାଯିବ ଏବଂ ଅଞ୍ଚଳ ଉପରେ କୌଣସି ପ୍ରତିକୂଳ ପ୍ରଭାବ ସମ୍ପର୍କରେ ତୁରନ୍ତ ସୂଚନା ଦିଆଯିବ ଏବଂ ପ୍ରକଳ୍ପ ସମ୍ବନ୍ଧୀୟ ଗତିବିଧିକୁ ତୁରନ୍ତ ବନ୍ଦ କରାଯିବ ।

(xiii) ଜଙ୍ଗଲ ଜମିରେ କୌଣସି ଶ୍ରମ ଶିବିର ପ୍ରତିଷ୍ଠା କରାଯିବ ନାହିଁ ।

(xiv) ୟୁଜର ଏଜେନ୍ସି ଉକ୍ତ ସ୍ଥାନରେ କାର୍ଯ୍ୟରତ ଶ୍ରମିକ ଓ କର୍ମଚାରୀମାନଙ୍କୁ ବିକଳ୍ପ ଇନ୍ଧନ ଯୋଗାଇଦେବ ଯାହାଦ୍ୱାରା ଆଖପାଖ ଜଙ୍ଗଲ ଅଞ୍ଚଳରେ କୌଣସି କ୍ଷୟକ୍ଷତି ଏବଂ ଚାପକୁ ଏଡ଼ାଇ ହେବ ।

(xv) ପ୍ରକଳ୍ପ କାର୍ଯ୍ୟ ସମ୍ବନ୍ଧୀୟ କୌଣସି କାର୍ଯ୍ୟ ପାଇଁ ଜଙ୍ଗଲ ଭିତରେ କୌଣସି ଅତିରିକ୍ତ କିମ୍ବା ନୂତନ ପଥ ନିର୍ମାଣ କରାଯିବ ନାହିଁ ।

(xvi) ୟୁଜର ଏଜେନ୍ସି ଦ୍ୱାରା ସଂଲଗ୍ନ ଜଙ୍ଗଲ ଅଞ୍ଚଳରୁ ମାଟି କିମ୍ବା କୌଣସି ପଦାର୍ଥ ଅଣାଯିବ ନାହିଁ କିମ୍ବା ନିର୍ମାଣ ସମୟରେ ସୃଷ୍ଟି ହୋଇଥିବା ଆବର୍ଜନାକୁ ସଂଲଗ୍ନ ଜଙ୍ଗଲ ଅଞ୍ଚଳରେ ନିଷ୍କାସନ କରାଯିବ ନାହିଁ ।

(xvii) ଉପଭୋକ୍ତା ଏଜେନ୍ସି କାର୍ଯ୍ୟ ସମ୍ପାଦନ କରିବା ସମୟରେ ଆଖପାଖ ଜଙ୍ଗଲ ଅଞ୍ଚଳରେ କୌଣସି ପ୍ରକାର ଗଛ କାଟିବେ ନାହିଁ କିମ୍ବା ଜଙ୍ଗଲ ବୃଦ୍ଧିକୁ କୌଣସି ପ୍ରକାରେ କ୍ଷତି ପହଞ୍ଚାଇବେ ନାହିଁ ।

(xviii) ଜଙ୍ଗଲ ଜମି ପ୍ରସ୍ତାବରେ ନିର୍ଦ୍ଧାରିତ ହୋଇଥିବା କାର୍ଯ୍ୟ ବ୍ୟତୀତ ଅନ୍ୟ କୌଣସି ଉଦ୍ଦେଶ୍ୟରେ ବ୍ୟବହୃତ ହେବ ନାହିଁ ଏବଂ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ପୂର୍ବ ଅନୁମୋଦନ ବିନା କୌଣସି ପରିସ୍ଥିତିରେ ଅନ୍ୟ କୌଣସି ଉପଭୋକ୍ତା ଏଜେନ୍ସି, ବିଭାଗ କିମ୍ବା ବ୍ୟକ୍ତିଙ୍କୁ ହସ୍ତାନ୍ତର କରାଯିବ ନାହିଁ ।

(xix) ଅନୁସୂଚିତ ଜନଜାତି ଓ ପାରମ୍ପରିକ ଜଙ୍ଗଲ ବାସିନ୍ଦା (ଜଙ୍ଗଲ ଅଧିକାରର ସ୍ୱୀକୃତି) ଆଇନ, ୨୦୦୬ ଅନୁଯାୟୀ ରାଜ୍ୟ ସରକାର ଜମିର ଅଧିକାରର ବନ୍ଦୋବସ୍ତକୁ ସମ୍ପୂର୍ଣ୍ଣ କରିବେ ଏବଂ ତା' ସପକ୍ଷରେ ଏହି ମନ୍ତ୍ରଣାଳୟର ଚିଠି ସଂ. ୧୧-୯/୧୯୯୮-ଏଫ୍‌ସି (ଅଂଶ), ତାରିଖ: ୦୩.୦୮.୨୦୦୯ ସହିତ ପଠନପୂର୍ବକ ଚିଠି ସଂ. ୧୧-୯/୧୯୯୮-ଏଫ୍‌ସି (ଅଂଶ), ତାରିଖ: ୦୫.୦୨.୨୦୧୩ରେ ନିର୍ଦ୍ଧାରିତ ହୋଇଥିବା ଅନୁଯାୟୀ ପ୍ରାମାଣିକ ତଥ୍ୟ ଦାଖଲ କରିବେ ।

(xx) ଜଙ୍ଗଲ ଓ ବନ୍ୟପ୍ରାଣୀ ସଂରକ୍ଷଣ, ସୁରକ୍ଷା ଓ ବିକାଶ ପାଇଁ ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ ସମୟ ସମୟରେ ଧାର୍ଯ୍ୟ କରିଥିବା ଅନ୍ୟ କୌଣସି ସର୍ତ୍ତକୁ ୟୁଜର ଏଜେନ୍ସି ଦ୍ୱାରା ପାଳନ କରାଯିବ ।

(xxi) ୟୁଜର ଏଜେନ୍ସି ଏବଂ ରାଜ୍ୟ ସରକାର ପ୍ରକଳ୍ପ ପାଇଁ ସମ୍ପ୍ରତି ବଳବତ୍ତର ଥିବା ପ୍ରଯୁଜ୍ୟ ସମସ୍ତ ଆଇନ, ନିୟମାବଳୀ, ବିନିୟମ ଏବଂ ମାର୍ଗଦର୍ଶିକାର ବ୍ୟବସ୍ଥାର ଅନୁପାଳନକୁ ସୁନିଶ୍ଚିତ କରିବେ ।

ଉପରୋକ୍ତ ସର୍ତ୍ତାବଳୀ ପାଳନ ସମ୍ପର୍କିତ ରିପୋର୍ଟ ଓଡ଼ିଶା ସରକାରଙ୍କଠାରୁ ମିଳିବା ପରେ ଏହି ମନ୍ତ୍ରଣାଳୟ ଦ୍ୱାରା ଜଙ୍ଗଲ (ସଂରକ୍ଷଣ) ଆଇନ, ୧୯୮୦ର ଧାରା ୨ ଅଧୀନରେ ଉକ୍ତ ଜଙ୍ଗଲ ଜମିର ପରିବର୍ତ୍ତନ ପାଇଁ ଚୂଡ଼ାନ୍ତ/ପର୍ଯ୍ୟାୟ-II ଅନୁମୋଦନ ପ୍ରଦାନ କରାଯିବ। **ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ ତରଫରୁ ଜଙ୍ଗଲ ଜମି ହସ୍ତାନ୍ତର ପାଇଁ ଚୂଡ଼ାନ୍ତ/ପର୍ଯ୍ୟାୟ-୨ ଅନୁମୋଦନ ନ ମିଳିବା ପର୍ଯ୍ୟନ୍ତ ଓଡ଼ିଶା ରାଜ୍ୟ ସରକାର ଏହାକୁ ୟୁଜର ଏଜେନ୍ସିକୁ ହସ୍ତାନ୍ତର କରିପାରିବେ ନାହିଁ ।** ତଥାପି, ରାଜ୍ୟ ସରକାର ଚାହିଁଲେ ଚିଠି ସଂ. ୧୧-୩୦୬/୨୦୧୪-ଏଫ୍‌ସି, ତାରିଖ: ୨୮.୦୮.୨୦୧୫ ଜରିଆରେ ଜାରି ହୋଇଥିବା ମନ୍ତ୍ରଣାଳୟ ନିର୍ଦ୍ଦେଶାବଳୀ ଅନୁଯାୟୀ ୟୁଜର ଏଜେନ୍ସିକୁ କାର୍ଯ୍ୟ ଆରମ୍ଭ କରିବାକୁ ଅନୁମତି ଦେଇପାରିବେ ।

ଆପଣଙ୍କର ବିଶ୍ୱସ୍ତ,
(ଆର୍.କେ. ସାମଲ)
ଜଙ୍ଗଲ ସଂରକ୍ଷକ (କେନ୍ଦ୍ରୀୟ)
ତାରିଖ: ୧.୧୧.୨୦୧୬

ନିମ୍ନଲିଖିତଙ୍କୁ ନକଲ:-
୧. ଜଙ୍ଗଲ ମହାନିରୀକ୍ଷକ (ଏଫ୍‌ସି), ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ, ଇନ୍ଦିରା ପର୍ଯ୍ୟାବରଣ ଭବନ, ଆଲିଗଞ୍ଜ, ଜୋରବାଗ ରୋଡ୍, ନୂଆଦିଲ୍ଲୀ - ୧୧୦୦୦୩ ।
୨. ଉପସଚିବ, ଆର୍‌ଓଏଚ୍‌କ୍ୟୁ, ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ, ଇନ୍ଦିରା ପର୍ଯ୍ୟାବରଣ ଭବନ, ଅଗ୍ନି ବ୍ଲକ୍, ଆଲିଗଞ୍ଜ, ଜୋରବାଗ ରୋଡ୍, ନୂଆଦିଲ୍ଲୀ - ୧୧୦୦୦୩ ।
୩. ପ୍ରଧାନ ମୁଖ୍ୟ ଜଙ୍ଗଲ ସଂରକ୍ଷକ, ଜଙ୍ଗଲ ବିଭାଗ, ଓଡ଼ିଶା ସରକାର, ଅରଣ୍ୟ ଭବନ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର - ୭୫୧୦୨୩ ।
୪. ଅତିରିକ୍ତ ପିସିସିଏଫ୍ ଏବଂ ନୋଡାଲ ଅଧିକାରୀ (ଏଫ୍‌ସି), ପିସିସିଏଫ୍‌ଙ୍କ କାର୍ଯ୍ୟାଳୟ, ଜଙ୍ଗଲ ବିଭାଗ, ଓଡ଼ିଶା ସରକାର, ଅରଣ୍ୟ ଭବନ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର - ୭୫୧୦୨୩ ।
୫. ବନଖଣ୍ଡ ଅଧିକାରୀ, ସୁନ୍ଦରଗଡ଼/ଝାରସୁଗୁଡ଼ା, ଜିଲ୍ଲା: ସୁନ୍ଦରଗଡ଼/ଝାରସୁଗୁଡ଼ା, ଓଡ଼ିଶା ।
୬. ମହାପ୍ରବନ୍ଧକ (ଭାରପ୍ରାପ୍ତ), ଦର୍ଲିପାଲି ଏସଟିପିପି, ନ୍ୟାସନାଲ ଥର୍ମାଲ ପାୱାର କର୍ପୋରେଶନ୍ ଲିଃ, ସ୍ଥାନ/ପୋଷ୍ଟ: ଦର୍ଲିପାଲି, ଜିଲ୍ଲା: ସୁନ୍ଦରଗଡ଼ - ୭୭୦୦୭୨, ଓଡ଼ିଶା ।
୭. ଗାର୍ଡ ଫାଇଲ୍

ଜଙ୍ଗଲ ସଂରକ୍ଷକ (କେନ୍ଦ୍ରୀୟ)

**ପରିଶିଷ୍ଟ-୨**

Government of India/ଭାରତ ସରକାର
Ministry of Environment, Forest & Climate Change/ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ
Eastern Regional Office/ପୂର୍ବାଞ୍ଚଳ କ୍ଷେତ୍ରୀୟ କାର୍ଯ୍ୟାଳୟ
A/3, Chandrasekharpur/ଏ/୩, ଚନ୍ଦ୍ରଶେଖରପୁର
Bhubaneswar-751023/ଭୁବନେଶ୍ୱର-୭୫୧୦୨୩

ନଂ. ୫-ଓଆର୍‌ସି୨୭୯/୨୦୧୬-ବିଏଚ୍‌ୟୁ — ୨୪ ଏପ୍ରିଲ, ୨୦୨୫

ପ୍ରାପ୍ତେଷୁ,
ଅତିରିକ୍ତ ମୁଖ୍ୟ ସଚିବ,
ଜଙ୍ଗଲ, ପରିବେଶ ଏବଂ ଜଳବାୟୁ ପରିବର୍ତ୍ତନ ବିଭାଗ,
ଓଡ଼ିଶା ସରକାର,
ଭୁବନେଶ୍ୱର - ୭୫୧୦୦୧

ବିଷୟ:- ଏନ୍‌ଟିପିସି ଲିମିଟେଡ୍ ଦ୍ୱାରା ସୁନ୍ଦରଗଡ଼ ଜିଲ୍ଲାରେ ଏହାର ଦର୍ଲିପାଲି ସୁପର ଥର୍ମାଲ ପାୱାର ପ୍ରୋଜେକ୍ଟ ପାଇଁ ହୀରାକୁଦ ଜଳଭଣ୍ଡାରରୁ ଜଳ ଉଠାଇବା ନିମନ୍ତେ ମେକ୍ ଅପ୍ ୱାଟର (ଏମ୍‌ୟୁଡବ୍ଲ୍ୟୁ) ପାଇପଲାଇନ୍ ଓ ୧୩୨ କେଭି ବୈଦ୍ୟୁତିକ ଟ୍ରାନ୍ସମିଶନ ଲାଇନ୍ ବିଛାଇବା ନିମନ୍ତେ ଓଡ଼ିଶାର ଝାରସୁଗୁଡ଼ା ଓ ସୁନ୍ଦରଗଡ଼ ଜିଲ୍ଲାରେ ୨୫.୫୬ ହେକ୍ଟର ଜଙ୍ଗଲ ଜମି (ମୂଳତଃ ପ୍ରସ୍ତାବିତ ୨୫.୭୬ ହେକ୍ଟର)ର ପରିବର୍ତ୍ତନ କରିବା ।

ମହାଶୟ,

ମୋତେ ରାଜ୍ୟ ସରକାରଙ୍କ ଚିଠି ସଂ.୧୦ଏଫ୍(ସିଏନ୍‌ଏସ୍) ୨୯୨/୨୦୧୫-୯୮୭୩/ଏଫ୍ ଆଣ୍ଡ ଇ, ତାରିଖ: ୨୩.୦୫.୨୦୧୬ ଏବଂ ସଂ. ୧୭୮୧୭/ଏଫ୍ ଆଣ୍ଡ ଇ, ତାରିଖ: ୨୪.୦୯.୨୦୧୬କୁ ସନ୍ଦର୍ଭିତ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି, ଯେଉଁଥିରେ ବନ (ସଂରକ୍ଷଣ ଏବଂ ସମ୍ବର୍ଦ୍ଧନ) ଅଧିନିୟମ, ୧୯୮୦ର ଧାରା-୨ ଅନୁଯାୟୀ ଏନ୍‌ଟିପିସି ଲିମିଟେଡ୍ ଦ୍ୱାରା ସୁନ୍ଦରଗଡ଼ ଜିଲ୍ଲାରେ ଏହାର ଦର୍ଲିପାଲି ସୁପର ଥର୍ମାଲ ପାୱାର ପ୍ରୋଜେକ୍ଟ ପାଇଁ ହୀରାକୁଦ ଜଳଭଣ୍ଡାରରୁ ଜଳ ଉଠାଇବା ନିମନ୍ତେ ମେକ୍ ଅପ୍ ୱାଟର (ଏମ୍‌ୟୁଡବ୍ଲ୍ୟୁ) ପାଇପଲାଇନ୍ ଓ ୧୩୨ କେଭି ବୈଦ୍ୟୁତିକ ଟ୍ରାନ୍ସମିଶନ ଲାଇନ୍ ବିଛାଇବା ନିମନ୍ତେ ଓଡ଼ିଶାର ଝାରସୁଗୁଡ଼ା ଓ ସୁନ୍ଦରଗଡ଼ ଜିଲ୍ଲାରେ ୨୫.୫୬ ହେକ୍ଟର ଜଙ୍ଗଲ ଜମି (ମୂଳତଃ ପ୍ରସ୍ତାବିତ ୨୫.୭୬ ହେକ୍ଟର)ର ପରିବର୍ତ୍ତନ କରିବା ଲାଗି ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ଆଗୁଆ ଅନୁମୋଦନ ଲୋଡ଼ାଯାଇଥିଲା । ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ ଦ୍ୱାରା ପ୍ରସ୍ତାବର ବିହିତ ବିଚାର ପରେ ଏବଂ ୨୫.୧୦.୨୦୧୬ରେ ଅନୁଷ୍ଠିତ ଆଞ୍ଚଳିକ କ୍ଷମତାସମ୍ପନ୍ନ କମିଟି ବୈଠକର ନିଷ୍ପତ୍ତି ଆଧାରରେ ମନ୍ତ୍ରଣାଳୟ ଦ୍ୱାରା ଏହି କାର୍ଯ୍ୟାଳୟର ୦୧.୧୧.୨୦୧୬ର ସମାନ ସଂଖ୍ୟକ ଚିଠି ଜରିଆରେ ଉକ୍ତ ଜଙ୍ଗଲ ଜମିର ପରିବର୍ତ୍ତନ ପାଇଁ ସୈଦ୍ଧାନ୍ତିକ ଅନୁମୋଦନ ଦିଆଯାଇଛି, ଯାହା ନିର୍ଦ୍ଦିଷ୍ଟ ସର୍ତ୍ତାବଳୀର ପୂରଣ ଉପରେ ନିର୍ଭର କରିବ । ସୈଦ୍ଧାନ୍ତିକ ଅନୁମୋଦନରେ ନିର୍ଦ୍ଧାରିତ ସର୍ତ୍ତାବଳୀ ସଂକ୍ରାନ୍ତରେ ରାଜ୍ୟ ସରକାର ଅନୁପାଳନ ରିପୋର୍ଟ ଦାଖଲ କରିଛନ୍ତି ଏବଂ ପ୍ରସ୍ତାବର ଚୂଡ଼ାନ୍ତ ଅନୁମୋଦନକୁ ମଞ୍ଜୁର କରିବା ପାଇଁ ଅନୁରୋଧ କରିଛନ୍ତି ।

୨. ଏହି ପରିପ୍ରେକ୍ଷୀରେ, ମୋତେ ଏହା ଦର୍ଶାଇବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ଯେ, ଅତିରିକ୍ତ ପିସିସିଏଫ୍ ଏବଂ ନୋଡାଲ ଅଧିକାରୀ (ଏଫ୍‌ସିଏ), ଓଡ଼ିଶାଙ୍କ ଦ୍ୱାରା ସେମାନଙ୍କର ଚିଠି ସଂ.୭୫୩୫/୯ଏଫ୍ (ଇଟି)-୦୪/୨୦୧୬ ତାରିଖ: ୦୨.୦୪.୨୦୨୫ ଜରିଆରେ ଦାଖଲ କରାଯାଇଥିବା ଅନୁପାଳନ ରିପୋର୍ଟ ଏବଂ ରାଜ୍ୟ ସରକାରଙ୍କ ଦ୍ୱାରା ୨୨.୦୪.୨୦୨୫ରେ ପରିବେଶ ୱେବ୍ ପୋର୍ଟାଲରେ ଅନୁପାଳନ ରିପୋର୍ଟ ଅପଲୋଡ୍ କରାଯିବା ଆଧାରରେ ଏତଦ୍ୱାରା ବନ (ସଂରକ୍ଷଣ ଏବଂ ସମ୍ବର୍ଦ୍ଧନ) ଅଧିନିୟମ, ୧୯୮୦ର ଧାରା ୨ ଅଧୀନରେ ଏନ୍‌ଟିପିସି ଲିମିଟେଡ୍ ଦ୍ୱାରା ସୁନ୍ଦରଗଡ଼ ଜିଲ୍ଲାରେ ଏହାର ଦର୍ଲିପାଲି ସୁପର ଥର୍ମାଲ ପାୱାର ପ୍ରୋଜେକ୍ଟ ପାଇଁ ହୀରାକୁଦ ଜଳଭଣ୍ଡାରରୁ ଜଳ ଉଠାଇବା ନିମନ୍ତେ ମେକ୍ ଅପ୍ ୱାଟର (ଏମ୍‌ୟୁଡବ୍ଲ୍ୟୁ) ପାଇପଲାଇନ୍ ଓ ୧୩୨ କେଭି ବୈଦ୍ୟୁତିକ ଟ୍ରାନ୍ସମିଶନ ଲାଇନ୍ ବିଛାଇବା ନିମନ୍ତେ ଓଡ଼ିଶାର ଝାରସୁଗୁଡ଼ା ଓ ସୁନ୍ଦରଗଡ଼ ଜିଲ୍ଲାରେ ୨୫.୫୬ ହେକ୍ଟର ଜଙ୍ଗଲ ଜମି (ମୂଳତଃ ପ୍ରସ୍ତାବିତ ୨୫.୭୬ ହେକ୍ଟର)ର ପରିବର୍ତ୍ତନ କରିବା ଲାଗି **ପର୍ଯ୍ୟାୟ-୨/ଚୂଡ଼ାନ୍ତ** ଅନୁମୋଦନ ଦିଆଯାଉଛି, ଯାହା ନିମ୍ନଲିଖିତ ସର୍ତ୍ତାବଳୀର ପୂରଣ ଉପରେ ନିର୍ଭର କରିବ:

**କ: ଜଙ୍ଗଲ ଜମିକୁ ହସ୍ତାନ୍ତର କରାଯିବା ପୂର୍ବରୁ ଅନୁପାଳନ କରାଯିବାକୁ ଥିବା ସର୍ତ୍ତାବଳୀ ।**

i) ରାଜ୍ୟ ସରକାର ପ୍ରଯୁଜ୍ୟ ହୋଇଥିବା ଅନୁଯାୟୀ ଏଫ୍‌ଆର୍‌ଏ, ୨୦୦୬ର ସମ୍ପୂର୍ଣ୍ଣ ଅନୁପାଳନକୁ ସୁନିଶ୍ଚିତ କରିବେ ।

ii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ସମୟ ସମୟରେ ମନ୍ତ୍ରଣାଳୟର ନିର୍ଦ୍ଦେଶ ଅନୁଯାୟୀ ଉପରୋକ୍ତ ପ୍ରସ୍ତାବ ପାଇଁ ଏନ୍‌ପିଭି ଆଦାୟ କରାଯାଇଛି ।

iii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ପରିବେଶୀୟ (ସୁରକ୍ଷା) ଅଧିନିୟମ, ୧୯୮୬ର ବ୍ୟବସ୍ଥା ଅନୁଯାୟୀ ପରିବେଶୀୟ ମଞ୍ଜୁରୀ ପ୍ରାପ୍ତ କରିବ ।

iv) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସିକୁ ପରିବର୍ତ୍ତିତ ଜଙ୍ଗଲ ଜମି ହସ୍ତାନ୍ତର କରାଯିବା ପୂର୍ବରୁ ଅଞ୍ଚଳର କେଏମ୍‌ଏଲ୍ ଫାଇଲଗୁଡ଼ିକ ପରିବର୍ତ୍ତିତ ହେବ ଏବଂ ସିଏ ଅଞ୍ଚଳକୁ ଇ-ଗ୍ରୀନ୍ ୱାଚ୍ ପୋର୍ଟାଲରେ ସମସ୍ତ ଆବଶ୍ୟକୀୟ ବିବରଣୀ ସହ ଅପଲୋଡ୍ ହେବ ।

v) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ପରିବର୍ତ୍ତିତ ଜଙ୍ଗଲ ଜମିକୁ ପ୍ରକଳ୍ପ ଖର୍ଚ୍ଚରେ ଚାରି ଫୁଟ ଉଚ୍ଚ ରିଇନ୍‌ଫୋର୍ସଡ୍ ସିମେଣ୍ଟ କଂକ୍ରିଟ୍ ସ୍ତମ୍ଭ ଦ୍ୱାରା ଭୂମିରେ ସୀମାଙ୍କିତ କରାଯିବ, ପ୍ରତ୍ୟେକ ସ୍ତମ୍ଭରେ ତାହାର କ୍ରମିକ ସଂଖ୍ୟା, ସ୍ତମ୍ଭରୁ ସ୍ତମ୍ଭ ମଧ୍ୟରେ ଦୂରତା ଏବଂ ଜିପିଏସ୍ ନିର୍ଦ୍ଦେଶାଙ୍କ ରହିବ ।

**ଖ: ଜମିକୁ ୟୁଜର ଏଜେନ୍ସିକୁ ହସ୍ତାନ୍ତର କରିବା ପରେ ଅନୁପାଳନ କରାଯିବା ପାଇଁ ଜରୁରୀ ସର୍ତ୍ତାବଳୀ ।**

i) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ପରିବର୍ତ୍ତିତ ଜଙ୍ଗଲ ଜମିର ଆଇନଗତ ସ୍ଥିତି ଅପରିବର୍ତ୍ତିତ ରହିବ ।

ii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ପର୍ଯ୍ୟାୟ-୨ ମଞ୍ଜୁରୀ ତାରିଖଠାରୁ ଦୁଇ ବର୍ଷ ମଧ୍ୟରେ ରାଜ୍ୟ ଜଙ୍ଗଲ ବିଭାଗ ଝାରସୁଗୁଡ଼ା ବନଖଣ୍ଡ ଅଧୀନରେ କୋଲାବିରା ରେଞ୍ଜର ଗୁଡ଼ିଗାଁ ଗ୍ରାମରେ ଚିହ୍ନଟ ହୋଇଥିବା ୫୧.୫୨ ହେକ୍ଟର ପତିତ ଜଙ୍ଗଲ ଜମିରେ କ୍ଷତିପୂରଣମୂଳକ ଭାବେ ବନୀକରଣ କରାଯିବ ଏବଂ ତତ୍‌ପଶ୍ଚାତ୍ ୟୁଜର ଏଜେନ୍ସିର ବ୍ୟୟରେ ତାହାର ରକ୍ଷଣାବେକ୍ଷଣ କରାଯିବ । ସିଏ ଯୋଜନାରେ ସମ୍ପୃକ୍ତ ଅଞ୍ଚଳର ସ୍ୱଜାତୀୟ ପ୍ରଜାତିର ଉଦ୍ଭିଦ ରୋପଣ କରାଯିବ । ଅତି କମ୍‌ରେ ୧୮ ମାସ ପୁରୁଣା ବିହନ ରୋପଣ କରାଯିବ । ବୃକ୍ଷରୋପଣ କାର୍ଯ୍ୟକୁ ଗହନ ଭାବେ ତଦାରଖ ଓ ଜିଓ ଟ୍ୟାଗିଂ ବ୍ୟବହାର କରି ତଥ୍ୟଭୁକ୍ତ କରାଯିବା ଆବଶ୍ୟକ, ଯାହାଦ୍ୱାରା ନିୟମିତ ବ୍ୟବଧାନରେ ବୃକ୍ଷଗୁଡ଼ିକର କାନୋପି ଘନତ୍ୱ ଓ ଜୀବିତତା ତଥା ବୃଦ୍ଧିର ମୂଲ୍ୟାୟନ କରାଯାଇପାରିବ ।

iii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ରାଜ୍ୟ ଜଙ୍ଗଲ ବିଭାଗ ଅନୁମୋଦିତ ପ୍ଲାନ୍/ଯୋଜନା ଅନୁଯାୟୀ ପର୍ଯ୍ୟାୟ-୨ ମଞ୍ଜୁରୀ ତାରିଖଠାରୁ ଦୁଇ ବର୍ଷ ଅବଧି ମଧ୍ୟରେ ଟ୍ରାନ୍ସମିଶନ୍ ଲାଇନ୍ ତଳେ ପ୍ରଥମ ଅଧିକାର ଭାବେ ଛୋଟ ପ୍ରଜାତି (ଔଷଧୀୟ ଉଦ୍ଭିଦ ବାଞ୍ଛନୀୟ)ର ବୃକ୍ଷରୋପଣ କାର୍ଯ୍ୟ ସମ୍ପାଦନ କରିବ ଏବଂ ତା'ପରେ ୟୁଜର ଏଜେନ୍ସି ଦ୍ୱାରା ସିଏଏମ୍‌ପିଏ ଖାତାରେ ଜମା କରାଯାଇଥିବା ପାଣ୍ଠିକୁ ବ୍ୟବହାର କରି ତାହାର ରକ୍ଷଣାବେକ୍ଷଣ କରିବ ।

iv) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ମନ୍ତ୍ରଣାଳୟ ଦ୍ୱାରା ଜାରି ଚିଠି ସଂ. ୭-୨୫/୨୦୧୨-ଏଫ୍‌ସି, ତାରିଖ: ୦୫.୦୫.୨୦୧୪ ଓ ୧୯.୧୧.୨୦୧୪ ଜରିଆରେ ଜଙ୍ଗଲ ଅଞ୍ଚଳରେ ଟ୍ରାନ୍ସମିଶନ୍ ଲାଇନ୍ ବିଛାଇବା ସଂକ୍ରାନ୍ତୀୟ ନିର୍ଦ୍ଦେଶାବଳୀକୁ ଅନୁପାଳନ କରିବ ।

v) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ବନ୍ୟପ୍ରାଣୀଙ୍କର ବିଜୁଳି ଆଘାତଜନିତ ମୃତ୍ୟୁକୁ ପ୍ରତିରୋଧ କରିବା ପାଇଁ ଆବଶ୍ୟକୀୟ ଗ୍ରାଉଣ୍ଡ କ୍ଲିୟରାନ୍ସ ସମେତ ଉପଯୁକ୍ତ ସ୍ଥାନଗୁଡ଼ିକରେ ସର୍କିଟ୍ ବ୍ରେକର୍ ସ୍ଥାପନ କରିବ ।

vi) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ହାତୀ କରିଡର୍ ପାଇଁ ସିଇଏ ମାନଦଣ୍ଡ ଅନୁଯାୟୀ ଜଙ୍ଗଲ/ଅଣ-ଜଙ୍ଗଲ ଜମିରେ ଟାୱାର ଓ ଟ୍ରାନ୍ସମିଶନ୍ ଲାଇନର ସୁଦୃଢ଼ୀକରଣ/ରକ୍ଷଣାବେକ୍ଷଣ କରିବା ପାଇଁ ସମସ୍ତ ପଦକ୍ଷେପ ଗ୍ରହଣ କରିବ ଏବଂ ବନ୍ୟପ୍ରାଣୀଙ୍କର ବିଦ୍ୟୁତ୍ ଆଘାତଜନିତ ମୃତ୍ୟୁ ନ ହେବାକୁ ସୁନିଶ୍ଚିତ କରିବା ଲାଗି ସିଡବ୍ଲ୍ୟୁଏଲ୍‌ଡବ୍ଲ୍ୟୁ, ଓଡ଼ିଶାଙ୍କ ଦ୍ୱାରା ବିନିର୍ଦ୍ଦିଷ୍ଟ ଏପରି ଅନ୍ୟାନ୍ୟ ସର୍ତ୍ତାବଳୀର ଅନୁପାଳନ କରିବ ।

vii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ନିଜ ଖର୍ଚ୍ଚରେ ବାର୍ଡ ଡିଫ୍ଲେକ୍ଟର ଯୋଗାଇବ, ପକ୍ଷୀଙ୍କ ହତାହତକୁ ଏଡ଼ାଇବା ପାଇଁ ଯାହାକୁ ଉପଯୁକ୍ତ ବ୍ୟବଧାନର ଦୂରତାରେ ଟ୍ରାନ୍ସମିଶନର ଉପରିସ୍ଥ କଣ୍ଡକ୍ଟରରେ ସ୍ଥାପନ କରାଯିବ ।

viii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ପାହାଡ଼ିଆ ତଥା ଢାଲୁ ଅଞ୍ଚଳରେ, ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ତାରିଖ: ୦୫.୦୫.୨୦୧୪ ଓ ୧୯.୧୧.୨୦୧୪ର ବିଦ୍ୟମାନ ନିର୍ଦ୍ଦେଶାବଳୀ ଅନୁଯାୟୀ ବିଦ୍ୟୁତ୍ ଆଘାତଜନିତ ମୃତ୍ୟୁର ଦୁର୍ଭାଗ୍ୟଜନକ ଘଟଣାକୁ ବନ୍ଦ କରିବା ପାଇଁ ତାରଗୁଡ଼ିକର ନୁଆଁଣ ଓ ଦୋଳନକୁ ବିଚାରକୁ ନେଇ ଟାୱାରଗୁଡ଼ିକର ଅତିରିକ୍ତ ଉଚ୍ଚତା ସହିତ ପର୍ଯ୍ୟାପ୍ତ ଗ୍ରାଉଣ୍ଡ କ୍ଲିୟରାନ୍ସର ରକ୍ଷଣାବେକ୍ଷଣ କରାଯିବ ।

ix) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି କଟାଯିବା ପାଇଁ ଚିହ୍ନଟ ହୋଇଥିବା ସର୍ବାଧିକ ବୃକ୍ଷଗୁଡ଼ିକୁ ସଫଳ ଭାବେ ପ୍ରତିରୋପଣ କରିବା ଲାଗି ଯଥାସମ୍ଭବ ପ୍ରୟାସ କରିବ ଏବଂ ଏହା ନିଶ୍ଚିତ କରିବ ଯେ କେବଳ ଅପରିହାର୍ଯ୍ୟ ହୋଇଥିବା ସ୍ଥଳରେ ହିଁ ବୃକ୍ଷଗୁଡ଼ିକୁ କଟାଯିବ ଓ ତାହା ମଧ୍ୟ କେବଳ ରାଜ୍ୟ ଜଙ୍ଗଲ ବିଭାଗର କଡ଼ାକଡ଼ି ତତ୍ତ୍ୱାବଧାନ ଅଧୀନରେ କରାଯିବ ।

x) ରାଜ୍ୟ ସରକାର ଏବଂ ୟୁଜର ଏଜେନ୍ସି ଏହା ସୁନିଶ୍ଚିତ କରିବେ ଯେ, ପାଇପଲାଇନ୍‌କୁ ଭୂସ୍ତରର ୧.୫ ମିଟର ଗଭୀରତାରେ ବିଛାଯିବ ଏବଂ ଏମ୍‌ୟୁଡବ୍ଲ୍ୟୁ ପାଇପଲାଇନ୍ ସୁଡ଼ଙ୍ଗର ପ୍ରସ୍ଥ ରାଜ୍ୟ ସରକାରଙ୍କ ପ୍ରସ୍ତାବ ଅନୁସାରେ ୩.୫୩୦ ମିଟରରୁ ୭.୧୮୬ ମିଟର ମଧ୍ୟରେ ରହିବ ଏବଂ ପାଇପଲାଇନ୍ ବିଛାଯିବା ପରେ ତୁରନ୍ତ ଭୂମିକୁ ସମତଳ କରାଯିବ ।

xi) ରାଜ୍ୟ ସରକାର ଏବଂ ୟୁଜର ଏଜେନ୍ସି ଏହା ସୁନିଶ୍ଚିତ କରିବେ ଯେ, ପ୍ରକଳ୍ପର ଭୂତଳ ଏମ୍‌ୟୁଡବ୍ଲ୍ୟୁ ପାଇପଲାଇନ୍ ସଂକ୍ରାନ୍ତୀୟ ବସ୍ତୁଗତ ପ୍ରଭାବକୁ ନିୟମିତ ଭାବେ ତତ୍ତ୍ୱାବଧାନ କରାଯିବ ଏବଂ ସମ୍ପୃକ୍ତ ଅଞ୍ଚଳ ଉପରେ କୌଣସି ପ୍ରତିକୂଳ ପ୍ରଭାବକୁ ତୁରନ୍ତ ରିପୋର୍ଟ କରାଯିବ ଏବଂ କେବଳ ପ୍ରକଳ୍ପ ସମ୍ବନ୍ଧିତ ଗତିବିଧିଗୁଡ଼ିକୁ ତୁରନ୍ତ ବନ୍ଦ କରାଯିବ ।

xii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ଏମ୍‌ୟୁଡବ୍ଲ୍ୟୁ ପାଇପଲାଇନ୍ ଅପ୍ରତ୍ୟାଶିତ ଲିକେଜ୍ ପାଇଁ ପର୍ଯ୍ୟାପ୍ତ ସୁରକ୍ଷାମୂଳକ ପଦକ୍ଷେପ ଗ୍ରହଣ କରିବ ।

xiii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ଭାରତର ମାନ୍ୟବର ସର୍ବୋଚ୍ଚ ନ୍ୟାୟାଳୟଙ୍କ ଚୂଡ଼ାନ୍ତ ନିଷ୍ପତ୍ତି ଅନୁଯାୟୀ ଯଦି ଆବଶ୍ୟକ ହୁଏ ତେବେ ୟୁଜର ଏଜେନ୍ସି ଏନ୍‌ପିଭିର ଅତିରିକ୍ତ ରାଶି ପୈଠ କରିବ ।

xiv) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ସମ୍ପୃକ୍ତ ଅଞ୍ଚଳରେ ବନ୍ୟପ୍ରାଣୀଙ୍କ ସୁରକ୍ଷା ଓ ସଂରକ୍ଷଣ ପାଇଁ ସମସ୍ତ ସମ୍ଭବ ପଦକ୍ଷେପ ଗ୍ରହଣ କରିବ ।

xv) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ସମ୍ପୃକ୍ତ ଅଞ୍ଚଳରେ ବଣୁଆ ହାତୀଙ୍କ ଚଳପ୍ରଚଳ ସମୟରେ ୟୁଜର ଏଜେନ୍ସି ନିଜର ସମସ୍ତ ନିର୍ମାଣ ଗତିବିଧି ଅର୍ଥାତ୍ ସୁଡ଼ଙ୍ଗ ଖନନ ଓ ପାଇପଲାଇନ୍ ବିଛାଇବା କାର୍ଯ୍ୟକୁ ବନ୍ଦ ରଖିବ । ୟୁଜର ବନ୍ୟପ୍ରାଣୀ, ବିଶେଷକରି ସମ୍ପୃକ୍ତ ଅଞ୍ଚଳର ବଣୁଆ ହାତୀଙ୍କୁ ବିଚଳିତ ନ କରିବା ପାଇଁ ପ୍ରାକ୍-ସତର୍କତାମୂଳକ ପଦକ୍ଷେପ ଗ୍ରହଣ କରିବ ।

xvi) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ଜଙ୍ଗଲ ଜମି ଉପରେ କୌଣସି ଶ୍ରମ ଶିବିର ସ୍ଥାପନ କରାଯିବ ନାହିଁ ଏବଂ ଆଖପାଖ ଜଙ୍ଗଲ ଅଞ୍ଚଳ ପ୍ରତି କୌଣସି କ୍ଷୟକ୍ଷତି ଓ ଚାପକୁ ଏଡ଼ାଇବା ପାଇଁ ୟୁଜର ଏଜେନ୍ସି ସାଇଟରେ କାମ କରୁଥିବା ଶ୍ରମିକ ଓ କର୍ମଚାରୀଙ୍କ ପାଇଁ ବୈକଳ୍ପିକ ଇନ୍ଧନ ଯୋଗାଇବା ବାଞ୍ଛନୀୟ ।

xvii) ରାଜ୍ୟ ସରକାର ଏବଂ ୟୁଜର ଏଜେନ୍ସି ଏହା ସୁନିଶ୍ଚିତ କରିବେ ଯେ, ପ୍ରକଳ୍ପ କାର୍ଯ୍ୟ ସମ୍ବନ୍ଧୀୟ କୌଣସି ଗତିବିଧି ପାଇଁ ଜଙ୍ଗଲ ଅଞ୍ଚଳ ମଧ୍ୟରେ କୌଣସି ଅତିରିକ୍ତ କିମ୍ବା ନୂଆ ପଥ ନିର୍ମାଣ କରାଯିବ ନାହିଁ ।

xviii) ରାଜ୍ୟ ସରକାର ଏବଂ ୟୁଜର ଏଜେନ୍ସି ଏହା ସୁନିଶ୍ଚିତ କରିବେ ଯେ, କାର୍ଯ୍ୟ ସମ୍ପାଦନ ସମୟରେ ୟୁଜର ଏଜେନ୍ସି ଆଖିପାଖର ଜଙ୍ଗଲ ଅଞ୍ଚଳରେ କୌଣସି ବୃକ୍ଷ କାଟିବ ନାହିଁ କିମ୍ବା ଜଙ୍ଗଲ ବୃଦ୍ଧିକୁ କୌଣସି ଉପାୟରେ କ୍ଷତିଗ୍ରସ୍ତ କରିବ ନାହିଁ ।

xix) ରାଜ୍ୟ ସରକାର ଏବଂ ୟୁଜର ଏଜେନ୍ସି ଏହା ସୁନିଶ୍ଚିତ କରିବେ ଯେ, ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ଆଗୁଆ ଅନୁମୋଦନ ବିନା ପ୍ରସ୍ତାବର ଲେ'ଆଉଟ୍ ପ୍ଲାନକୁ ପରିବର୍ତ୍ତନ କରାଯିବ ନାହିଁ ।

xx) ରାଜ୍ୟ ସରକାର ଏବଂ ୟୁଜର ଏଜେନ୍ସି ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ଦ୍ୱାରା ସଂଲଗ୍ନ ଜଙ୍ଗଲ ଅଞ୍ଚଳରୁ ମାଟି କିମ୍ବା କୌଣସି ପଦାର୍ଥ ଅଣାଯିବ ନାହିଁ କିମ୍ବା ନିର୍ମାଣ ସମୟରେ ସୃଷ୍ଟି ହୋଇଥିବା ଆବର୍ଜନାକୁ ସଂଲଗ୍ନ ଜଙ୍ଗଲ ଅଞ୍ଚଳରେ ନିଷ୍କାସନ କରାଯିବ ନାହିଁ ।

xxi) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ଜଙ୍ଗଲ ଜମିକୁ ପ୍ରସ୍ତାବରେ ବିନିର୍ଦ୍ଦିଷ୍ଟ ହୋଇଥିବା ବ୍ୟତୀତ ଅନ୍ୟ କୌଣସି ଉଦ୍ଦେଶ୍ୟ ପାଇଁ ବ୍ୟବହାର କରାଯିବ ନାହିଁ ଏବଂ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ଆଗୁଆ ଅନୁମୋଦନ ବିନା ତାହାକୁ ଅନ୍ୟ କୌଣସି ୟୁଜର ଏଜେନ୍ସି, ବିଭାଗ କିମ୍ବା ବ୍ୟକ୍ତିଙ୍କୁ ହସ୍ତାନ୍ତର କରାଯାଇପାରିବ ନାହିଁ ।

xxii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ସମୀପବର୍ତ୍ତୀ ଅଞ୍ଚଳର ବୃକ୍ଷରାଜି ଓ ଜୀବଜନ୍ତୁଙ୍କ ପ୍ରତି କୌଣସି କ୍ଷତି କରାଯିବ ନାହିଁ ।

xxiii) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ସମ୍ପୃକ୍ତ ବନଖଣ୍ଡ ଅଧିକାରୀ ଆଖପାଖ ଅଞ୍ଚଳରେ ଜଙ୍ଗଲ ଉପରେ ଯେପରି କୌଣସି ପ୍ରତିକୂଳ ପ୍ରଭାବ ନ ପଡ଼େ ତାହା ନିଶ୍ଚିତ କରିବା ପାଇଁ ତତ୍ତ୍ୱାବଧାନ କରିବେ ଓ ଆବଶ୍ୟକୀୟ ପ୍ରଶମନ ପଦକ୍ଷେପ ଗ୍ରହଣ କରିବେ ।

xxiv) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ୟୁଜର ଏଜେନ୍ସି ନିୟମିତ ଭାବେ ପ୍ରତିବର୍ଷ ମାର୍ଚ୍ଚ ଶେଷରେ ରାଜ୍ୟର ନୋଡାଲ୍ ଅଧିକାରୀ (ଏଫ୍‌ସିଏ) ଏବଂ ମନ୍ତ୍ରଣାଳୟର ସମନ୍ୱିତ ଆଞ୍ଚଳିକ କାର୍ଯ୍ୟାଳୟରେ ନିର୍ଦ୍ଧାରିତ ସର୍ତ୍ତାବଳୀ ଅନୁପାଳନର ଆତ୍ମ-ତତ୍ତ୍ୱାବଧାନ ରିପୋର୍ଟ ଦାଖଲ କରିବ ।

xxv) ରାଜ୍ୟ ସରକାର ଏହା ସୁନିଶ୍ଚିତ କରିବେ ଯେ, ସମ୍ପୃକ୍ତ ଅଞ୍ଚଳରେ ବନୀକରଣ, ଉଦ୍ଭିଦ ଓ ବନ୍ୟଜୀବଙ୍କ ସଂରକ୍ଷଣ ଏବଂ ପ୍ରବନ୍ଧନ ସ୍ୱାର୍ଥରେ ସମୟ ସମୟରେ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ ଦ୍ୱାରା ଲାଗୁ କରାଯାଇଥିବା ଅନ୍ୟ ଯେକୌଣସି ସର୍ତ୍ତାବଳୀକୁ ୟୁଜର ଏଜେନ୍ସି ଦ୍ୱାରା ଅନୁପାଳନ କରାଯିବ ।

xxvi) ମାନ୍ୟବର ସର୍ବୋଚ୍ଚ ନ୍ୟାୟାଳୟଙ୍କ ଆଦେଶର ପରିଣତିସ୍ୱରୂପ ମନ୍ତ୍ରଣାଳୟ ଦ୍ୱାରା ଜାରି କରାଯାଇଥିବା ଅନ୍ୟ କୌଣସି ନିର୍ଦ୍ଦେଶ ଏହି ଅନୁମୋଦନକୁ ପ୍ରଭାବିତ କରିବ ।

xxvii) ରାଜ୍ୟ ସରକାର ଏବଂ ୟୁଜର ଏଜେନ୍ସି ଏହା ସୁନିଶ୍ଚିତ କରିବେ ଯେ, ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ଏବଂ ଏହି ପ୍ରକଳ୍ପ ସଂକ୍ରାନ୍ତରେ ସମ୍ପୃକ୍ତ ସମୟରେ ବଳବତ୍ତର ରହିଥିବା ସମସ୍ତ ଅଧିନିୟମ, ନିୟମାବଳୀ, ନିୟାମକ, ନିର୍ଦ୍ଦେଶାବଳୀ, ଏନ୍‌ଜିଟି ଆଦେଶ(ମାନ) ଏବଂ ମାନ୍ୟବର ଅଦାଲତଙ୍କ ଆଦେଶ(ମାନ)ର ବ୍ୟବସ୍ଥାବଳୀର ଅନୁପାଳନ କରାଯିବ ।

xxviii) ଉପରୋକ୍ତ ଯେକୌଣସି ସର୍ତ୍ତାବଳୀର ଉଲ୍ଲଂଘନ ବନ (ସଂରକ୍ଷଣ ଏବଂ ସମ୍ବର୍ଦ୍ଧନ) ଅଧିନିୟମ, ୧୯୮୦ର ଉଲ୍ଲଂଘନ ଭାବେ ପରିଗଣିତ ହେବ ଏବଂ ବନ (ସଂରକ୍ଷଣ ଏବଂ ସମ୍ବର୍ଦ୍ଧନ ଅଧିନିୟମ), ୧୯୮୦ ତଥା ବନ (ସଂରକ୍ଷଣ ଏବଂ ସମ୍ବର୍ଦ୍ଧନ) ନିୟମାବଳୀ, ୨୦୨୩ ଅଧୀନରେ ମନ୍ତ୍ରଣାଳୟର ୨୯.୧୨.୨୦୨୩ ତାରିଖର ଚିଠି ଜରିଆରେ ଜାରି ଏକୀକୃତ ନିର୍ଦ୍ଦେଶାବଳୀ ଓ ସ୍ପଷ୍ଟୀକରଣର ପରିଚ୍ଛେଦ ୧.୧୬ରେ ନିର୍ଦ୍ଧାରିତ ହୋଇଥିବା ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ।

ଆପଣଙ୍କର ବିଶ୍ୱସ୍ତ,
ପଦ୍ମା ମହାନ୍ତି
(ଡା. ପଦ୍ମା ମହାନ୍ତି)
ଜଙ୍ଗଲ ଉପ ମହାନିରୀକ୍ଷକ (ସି)

ନିମ୍ନଲିଖିତଙ୍କୁ ନକଲ:-
୧. ଜଙ୍ଗଲ ମହାନିରୀକ୍ଷକ (ଆର୍‌ଓଏଚ୍‌କ୍ୟୁ), ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ, ଇନ୍ଦିରା ପର୍ଯ୍ୟାବରଣ ଭବନ, ଜୋରବାଗ ରୋଡ୍, ଆଲିଗଞ୍ଜ, ନୂଆଦିଲ୍ଲୀ - ୧୧୦୦୦୩ ।
୨. ଅତିରିକ୍ତ ପିସିସିଏଫ୍ ଏବଂ ନୋଡାଲ୍ ଅଧିକାରୀ (ଏଫ୍‌ସିଏ), ଜଙ୍ଗଲ ବିଭାଗ, ଓଡ଼ିଶା ସରକାର, ଅରଣ୍ୟ ଭବନ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର ।
୩. ଅତିରିକ୍ତ ମହାପ୍ରବନ୍ଧକ (ଏଚ୍‌ଆର), ଦର୍ଲିପାଲି ଏସ୍‌ଟିପିପି, ନ୍ୟାଶନାଲ ଥର୍ମାଲ ପାୱାର କର୍ପୋରେଶନ ଲିଃ, ସ୍ଥାନ/ପୋଷ୍ଟ: ଦର୍ଲିପାଲି, ଜିଲ୍ଲା: ସୁନ୍ଦରଗଡ଼ - ୭୭୦୦୨୫, ଓଡ଼ିଶା ।

ଜଙ୍ଗଲ ଉପ ମହାନିରୀକ୍ଷକ (ସି)

**ପ୍ରକଳ୍ପ: ମେସର୍ସ ଏନ୍‌ଟିପିସି ଲିଃ ଦ୍ୱାରା ମେକ୍ ଅପ୍ ୱାଟର୍ (ଏମ୍‌ୟୁଡବ୍ଲ୍ୟୁ) ପାଇପଲାଇନ୍ ଏବଂ ୧୩୨ କେଭି ଟ୍ରାନ୍ସମିଶନ୍ ଲାଇନ୍**

**ଜଙ୍ଗଲ ଜମି ଅନୁସୂଚୀ - ଝାରସୁଗୁଡ଼ା ଜିଲ୍ଲା - ୨୨.୭୬ ହେକ୍ଟର**

| କ୍ର. ସଂ. | ଗ୍ରାମର ନାମ | ତହସିଲର ନାମ | ଖାତା ସଂ. | ପ୍ଲଟ୍ ସଂ. | ରକବା ଏକରରେ | ରକବା ହେକ୍ଟରରେ | କିସମ |
|---|---|---|---|---|---|---|---|
| ୧ | କେଛୋବାହାଲ | ଝାରସୁଗୁଡ଼ା | ୧୦୩/୨୦ | ୧୬୪୨ | ୩.୯୦୩ | ୧.୫୭୯ | ଜଙ୍ଗଲ |
| ୨ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୫୨୩ | ୦.୦୧୪ | ୦.୦୦୬ | ଗ୍ରାମ୍ୟ ଜଙ୍ଗଲ |
| ୩ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୫୫୨ | ୦.୦୧୫ | ୦.୦୦୬ | ଗ୍ରାମ୍ୟ ଜଙ୍ଗଲ |
| ୪ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୫୬୯ | ୨.୫୬୯ | ୧.୦୪୦ | ଗ୍ରାମ୍ୟ ଜଙ୍ଗଲ |
| ୫ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୭୨୬/୧୩୫୮ | ୦.୦୨୫ | ୦.୦୧୦ | ଗ୍ରାମ୍ୟ ଜଙ୍ଗଲ |
| ୬ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୭୨୫ | ୦.୧୭୧ | ୦.୦୬୯ | ଗ୍ରାମ୍ୟ ଜଙ୍ଗଲ |
| ୭ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୭୧୫/୧୩୦୬ | ୦.୦୭୦ | ୦.୦୨୮ | ଗ୍ରାମ୍ୟ ଜଙ୍ଗଲ |
| ୮ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୫୨୫ | ୦.୦୦୩ | ୦.୦୦୧ | ଗ୍ରାମ୍ୟ ଜଙ୍ଗଲ |
| ୯ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୫୭୦/୧୩୦୭ | ୦.୦୧୭ | ୦.୦୦୭ | ଗ୍ରାମ୍ୟ ଜଙ୍ଗଲ |
| ୧୦ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୭୧୭ | ୦.୧୭୬ | ୦.୦୭୧ | ଗ୍ରାମ୍ୟ ଜଙ୍ଗଲ |
| ୧୧ | ଚାନ୍ଦିନିମାଳ | ଝାରସୁଗୁଡ଼ା | ୧୨୦ | ୫୨୬ | ୩.୯୬୦ | ୧.୬୦୩ | ଗ୍ରାମ୍ୟ ଜଙ୍ଗଲ |
| ୧୨ | ରାଜପୁର | ଝାରସୁଗୁଡ଼ା | ୧୮୫ | ୧୬୦/୧୩୪୨ | ୦.୮୪୮ | ୦.୩୪୩ | ଗ୍ରାମ୍ୟ ଜଙ୍ଗଲ |
| ୧୩ | ରାଜପୁର | ଝାରସୁଗୁଡ଼ା | ୧୮୫ | ୧୬୦/୧୩୪୩ | ୦.୪୧୩ | ୦.୧୬୭ | ଗ୍ରାମ୍ୟ ଜଙ୍ଗଲ |
| ୧୪ | ରାଜପୁର | ଝାରସୁଗୁଡ଼ା | ୧୮୫ | ୧୬୦/୧୩୫୪ | ୦.୦୩୨ | ୦.୦୧୩ | ଗ୍ରାମ୍ୟ ଜଙ୍ଗଲ |
| ୧୫ | ରାଜପୁର | ଝାରସୁଗୁଡ଼ା | ୧୮୫ | ୧୬୦/୧୩୫୫ | ୦.୨୪୪ | ୦.୦୯୯ | ଗ୍ରାମ୍ୟ ଜଙ୍ଗଲ |
| ୧୬ | ରାଜପୁର | ଝାରସୁଗୁଡ଼ା | ୧୮୫ | ୧୫୯ | ୦.୨୫୯ | ୦.୧୦୫ | ଗ୍ରାମ୍ୟ ଜଙ୍ଗଲ |
| ୧୭ | ରାଜପୁର | ଝାରସୁଗୁଡ଼ା | ୧୮୫ | ୧୬୧ | ୦.୦୭୩ | ୦.୦୩୦ | ଗ୍ରାମ୍ୟ ଜଙ୍ଗଲ |
| ୧୮ | ଗୌଡମାଳ | ଝାରସୁଗୁଡ଼ା | ୭୨ | ୩୯୦ | ୧.୧୮୯ | ୦.୪୮୧ | ବଡ଼ ଜଙ୍ଗଲ |
| ୧୯ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୬ | ୩୮୬୮ | ୩.୪୮୦ | ୧.୪୦୮ | ଜଙ୍ଗଲ |
| ୨୦ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୮ | ୩୬୩୪ | ୨.୪୨୩ | ୦.୯୮୧ | ଜଙ୍ଗଲ |
| ୨୧ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୮ | ୩୬୬୪ | ୧.୬୬୫ | ୦.୬୭୪ | ଜଙ୍ଗଲ |
| ୨୨ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୮ | ୩୬୪୭ | ୩.୯୮୨ | ୧.୬୧୧ | ଜଙ୍ଗଲ |
| ୨୩ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୮ | ୩୬୪୩ | ୦.୧୧୦ | ୦.୦୪୫ | ଜଙ୍ଗଲ |
| ୨୪ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୮ | ୩୬୬୫ | ୩.୧୮୯ | ୧.୨୮୭ | ଜଙ୍ଗଲ |
| ୨୫ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୬ | ୪୬୦୭ | ୦.୩୧୬ | ୦.୧୨୮ | ଗ୍ରାମ୍ୟ ଜଙ୍ଗଲ |
| ୨୬ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୬ | ୪୨୩୨ | ୦.୭୩୨ | ୦.୨୯୬ | ଗ୍ରାମ୍ୟ ଜଙ୍ଗଲ |
| ୨୭ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୬ | ୪୬୦୮ | ୦.୫୯୩ | ୦.୨୪୦ | ଗ୍ରାମ୍ୟ ଜଙ୍ଗଲ |
| ୨୮ | ବ୍ରଜରାଜନଗର ଟାଉନ୍ ୟୁନିଟ୍ ନଂ.୧ | ଝାରସୁଗୁଡ଼ା | ୬୧୬ | ୪୨୩୮ | ୦.୦୦୫ | ୦.୦୦୨ | ଗ୍ରାମ୍ୟ ଜଙ୍ଗଲ |
| ୨୯ | ବୁନ୍ଦିଆ | ଝାରସୁଗୁଡ଼ା | ୮୧ | ୧୬୭ | ୯.୯୫୮ | ୪.୦୩୦ | ଗ୍ରାମ୍ୟ ଜଙ୍ଗଲ |
| ୩୦ | ବୁନ୍ଦିଆ | ଝାରସୁଗୁଡ଼ା | ୮୩ | ୧୭୦ | ୫.୩୦୦ | ୨.୧୪୫ | ପତ୍ରା ଜଙ୍ଗଲ |
| ୩୧ | ବୁନ୍ଦିଆ | ଝାରସୁଗୁଡ଼ା | ୮୩ | ୧୬୯ | ୧.୧୧୦ | ୦.୪୪୯ | ପତ୍ରା ଜଙ୍ଗଲ |
| ୩୨ | ବାଲିପୁଟ | ଝାରସୁଗୁଡ଼ା | ୩୬ | ୧୫୪ | ୧.୫୯୧ | ୦.୬୪୪ | ପତ୍ରା ଜଙ୍ଗଲ |
| ୩୩ | କିରାରମା | ଲଖନପୁର | ୧୧୧ | ୭୩୩ | ୪.୭୦୯ | ୧.୯୦୬ | ଗ୍ରାମ୍ୟ ଜଙ୍ଗଲ |
| ୩୪ | ବନହରପାଲି | ଲଖନପୁର | ୭୯ | ୬୨୪ | ୧.୨୩୧ | ୦.୪୯୮ | ଗ୍ରାମ୍ୟ ଜଙ୍ଗଲ |
| ୩୫ | ବନହରପାଲି | ଲଖନପୁର | ୮୧ | ୮୦୪ | ୦.୯୮୮ | ୦.୪୦୦ | ଜଙ୍ଗଲ |
| ୩୬ | ବନହରପାଲି | ଲଖନପୁର | ୮୧ | ୬୪୪ | ୦.୩୮୫ | ୦.୧୫୬ | ଜଙ୍ଗଲ |
| ୩୭ | ବନହରପାଲି | ଲଖନପୁର | ୮୧ | ୬୧୮ | ୦.୧୩୫ | ୦.୦୫୫ | ଜଙ୍ଗଲ |
| ୩୮ | ବନହରପାଲି | ଲଖନପୁର | ୮୧ | ୬୦୮ | ୦.୦୮୫ | ୦.୦୩୪ | ଜଙ୍ଗଲ |
| ୩୯ | ବନହରପାଲି | ଲଖନପୁର | ୮୧ | ୬୦୬ | ୦.୨୮୪ | ୦.୧୧୫ | ଜଙ୍ଗଲ |
| | | | | **ମୋଟ** | **୫୬.୨୪୪** | **୨୨.୭୬** | |

**ଜଙ୍ଗଲ ଜମି ଅନୁସୂଚୀ - ସୁନ୍ଦରଗଡ଼ ଜିଲ୍ଲା - ୨.୮୦ ହେକ୍ଟର**

| କ୍ର. ସଂ. | ଗ୍ରାମର ନାମ | ତହସିଲର ନାମ | ଖାତା ସଂ. | ପ୍ଲଟ୍ ସଂ. | ରକବା ଏକରରେ | ରକବା ହେକ୍ଟରରେ | କିସମ |
|---|---|---|---|---|---|---|---|
| ୧ | ଦର୍ଲିପାଲି | ଲେଫ୍ରିପଡ଼ା | ୫୭୧/୧୫୯ | ୩୫୮୪/୬୫୮୮ | ୦.୩୭୦ | ୦.୧୫୦ | ଗୋଡା - II |
| ୨ | କନକତୋରା | ହେମଗିର | ୧୯୯ | ୧୯୩୭/୨୩୯୩ | ୦.୦୩୦ | ୦.୦୧୨ | ମା.ସା |
| ୩ | କନକତୋରା | ହେମଗିର | ୨୦୧ | ୮୬୭ | ୧.୧୪୨ | ୦.୪୬୨ | ଜଙ୍ଗଲ |
| ୪ | କନକତୋରା | ହେମଗିର | ୨୦୧ | ୮୬୫ | ୦.୪୪୦ | ୦.୧୭୮ | ଜଙ୍ଗଲ |
| ୫ | କନକତୋରା | ହେମଗିର | ୨୦୧ | ୮୬୬ | ୦.୯୯୬ | ୦.୪୦୩ | ଜଙ୍ଗଲ |
| ୬ | କନକତୋରା | ହେମଗିର | ୨୦୧ | ୮୨୨ | ୦.୨୯୦ | ୦.୧୧୭ | ଜଙ୍ଗଲ |
| ୭ | କନକତୋରା | ହେମଗିର | ୨୦୧ | ୭୫୬ | ୦.୩୨୪ | ୦.୧୩୧ | ଜଙ୍ଗଲ |
| ୮ | କନକତୋରା | ହେମଗିର | ୨୦୧ | ୭୪୮ | ୦.୦୪୪୬ | ୦.୦୧୯ | ଜଙ୍ଗଲ |
| ୯ | କନକତୋରା | ହେମଗିର | ୨୦୧ | ୧୦୦୧ | ୦.୫୫୦ | ୦.୨୨୩ | ଜଙ୍ଗଲ |
| ୧୦ | କନକତୋରା | ହେମଗିର | ୨୦୧ | ୧୯୮୧ | ୦.୨୫୨ | ୦.୧୦୨ | ଜଙ୍ଗଲ |
| ୧୧ | କନକତୋରା | ହେମଗିର | ୨୦୧ | ୮୪୫ | ୦.୦୧୪ | ୦.୦୦୬ | ବଡ଼ ଜଙ୍ଗଲ |
| ୧୨ | କନକତୋରା | ହେମଗିର | ୨୦୧ | ୯୬୮ | ୦.୦୨୭ | ୦.୦୧୧ | ପତ୍ରା ଜଙ୍ଗଲ |
| ୧୩ | କନକତୋରା | ହେମଗିର | ୨୦୧ | ୯୮୦ | ୨.୦୨୨ | ୦.୮୧୮ | ପତ୍ରା ଜଙ୍ଗଲ |
| ୧୪ | କନକତୋରା | ହେମଗିର | ୨୦୧ | ୧୮୯୩/୨୩୮୫ | ୦.୦୭୮ | ୦.୦୩୨ | ବଡ଼ ଜଙ୍ଗଲ |
| ୧୫ | କନକତୋରା | ହେମଗିର | ୨୦୧ | ୧୮୯୫ | ୦.୧୮୪ | ୦.୦୭୪ | ବଡ଼ ଜଙ୍ଗଲ |
| ୧୬ | କନକତୋରା | ହେମଗିର | ୨୦୧ | ୭୪୯ | ୦.୦୪୫ | ୦.୦୧୮ | ପତ୍ରା ଜଙ୍ଗଲ |
| ୧୭ | କନକତୋରା | ହେମଗିର | ୨୦୦ | ୮୯୯ | ୦.୧୨୮ | ୦.୦୫୨ | ବଡ଼ ଜଙ୍ଗଲ |
| | | | | **ମୋଟ** | **୬.୯୩୮** | **୨.୮୦** | |

**୧୨ ହଜାର ଫଳ ଚାରା ରୋପଣ**

ଗୁଣପୁର,(ପ୍ରଦୀପ କୁମାର ପାଢ଼ୀ)- ରାୟଗଡ଼ା ଜିଲା ରାମନାଗୁଡା ବ୍ଲକର ଭାମିନୀସ୍ଥିତ ଦ୍ୱିତୀୟ ଭାରତ ସଂରକ୍ଷିତ ଆରକ୍ଷୀ ବାହିନୀ (ଆଇଆରବିଏନ) ପରିସରରେ ସୋମବାର ବନ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ କମାଣ୍ଡେଣ୍ଟ ବ୍ରଜମୋହନ ନାୟକ, ସାହା ଚାରିଟେବଲ ଟ୍ରଷ୍ଟର ଅଧକ୍ଷ ବାବାଜି ବାବା, ଗୁଡାରୀ ରେଞ୍ଜର ଦିଲ୍ଲୀପ କୁମାର ପଟ୍ଟନାୟକ, ସମାଜସେବୀ କୃଷ୍ଣ ପ୍ରସାଦ ବେବର୍ତ୍ତା ପ୍ରମୁଖ ଯୋଗ ଦେଇ ଚାରାରୋପଣର ଆବଶ୍ୟକତା ଉପରେ କହିଥିଲେ। ଭୁବନେଶ୍ୱର ସାହା ଚାରିଟେବଲ ଟ୍ରଷ୍ଟ ସହଯୋଗରେ ୧୨ ହଜାର ଫଳ ଜାତୀୟ ଚାରାରୋପଣ କରାଯାଇଥିଲା।

# କାର୍ଯ୍ୟାଦେଶ ବାଣ୍ଟିଲେ, ଆର୍ଥିକ ସହାୟତା କଲେ

**ରାମନାଗୁଡା,୨୧।୭(ସଞ୍ଜୟ ପ୍ରଧାନ)**

ରାୟଗଡା ଜିଲା ପ୍ରଶାସନ ପକ୍ଷରୁ ରାମନାଗୁଡା ବ୍ଲକ ସଦ୍‌ଭାବନା ସଭାଗୃହରେ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର ସୋମବାର ପୂର୍ବାହ୍ନ ୧୦ଟାରେ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲାପାଳ ନବୀନ ଚନ୍ଦ୍ର ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଶିବିରରେ ୫୬ଟି ଅଭିଯୋଗର ଶୁଣାଣି ହୋଇଥିଲା। ସେଥିରୁ ୪୯ଟି ବ୍ୟକ୍ତିଗତ ଓ ୭ ଟି ସାମୂହିକ ଅଭିଯୋଗ ରହିଥିଲା। ଅଭିଯୋଗଗୁଡିକର ତଦନ୍ତ କରି ତୁରନ୍ତ ପଦକ୍ଷେପ ଗ୍ରହଣ କରିବା ନିମନ୍ତେ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଏଡିଏମ୍ ନାୟକ ନିର୍ଦ୍ଦେଶ ଦେଇଥିଲେ। ଏଥିସହ ସମସ୍ତ ଅଭିଯୋଗର ବିବରଣୀ ଜିଲାପାଳଙ୍କ ଅବଗତ ନିମନ୍ତେ ନିର୍ଦ୍ଦେଶ ଦେଇଥିଲେ। ଏହି ଅବସରରେ ଓଡିଶା ଜୀବିକା ମିଶନ ତରଫରୁ ଘୁଷୁରୀ, ଛେଳି, କୁକୁଡ଼ା ପାଳନ ନିମନ୍ତେ କାର୍ଯ୍ୟାଦେଶ, ଫଳଚାଷ ନିମନ୍ତେ ଶଷ୍ୟ ବାବଦକୁ ଆର୍ଥିକ ସହାୟତା ଅତିରିକ୍ତ ଜିଲାପାଳ ବଣ୍ଟନ କରିଥିଲେ । ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ରାୟଗଡା ଜିଲା ପରିଷଦ ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଅକ୍ଷୟ କୁମାର ଖେମୁଣ୍ଡୁ, ଗୁଣପୁର ଉପ ଜିଲାପାଳ କିରନଦୀପ କୌର ସହୋତା, ବନଖଣ୍ଡ ଅଧିକାରୀ ସଚିନ ଆନ୍ନା ସାହେବ ଓହଲ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଅମୁଲ୍ୟ କୁମାର ଧର, ଗୁଣପୁର ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପ୍ରଶାସକ ଅଜୟ କୁମାର ପ୍ରଧାନ, ଜିଲା ମୁଖ୍ୟ ଚିକିତ୍ସା ଅଧିକାରୀ ଭି ସରୋଜିନୀ ଦେବୀ, ଜିଲା ମଙ୍ଗଳ ଅଧିକାରୀ ଅସୀମା ରାଓ, ଜିଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀକାନ୍ତ ପାଣିଗ୍ରାହୀ, ଉପଖଣ୍ଡ ସାମାଜିକ ସୁରକ୍ଷା ଅଧିକାରୀ ରଞ୍ଜିତା ବେହେରା, ଅବକାରୀ ଅଧିକ୍ଷକ ସନ୍ତୋଷ ଧଳସାମନ୍ତ, ଗୁଣପୁର ଏସ୍‌ଡିପିଓ ବାବୁଲି ନାୟକ, ଉପଖଣ୍ଡ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଧନଞ୍ଜୟ ବେହେରା, ଲିଡ଼ ବ୍ୟାଙ୍କ ଅଧିକାରୀ ଦେବେନ୍ଦ୍ର ବାଉରୀଙ୍କ ସମେତ ରାମନାଗୁଡା ବ୍ଲକ ଅଧକ୍ଷ ରବିଶଙ୍କର ଗମାଙ୍ଗ ଯୋଗଦେଇ ସମସ୍ତ ଅଭିଯୋଗର ଶୁଣାଣି କରିଥିଲେ। ସେହିପରି ଗୋଗୁପାଡୁ ଏସଏଚଜି ମହିଳାଙ୍କୁ ଛତୁ ଚାଷ ନିମନ୍ତେ ୫୦ହଜାର ଟଙ୍କା,ଫୁଲ ଚାଷ ଦୋକାନ ନିମନ୍ତେ ୧ଲକ୍ଷ ପ୍ରଦାନ କରାଯାଇଥିଲା। ରାମନାଗୁଡା ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରଦ୍ୟୁମ୍ନ ମଣ୍ଡଳଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ରାମନାଗୁଡା ତହସିଲଦାର ପ୍ରାଣକୃଷ୍ଣ ପାଣିଗ୍ରାହୀ ଯୋଗଦେଇଥିଲେ। ସହକାରୀ ଜିଲାପାଳ ତଥା ଅଭିଯୋଗ ଶୁଣାଣି ଅଧିକାରୀ ସସ୍ମିତା ପଟ୍ଟନାୟକ, ବରିଷ୍ଠ ରାଜସ୍ୱ ସହାୟକ ଅଚ୍ୟୁତାନନ୍ଦ ଲିମା କନିଷ୍ଠ ରାଜସ୍ୱ ସହାୟକ ଲୋପାମୁଦ୍ରା ଶିବିର ପରିଚାଳନା କରିଥିଲେ ।



ଏଡିଏମ୍ ଏବଂ ଅନ୍ୟ ଅଧିକାରୀ ହିତାଧିକାରୀଙ୍କୁ ଚେକ୍ ପ୍ରଦାନ କରୁଛନ୍ତି।

**ରାମନାଗୁଡ଼ାରେ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର**

## ତ୍ରିବେଣୀ ସଙ୍ଗମରେ ବୁଡ଼ ପକାଇଲେ ବୋଲ୍‌ବମ୍ ଭକ୍ତ


ଜନକଲ୍ୟାଣ ଆଶ୍ରମ ପରିସରରେ ବୋଲ୍‌ବମ୍ ଭକ୍ତଙ୍କ ଭିଡ଼।

**ଚନ୍ଦ୍ରପୁର,୨୧।୭ (ବିଜୟ ପ୍ରସାଦ ଉଲାକା)**

ଶ୍ରାବଣ ଦ୍ୱିତୀୟ ସୋମବାରରେ ରାୟଗଡ଼ା ଜିଲା ଚନ୍ଦ୍ରପୁର ବ୍ଲକ୍ ହନୁମନ୍ତପୁର ପଞ୍ଚାୟତ ଅଧୀନ ମିନାଖୋଲାସ୍ଥିତ ତ୍ରିବେଣୀ ସଙ୍ଗମରେ ବହୁ ବୋଲବମ୍ ଭକ୍ତ ବୁଡ ପକାଇ ମୀନକେତନେଶ୍ୱରଙ୍କ ନିକଟରେ ଜଳାଭିଷେକ କରିଛନ୍ତି। ସୋମବାର ଭୋରରୁ ବଂଶଧାରା, ଚାଉଳଧୁଆ, ଫୋଲଫଲିଆ ନଦୀର ସଙ୍ଗମସ୍ଥଳ ମିନାଖୋଲାରେ ଭକ୍ତଙ୍କ ଭିଡ଼ ଜମିଥିଲା। ଗୁଣପୁର, ଚନ୍ଦ୍ରପୁର, ଗୁଡ଼ାରି, ଡାଙ୍ଗସୋରଡ଼ା, ମୁନିଗୁଡା, ରାୟଗଡ଼ାରୁ ପ୍ରାୟ ୪୦୦ରୁ ଉର୍ଦ୍ଧ୍ୱ ବୋଲବମ ଭକ୍ତ ଆସି ତ୍ରିବେଣୀ ସଙ୍ଗମରେ ବୁଡ ପକାଇ ମୀନକେତାନେଶ୍ୱର ଠାକୁରଙ୍କୁ ଦର୍ଶନ କରିଥିଲେ। ପରେ ଜନ କଲ୍ୟାଣ ଆଶ୍ରମକୁ ଯାଇ ବାବା ଜନକାନନ୍ଦ ଗିରିଙ୍କୁ ସାକ୍ଷାତ କରି ମିନଖୋଲା ପରିସରରେ ଥିବା ଶିବ ଲିଙ୍ଗ ଏବଂ କଳ୍ପ ବୃକ୍ଷ ମୂଳରେ ପୂଜାପାଠ କରିଥିଲେ। ଭୋଲେ ବାବା ପାର କରେଗା ଧ୍ୱନିରେ ଅଞ୍ଚଳ ପ୍ରକମ୍ପିତ ହୋଇଉଠିଥିବାବେଳେ ଘଞ୍ଚ ଅରଣ୍ୟ ମଧ୍ୟରେ ଥିବା ଜନ କଲ୍ୟାଣ ଆଶ୍ରମ ପରିସରରେ ଏକ ଆଧ୍ୟାତ୍ମିକ ପରିବେଶ ସୃଷ୍ଟି ହୋଇଥିଲା। ସଙ୍ଗମସ୍ଥଳରେ ବୁଡ଼ ପକାଇ ମହାଦେବଙ୍କୁ ଦର୍ଶନ କଲେ ମନସ୍କାମନା ପୂର୍ଣ୍ଣ ହୁଏ ବୋଲି ବାବା ଜନକାନନ୍ଦ ଗିରି ସୂଚନା ଦେଇଛନ୍ତି।

## ଜିଲା ଫାର୍ମାସି ଅଫିସର ସଂଘ ବୈଠକ


କାର୍ଯ୍ୟରତ ଫାର୍ମାସି ଅଫିସର ସଂଘ କର୍ମକର୍ତ୍ତା।

**ରାୟଗଡା,୨୧।୭(ଆଶିଷ ରଞ୍ଜନ ପଣ୍ଡା)**

ରାୟଗଡ଼ା ଜିଲାରେ କାର୍ଯ୍ୟରତ ଫାର୍ମାସି ଅଫିସର ସଂଘର ବାର୍ଷିକ ସାଧାରଣ ପରିଷଦ ବୈଠକ ସୋମବାର ଅପରାହ୍ନରେ ଜିଲା ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ରାଜ୍ୟସ୍ତରୀୟ ନେତୃମଣ୍ଡଳୀଙ୍କ ଉପସ୍ଥିତିରେ ବୈଠକରେ କର୍ମଚାରୀଙ୍କ ବିଭିନ୍ନ ସମସ୍ୟା ଯଥା ପଦୋନ୍ନତି, ନୂତନ ନିଯୁକ୍ତି, ଦରମାରେ ଅସଂଗତି ବିଷୟରେ ଆଲୋଚନା କରାଯାଇଥିଲା। ଆଗାମୀ ୨ ବର୍ଷ ପାଇଁ ସଂଘର କର୍ମକର୍ତ୍ତା ନିର୍ବାଚନ ଅନୁଷ୍ଠିତ ହୋଇଥିଲା। ତେବେ ସଭାପତି ଭାବେ ଶିବପ୍ରସାଦ ନାୟକ, ଉପସଭାପତି ଅଶ୍ୱିନୀ କୁମାର ରାଉତ, ସାଧାରଣ ସମ୍ପାଦକ ଭାବେ ସନ୍ତୋଷ କୁମାର ପାତ୍ର, ଯୁଗ୍ମ ସମ୍ପାଦକ ଲକ୍ଷଣ ବାଗ, ପ୍ରମୋଦ କୁମାର ସାହୁ, କୋଷାଧ୍ୟକ୍ଷ ଭାବେ ଜଗନ୍ନାଥ ନାୟକ, ସଂଗଠନ ସମ୍ପାଦକ ରାୟଗଡା ଉପଖଣ୍ଡ ହରିନାଥ ଭୁଇଁ ଓ ସୂର୍ଯ୍ୟନାରାୟଣ ପଣ୍ଡା ଗୁଣପୁର ଉପଖଣ୍ଡ ପାଇଁ ନିର୍ବାଚିତ ହୋଇଥିଲେ। ସଂଘର ରାଜ୍ୟ ସାଧାରଣ ସମ୍ପାଦକ କ୍ଷତୀଶ ପଟ୍ଟନାୟକ, କୋଷାଧ୍ୟକ୍ଷ ସୁଧୀର କୁମାର ନାୟକ, ସଂଗଠନ ସମ୍ପାଦକ ଲୋକନାଥ ସୁନା ଓ ଲଳିତ କୁମାର ବିଶୋଇ ଉପସ୍ଥିତ ରହି ରାଜ୍ୟ ସଂଘର ଆଭିମୁଖ୍ୟ, ପଦୋନ୍ନତି, ଅନୁକ୍ରମ ତାଲିକା ପ୍ରସ୍ତୁତରେ ବିଳମ୍ବ ତଥା ଭବିଷ୍ୟତ ଯୋଜନା ଉପରେ ଆଲୋକପାତ କରିଥିଲେ।

## ଜିଲା ସିଆର୍‌ପି ଆସୋସିଏଶନ ପକ୍ଷରୁ ଦାବିପତ୍ର


ଡେପୁଟି କଲେକ୍ଟର ନାରାୟଣ ମିଶ୍ରଙ୍କୁ ଦାବିପତ୍ର ଦିଆଯାଉଛି।

**ରାୟଗଡ଼ା,୨୧।୭ (ଭାଗ୍ୟଶ୍ରୀ ମିଶ୍ର)**

ରାୟଗଡ଼ା ଜିଲା ସିଆର୍‌ପି, ସିଏମ୍ ଆସୋସିଏଶନ ପକ୍ଷରୁ ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ ମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ଉଦ୍ଦେଶ୍ୟରେ ଡେପୁଟି କଲେକ୍ଟର ନାରାୟଣ ମିଶ୍ରଙ୍କୁ ସୋମବାର ଏକ ଦାବିପତ୍ର ପ୍ରଦାନ କରାଯାଇଛି । ଜିଲା ସଭାନେତ୍ରୀ ଭାରତୀ ନାୟକ ଏବଂ ସମ୍ପାଦିକା ହୀରା ଦେବୀ ପ୍ରଧାନଙ୍କ ନେତୃତ୍ୱରେ ଦାବିପତ୍ର ପ୍ରଦାନ କରାଯାଇଥିଲା। ଏହି ସମୟରେ ଶ୍ରମିକ ନେତା ତଥା ଭାରତୀୟ ମଜଦୁର ସଂଘର ରାଜ୍ୟ ଉପସଭାପତି ଯୋଗେଶ୍ୱର ଦାସ, ସଂଘର ରାୟଗଡ଼ା ଜିଲା ସମ୍ପାଦକ ଗଣେଶ କୁମାର ସାହୁ ଯୋଗଦେଇଥିଲେ। ଦାବିପତ୍ରରେ ଉଲ୍ଲେଖ ରହିଛି, ରାଜ୍ୟ ସରକାରଙ୍କ ମିଶନ ଶକ୍ତି ବିଭାଗ ଅଧୀନରେ କାର୍ଯ୍ୟରତ ସିଆର୍‌ପି, ସିଏମ୍ କର୍ମଚାରୀମାନେ ଦୀର୍ଘ ବର୍ଷ ଧରି ସୁଚାରୁ ରୂପେ ସେମାନଙ୍କର କାର୍ଯ୍ୟ ସମ୍ପାଦନା କରି ଆସୁଛନ୍ତି । କିନ୍ତୁ ସରକାର ଏବଂ ଜିଲା ପ୍ରଶାସନ ସେମାନଙ୍କୁ ଅଣଦେଖା କରୁଛନ୍ତି। ଯଦି ସରକାର ଏବଂ ଜିଲା ପ୍ରଶାସନ ଏଥିପ୍ରତି ତୁରନ୍ତ ଦୃଷ୍ଟିଦେଇ ଏହାର ସମାଧାନ ନ କରନ୍ତି ତେବେ ଆସନ୍ତା ଦିନରେ ଆନ୍ଦୋଳନକୁ ଓହ୍ଲାଇବା ପାଇଁ ବାଧ ହେବୁ ବୋଲି ସଂଗଠନ ପକ୍ଷରୁ ଚେତାବନୀ ଦିଆଯାଇଛି। ବିଭିନ୍ନ ଦାବି ମଧ୍ୟରେ ସିଆର୍‌ପି ସିଏମ୍‌ଙ୍କ ପାଇଁ ଇନ୍ସେଣ୍ଟିଭକୁ ବନ୍ଦ କରାଯାଇ ମାସିକ ବେତନ ୧୦ହଜାର ଟଙ୍କା ପ୍ରଦାନ, ଅନ୍‌ଲାଇନ କାର୍ଯ୍ୟ ପାଇଁ ଟାବଲଏଡ୍ ପ୍ରଦାନ କରାଯିବା, ସିଆର୍‌ପିଙ୍କୁ ପରିଚୟପତ୍ର ପ୍ରଦାନ ସହ ମାସିକ ବେତନ ଆକାଉଣ୍ଟ ଜରିଆରେ ପ୍ରଦାନ କରିବା ଓ ସେମାନଙ୍କୁ ସାମାଜିକ ସୁରକ୍ଷା ପ୍ରଦାନ କରାଯାଉ ବୋଲି ଦାବିରେ ଉଲ୍ଲେଖ ରହିଛି। ଉକ୍ତ କାର୍ଯ୍ୟକ୍ରମକୁ ଉପସଭାତି ପଙ୍କଜିନି ନାଗ, କୋଷାଧ୍ୟକ୍ଷ ଜାଗାମା ପେରିସିକା ପରିଚାଳନା କରିଥିଲେ । କାର୍ଯ୍ୟକ୍ରମରେ ଜିଲାରେ କାର୍ଯ୍ୟରତ ସମସ୍ତ ବ୍ଲକ୍‌ର ସିଆର୍‌ପି ସିଏମ୍‌ମାନେ ଯୋଗ ଦେଇଥିଲେ ।

## ଗଞ୍ଜେଇ ଚାଷ ନ କରି ବିକଳ୍ପ ଜୀବିକା ଚୟନ ପାଇଁ ଆହ୍ୱାନ

**ଗୁଡ଼ାରି,୨୧।୭ (ପ୍ରମୋଦ କୁମାର ପତି)**

ରାୟଗଡ଼ା ଜିଲା ଗୁଡାରି ବ୍ଲକ ଅନ୍ତର୍ଗତ ମଧୁବନ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ସ୍ଥାନୀୟ ପୋଲିସ ପ୍ରଶାସନ ପକ୍ଷରୁ ଗଞ୍ଜେଇ ଚାଷ ନ କରିବା ନିମନ୍ତେ ସୋମବାର ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ସ୍ଥାନୀୟ ଲୋକେ ଗଞ୍ଜେଇ ଚାଷ ବନ୍ଦ କରି ବିକଳ୍ପ ଜୀବିକା ଚୟନ କରିବା ନିମନ୍ତେ ଏହି କର୍ମଶାଳାରେ ଆଲୋଚନା ହୋଇଥିଲା। ବିଡିଓ ଶୁଚିସ୍ମିତା ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କର୍ମଶାଳାରେ ସମସ୍ତ ବ୍ଲକ୍‌ସ୍ତରୀୟ ବିଭାଗୀୟ ଅଧିକାରୀ ଯୋଗଦେଇଥିଲେ। ମୁଖ୍ୟତଃ ଗ୍ରାମାଞ୍ଚଳରେ ବାସ କରୁଥିବା ସାଧାରଣ ଜନତା ବେଆଇନ ଭାବେ ଗଞ୍ଜେଇ ଚାଷ କରି ଆଇନକୁ ହାତକୁ ନ ନେବା ପାଇଁ ପରାମର୍ଶ ଦେଇଥିଲେ। କୃଷି ବିଭାଗ, ବନ ବିଭାଗ, ପଶୁପାଳନ ବିଭାଗ ଏବଂ ଅନ୍ୟ ବିଭାଗ ସହ ଯୋଗାଯୋଗ କରି ସରକାରଙ୍କ ସମସ୍ତ ସୁବିଧା ନେଇ ବିଭିନ୍ନ ପ୍ରକାର ଚାଷ କରିବା ପାଇଁ ବିଡିଓ ଉପସ୍ଥିତ ଜନସାଧାରଣଙ୍କୁ ପରାମର୍ଶ ଦେଇଥିଲେ। ସମସ୍ତ ବ୍ଲକ୍‌ସ୍ତରୀୟ ବିଭାଗୀୟ ଅଧିକାରୀ ନିଜ ନିଜ ବିଭାଗରୁ କିପରି ସମସ୍ତ ସରକାରୀ ଯୋଜନାର ଲାଭ ଉଠାଇପାରିବେ ସେ ନେଇ ଆଲୋଚନା କରିବା ସହ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ତହସିଲଦାର ଏ. ସ୍ନେହଲତା, ଏସ୍‌ଡିପିଓ ବାବୁଲି ନାୟକ, ରେଞ୍ଜର ଦିଲୀପ ପଟ୍ଟନାୟକ, ସିଡିପିଓ ଅନୀତା ପାଣିଗ୍ରାହୀ, ଏପିଓ କୃପାକାର ବନାପାଲିଙ୍କ ସମେତ କୃଷି ଅଧିକାରୀ ପ୍ରମୁଖ ମଞ୍ଚାସୀନ ଥିଲେ। ଗୁଡାରି ଥାନା ଅଧିକାରୀ ସମର୍ପିତା ସ୍ୱାଇଁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା।


ମଞ୍ଚାସୀନ ଅତିଥି ସୂଚନା ଦେଉଛନ୍ତି।

## କୋର୍ଟ ରାୟକୁ ଅବମାନନା, ଥାନାରେ ଏତଲା

**ରାୟଗଡ଼ା,୨୧।୭(ଆଶିଷ ରଞ୍ଜନ ପଣ୍ଡା)**

**ଚିଟ୍‌ଫଣ୍ଡ ଠକେଇ ମାମଲା**

ରାୟଗଡା ସହର ରାଣୀଗୁଡ଼ାର ଏକ ଚିଟ୍‌ଫଣ୍ଡ ମାମଲାରେ ରାୟଗଡା ସିଜେଏମ୍ କୋର୍ଟ ଦେଇଥିବା ରାୟକୁ ଅବମାନନା କରାଯାଇଥିବା ନେଇ ରାଣୀଗୁଡା ମହିଳା ସଂଘ ତରଫରୁ ସୋମବାର ଟାଉନ ଥାନାରେ ଏତଲା ଦିଆଯାଇଛି।

ସୂଚନାରୁ ଜଣାପଡିଛି, ୬।୧୧।୨୦୧୫ ରେ ରାୟଗଡା ଥାନାରେ ଚିଟ୍‌ଫଣ୍ଡ ନାମରେ ମହିଳାଙ୍କଠାରୁ ବହୁ କୋଟି ଟଙ୍କା ଠକିନେଇଥିବା ଏକ ଅଭିଯୋଗ ହୋଇଥିଲା। କିନ୍ତୁ ପାଖାପାଖି ୧୦ ବର୍ଷ ପରେ ୨୩।୬।୨୦୨୫ରେ ରାୟଗଡା ସିଜେଏମ୍ ଉକ୍ତ ମାମଲାର ବିଚାରକରି ସାକ୍ଷ୍ୟ ପ୍ରମାଣ ଅଭାବରୁ ଅଭିଯୁକ୍ତ ଅନୀତା ଚିନ୍ତାଡା, ତାଙ୍କ ସ୍ୱାମୀ ରମେଶ ଚିନ୍ତାଡା ଓ ପୁଅ ମନୋଜ କୁମାର ଚିନ୍ତାଡା ନିର୍ଦ୍ଦୋଷରେ ଖଲାସ ହୋଇଥିଲେ। କିନ୍ତୁ ସେହି ମାମଲାରେ ଜବତ ହୋଇଥିବା ଦୋକାନ ଗୃହ ଓ ଏକ ଟ୍ରାକ୍ଟରକୁ ଅପିଲ ସମୟ ପରେ ପ୍ରକୃତ ମାଲିକଙ୍କୁ ଦେବା ପାଇଁ କୋର୍ଟରୁ ନିର୍ଦ୍ଦେଶ ହୋଇଥିଲା। କିନ୍ତୁ କୋର୍ଟଙ୍କ ରାୟକୁ ଅବମାନନାକରି ଅପିଲ ସମୟ ପୂର୍ବରୁ ଦୋକାନ ଗୃହକୁ ଭାଙ୍ଗିଦେଇଥିବା ଏବଂ ବିକ୍ରିକରିଥିବା ନେଇ ସୋମବାର ମହିଳାମାନେ ରାୟଗଡା ଥାନାରେ ଏତଲା ଦେଇଛନ୍ତି । ଏନେଇ କୌଣସି ଅଭିଯୋଗ କରିଲେ ଜୀବନରୁ ମାରିଦେବାକୁ ଧମକ ଦେଇଥିବା ମହିଳାମାନେ ଏତଲାରେ ଉଲ୍ଲେଖ କରିଛନ୍ତି। କୋର୍ଟ ଅର୍ଡର ପରେ ଅପିଲ କରିବା ସମୟ ୬ ମାସ ରହୁଥିବା ବେଳେ କିଭଳି ଦୋକାନଗୃହ ଭଙ୍ଗାଗଲା ଏବଂ ଟ୍ରାକ୍ଟରକୁ ବିକ୍ରି କରାଗଲା ବୋଲି ମହିଳାମାନେ ଅଭିଯୋଗ କରିଛନ୍ତି। କୋର୍ଟ ରାୟକୁ ଅବମାନନା କରିଥିବାରୁ ଏଥିରେ ସମ୍ପୃକ୍ତ ଥିବା ବ୍ୟକ୍ତିଙ୍କୁ ଦଣ୍ଡଦେବା ପାଇଁ ଏତଲାରେ ଉଲ୍ଲେଖ କରିଛନ୍ତି। ଏନେଇ ତଦନ୍ତ କରାଯିବ ବୋଲି ଆଇଆଇସି ପ୍ରସନ୍ନ କୁମାର ବେହେରା ସୂଚନା ଦେଇଛନ୍ତି।


ଥାନାକୁ ଅଭିଯୋଗ କରିବାକୁ ଆସିଥିବା ଜମାକାରୀ।

## ବଜ୍ରପାତରେ ଗୋରୁଚରାଳି ମହିଳା ଗୁରୁତର

**ପଦ୍ମପୁର, ୨୧।୭ (ପ୍ରଶାନ୍ତ କୁମାର କର)**

ପଦ୍ମପୁର ବ୍ଲକ୍ ଜାଡିଲି ଗ୍ରାମରେ ସୋମବାର ଅପରାହ୍ନ ୨ଟାରେ ବଜ୍ରପାତ ଘଟିବାରୁ ଜଣେ ମହିଳା ଗୋରୁ ଚରାଳି ଗୁରୁତର ହୋଇଛନ୍ତି। ତାଙ୍କୁ ପ୍ରଥମେ ପଦ୍ମପୁର ମେଡିକାଲ ଓ ପରେ ଅଧିକ ଚିକିତ୍ସା ନିମନ୍ତେ ବ୍ରହ୍ମପୁର ଏମ୍‌କେସିଜି ମେଡିକାଲକୁ ସ୍ଥାନାନ୍ତର କରାଯାଇଛି।

ସୂଚନାଯୋଗ୍ୟ, ପଦ୍ମପୁର ବ୍ଲକ୍ ଜାଡିଲି ଗ୍ରାମରେ ସୋମବାର ଅପରାହ୍ନ ୨ଟାରେ ପ୍ରବଳ ଘଡଘଡି ସହ ବର୍ଷା ହୋଇଥିଲା। ଏହି ସମୟରେ ଭାସ୍କର ଗୌଡ ଓ ସୁମିତ୍ରା ଗୌଡ ଗୋରୁ ଚରାଉଥିବା ବେଳେ ହଠାତ୍ ବଜ୍ରପାତ ହେବାରୁ ସୁମିତ୍ରା ଅଚେତ ହୋଇ ତଳେ ପଡିଯାଇଥିଲେ। ତେବେ ଦୂରରେ ଥିବା ସ୍ୱାମୀ ଭାସ୍କର ସ୍ଥାନୀୟ ଲୋକଙ୍କ ସହାୟତାରେ ସୁମିତ୍ରାଙ୍କୁ ଉଦ୍ଧାରକରି ପଦ୍ମପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଆଣିଥିଲେ। ଡାକ୍ତର ଅମ୍ବୁଜରତ୍ନ ମୁଦୁଲି ପ୍ରାଥମିକ ଚିକିତ୍ସା କରିବା ପରେ ତାଙ୍କୁ ବ୍ରାହ୍ମପୁର ଏମ୍‌କେସିଜି ବର୍ନ ୟୁନିଟ୍‌କୁ ସ୍ଥାନାନ୍ତର କରିଛନ୍ତି। ଡାକ୍ତରଙ୍କ କହିବା ପ୍ରକାରେ ବଜ୍ରପାତ ଯୋଗୁ ଛାତି, ତଳିପେଟ ଓ ମୁଣ୍ଡ ଚୁଟି ପୋଡ଼ିଯାଇଛି । ଶରୀରର ୧୦ ଭାଗ ପୋଡ଼ିଥିଲେ ମଧ ପ୍ରଚଣ୍ଡ ଶବ୍ଦ ଯୋଗୁ ମସ୍ତିଷ୍କ ସ୍ନାୟୁ କ୍ଷତି ହୋଇ କାନ ଭିତରୁ ରକ୍ତସ୍ରାବ ହେଉଛି । ତେବେ ମେଡିକାଲ ତରଫରୁ ଏକ ମେଡିକାଲ ଲିଗାଲ କେସ୍ ଦାୟର କରାଯାଇଥିବା ଜଣାପଡିଛି।


ଗୁରୁତର ସୁମିତ୍ରା।

## ଓକିଲଙ୍କ ବିୟୋଗରେ ଶ୍ରଦ୍ଧାଞ୍ଜଳି ସଭା

**ଗୁଣପୁର,୨୧।୭ ( ପ୍ରଦୀପ କୁମାର କୁମାର ପାଢ଼ୀ)**

ରାୟଗଡ଼ା ଜିଲା ଗୁଣପୁର ଓକିଲ ସଂଘର ସମ୍ମିଳନୀ କକ୍ଷରେ ବିଷମକଟକର ବରିଷ୍ଠ ଆଇନଜୀବୀ ଜି.ମନ୍ମଥ ରାଓଙ୍କ ବିୟୋଗରେ ସୋମବାର ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଓକିଲ ସଂଘର ସଭାପତି ଗୌରୀ ଶଙ୍କର ଦାସଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ବରିଷ୍ଠ ଏଂ କନିଷ୍ଠ ଆଇନଜୀବୀଙ୍କ ଉପସ୍ଥିତିରେ ସ୍ୱର୍ଗତ ମନ୍ମଥ ରାଓଙ୍କ ବିୟୋଗରେ ନୀରବ ପ୍ରାର୍ଥନା କରାଯାଇଥିଲା। ଏଥିସହ ତାଙ୍କର ଅମର ଆତ୍ମାର ସଦ୍‌ଗତି କାମନା କରି ସ୍ମୃତି ଚାରଣ କରିଥିଲେ। ବରିଷ୍ଠ ଆଇନଜୀବୀ ରାଜେନ୍ଦ୍ର ପ୍ରସାଦ ସାହୁ, ଏସ. ଗଣପତି ରାଓ, ବ୍ରହ୍ମାନନ୍ଦ ପଟ୍ଟନାୟକ, ଫଣି ଭୂଷଣ ପଟ୍ଟନାୟକ ପ୍ରମୁଖ ତାଙ୍କ ଜୀବନୀ ଉପରେ ଆଲୋକପାତ କରିଥିଲେ।

## କଲେଜରେ ଶକ୍ତିଶ୍ରୀ ଯୋଜନାକୁ ନେଇ ସଚେତନତା

**ଗୁଣପୁର,୨୧।୭ (ପ୍ରଦୀପ କୁମାର ପାଢ଼ୀ)**

ରାଜ୍ୟରେ ବୃଦ୍ଧି ପାଉଥିବା ନାରୀ ନିର୍ଯାତନାକୁ ରୋକିବା ପାଇଁ ସରକାର ଶକ୍ତିଶ୍ରୀ ଯୋଜନା ଆରମ୍ଭ କରିଛନ୍ତି । ଏହି ପରିପ୍ରେକ୍ଷୀରେ ଗୁଣପୁର ବ୍ଲକ୍ ଡମ୍ବସରା ଆଞ୍ଚଳିକ ସ୍ନାତକ ମହାବିଦ୍ୟାଳୟ ଅଧକ୍ଷ ଡ. କୃଷ୍ଣଚନ୍ଦ୍ର ପଣ୍ଡାଙ୍କ ଅଧ୍ୟକ୍ଷତାରେ ସୋମବାର ଶକ୍ତିଶ୍ରୀ ଯୋଜନାକୁ ନେଇ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଏହାର ଆଭିମୁଖ୍ୟ ଓ ଭୂମିକା ସମ୍ପର୍କରେ ଆଲୋଚନା ହୋଇଥିଲା । ମହାବିଦ୍ୟାଳୟ ସ୍ତରରେ ଯଦି କୌଣସି ମହିଳାଙ୍କ ପ୍ରତି ଅସଦାଚରଣ ହୁଏ, ତେବେ ତୁରନ୍ତ ଏହି ଯୋଜନାରେ ହସ୍ତକ୍ଷେପ କରି ତାହାର ସମାଧାନ କରିବ ଏବଂ ଆବଶ୍ୟକସ୍ଥଳେ ଆଇନଗତ କାର୍ଯ୍ୟାନୁଷ୍ଠାନ ପାଇଁ ମଧ୍ୟ ସୁପାରିସ କରିବେ। ଅଧାପକ ଓ ଅଧାପିକା ଉପସ୍ଥିତ ରହି ଉକ୍ତ ଯୋଜନାର ଭୂମିକା ଓ ଆଇସିସି ଉପଯୋଗ କିପରି କରିହେବ ସେ ବିଷୟରେ ଛାତ୍ରୀଛାତ୍ରଙ୍କୁ ବୁଝାଇଥିଲେ। କଲେଜର ଏକ ପ୍ରମୁଖ ସ୍ଥାନରେ ମହିଳା ହେଲ୍ପଲାଇନ ନମ୍ବର ପ୍ରଦର୍ଶିତ କରି ଆଗାମୀ ଦିନରେ ଏହି କମିଟିକୁ ସୁଦୃଢ଼ କରିବାକୁ ଅଧକ୍ଷ ସମସ୍ତ ବିଭାଗର ଅଧିକାରୀଙ୍କୁ ଅନୁରୋଧ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ସମସ୍ତ କାର୍ଯ୍ୟକର୍ତ୍ତା ଓ ଶତାଧିକ ଛାତ୍ରୀଛାତ୍ର ଅଂଶଗ୍ରହଣ କରିଥିଲେ। ଶେଷରେ ଆଇସିସି କମିଟିର ସଂଯୋଜିକା ଧନ୍ୟବାଦ ଅର୍ପଣ କରିଥିଲେ।



କଲେଜ କର୍ତ୍ତୃପକ୍ଷ ଛାତ୍ରୀଛାତ୍ରଙ୍କୁ ସଚେତନ କରୁଛନ୍ତି।

# ମୁନିଗୁଡ଼ା ପ୍ରଗତି ମଞ୍ଚର ଆମରଣ ଅନଶନ ସ୍ଥଗିତ

**ମୁନିଗୁଡ଼ା,୨୧।୭ (ନନ୍ଦ କିଶୋର ପଟ୍ଟନାୟକ)**

- ଭୂତଳ ରାସ୍ତା କାର୍ଯ୍ୟ ଆରମ୍ଭ ପାଇଁ ୧ ମାସ ସମୟ ଦିଆଗଲା
- ନ ହେଲେ ଆନ୍ଦୋଳନ ଜୋର୍‌ଦାର ଚେତାବନୀ

ମୁନିଗୁଡାରେ ଭୂତଳ ରାସ୍ତା ନିର୍ମାଣ ଦାବିରେ ପ୍ରଗତି ମଞ୍ଚ ତରଫରୁ ସୋମବାରଠାରୁ ହେବାକୁ ଥିବା ଆମରଣ ଅନଶନ ସ୍ଥଗିତ ରଖାଯାଇଛି। ରାସ୍ତା ନିର୍ମାଣ କାର୍ଯ୍ୟ ଆରମ୍ଭ ନିମନ୍ତେ ୧ ମାସ ସମୟ ସୀମା ଦିଆଯାଇଛି। ଏହାରି ଭିତରେ କାର୍ଯ୍ୟ ଆରମ୍ଭ ନ ହେଲେ ଆନ୍ଦୋଳନ ଜୋର୍‌ଦାର ହେବ ବୋଲି ସମ୍ବଲପୁର ରେଳ ଡିଭିଜନ୍ ଡିଆରଏମ୍‌ଙ୍କ ଉଦ୍ଦେଶ୍ୟରେ ସ୍ଥାନୀୟ ଏଡିଇଏନଙ୍କ ଜରିଆରେ ପ୍ରଦାନ କରାଯାଇଥିବା ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି। ପ୍ରଗତି ମଞ୍ଚ ସଭାପତି ସିଏଚ୍ ଗଣେଶ୍ୱର ରାଓ ଓ ସମ୍ପାଦକ ସୀମାଞ୍ଚଳ ପଣ୍ଡାଙ୍କ ନେତୃତ୍ୱରେ ସଦସ୍ୟଙ୍କ ତରଫରୁ ସ୍ଥାନୀୟ ଏଡିଇଏନ୍‌ଙ୍କୁ ଏହି ଏ ସ୍ମାରକପତ୍ର ପ୍ରଦାନ କରାଯାଇଛି।

ଉକ୍ତ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି, ମୁନିଗୁଡ଼ା ବସ୍‌ଷ୍ଟାଣ୍ଡ ନିକଟ ବ୍ୟସ୍ତବହୁଳ ରେଲୱେ ଫାଟକ ନିକଟରେ ଭୂତଳ ରାସ୍ତା ନିର୍ମାଣ ନିମନ୍ତେ ମୁନିଗୁଡା ଅଞ୍ଚଳବାସୀଙ୍କ ତରଫରୁ ଦୀର୍ଘ ଦିନ ଧରି ଦାବି ହେଉଥିଲେ ସୁଦ୍ଧା ରେଳ ବିଭାଗ କେବଳ ଆଲୋଚନା କରି ଚାଲିଛି । ଏ ନେଇ ପ୍ରଗତି ମଞ୍ଚ ତରଫରୁ ୨୨।୧୧।୨୦୨୪ରେ ମୁନିଗୁଡ଼ା ପ୍ରଗତି ମଞ୍ଚ ନେତୃତ୍ୱରେ ବ୍ୟବସାୟୀ ସଂଘ, ନାଗରିକ ମଞ୍ଚ, ପ୍ରେସ କ୍ଲବ ଏବଂ ଅନେକ ସାମାଜିକ ଅନୁଷ୍ଠାନ ମୁନିଗୁଡ଼ା ରେଳ ଷ୍ଟେଶନ ସମ୍ମୁଖରେ ଆମରଣ ଅନଶନ ଆରମ୍ଭ କରିଥିଲେ। ଏହି ସମୟରେ ସମ୍ବଲପୁର ରେଳ ଡିଭିଜନ ଡିଆରଏମ୍‌ଙ୍କ ତରଫରୁ ଏକ ଉଚ୍ଚ ଅଧିକାରୀ ଦଳ ଓ ସ୍ଥାନୀୟ ତହସିଲଦାର ଘଟଣାସ୍ଥଳରେ ପହଞ୍ଚି ଖୁବଶୀଘ୍ର ଭୂତଳ ରାସ୍ତା ନିର୍ମାଣ କରାଯିବ ବୋଲି ମଞ୍ଚକୁ ପ୍ରତିଶ୍ରୁତି ଦେଇଥିଲେ । ଏହାର ୭ଦିନ ପରେ ରାସ୍ତା ନିର୍ମାଣ ପାଇଁ ସର୍ଭେ କରିବା ଏବଂ କାର୍ଯ୍ୟର ଏଷ୍ଟିମେଟକରି ଏହାକୁ କାର୍ଯ୍ୟକ୍ଷମ ନିମନ୍ତେ ଉଚ୍ଚସ୍ତରୀୟ ବିଭାଗକୁ ପଠାଇ ଦିଆଯାଇଛି ବୋଲି ଏଡିଇଏନ୍ ପ୍ରକାଶ କରିଥିଲେ। ଇତିମଧ୍ୟରେ ୭ମାସ ବିତିଯାଇଥିଲେ ସୁଦ୍ଧା କୌଣସି କାର୍ଯ୍ୟ ଆରମ୍ଭ ହୋଇନାହିଁ। ତେଣୁ ବାଧ ହୋଇ ପ୍ରଗତି ମଞ୍ଚ ସୋମବାର ମୁନିଗୁଡା ରେଳ ବିଭାଗ ଏଡିଇଏନ କାର୍ଯ୍ୟାଳୟ ପରିସରରେ ଆମରଣ ଅନଶନ କରିବ ବୋଲି ନିଷ୍ପତ୍ତି ନେଇଥିଲା । କିନ୍ତୁ ପ୍ରଗତି ମଞ୍ଚ ପୁଣି ରେଳ ବିଭାଗକୁ ଏକ ମାସର ସମୟ ଦେଇ କାର୍ଯ୍ୟ ଆରମ୍ଭ ନିମନ୍ତେ ଅନୁରୋଧ କରୁଛି ବୋଲି ଉଲ୍ଲେଖ ରହିଛି। ଯଦି ୧ ମାସ ମଧ୍ୟରେ କାର୍ଯ୍ୟ ଆରମ୍ଭ ନ ହୁଏ ଆଗାମୀ ଦିନରେ ଆନ୍ଦୋଳନ ଜୋର୍‌ଦାର କରିବ ବୋଲି ପ୍ରଗତି ମଞ୍ଚ ତରଫରୁ ଚେତାବନୀ ଦିଆଯାଇଛି । ସ୍ମାରକପତ୍ର ପ୍ରଦାନ ସମୟରେ ପ୍ରଗତି ମଞ୍ଚର ସହ ସମ୍ପାଦକ ମନୋରଞ୍ଜନ ଦଳାଇ, ଉପ ସଭାପତି ରାଜୀବ ଲୋଚନ ଦାସ, କୋଷାଧ୍ୟକ୍ଷ ନନ୍ଦକିଶୋର ପଟ୍ଟନାୟକ, ବଣିକ ସଂଘର ସଭାପତି ଚିନ୍ତାମଣି ସାହୁ, ବଳରାମ ନାୟକ, ମଞ୍ଚର ଉପଦେଷ୍ଟା ପ୍ରଦୀପ ପରିଚ୍ଛା, ଜଗନ୍ନାଥ ନୁନ୍ଦୁକା, ଏମ୍‌ଡି. ଆୟୁବ, କାର୍ଯ୍ୟକାରିଣୀ ସଦସ୍ୟ ସୁଦାମ ପଣ୍ଡା, ନରେଶ ପାତ୍ର, ପ୍ରଭାତ ପାଣିଗ୍ରାହୀ, କେ. ଶ୍ରୀନୁ, ଆନନ୍ଦ ରାଓ, ଲାଡି ଶଙ୍କର, ଦୁଃଖୀଶ୍ୟାମ ସୁବୁଦ୍ଧି, ରମେଶ ରାଜୁ, ଦେବେନ୍ଦ୍ର ବେହେରା, ଆଇନଜୀବୀ ସୁଧାକର ମହାରଣାଙ୍କ ସମେତ ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ ।


ପ୍ରଗତି ମଞ୍ଚ କର୍ମକର୍ତ୍ତା ରେଳ ବିଭାଗ ଏଡିଇଏନଙ୍କୁ ଦାବିପତ୍ର ଦେଉଛନ୍ତି।

# ୧୦ ବର୍ଷ ହେବ ଗଠନ ହେଉନି ଜଙ୍ଗଲ ସୁରକ୍ଷା ସଂରକ୍ଷଣ କମିଟି

**ନବରଙ୍ଗପୁର,୨୧।୭(ସଦାଶିବ ପ୍ରହରାଜ)**

ଜିଲାରେ ବନ ସୁରକ୍ଷା ସମିତିକୁ ମାଧ୍ୟମକରି ଜଙ୍ଗଲ ବିଭାଗ ଏମ୍‌ଜିଏନ୍‌ଆର୍‌ଇଜିଏସ୍ ମାଧ୍ୟମରେ ବ୍ୟାପକ ଅର୍ଥ ଆତ୍ମସାତ୍ କରୁଛି। କେନ୍ଦ୍ର ସରକାରଙ୍କ ନିୟମ ଥିଲେ ମଧ୍ୟ ଜିଲାରେ ବନ ସୁରକ୍ଷା ସଂରକ୍ଷଣ କମିଟି ଗଠନ କରାଯାଉନାହିଁ ବୋଲି ନବରଙ୍ଗପୁରସ୍ଥିତ ଏକ ଲଜ୍‌ରେ ଓଡ଼ିଶା କୃଷକ ସଭା, ଓଡ଼ିଶା ଆଦିବାସୀ ଅଧିକାର ମଞ୍ଚ, ଜଙ୍ଗଲ ଅଧିକାର କମିଟି(ଏଫ୍‌ଆର୍‌ସି) ମହାସଂଘ ପକ୍ଷରୁ ଆୟୋଜିତ ଖବରଦାତା ସମ୍ମିଳନୀରେ ଓଡ଼ିଶା ଆଦିବାସୀ ଅଧିକାର ମଞ୍ଚ ସଭାପତି ରାଜେଶ ଜାନି କହିଛନ୍ତି।



ଖବରଦାତା ସମ୍ମିଳନୀରେ ଓଡ଼ିଶା ଆଦିବାସୀ ଅଧିକାର ମଞ୍ଚ ସଭାପତି ରାଜେଶ ଜାନି, କଂଗ୍ରେସ ନେତା ମୁନା ତ୍ରିପାଠୀ ଓ ଅନ୍ୟମାନେ।

ଜିଲାର ରାଇଘର, ଝରିଗାଁ, ଚନ୍ଦାହାଣ୍ଡି, ଉମରକୋଟ ଓ ସିଂସାରୀ ଅଞ୍ଚଳରେ ଅଧିକ ମାତ୍ରାରେ ଜଙ୍ଗଲ ଜମି ରହିଛି। ଅନୁସୂଚିତ ଜନଜାତି ଓ ପାରମ୍ପରିକ ବନବାସୀଙ୍କର ଜଙ୍ଗଲ ଅଧିକାର ଆଇନ ୨୦୦୬ ଏବଂ ସଂଶୋଧନ ନିୟମାବଳୀ ୨୦୦୮ ଓ ୨୦୧୨କୁ ଦେଖି ଏହି ଅଞ୍ଚଳରେ ୨୦୨୩ ସେପ୍ଟେମ୍ବର ୧୨ରେ କେନ୍ଦ୍ର ସରକାରଙ୍କ ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ ଏକ ନିର୍ଦ୍ଦେଶ ଜାରି କରିଛନ୍ତି। ବନ ସୁରକ୍ଷା ସମିତି ସହ ଜଙ୍ଗଲ ବିଭାଗ ଏକ ଗୋଷ୍ଠୀ ବନ ସମ୍ବଳ ସଂରକ୍ଷଣ, ପରିଚାଳନା କମିଟି ଗଠନ କରିବ। ଏପର୍ଯ୍ୟନ୍ତ ଏହି ନିର୍ଦ୍ଦେଶନାମା ପାଳନ କରାଯାଇନାହିଁ। ବନ ସୁରକ୍ଷା ସମିତି ଓ ଜଙ୍ଗଲ ବିଭାଗ ଦ୍ୱାରା ସବୁ ସ୍ଥାନରେ ବିବାଦୀୟ ପରିସ୍ଥିତି ସୃଷ୍ଟି ହେଉଛି। କେନ୍ଦ୍ର ସରକାରଙ୍କ ଆଦିବାସୀ ମନ୍ତ୍ରଣାଳୟ ଚିଠି ନମ୍ବର ୨୩୦୧୧/୧୬ ର ୨୦୧୫ ମସିହାରେ ଏକ ନିର୍ଦ୍ଦେଶନାମା ଜାରି କରାଯାଇଥିଲା। ଅନୁସୂଚିତ ଜନଜାତି ଓ ପାରମ୍ପରିକ ବନବାସୀଙ୍କ ଜଙ୍ଗଲ ଅଧିକାର ସ୍ୱୀକୃତି ଆଇନ ୨୦୦୬ ଅନୁସାରେ ଗୋଷ୍ଠୀ ଜଙ୍ଗଲ ସମ୍ବଳ କମ୍ୟୁନିଟି ଫରେଷ୍ଟ ରାଇଟକୁ ଅଧିକାର ଦେବା ପାଇଁ ଆଇନ ଜାରି କରିଥିଲେ। ଏମ୍‌ଜିଏନ୍‌ଆର୍‌ଇଜିଏସ୍ ରଯିତ ପାଣ୍ଠି କ୍ଷତିପୂରଣଜନିତ ଚାରାରୋପଣ କମ୍ପାର ଯେତେ ଟଙ୍କା ଜଙ୍ଗଲ ବିଭାଗକୁ ଆସିଛି ତାହା ଆଉ ବନ ସୁରକ୍ଷା ସମିତି ଦ୍ୱାରା ଖର୍ଚ୍ଚ ନ ହୋଇ ତାହା ଗୋଷ୍ଠୀ ଜଙ୍ଗଲ ସୁରକ୍ଷା, ସଂରକ୍ଷଣ ଓ ପରିଚାଳନା କମିଟି ଦ୍ୱାରା ଖର୍ଚ୍ଚ ହେବ। ଗ୍ରାମସଭାରେ ଏହି କମିଟି ଗଠନ ହେବ। କେବଳ ବନ ସୁରକ୍ଷା କମିଟି ଜଙ୍ଗଲ ସୁରକ୍ଷା ବୁଝିବେ। କିନ୍ତୁ ଏହି ସବୁ କମିଟି ଗଠନ ନ କରି ଜଙ୍ଗଲ ବିଭାଗ ଓ ବନ ସୁରକ୍ଷା କମିଟି ଆସୁଥିବା ଟଙ୍କା ହଡ଼ପ କରିବାରେ ଲାଗିଥିବା ଅଭିଯୋଗ ହୋଇଛି। ୧୦ ବର୍ଷ ତଳୁ ଆସିଥିବା ଚିଠି ଓଡ଼ିଶାରେ କାର୍ଯ୍ୟକାରୀ କରାଯାଇ ନାହିଁ। ଗୋଷ୍ଠୀଗତ ଜଙ୍ଗଲ ସୁରକ୍ଷା, ସଂରକ୍ଷଣ ଓ ପରିଚାଳନା କମିଟି ଗଠନ ନ କରି ବନ ସୁରକ୍ଷା ସମିତିକୁ କାହିଁକି ଦାୟିତ୍ୱ ଦିଆଯାଇଛି ବୋଲି ପ୍ରଶ୍ନ କରିଛନ୍ତି। ଏକ ଉଚ୍ଚସ୍ତରୀୟ କମିଟି ମୁଖ୍ୟମନ୍ତ୍ରୀ, ଜଙ୍ଗଲ ବିଭାଗ ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ, ଜଙ୍ଗଲ ବିଭାଗ ସେକ୍ରେଟାରିଙ୍କୁ ସାକ୍ଷାତକରି ଏହି ବିଷୟରେ ଆଲୋଚନା କରିବ ବୋଲି ରାଜେଶ ଜାନି ଓ ସ୍ୱାଧୀନତା ସଂଗ୍ରାମୀ ଶହୀଦ ସ୍ମୃତି ସଂସଦ ସଭାପତି ମୁନା ତ୍ରିପାଠୀ କହିଛନ୍ତି। ରାଇଘର ବ୍ଲକ୍‌ରେ ୧୨୦ରୁ ଊର୍ଦ୍ଧ୍ୱ ବନ ସୁରକ୍ଷା ସମିତି ରହିଛି। ସେଥିମଧ୍ୟରୁ ୧୨ ରୁ ୧୫ ବନ

### ବନ ସୁରକ୍ଷା ସମିତି ମାଧ୍ୟମରେ ଜଙ୍ଗଲ ବିଭାଗରେ ବ୍ୟାପକ ଦୁର୍ନୀତି ଅଭିଯୋଗ

ସୁରକ୍ଷା ସମିତିକୁ ନେଇ ରାଇଘର ବ୍ଲକ୍‌ର କେତେଜଣ ବିତ୍ତଶାଳୀ ବ୍ୟକ୍ତି ଯେଉଁମାନେ ଭିଏସ୍‌ଏସ୍‌କୁ ହାତକରି ବିହନ, ସାର ଅର୍ଥ ଦେଇ ମକାଚାଷକୁ ନିୟନ୍ତ୍ରଣ କରୁଥିବା ଅଭିଯୋଗ ହେଉଛି। ଖବରଦାତା ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଜଙ୍ଗଲ ଅଧିକାର କମିଟି ଆବାହକ ହାରବତି ଗଣ୍ଡ, ରାଷ୍ଟ୍ରୀୟ କିଷାନ ମଜଦୁର ମହାସଂଘ ସଭାପତି ଦିବାକର ପୂଜାରୀ, ସୁଧୀର ପାତ୍ର, ଏସ୍‌ଟି ଏସ୍‌ସି ସଂଖ୍ୟାଲଘୁ ସଂଘ ସଭାପତି ଭଗବାନ ବୈରାଗୀ, ଚାଷୀ ନେତା ବୃନ୍ଦାବନ ତ୍ରିପାଠୀ, ସୁଶାନ୍ତ ସୁନା, ଶୁକ୍ରୁ ହରିଜନ, ପ୍ରକାଶ ସାମନ୍ତରାୟ, କୃପାଦାନ ନାଗ, ବୈଦ୍ୟରାମ ପନକା, ଅଖିଳ ଭତରା ପ୍ରମୁଖ ଉପସ୍ଥିତ ଥିଲେ। ଏ ନେଇ ଡିଏଫ୍‌ଓ ଶୁଭେନ୍ଦୁ ବେହେରାଙ୍କୁ ପଚାରିବାରୁ କୌଣସି ନିର୍ଦ୍ଦିଷ୍ଟ ସ୍ଥାନରୁ ଦୁର୍ନୀତି ଅଭିଯୋଗ ଆସିଲେ ତାହାର ତଦନ୍ତ କରାଯିବ। ଗୋଷ୍ଠୀ ବନ ସମ୍ବଳ ସଂରକ୍ଷଣ, ପରିଚାଳନା କମିଟି ସମ୍ପର୍କରେ କ'ଣ ଚିଠି ଆସିଥିଲା ତାହାକୁ ଦେଖିବାକୁ ପଡ଼ିବ ବୋଲି ସେ କହିଛନ୍ତି।

# ଭୋଟ ଦେଲେ ୧୩ ସମିତି ସଭ୍ୟାସଭ୍ୟ

**ତେନ୍ତୁଳିଖୁଣ୍ଟି, ୨୧।୭(ଚିଦାନନ୍ଦ ସାହୁ)**

### କଙ୍ଗରା ସରପଞ୍ଚଙ୍କ ବିରୋଧରେ ଆସିଥିଲା ଅନାସ୍ଥା ପ୍ରସ୍ତାବ

ନବରଙ୍ଗପୁର ଜିଲା ତେନ୍ତୁଳିଖୁଣ୍ଟି ବ୍ଲକ୍ କଂଗ୍ରା ସରପଞ୍ଚ ରୁକ୍ମିଣୀ ଭତ୍ରାଙ୍କ ବିରୋଧରେ ଜୁନ୍ ୨୪ ରେ ୱାର୍ଡ ସଭ୍ୟାସଭ୍ୟ ଅନାସ୍ଥା ପ୍ରସ୍ତାବ ଆଣିଥିଲେ। ସରକାରୀସ୍ତରରେ ଯାଞ୍ଚ ପ୍ରକ୍ରିୟା ଶେଷ ହୋଇ ସୋମବାର ଭୋଟ କରାଯାଇଥିଲା।

୧୪ ୱାର୍ଡ ବିଶିଷ୍ଟ ଏହି ପଞ୍ଚାୟତରୁ ୬ ନଂ. ର ୱାର୍ଡ ସଭ୍ୟ ଗୋପୀ ଗୌଡ଼ଙ୍କ ମୃତ୍ୟୁ ହୋଇଯାଇଛି। ବଳକା ୧୩ ୱାର୍ଡ ସଭ୍ୟ ସୋମବାର ଭୋଟ ଦେଇଥିଲେ। ଏହି ପ୍ରକ୍ରିୟାରେ ସରପଞ୍ଚ ଅନୁପସ୍ଥିତ ରହିଥିଲେ। ମତଦାନ ପ୍ରକ୍ରିୟାରେ ମାଜିଷ୍ଟ୍ରେଟଭାବେ ତେନ୍ତୁଳିଖୁଣ୍ଟି ତହସିଲଦାର ପୁଷ୍ପାଞ୍ଜଳି ଦଣ୍ଡପାଟ ଉପସ୍ଥିତ ରହି ନିର୍ବାଚନ ପ୍ରକ୍ରିୟା ତୁଲାଇଥିଲେ। ତେନ୍ତୁଳିଖୁଣ୍ଟି ବିଡିଓ ମନୋଜ କୁମାର ପାଣିଗ୍ରାହୀ, ପଞ୍ଚାୟତ ଅଧିକାରୀ ରାଧାକାନ୍ତ ରଣା ଉପସ୍ଥିତ ରହି ନିର୍ବାଚନ କାର୍ଯ୍ୟ ସମ୍ପାଦନ କରିଥିଲେ। ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ନବରଙ୍ଗପୁର ଏସ୍‌ଡିପିଓ କୃଷ୍ଣଚନ୍ଦ୍ର ଭତ୍ରାଙ୍କ ତତ୍ତ୍ୱାବଧାନରେ ତେନ୍ତୁଳିଖୁଣ୍ଟି ଥାନାଧିକାରୀ ପ୍ରଣବ କୁମାର ଗୁଡ୍ଡୁ, ଏଏସ୍‌ଆଇ ଭରତ ମାଝୀ ଏବଂ ପୋଲିସ କର୍ମଚାରୀ ପ୍ରମୁଖ ଉପସ୍ଥିତ ଥିଲେ।

# ଚାରାରୋପଣ ସହ ଚିକିତ୍ସା ଶିବିର

**ନବରଙ୍ଗପୁର,୨୧।୭(ସଦାଶିବ ପ୍ରହରାଜ)**

### ସ୍ୱାମୀ ସତ୍ୟାନନ୍ଦ ସରସ୍ୱତୀ ମହାରାଜଙ୍କ ଜୟନ୍ତୀ ଉତ୍ସବ ପାଳିତ

କାଳିକୃଷ୍ଣ ସଂଘ ପକ୍ଷରୁ ସୋମବାର ସ୍ୱାମୀ ସତ୍ୟାନନ୍ଦ ସରସ୍ୱତୀ ମହାରାଜଙ୍କ ୮୩ତମ ଜୟନ୍ତୀ ଉତ୍ସବ ପାଳିତ ହୋଇଯାଇଛି। ୧୭ରୁ ୨୧ ତାରିଖ ପର୍ଯ୍ୟନ୍ତ ବିଭିନ୍ନ କାର୍ଯ୍ୟକ୍ରମ କରାଯାଇଥିଲା। ନବରଙ୍ଗପୁର ରିଜର୍ଭ ପୋଲିସ ପଡିଆ ନିକଟ ଚନ୍ଦ୍ର ଘଣ୍ଟେଶ୍ୱର ଶୈବପୀଠରେ ସଂଘର ମୁଖ୍ୟ ପରିଚାଳକ ଜଗଦାନନ୍ଦଙ୍କ ପୌରହିତ୍ୟରେ ଚାରା ରୋପଣ ସଙ୍ଘୀୟ କରାଯାଇଥିଲା। ସେହିପରି ସର୍ବାନନ୍ଦଙ୍କ ପରିଚାଳନାରେ ସତ୍ୟାନନ୍ଦ କୁଟୀରରେ ଭଜନ କୀର୍ତ୍ତନ, ପ୍ରାର୍ଥନା ଅନୁଷ୍ଠିତ ହୋଇଛି। ସଂଘର ବିଭିନ୍ନ ଶାଖାରେ ରକ୍ତଦାନ, ଚକ୍ଷୁ ଚିକିତ୍ସା ଶିବିର, ପାଠ୍ୟ ଉପକରଣ ଦାନ ଭଳି କାର୍ଯ୍ୟ କରାଯାଇଛି। ଏଥିରେ ସଙ୍ଘୀୟ ସମସ୍ତ ଭଉଣୀ ଭାଇ ଅଂଶ ଗ୍ରହଣ କରିଥିଲେ।


ଶୈବପୀଠରେ ଚାରା ଲଗାଯାଉଛି।

### ସଂକ୍ଷେପରେ

## ସୁନାଚେନ୍ ଲୁଟ୍ ମାମଲାରେ ଯୁବକ ଗିରଫ

**ନବରଙ୍ଗପୁର,୨୧।୭(ସଦାଶିବ ପ୍ରହରାଜ)**

ନବରଙ୍ଗପୁର ପୋଲିସ ଜଣେ ଯୁବକଙ୍କୁ ସୁନା ଚେନ ଝାମ୍ପି ନେବା ଘଟଣାରେ ଗିରଫ କରି କୋର୍ଟ ଚାଲାଣ କରିଛି। ଅଭିଯୁକ୍ତ ହେଲେ କର୍ମାକୋଟ ଗାଁର ଦିଲୀପ ଦାସ(୨୭)। ସୂଚନାନୁଯାୟୀ ଫେବୃୟାରୀ ୨ରେ ସରୋଜିନୀ ପାତ୍ର ଡଙ୍ଗରଭେଜା ଗାଁର ମୁଖ୍ୟ ରାସ୍ତାରେ ଯାଉଥିବା ବେଳେ ଜଣେ ଯୁବକ ତାଙ୍କ ସୁନା ଚେନ ଝାମ୍ପି ନେଇଥିଲେ। ଏନେଇ ସରୋଜିନୀ ନବରଙ୍ଗପୁର ଥାନାରେ ଅଭିଯୋଗ କରିବା ପରେ ପୋଲିସ କେସ୍ ନମ୍ବର ୪୯/୨୫ରେ ଏକ ମାମଲା ରୁଜୁ କରିଥିଲା। ଏସ୍‌ଆଇ ସବିର ଅହମ୍ମଦ ଘଟଣାର ତଦନ୍ତ ବେଳେ ଦିଲୀପଙ୍କ ସମ୍ପୃକ୍ତି ଥିବା ଜାଣିଥିଲେ। ତାଙ୍କଠାରୁ ସୁନା ଚେନ୍ ଜବତ କରାଯାଇଛି। ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇ ଥିବା ଥାନାଧିକାରୀ ସସ୍ମିତ ବେହେରା କହିଛନ୍ତି।

## ଭୁଲ୍ ଔଷଧ ଖାଇ ମହିଳା ମୃତ

**ଡାବୁଗାଁ, ୨୧।୭ (ପ୍ରଜ୍ଞାରଞ୍ଜନ ପରିଡ଼ା)**

ନବରଙ୍ଗପୁର ଜିଲା ଡାବୁଗାଁ ଥାନା ଅଧୀନ ମାନିଗାଁ ଗ୍ରାମର ସୁବର୍ଣ୍ଣ ମାଙ୍ଗଲୀ (୩୫) ଭୁଲ୍ ଔଷଧ ଖାଇ ଦେବାରୁ ରବିବାର ତାଙ୍କର ମୃତ୍ୟୁ ହୋଇଛି। ଏ ନେଇ ସାମବାର ଡାବୁଗାଁ ଥାନାରେ ଅଭିଯୋଗ ହୋଇଛି। ସୁଚନାନୁଯାୟୀ, ସୁବର୍ଣ୍ଣ ରବିବାର ସନ୍ଧ୍ୟାରେ ଘରେ ଥିବା କୌଣସି ଔଷଧ ଖାଇ ଦେଇଥିଲେ। ରାତ୍ରିପ୍ରାୟ ୮ଟାରେ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ହେବାରୁ ତାଙ୍କୁ ଡାବୁଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ସୁବର୍ଣ୍ଣଙ୍କୁ ମୃତ ଘୋଷଣା କରିଥିଲେ। ଏନେଇ ସୋମବାର ସକାଳେ ମୃତକଙ୍କ ପୁଅ ଅଜିତ ମାଙ୍ଗଲୀ ଡାବୁଗାଁ ଥାନାରେ ଏତଲା ଦେଇଥିଲେ। ଡାବୁଗାଁ ଥାନା ଏଏସଆଇ ସସ୍ମିତା ଦାସ ଡାକ୍ତରଖାନାରେ ପହଞ୍ଚି ମୃତଦେହ ବ୍ୟବଚ୍ଛେଦ କରାଇଥିଲେ। ପରେ ମୃତଦେହ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ଏନେଇ ଥାନା କେସ ନଂ ୨୦/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି।

# ୪୫ ଅଭିଯୋଗର ଶୁଣାଣି


ଅଭିଯୋଗ ଶୁଣାଣି ପ୍ରକୋଷ୍ଠରେ ଜିଲାପାଳ, ଏସ୍‌ପି ଓ ଅନ୍ୟ ଅଧିକାରୀମାନେ।

**ପାପଡ଼ାହାଣ୍ଡି,୨୧।୭ (ସ୍ୱପ୍ନଜିତ ପଟ୍ଟନାୟକ)**

ନବରଙ୍ଗପୁର ଜିଲା ପାପଡ଼ାହାଣ୍ଡି ପଞ୍ଚାୟତ ସମିତି ସମ୍ମିଳନୀ ଗୃହରେ ସୋମବାର ଜିଲାପାଳ ଡ ଶୁଭଙ୍କର ମହାପାତ୍ର ଏବଂ ଏସ୍‌ପି ମଡକର୍ ସନ୍ଦୀପ ସମ୍ପତଙ୍କ ଯୁଗ୍ମ ଅଧ୍ୟକ୍ଷତାରେ ଏକ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ସିଡିଓ ବିରଞ୍ଚି ନାରାୟଣ ଦରୱାନ, ଉପଜିଲାପାଳ ପ୍ରକାଶ କୁମାର ମିଶ୍ର, ବ୍ଲକ ଅଧ୍ୟକ୍ଷା ହେମଲତା ମାଝୀ, ବ୍ଲକ ଉପାଧ୍ୟକ୍ଷ ସୁଶାନ୍ତ କୁମାର ବେହେରା, ବିଡିଓ କପିଳଦେବ ସାହୁଙ୍କ ସମେତ ସମସ୍ତ ଜିଲାସ୍ତରୀୟ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ଏହି ଜନ ଶୁଣାଣି ଶିବିରରେ ମୋଟ ୪୫ଜଣ ଆବେଦନକାରୀ ନିଜର ଅଭିଯୋଗପତ୍ର ଦାଖଲ କରିଥିଲେ। ସେଥିମଧ୍ୟରୁ ୩୪ ବ୍ୟକ୍ତିଗତ ଓ ୧୧ ସାମୁହିକ ସମସ୍ୟା ଥିଲା। ସଙ୍ଗେସଙ୍ଗେ ୩ ଜଣଙ୍କ ଅଭିଯୋଗ ସମାଧାନ କରାଯାଇଥିଲା।

# ସ୍କୁଲରେ ତଦନ୍ତ କଲେ ବ୍ଲକ ଶିକ୍ଷା ଅଧିକାରୀ

**ପାପଡ଼ାହାଣ୍ଡି, ୨୧।୭ (ସ୍ୱପ୍ନଜିତ ପଟ୍ଟନାୟକ)**

### ସେମଲା ପ୍ରଧାନଶିକ୍ଷୟିତ୍ରୀଙ୍କ ବଦଳି ଦାବି ଘଟଣା

ନବରଙ୍ଗପୁର ଜିଲା ପାପଡ଼ାହାଣ୍ଡି ବ୍ଲକ ସେମଲା ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ମାନସିକ ନିର୍ଯ୍ୟାତନା ସହ ଦୁର୍ବ୍ୟବହାର କରୁଥିବା ନେଇ ସହକାରୀ ଶିକ୍ଷୟିତ୍ରୀ ଶିକ୍ଷକ ଅଭିଯୋଗ କରିଥିଲେ। ଏହି ଘଟଣାରେ ସୋମବାର ପାପଡ଼ାହାଣ୍ଡି ବିଇଓ ସନ୍ଦୀପ୍ତ କୁମାର ଦାସ, ଏବିଇଓ ପୂର୍ଣ୍ଣ ଚନ୍ଦ୍ର ପୁଜାରି, ସୁଦର୍ଶନ ନାୟକ ସ୍କୁଲକୁ ଯାଇ ତଦନ୍ତ ଆରମ୍ଭ କରିଛନ୍ତି। ସ୍କୁଲ କମିଟି ଓ ଅଭିଭାବକଙ୍କ ଉପସ୍ଥିତିରେ ଶିକ୍ଷୟିତ୍ରୀ ଶିକ୍ଷକଙ୍କୁ ନେଇ ଆପୋଷ ବୁଝାମଣା କରିଛନ୍ତି। ପରସ୍ପର ସହମତି ଓ ବୁଝାମଣା ରଖିବା ଲାଗି ପରାମର୍ଶ ଦେଇଥିଲେ। ସୂଚନା ଥାଉକି ଗତ ଶୁକ୍ରବାର ଏହି ଖବର ନେଇ ବିଭିନ୍ନ ଖବରକାଗଜରେ ପ୍ରକାଶ ପାଇଥିଲା। ପ୍ରଧାନ ଶିକ୍ଷୟିତ୍ରୀ ଅନ୍ୟ କର୍ମଚାରୀଙ୍କୁ ଦୁର୍ବ୍ୟବହାର କରିଥିବା ଅଭିଯୋଗ ହୋଇଥିଲା। ଡିଇଓ ନିର୍ଦ୍ଦେଶକ୍ରମେ ପାପଡ଼ାହାଣ୍ଡି ବିଇଓ, ୨ ଏବିଇଓ ସ୍କୁଲକୁ ଆସି ତଦନ୍ତ କରିଛନ୍ତି।

# ଜମିରେ ଚାଷବେଳେ ବଜ୍ରପାତ, ଜଣେ ମୃତ

**ଉମରକୋଟ, ୨୧।୭ (ସନ୍ତୋଷ ଶତପଥୀ)**

ନବରଙ୍ଗପୁର ଜିଲା ଉମରକୋଟ ଥାନା ଅଞ୍ଚଳରେ ସୋମବାର ବଜ୍ରପାତ ଘଟି ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଡାବୁଗାଁ ବ୍ଲକ ମେଣ୍ଡରା ଗ୍ରାମର ଦେବରାଜ ଭତ୍ରା (୩୫)। ସୂଚନାନୁଯାୟୀ, ଦେବରାଜ ଉମରକୋଟ ବ୍ଲକ ବକୋଦା ପଞ୍ଚାୟତ ଜାଡାଗୁଡ଼ାସ୍ଥିତ ଶ୍ୱଶୁର ଘରକୁ ଆସିଥିଲେ। ତେବେ ସେଠାରେ ଜମିରେ ଚାଷ କରୁଥିବା ସମୟରେ ଅପରାହ୍ନ ୨ଟାରେ ବଜ୍ରପାତ ହେବାରୁ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଥିଲା। ଏନେଇ ପରିବାର ଲୋକଙ୍କ ପକ୍ଷରୁ ଉମରକୋଟ ଥାନାରେ ଲିଖିତ ଅଭିଯୋଗ କରାଯାଇଛି। ପୋଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ବ୍ୟବଚ୍ଛେଦ ପାଇଁ ସ୍ଥାନୀୟ ଉପଖଣ୍ଡ ଚିକିତ୍ସାଳୟକୁ ପଠାଇଥିଲେ। ମଙ୍ଗଳବାର ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ମୃତଦେହ ହସ୍ତାନ୍ତର କରାଯିବ ବୋଲି ସୂଚନା ମିଳିଛି।

# ଅଷ୍ଟମ ଶ୍ରେଣୀ ଛାତ୍ରଙ୍କ ଝୁଲନ୍ତା ମୃତଦେହ ଜବତ

**ଉମରକୋଟ, ୨୧।୭ (ସନ୍ତୋଷ ଶତପଥୀ)**

ଉମରକୋଟ ସହର ୧୩ ନମ୍ବର ୱାର୍ଡ ଏକଟାଗୁଡା ଗ୍ରାମରେ ଜଣେ ଅଷ୍ଟମ ଶ୍ରେଣୀ ଛାତ୍ର ଆତ୍ମହତ୍ୟା କରିଥିବା ନେଇ ମୃତକଙ୍କ ବାପା ଉମରକୋଟ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ମୃତକ ହେଲେ ରବୀନ୍ଦ୍ର କୁମାର ଯାଟଙ୍କ ପୁଅ ବିବେକ କୁମାର ଯାଟ। ଏତଲା ଅନୁଯାୟୀ, ସୋମବାର ବିବେକ ସ୍କୁଲରୁ ଅପରାହ୍ନ ୪ଟା୩୦ରେ ଘରକୁ ଫେରିଥିଲେ। ଘରକୁ ଆସି ବାଥରୁମ ଯାଉଛି ବୋଲି ଯାଇଥିଲେ। କିନ୍ତୁ ଦୀର୍ଘ ସମୟ ଧରି ବାଥରୁମ କବାଟ ନ ଖୋଲିବାରୁ ପରିବାର ଲୋକେ କବାଟ ଭାଙ୍ଗିଥିଲେ। ରବୀନ୍ଦ୍ର ବାଥରୁମର ଏକ ଦୁଲାମରେ ଟାୱେଲ ବାନ୍ଧି ଝୁଲିଥିବା ପରିବାର ଲୋକେ ଦେଖିଥିଲେ। ତସେମାନେ ବିବେକଙ୍କୁ ଉଦ୍ଧାର କରି ଉମରକୋଟ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତ୍ୟୁର କାରଣ ଜଣା ପଡିନାହିଁ। ମୃତକଙ୍କ ବାପା ଉମରକୋଟ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ପୋଲିସ ଅଭିଯୋଗ ଆଧାରରେ ତଦନ୍ତ ଆରମ୍ଭ କରିଛି। ମଙ୍ଗଳବାର ମୃତଦେହ ବ୍ୟବଚ୍ଛେଦ କରାଯିବ।

# କେଲିଆ ଶୈବପୀଠରେ ବୋଲବମ୍ ଭକ୍ତଙ୍କ ଭିଡ଼


କାଉଡ଼ିଆମାନେ ପାଣିଭାର ନେଇ ଶୈବପୀଠ ଅଭିମୁଖେ ଯାଉଛନ୍ତି।

**ଡାବୁଗାଁ, ୨୧।୭ (ପ୍ରଜ୍ଞାରଞ୍ଜନ ପରିଡ଼ା)**

ଶ୍ରାବଣ ଦ୍ୱିତୀୟ ସୋମବାରରେ ନବରଙ୍ଗପୁର ଜିଲା ଡାବୁଗାଁ ବ୍ଲକ କେଲିଆ ଶୈବ ପୀଠରେ ଝାଡ଼େଶ୍ୱର ମହାଦେବଙ୍କୁ ଜଳଲାଗି ନେଇ ସକାଳୁ ବୋଲ୍‌ବମ୍ ଭକ୍ତଙ୍କ ଭିଡ଼ ଜମିଥିଲା। ସୋମବାର ଭୋର ୩ ଘଟାରେ ଶୈବ ପୀଠରେ ଭକ୍ତମାନେ ପହଞ୍ଚି ବାବା ଝାଡ଼େଶ୍ୱରଙ୍କ ଉପରେ ଜଳାଭିଷେକ ସହ ପୂଜାର୍ଚ୍ଚନା କରିଥିଲେ। ଏଠାରେ ଶତାଧିକ ଭକ୍ତଙ୍କ ସମାଗମ ହୋଇଥିଲା। ଏହା ସମେତ ଡାବୁଗାଁ, ବିରିସୋଲା, ବାଘବେଢା ଓ ଜୁନାପାଣି ଶିବ ମନ୍ଦିରରେ ମଧ୍ୟ କାଉଡିଆଙ୍କ ଭିଡ଼ ଥିଲା। ଶୈବପୀଠମାନଙ୍କରେ ଭକ୍ତଙ୍କ ସୁରକ୍ଷା ଓ ଶାନ୍ତି ଶୃଙ୍ଖଳା ରକ୍ଷା ନିମନ୍ତେ ଡାବୁଗାଁ ଥାନା ପକ୍ଷରୁ ପୋଲିସ ମୁତୟନ କରାଯାଇଛି।

# ସ୍କୁଲରେ କରେଣ୍ଟ ଲାଗି ଛାତ୍ର ଆହତ

**ନବରଙ୍ଗପୁର,୨୧।୭(ସଦାଶିବ ପ୍ରହରାଜ)**

ନବରଙ୍ଗପୁର ବ୍ଲକ ତାରାଗାଁ ନୋଡାଲ ପଞ୍ଚାୟତ ସମିତି ହାଇସ୍କୁଲର ଜଣେ ତୃତୀୟ ଶ୍ରେଣୀ ଛାତ୍ର ଅର୍ମାନ ସେଠିଆ ସୋମବାର ସ୍କୁଲରେ ବିଦ୍ୟୁତ୍ ସଂସ୍ପର୍ଶରେ ଆସି ଆହତ ହୋଇଛନ୍ତି। ଚିକିତ୍ସା ପରେ ତାଙ୍କ ସ୍ୱାସ୍ଥ୍ୟାସ୍ଥାରେ ସୁଧାର ଆସିଛି।

ସୂଚନାନୁଯାୟୀ, ସୋମବାର ମଧ୍ୟାହ୍ନ ଭୋଜନ ପ୍ରସ୍ତୁତ ଚାଲିଥିଲା। ଖାଇବା ପାଇଁ କ୍ଲାସ ବିରତି ରହିଥିଲା। ସମସ୍ତ ଛାତ୍ରୀଛାତ୍ର କ୍ଲାସ ରୁମରୁ ବାହାରୁଥିବାବେଳେ ଅର୍ମାନଙ୍କ ଲୁହା ଝରକାରେ ବାଜି ଯାଇଥିଲେ। ଉପର ଦେଇ ଯାଇଥିବା ବିଦ୍ୟୁତ୍ ତାର ଲାଗି ଝରକା କରେଣ୍ଟ ଚାର୍ଜ ହୋଇ ରହିଥିଲା।


ଡାକ୍ତରଖାନାରେ ଅର୍ମାନଙ୍କ ଚିକିତ୍ସା ଚାଲିଛି।

ଏହି ଖବର ଅର୍ମାନଙ୍କ ମାଆ ରୁନି ସେଠିଆ ଜାଣିବା ପରେ ସେଠାରେ ପହଞ୍ଚି ତାଙ୍କୁ ତୁରନ୍ତ ଜିଲା ମୁଖ୍ୟ ଚିକିତ୍ସାଳରେ ଭର୍ତ୍ତି କରିଥିଲେ। ପ୍ରଧାନ ଶିକ୍ଷକ ସନ୍ଦୀପ ପଣ୍ଡା ଜିଲା ଶିକ୍ଷା ଅଧିକାରୀଙ୍କୁ ଘଟଣା ସମ୍ପର୍କରେ ଅବଗତ କରାଥିଲେ। ଡିଇଓ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଜଗବନ୍ଧୁ ସୌରା ଓ ପ୍ରଧାନଶିକ୍ଷକଙ୍କୁ ଡାକ୍ତରଖାନା ଯାଇ ଚିକିତ୍ସା ବ୍ୟବସ୍ଥା ବୁଝିବାକୁ କହିଥିଲେ। ଜିଲାପାଳଙ୍କ ଦୃଷ୍ଟି ଆକର୍ଷଣ ପରେ ସିଡିଏମ୍‌ଓ ସନ୍ତୋଷ କୁମାର ପଣ୍ଡା ନିଜେ ଅର୍ମାନଙ୍କ ଚିକିତ୍ସା ବ୍ୟବସ୍ଥା କରାଇଥିଲେ।

# ଶିଶୁକନ୍ୟାଙ୍କୁ ସ୍ୱାଗତ ସହ ପ୍ରକୃତି ସଚେତନତା ଅଭିଯାନ

**ତେନ୍ତୁଳିଖୁଣ୍ଟି, ୨୧।୭(ଚିଦାନନ୍ଦ ସାହୁ)**


ନବରଙ୍ଗପୁର ଜିଲା ତେନ୍ତୁଳିଖୁଣ୍ଟିସ୍ଥିତ ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟରେ ଝିଅମାନଙ୍କୁ ସ୍ୱାଗତ ସହ ପରିବେଶ ସୁରକ୍ଷା ଏବଂ ପ୍ରକୃତି ସଚେତନତା ଅଭିଯାନ 'ଶିଶୁ କନ୍ୟାକୁ ବଞ୍ଚାଅ, ଝିଅକୁ ପଢ଼ାଅ' ଏବଂ ବିଜୁ କନ୍ୟା ରତ୍ନ ଯୋଜନା ମାଧ୍ୟମରେ ଚାରାରୋପଣ କାର୍ଯ୍ୟକ୍ରମ କରାଯାଇଛି। ଜିଲା ଶିଶୁ ସୁରକ୍ଷା ବିଭାଗ ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ବିଡିଓ ମନୋଜ କୁମାର ପାଣିଗ୍ରାହୀ ମୁଖ୍ୟ ଅତିଥି, ଅତିରିକ୍ତ ତହସିଲଦାର ସୀମାଞ୍ଚଳ ସାହୁ, ଶିଶୁ ମଙ୍ଗଳ କମିଟି ଅଧ୍ୟକ୍ଷ ଅଜନ୍ତା ଶୁଭଦର୍ଶୀ, ଜିଲା ଶାରୀରିକ ଶିକ୍ଷା ଅଧିକାରୀ ପ୍ରଭାତ କୁମାର ପଟ୍ଟନାୟକ, ଏବିଇଓ ମୋହନ ମଧୁସୂଦନ ବାଘ, ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ ବିନୀତ ଜେଠି, ବାପୁଜୀ ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ଆନନ କୁମାର ଭତରା ଅତିଥିଭାବେ ଉପସ୍ଥିତ ଥିଲେ। ଜିଲା ଶିଶୁ ସୁରକ୍ଷା ଅଧିକାରୀ ସୁରେଶ କୁମାର ପଟ୍ଟନାୟକ ସମସ୍ତଙ୍କୁ ସ୍ୱାଗତ କରିଥିଲେ। ଶିଶୁ କନ୍ୟାଙ୍କ ସୁରକ୍ଷା ପାଇଁ ସଚେତନତା ସୃଷ୍ଟି, ମହିଳାଙ୍କ କାର୍ଯ୍ୟଦକ୍ଷତା ଏବଂ ସାମଗ୍ରିକ ଅଭିବୃଦ୍ଧି ସହ ଶିଶୁ କନ୍ୟା ପାଇଁ ଲିଙ୍ଗଗତ ଅସମାନ୍ୟତା ଦୂର କରିବା କାର୍ଯ୍ୟକ୍ରମର ଲକ୍ଷ୍ୟ। ଏଥିସହ ସେମାନଙ୍କୁ ସୁରକ୍ଷା ଦେବା, ଶିକ୍ଷିତ କରିବା, ପୁଷ୍ଟୀକରଣରେ ଉନ୍ନତି ଏବଂ ଏକ ପାରିପାର୍ଶ୍ୱିକ ସୁରକ୍ଷା ଯୋଗାଇବା ସମ୍ପର୍କରେ ଆଲୋକପାତ କରାଯାଇଛି। ଯୋଜନା ଅଧୀନରେ ଉପସ୍ଥିତ ୩୫ ଜଣ ନବଜାତ କନ୍ୟାଙ୍କ ପରିବାରକୁ ବିଡିଓ ଏବଂ ଅତିରିକ୍ତ ତହସିଲଦାର ମାନପତ୍ର ପ୍ରଦାନ ପୂର୍ବକ ସମ୍ମାନିତ କରିଥିଲେ। ଜିଲା ଶିଶୁ ସୁରକ୍ଷା ବିଭାଗ ପ୍ରୋବେସନ ଅଫିସର କିଶୋର ଚନ୍ଦ୍ର ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।


ଜଣେ ଶିଶୁକନ୍ୟାଙ୍କ ପରିବାର ଲୋକଙ୍କୁ ବିଡିଓ ସମ୍ମାନିତ କରୁଛନ୍ତି।

# ଜନ୍ମରୁ ଦିବ୍ୟାଙ୍ଗ, ୯ ବର୍ଷ ପରେ ମଧ ମିଳିନି ସରକାରୀ ସହାୟତା

**ଉମରକୋଟ, ୨୧।୭(ସନ୍ତୋଷ ଶତପଥୀ)**

ଜନ୍ମରୁ ଦିବ୍ୟାଙ୍ଗ। ଘର ଦ୍ୱାର, ଦାଣ୍ଡ, ଅଗଣା ପିଲାଟି ପାଇଁ ଏକାକାର ପାଲଟିଛି। ପ୍ରକୃତିର କୋଳାହଳ, ସାଙ୍ଗ ପିଲାଙ୍କ ସହ ଲୁଚକାଳି ଖେଳ ଭାଗ୍ୟରେ ନାହିଁ। କାରଣ ଆଖିକୁ ଦିଶୁନାହିଁ, କାନକୁ ଶୁଭୁନାହିଁ। ଏଥିସହ ସେ ଚାଲିପାରୁନାହାନ୍ତି କି କଥା ମଧ୍ୟ କହିପାରୁନାହାନ୍ତି। ଗୋଟିଏ ଅନ୍ଧାର କୋଠରିରେ ବସି ଆପେ ଆପେ ହସିବା ସହ ପରିଜନଙ୍କ ଅପେକ୍ଷାରେ ବସି ରହୁଛି। ଅସହାୟ ଅବସ୍ଥାରେ ନିଇତି ସଂଘର୍ଷମୟ ଜୀବନ ବିତାଉଛି। ବୟସ ୯ ବର୍ଷ ହେବାକୁ ଗଲାଣି। ତଥାପି ନିରୁପାୟ,ଅସହାୟ ହୋଇ ଅନ୍ୟ ଉପରେ ଭରସାକରି ବଞ୍ଚୁଛନ୍ତି ନବରଙ୍ଗପୁର ଜିଲା ଉମରକୋଟ ବ୍ଲକ୍‌ର ସରାଗୁଡ଼ା ଗ୍ରାମର ରବି ସିଂ ଭତ୍ରା। ଜନ୍ମରୁ ଦିବ୍ୟାଙ୍ଗ ଏବେ ସୁଦ୍ଧା ସରକାରୀ ଯୋଜନା ସାତସପନ ପାଲଟିଛି।


ଦିବ୍ୟାଙ୍ଗ ରବିସିଂ ଭତ୍ରା।

ସରଗୁଡ଼ା ଗାଁର ଲଛନ ଭତ୍ରା। ୫ ପୁଅ ୩ ଝିଅଙ୍କ ପରେ ୨୦୧୬ରେ ରବି ସିଂଙ୍କ ଜନ୍ମ। ମା' ବାପା ତାଙ୍କୁ ଶ୍ରଦ୍ଧାରେ କାହ୍ନୁ ବୋଲି ଡାକୁଥିଲେ। ୩ ମାସ ହେବା ବେଳକୁ ମା' ଛାଡି ଆରପାରିକୁ ଚାଲିଗଲେ। ଏହା ମଧ୍ୟରେ ବୟସ ବଢ଼ିବା ସହ କିନ୍ତୁ ପିଲାଟିର ଶାରୀରିକ ବୃଦ୍ଧି ହୋଇପାରିଲା ନାହିଁ। କାହ୍ନୁଙ୍କ ଦାୟିତ୍ୱ ମଝିଆ ଭଉଣୀ ଉପରେ ରହିଲା। ତେଣୁ ସେ ପଞ୍ଚମ ଶ୍ରେଣୀ ପରେ ଆଉ ପଢିଲେ ନାହିଁ। କାହ୍ନୁଙ୍କ ଚିକିତ୍ସା ପାଇଁ ୨୦୧୭ରେ ପୂଜାରୀଗୁଡା ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ ହେଲେ ତାଙ୍କୁ ଉପଯୁକ୍ତ ଚିକିତ୍ସା ମିଳି ନ ପାରି ନ ଥିଲା। ଲଛନ ଚାଷବାସ କରିବା ସହ ଅନ୍ୟ ପାଖରେ ମଜୁରି କରି ପରିବାର ପୋଷଣ କରୁଛନ୍ତି। ଆର୍ଥିକ ସ୍ଥିତି ସେତେଟା ଭଲ ନ ଥିବାରୁ ଅଧିକ ଚିକିତ୍ସା ପାଇଁ ଅନ୍ୟ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇପାରିଲେ ନାହିଁ। ଏବେ ପରିବାର ଲୋକେ ପିଲାଟିର ଉନ୍ନତ ଚିକିତ୍ସା କରାଇବାକୁ ସରକାରଙ୍କୁ ନିବେଦନ କରିଛନ୍ତି। ଏ ନେଇ ଜିଲା ସ୍ୱାସ୍ଥ୍ୟ ଅଧିକାରୀ ସନ୍ତୋଷ କୁମାର ପଣ୍ଡାଙ୍କୁ ଯୋଗାଯୋଗ କରିବାରୁ ସେ କହିଛନ୍ତି, ପିଲାଟିର ଶାରୀରିକ ସକ୍ଷମତା ବଢ଼ାଇବା ପାଇଁ ଘର ଲୋକଙ୍କ ସହାୟତାରେ ବ୍ୟାୟାମ କରାଇବାକୁ କୁହାଯିବ। ଗୋଡ଼ ଠିକ୍ କରିବାକୁ ଚେଷ୍ଟା କରାଯିବା ସହ ବୁଲିବା ପାଇଁ ଟ୍ରାଇସାଇକେଲ ଯୋଗାଯିବ। ଦିବ୍ୟାଙ୍ଗମାନଙ୍କ ପାଇଁ ଏକ କ୍ୟାମ୍ପ କରାଯାଉଛି ସେଠାକୁ ପିଲାଟିକୁ ଆଣିବା ପାଇଁ ନିକଟସ୍ଥ ସ୍ୱାସ୍ଥ୍ୟକେନ୍ଦ୍ରର ଆର୍‌ବିଏସ୍‌କେ ଟିମ୍‌କୁ କୁହାଯାଇଛି। ଯେହେତୁ ପିଲାଟିର ମା'ଙ୍କ ମୃତ୍ୟୁ ହୋଇଛି, ଏହି ବାବଦକୁ ସରକାରଙ୍କ ପକ୍ଷରୁ ପେନ୍‌ସନ ଯୋଗାଇବା ବ୍ୟବସ୍ଥା ରହିଛି। ସେସବୁ ଯୋଗାଇଦେବାକୁ ଚେଷ୍ଟା କରାଯିବ ବୋଲି ସେ କହିଛନ୍ତି।

## ସଂକ୍ଷେପରେ

### ଡାଇକ୍-୩ ନଦୀରେ ଡଙ୍ଗା ଓଲଟି ଯୁବକ ନିଖୋଜ ଘଟଣା
## ୩ ଦିନ ପରେ ମୃତଦେହ ଉଦ୍ଧାର

**କୋରୁକୋଣ୍ଡା, ୨୧।୭(ଶିବଦତ୍ତ ସାହୁ)**

କୋରୁକୋଣ୍ଡା ବ୍ଲକ ନାକାମାମୁଡି ପଞ୍ଚାୟତ ଡାଇକ୍-୩ ନଦୀ ଘାଟରୁ ଡ୍ୟାମର ଆରପାରିରେ ଥିବା ତାଲାପଦର ଗ୍ରାମକୁ ଗତ ଶୁକ୍ରବାର ଅପରାହ୍ନ ପ୍ରାୟ ୪ଟା ସମୟରେ ୪ ଜଣ ବ୍ୟକ୍ତି ଯାଉଥିବା ବେଳେ ହଠାତ ବର୍ଷା ପବନ ଆସିବା ଫଳରେ ଭାରସାମ୍ୟ ହରାଇ ଡ଼ଙ୍ଗାଟି ନଦୀ ମଝିରେ ଓଲଟି ପଡିଥିଲା। ୪ ଜଣଙ୍କ ମଧ୍ୟରୁ ୩ ଜଣ ସ୍ଥାନୀୟ ଲୋକଙ୍କ ସହାୟତାରେ କୂଳକୁ ଫେରିଥିବା ବେଳେ ରାମଚନ୍ଦ୍ର ପାଙ୍ଗି ନିଖୋଜ ହୋଇଯାଇଥିଲେ। ସୋମବାର ସକାଳେ କୋରାପୁଟରେ ମୁତୟନ ଥିବା ଓଡ୍ରାଫ ଟିମ୍‌ର ଏସ୍‌ଆଇ ଡାନିଆଲ ବିଡ଼ିକାଙ୍କ ନେତୃତ୍ୱରେ ଏକ ୮ ଜଣିଆ ସ୍ୱତନ୍ତ୍ର ଟିମ୍ ଡ୍ୟାମରେ ଭାସୁଥିବା ରାମଚନ୍ଦ୍ରଙ୍କ ମୃତଦେହକୁ କୂଳକୁ ଆଣିଥିଲେ। ଏନେଇ ରାମଚନ୍ଦ୍ରଙ୍କ ମା' ଚିତ୍ରକୋଣ୍ଡା ଥାନାରେ ଅଭିଯୋଗ କରିଥିଲେ। ନଂ.୧୩/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ ସହ ଏଏସ୍‌ଆଇ କେଡ଼ି କଛିମଙ୍କ ନେତୃତ୍ୱରେ ଏକ ଟିମ୍ ପହଞ୍ଚି ରାମଚନ୍ଦ୍ରଙ୍କ ମୃତଦେହ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ଚିତ୍ରକୋଣ୍ଡା ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ବ୍ୟବଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଥିବା ଚିତ୍ରକୋଣ୍ଡା ଥାନା ଅଧିକାରୀ ଜୟ ନାରାୟଣ ଖଣ୍ଡେଇ ସୂଚନା ଦେଇଛନ୍ତି।

## ବାଇକ୍ ଧକ୍କାରେ ଜଣେ ମୃତ

**କାଲିମେଳା, ୨୧।୭(ଜୀବନ କୃଷ୍ଣ ଦାସ)**

କାଲିମେଳା ବ୍ଲକ୍ ତଥା ଏମ୍‌ଭି ୭୯ ଥାନା ଅନ୍ତର୍ଗତ ଏମ୍‌ଭି ୭୨ ଗ୍ରାମ ଶାନ୍ତିନଗର ନିକଟରେ ରବିବାର ସନ୍ଧ୍ୟାରେ ଜଣେ ନାବାଳକଙ୍କ ବାଇକ୍ ଧକ୍କାରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି । ମୃତ ବ୍ୟକ୍ତିଙ୍କର ପରିଚୟ ମିଳିପାରି ନ ଥିବା ବେଳେ ସେ ପ୍ରାୟ ୧୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏମ୍‌ଭି ୭୨ ଗ୍ରାମର ଜଗଦୀଶ ମଣ୍ଡଳଙ୍କ ଘରେ ରହି ଆସୁଥିଲେ। ମୃତ ବ୍ୟକ୍ତିଙ୍କୁ ଜଗଦୀଶଙ୍କ ପରିବାର ଲୋକ ଦାମୁ ବୋଲି ଡାକୁ ଥିବାବେଳେ ତାଙ୍କର ପ୍ରକୃତ ଘର କିମ୍ବା ତାଙ୍କ ପରିବାରରେ କିଏ ଅଛନ୍ତି ତାହା ଜଣା ନ ଥିବା ଜଗଦୀଶ ସୂଚନା ଦେଇଛନ୍ତି। ଏଥିସହ ସେ ଠିକ୍ ଭାବେ କଥାବାର୍ତ୍ତା କରିପାରୁ ନ ଥିବା ଜଣାପଡିଛି। ମୃତ ବ୍ୟକ୍ତିଙ୍କର ବୟସ ୫୫ ବର୍ଷ ହେବ । ରବିବାର ସନ୍ଧ୍ୟାରେ ଦାମୁ ସାଇକେଲ ଯୋଗେ ଜଗଦୀଶଙ୍କ ଘରକୁ ଫେରୁଥିବା ସମୟରେ ମାନ୍ୟମକୋଣ୍ଡା ପଞ୍ଚାୟତ ଏମ୍‌ଭି ୪୨ ଗ୍ରାମର ଜଣେ ନାବାଳକ ବାଇକ୍‌ରେ ଆସି ତାଙ୍କୁ ଧକ୍କାଦେଇଥିଲେ। ଉଭୟ ଆହତ ହୋଇ କାଲିମେଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସା ପାଇଁ ଭର୍ତ୍ତି ହୋଇଥିଲେ। ରାତି ପ୍ରାୟ ୧୨ଟାରେ ଦାମୁଙ୍କର ମୃତ୍ୟୁ ହୋଇଥିଲା । ଏମ୍‌ଭି ୭୯ ପୋଲିସ ବ୍ୟବଚ୍ଛେଦ ପରେ ଜଗଦୀଶଙ୍କୁ ହସ୍ତାନ୍ତର କରିଛି।

# ଦ୍ୱିତୀୟ ପର୍ଯ୍ୟାୟ ସମ୍ଭବ ତାଲିମ ଶିବିର ଉଦ୍‌ଘାଟିତ

**ମାଲକାନଗିରି, ୨୧।୭(ଦୁର୍ଯ୍ୟୋଧନ ପାତ୍ର)**

ମାଲକାନଗିରି ସରକାରୀ ଉଚ୍ଚ ବିଦ୍ୟାଳୟରେ ଜିଲାର ୧୨୯ ମାଧ୍ୟମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକଙ୍କ ୫ ଦିନିଆ ତାଲିମ ଶିକ୍ଷଣ ପେଟିକା ସମ୍ଭବ ସୋମବାର ଉଦ୍‌ଘାଟିତ ହୋଇଯାଇଛି। ଜିଲା ଶିକ୍ଷା ଅଧିକାରୀ ଚିତ୍ତରଞ୍ଜନ ପାଣିଗ୍ରାହୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହାକୁ ଉଦ୍‌ଘାଟନକରି ପ୍ରଧାନ ଶିକ୍ଷକମାନଙ୍କ ନେତୃତ୍ୱ ବିକାଶ ସମ୍ପର୍କରେ ମାର୍ଗଦର୍ଶନ ଦେଇଥିଲେ। ଖଇରପୁଟ ଗୋଷ୍ଠୀ ଶିକ୍ଷା ଅଧିକାରୀ ଦିଲୀପ କୁମାର ଗଣ୍ଡ, ଉଚ୍ଚ ବାଳକ ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ମମତା ସାଏ, ଜିଲା ସମଗ୍ର ଶିକ୍ଷା କାର୍ଯ୍ୟାଳୟ ଶୈକ୍ଷିକ ସଂଯୋଜକ ଶେଷଶଙ୍କର ମହାଲିକ ମଞ୍ଚାସୀନ ଥିଲେ। ସାଧନକର୍ମୀ ଭାବେ ଦିଲୀପ କୁମାର ଗଣ୍ଡ, ଅଜୟ କୁମାର ନାୟକ, ଦିଲୀପ କୁମାର ସାହୁ ଓ ଦେବରାଜ ସେଠୀ ଉପସ୍ଥିତ ଥିଲେ।



ଅତିଥିମାନେ ବିଭିନ୍ନ ତାଲିମ ସମ୍ପର୍କରେ ପ୍ରଶିକ୍ଷଣ ଦେଉଛନ୍ତି ।

୫ ଦିନିଆ ତାଲିମ ଶିବିରରେ ଏନ୍‌ସିଏଫ୍ ଓ ଏନ୍‌ଇପି ୨୦୨୦ର ଉଦ୍ଦେଶ୍ୟ ଓ ଶୈକ୍ଷିକ ଲକ୍ଷ, ମାନ ନିର୍ଦ୍ଧାରଣ, ନେତୃତ୍ୱ ବିକାଶ, ସାମାଜିକ, ଆବେଗିକ ଓ ନୈତିକ ବିକାଶ, ଅନ୍ତର୍ନିବେଶୀ ଶିକ୍ଷା ଓ ସମତା, ଶିକ୍ଷାରେ ସୂଚନା ଓ ପ୍ରଯୁକ୍ତି ବିଦ୍ୟାର ବ୍ୟବହାର, ସାଇବର ସୁରକ୍ଷା, ବିଦ୍ୟାଳୟ ଓ ଆର୍ଥିକ ପରିଚାଳନା, ସ୍ୱାସ୍ଥ୍ୟ ଓ ସ୍ୱଚ୍ଛତା, ବିପର୍ଯ୍ୟୟ ପରିଚାଳନା, ବିଦ୍ୟାଳୟ ଓ ଗୋଷ୍ଠୀ ସମ୍ପର୍କ, ଉପସ୍ଥାନ ଅବଧାରଣ ବୃଦ୍ଧି ଓ ପାଠ ତ୍ୟାଗୀର ନିରାକରଣ, ଧନ୍ଦାମୂଳକ ଶିକ୍ଷା, ଏସ୍‌ଡିଜି, ଡିଆଇଇସି, ବିଦ୍ୟାଳୟ ବିକାଶ ଯୋଜନା ଆଦି ବିଷୟରେ ଆଲୋଚନା କରାଯାଇ ମାଧ୍ୟମିକ ବିଦ୍ୟାଳୟ ପ୍ରଧାନ ଶିକ୍ଷକଙ୍କ ଦକ୍ଷତା ବୃଦ୍ଧି କରାଯିବା କାର୍ଯ୍ୟକ୍ରମ ରହିଛି।

# ଶିକ୍ଷା ଭିତ୍ତିଭୂମି ବିକାଶ ପାଣ୍ଠି ପାଇଁ ନାଲ୍‌କୋ ଏମ୍‌ଡିଙ୍କୁ ଅନୁରୋଧକଲେ ମାଲକାନଗିରି ବିଧାୟକ

**ମାଲକାନଗିରି, ୨୧।୭ (ଦୁର୍ଯ୍ୟୋଧନ ପାତ୍ର)**

ମାଲକାନଗିରି ବିଧାୟକ ନରସିଂହ ମାଡକାମି ନାଲ୍‌କୋ ଅଧ୍ୟକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ବ୍ରିଜେନ୍ଦ୍ର ପ୍ରତାପ ସିଂହଙ୍କୁ ପତ୍ର ଲେଖି ଜିଲାରେ ଶିକ୍ଷା ଭିତ୍ତିଭୂମି ବିକାଶ ପାଇଁ ସିଏସ୍‌ଆର୍ ପାଣ୍ଠି ଯୋଗାଇ ଦେବାକୁ ଅନୁରୋଧ କରିଛନ୍ତି। ଜିଲାପାଳଙ୍କ ପ୍ରସ୍ତାବ ଅନୁଯାୟୀ, ମାଲକାନଗିରିର ଦୁଇଟି ପ୍ରମୁଖ ଶିକ୍ଷାନୁଷ୍ଠାନର ଉନ୍ନତି ପାଇଁ ୮୫ ଲକ୍ଷ ଟଙ୍କାର ଆର୍ଥିକ ସହାୟତା ଲୋଡା ଯାଇଛି। ଜିଲାର ଶିକ୍ଷା ବ୍ୟବସ୍ଥାରେ ବିଭିନ୍ନ ଅଭାବକୁ ଦୂର କରିବା ଏହି ପ୍ରସ୍ତାବର ମୁଖ୍ୟ ଲକ୍ଷ୍ୟ । ନାଲ୍‌କୋ ଅଧ୍ୟକ୍ଷ ସିଂହ ଏହି ପ୍ରସ୍ତାବକୁ ଅଗ୍ରାଧିକାର ଦେଇ ଶୀଘ୍ର ପାଣ୍ଠି ମଞ୍ଜୁର କରିବାକୁ ମାଡକାମୀ ଅନୁରୋଧ କରିଛନ୍ତି।



ମାଲକାନଗିରି ବିଧାୟକ ନରସିଂହ ମାଡକାମି ନାଲ୍‌କୋ ଅଧ୍ୟକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ବ୍ରିଜେନ୍ଦ୍ର ପ୍ରତାପ ସିଂହଙ୍କୁ ସିଏସ୍‌ଆର୍ ପାଣ୍ଠି ଯୋଗାଇଦେବାକୁ ଅନୁରୋଧପତ୍ର ଦେଉଛନ୍ତି।

# ବିଭିନ୍ନ ଶୈବପୀଠରେ କାଉଡ଼ିଆଙ୍କ ଜଳଲାଗି, ଭକ୍ତଙ୍କ ଭିଡ଼


ଜଳାଭିଷେକ କରିବାକୁ ବାହାରିଥିବା କାଉଡିଆ ।

**କୋରୁକୋଣ୍ଡା, ୨୧।୭(ଶିବଦତ୍ତ ସାହୁ)**

### ଶ୍ରାବଣ ଦ୍ୱିତୀୟ ସୋମବାର

ଶ୍ରାବଣ ଦ୍ୱିତୀୟ ସୋମବାର ପାଇଁ ମାଲକାନଗିରି ଜିଲା ବାଲିମେଳା ସହର ସମେତ କୋରୁକୋଣ୍ଡା ବ୍ଲକ୍ ଅଞ୍ଚଳରେ ଥିବା ସମସ୍ତ ଶୈବପୀଠରେ କାଉଡିଆଙ୍କ ସମେତ ଶତାଧିକ ଭକ୍ତଙ୍କ ଭିଡ ଜମିଥିବା ଦେଖିବାକୁ ମିଳିଛି। ବାଲିମେଳା ସହରରେ ଥିବା ଆଖଣ୍ଡଳମଣି ମନ୍ଦିର, ଜଗନ୍ନାଥ ମନ୍ଦିର ପରିସରରେ ଥିବା ଶିବମନ୍ଦିର,କୋରୁକୋଣ୍ଡା ବ୍ଲକ୍‌ରେ ଥିବା ସୁବଳେଶ୍ୱର ଶୈବପୀଠ,ଟେକଗୁଡା ଜଳେଶ୍ୱର ଶିବମନ୍ଦିର,କଣ୍ଡେଲ ଗ୍ରାମ ଶିବ ମନ୍ଦିର,ନୀଳାଦ୍ରୀନଗରରେ ଥିବା ଗଣେଶ ମନ୍ଦିର, ନାକାମାମୁଡି ପଞ୍ଚାୟତ ଖଡ଼ିକାଯୋଡିରେ ଥିବା ନୀଳକଣ୍ଠେଶ୍ୱର ମନ୍ଦିର,ବାଲିମେଳା ଛକରେ ଥିବା ରାଜଲିଙ୍ଗେଶ୍ୱର ମନ୍ଦିର,ତାର୍ଲାକୋଟାରେ ନିକଟରେ ଥିବା ସିଦ୍ଧେଶ୍ୱର ମନ୍ଦିର, କାମ୍ବେଡା ଶୈବପୀଠ ଏବଂ ପୁରୁଣା ଓର୍କେଲ ଗ୍ରାମରେ ଥିବା ନୀଳକଣ୍ଠେଶ୍ୱର ମନ୍ଦିର ଆଦିରେ ସୋମବାର ଶତାଧିକ କାଉଡିଆ ଏବଂ ଭକ୍ତଙ୍କର ଭିଡ ଜମିଥିଲା। ନାକାମାମୁଡି ପଞ୍ଚାୟତ ଡାଇକ୍-୩ ଗ୍ରାମର ପ୍ରାୟ ୩୫ରୁ ଊର୍ଦ୍ଧ୍ୱ ମହିଳା ଓ ପୁରୁଷ ମାନସିକଧାରୀମାନେ ଗ୍ରାମ ନିକଟସ୍ଥ ଖଡ଼ିକାଯୋଡି ନଦୀରେ ପୂଜାର୍ଚ୍ଚନା କରିବା ପରେ ପାଣି ଉଠାଇ ପ୍ରାୟ ୨୦ କି.ମି.ଚାଲି ଚାଲି ଯାଇ ପୁରୁଣା ଓର୍କେଲ ଗ୍ରାମରେ ଥିବା ନୀଳକଣ୍ଠେଶ୍ୱର ମନ୍ଦିରରେ ପହଞ୍ଚି ପୂଜାର୍ଚ୍ଚନା ସହ ଜଳ ଲାଗି କରିଥିଲେ। ସେହିପରି ଉପରୋକ୍ତ ସମସ୍ତ ଶିବ ମନ୍ଦିରରେ ବାଲିମେଳା ଓ କୋରୁକୋଣ୍ଡା ବ୍ଲକ୍‌ର ବିଭିନ୍ନ ଗ୍ରାମର କାଉଡିଆମାନେ ସେମାନଙ୍କର ନିକଟସ୍ଥ ଶିବମନ୍ଦିରଗୁଡିକରେ ଜଳ ଲାଗି କରିଥିଲେ।

## ଚିତ୍ରକୋଣ୍ଡା ଡ୍ୟାମ୍ ନାରିଙ୍ଗଝୋଲା ଘାଟରେ ମାଛ ଧରିବା ବେଳେ ଆଉ ଜଣେ ନିଖୋଜ

**କୋରୁକୋଣ୍ଡା, ୨୧।୭(ଶିବଦତ୍ତ ସାହୁ)**

ବାଲିମେଳା ଜଳ ଭଣ୍ଡାରରେ ଭାସି ଜଣେ ବ୍ୟକ୍ତି ସୋମବାର ନିଖୋଜ ହୋଇଛନ୍ତି। ସେ ହେଲେ ଗଙ୍ଗାପଡା ଗାଁର ଲଖନ ମାଝୀ । ସୂଚନା ଅନୁଯାୟୀ, କେତେଜଣ ବ୍ୟକ୍ତି ବାଲିମେଳା ଜଳଭଣ୍ଡାରରେ ମାଛ ଧରିବା ବେଳେ ଏହି ଅଘଟଣ ଘଟିଛି। କୋରୁକୋଣ୍ଡା ବ୍ଲକ ନାକାମାମୁଡ଼ି ପଞ୍ଚାୟତ ନାରିଙ୍ଗଝୋଲା ଘାଟରେ ପ୍ରାୟ ୧୦ରୁ ୧୨ ବ୍ୟକ୍ତି ଜାଲ ପକାଇ ମାଛ ଧରୁଥିଲେ। ଏହି ସମୟରେ ଗଙ୍ଗାପଡା ଗାଁର ଲଖନ ଜାଲ ପକାଇବା ବେଳେ ଭିଡି ହୋଇ ଗଭୀର ଜଳକୁ ଖସି ଯାଇଥିଲେ। ଏହାପରେ ସେ ନିଖୋଜ ହୋଇଯାଇଥିବା ବେଳେ ଦମକଳ ଏବଂ ଓଡ୍ରାଫ ଟିମ୍ ତାଙ୍କୁ ଉଦ୍ଧାର ପାଇଁ ଉଦ୍ୟମ ଚଳାଇଛନ୍ତି। ସୂଚନାଯୋଗ୍ୟ, ଦୁଇଦିନ ପୂର୍ବେ ଦେଶୀ ଡଙ୍ଗା ବୁଡି ଜଣେ ନିଖୋଜ ହୋଇଥିବା ବେଳେ ୩ ଦିନ ପରେ ସୋମବାର ଡ୍ୟାମରୁ ତାଙ୍କ ମୃତଦେହ ଉଦ୍ଧାର କରାଯାଇଥିଲା।

# କାଲିମେଳା ବ୍ଲକ୍:୨୯ ଅଭିଯୋଗ ଶୁଣିଲେ ଜିଲାପାଳ


ଜିଲାପାଳ ଆଶିଷ ଈଶ୍ୱର ପାଟିଲ ଓ ଅନ୍ୟ ଅଧିକାରୀମାନେ ଅଭିଯୋଗ ଶୁଣୁଛନ୍ତି।

**କାଲିମେଳା, ୨୧।୭(ଜୀବନ କୃଷ୍ଣ ଦାସ)**

ମାଲାକାନଗିରି ଜିଲା କାଲିମେଳା ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ସୋମବାର ଜିଲାପାଳଙ୍କ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲାପାଳ ଆଶିଷ ଈଶ୍ୱର ପାଟିଲ ଅଧ୍ୟକ୍ଷତାକରି ଆସିଥିବା ସମସ୍ତ ଅଭିଯୋଗର ସମାଧାନ କରିବା ପାଇଁ ଶୁଣିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲା ଆରକ୍ଷୀ ଅଧୀକ୍ଷକ ବିନୋଦ ପାଟିଲ ଏଚ୍, ଜିଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ନରେଶ ଚନ୍ଦ୍ର ଶବର ଓ ଉପ ଜିଲାପାଳ ଦୁର୍ଯ୍ୟୋଧନ ଭୋଇ ଓ ବିଡିଓ ପ୍ରଦୀପ କୁମାର କର ପ୍ରମୁଖ ଉପସ୍ଥିତ ଥିଲେ। ଶିବିରରେ ୨୯ ଅଭିଯୋଗର ଶୁଣାଣି କରାଯାଇଥିଲା। ଏଥିରେ ସରକାରୀ ସାହାଯ୍ୟ ସହ ବ୍ୟକ୍ତିଗତ,ସାମୂହିକ ଆଦି ସମସ୍ୟା ଉପରେ ଅବଗତ ହୋଇ ଜିଲାପାଳ ସମାଧାନ କରିଥିଲେ। ଶିବିରରେ ସମସ୍ତ ବିଭାଗର ଜିଲା ଏବଂ କାଲିମେଳା ବ୍ଲକ୍‌ସ୍ତରୀୟ ଅଧିକାରୀମାନେ ଯୋଗଦେଇଥିଲେ ।


**ଦ.ପୂ. ରେଳପଥ – ଟେଣ୍ଡର**

ଟେଣ୍ଡର ବିଜ୍ଞପ୍ତି ନଂ.: ଏସ୍‌ଆର୍‌ସି-ବି ଟଏଲେଟ୍-ତା.-୧୮.୦୭.୨୫ । ଭାରତର ରାଷ୍ଟ୍ରପତିଙ୍କ ପାଇଁ ଏବଂ ତରଫରୁ ବରିଷ୍ଠ ସିଡିଓ, ସାନ୍ତ୍ରାଗାଛି, ଦ.ପୂ. ରେଳପଥ, ଖଡ଼ଗପୁର ମଣ୍ଡଳ ଦ୍ୱାରା ନିମ୍ନଲିଖିତ ବିବରଣୀ ଅନୁଯାୟୀ www.ireps.gov.in ୱେବ୍‌ସାଇଟ୍‌ରେ ଇ-ଟେଣ୍ଡରିଂ ମାଧ୍ୟମରେ ଖୋଲା ଟେଣ୍ଡର ଆହ୍ୱାନ କରାଯାଉଛି । ଯୋଗ୍ୟ ଟେଣ୍ଡରଦାତାମାନଙ୍କୁ ତାହା କେବଳ ଅନ୍‌ଲାଇନ୍ ଜରିଆରେ www.ireps.gov.in ୱେବ୍‌ସାଇଟ୍‌ରେ ନିମ୍ନଦର୍ଶିତ ବିବରଣୀ ଅନୁଯାୟୀ ଆବେଦନ କରିବା ଲାଗି ଅନୁରୋଧ କରାଯାଉଛି । କୌଣସି ଅଫ୍‌ଲାଇନ୍ ଟେଣ୍ଡର ଗ୍ରହଣ କରାଯିବ ନାହିଁ । ବିବରଣୀ ପାଇଁ ଦୟାକରି ଦସ୍ତାବିଜ ସେକ୍ସନରେ ଅପ୍‌ଲୋଡ୍ ହୋଇଥିବା ଟେଣ୍ଡର ଦସ୍ତାବିଜ ପଢ଼ନ୍ତୁ । **କାର୍ଯ୍ୟର ନାମ:** ତିନି ବର୍ଷ ଅବଧି ପାଇଁ କୋଚିଂ ଡିପୋ, ସାନ୍ତ୍ରାଗାଛି ଓ ପଦ୍ମପୁକୁରର କୋଚ୍‌ଗୁଡ଼ିକରେ ବାୟୋ ଟଏଲେଟ୍ (ଡିଆର୍‌ଡିଇ ଟାଇପ୍)ର ବାର୍ଷିକ ରକ୍ଷଣାବେକ୍ଷଣ ଓ ପରିଚାଳନା ଠିକା (ଏଏମ୍‌ଓସି) । **ଟେଣ୍ଡର ମୂଲ୍ୟ:** ₹୨୨,୫୮,୨୨,୦୯୨.୦୬ । **ଇଏମ୍‌ଡି:** ₹୧୨,୭୯,୧୦୦/- । **ଟେଣ୍ଡର ଦସ୍ତାବିଜ ମୂଲ୍ୟ:** ₹୧୦,୦୦୦/- (ଅଣ-ଫେରସ୍ତଯୋଗ୍ୟ) । **ଟେଣ୍ଡର ବନ୍ଦ ହେବା ତାରିଖ:** ୧୪।୦୮।୨୦୨୫, ୧୨.୦୦ ଘଟିକାରେ । (PR-423)



No.gg

**Government of Odisha**
**Department of Social Security & Empowerment of Persons with Disabilities**

ଯୁକ୍ତ ଦୁଇ ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବା ଏବଂ ଉଚ୍ଚଶିକ୍ଷା ଅଧ୍ୟୟନରତ ଦୃଷ୍ଟିବାଧିତ ଛାତ୍ର/ଛାତ୍ରୀମାନଙ୍କୁ ପ୍ରୋତ୍ସାହନ ନିମନ୍ତେ ବିଭାଗ ତରଫରୁ ନିଃଶୁଳ୍କ ଲ୍ୟାପଟପ ଯୋଗାଇଦେବାର ବ୍ୟବସ୍ଥା କରାଯାଇଅଛି ।

ଆଗ୍ରହୀ ଛାତ୍ର/ଛାତ୍ରୀମାନେ ନିମ୍ନଲିଖିତ ବିଭାଗୀୟ ୱେବ୍‌ସାଇଟ https://ssepd.odisha.gov.in/ରେ ଆବେଦନ କରିପାରିବେ ।

Sd./-
OIPR-46001/11/0056/2526 Director, SS&EPD Department



**NOTICE INVITING BID**
**OFFICE OF THE COMMISSIONER, BERHAMPUR MUNICIPAL CORPORATION**

Address with Phone Nos:
Berhampur Municipal Corporation
Berhampur, Ganjam, PIN:760001, Phone No.0680-2250290
Website: http://www.berhampur.gov.in, E-mail ID:cpmuberhampur@gmail.com

Bid Reference No.2 Date:22.07.2025

**No.E-248:**Bids are invited from eligible transporters to transport Khushi-Sanitary Napkins from the City Warehouses of Berhampur City to different Govt. Schools under the City as per the details in Annexure I and as per the particulars mentioned below:

| Sl.No. | Particulars | Date and Time | |
|---|---|---|---|
| 1. | Date & Time of release of bid | 22.07.2025 | |
| 2. | Date & Time of Pre-Bid Meeting | 05.08.2025, 11 AM | Venue: Conference Hall, Office of the Commissioner, BeMC |
| 3. | Last date & time for submission of bid | 13.08.2025, 17.00 Hours | Office of the Commissioner, BeMC |
| 4. | Date & Time of opening of Bid | 14.08.2025, 11.30 AM | Venue: Conference Hall, Office of the Commissioner, BeMC |

The Bid document with all information relating to the bidding process including cost of bid document, EMD, Eligibility criteria and terms & conditions are available in the website: http://www.berhampur.gov.in. The Authority reserves the right to cancel the tender or modify any part thereof without assigning any reason.

Sd./- Commissioner
Berhampur Municipal Coporation,
Berhampur

OIPR-10212/11/0005/2526



**GOVERNMENT OF ODISHA** No. O-457
**OFFICE OF THE SUPERINTENDING ENGINEER RURAL WORKS DIVISION, DHENKANAL**
E-Mail: eerwdivisiondhenkanal@yahoo.co.in

**e-Procurement Notice No. 03/Building Works/2025-26**

| | | |
|---|---|---|
| 1. | Name of the Work | Building Works |
| 2. | Total No. of Works | 01 (One) Nos. |
| 3. | Estimated Cost | Rs.89.65 lakh (approx.) |
| 4. | Class of Contractor | "B" Class |
| 5. | Period of Completion | 08 (Eight) Months |
| 6. | EMD Required | As mentioned in the Annexure at Column - 04 |
| 7. | Online for Bidding | 23.07.2025 at 11.00 A.M. to 30.07.2025 upto 5.00 P.M. |
| 8. | Last date & time of seeking tender clarification | 29.07.2025 upto 4.00 P.M. |
| 9. | Date & time of openig of tender: (Technical & Financial Bid) | 31.07.2025 Technical Bid at 11.00 A.M. and Financial Bid open on Dtd.02.08.25 at 11.00 A.M. |

Other details can be seen from the website http://tendersorissa.gov.in.

Sd./- Superintending Engineer
OIPR-25101/11/0022/2526 R.W. Division, Dhenkanal



**JHARKHAND URBAN INFRASTRUCTURE DEVELOPMENT COMPANY LIMITED**
(Govt. of Jharkhand Undertaking)
JUIDCO Bhawan, Kutchery Chowk, Ranchi-834001, Jharkhand.
Ph No.: +91-651-2225878; e-mail Id-: pdt.juidco@gmail.com
CIN: U45200JH2013SGC001752

NIT No.: JUIDCO/NIT/Rehla Bishrampur/UWSS/25/657 Date: 21/07/2025
Tender ID: -2025_UDD_102783_1 PR No.: 356332

**Corrigendum- 1**

All bidders are hereby announced that Corrigendum- 1 is released for tender having details as mentioned above for the project of **"Rehla & Bishrampur Urban Water Supply Scheme with 5 years of Operation and Maintenance"**. The bidders are advised to consider the same before submission of their bids against the tender.

Note: Corrigendum- 01 can be referred from the e-tender site of Govt. of Jharkhand i.e., (https://jharkhandtenders.gov.in)

Sd/-
Project Director (Technical)
JUIDCO Ltd., Ranchi

PR 357857 (Urban Development and Housing) 25-26 (D)



**TENDER NOTICE**

Sealed quotations from eligible and experienced contractors/firms are invited for plantation of trees as per the specifications and terms mentioned below:-

2. Scope of Work:
   i. Collection and Transportation of sapling trees (1600 Nos.) from Forest Range Office, Khordha to INS Chilka.
   ii. Preparation of land for plantation of sapling trees including digging, filling with manure/vermicompost and watering.
   iii. Plantation of 1600 saplings at earmarked area of INS Chilka, P.O.: Chilka, Distt.: Khordha, Odisha - 752037.
3. Interested parties may submit their lowest rate @ per sapling tree as per scope of work including all taxes leviable (if any).
4. Important Dates:
   i. Last date for quotation submission: 28.07.2025
   ii. Address for submission: Defence Estates Office, Odisha Circle, 163, Prachi Enclave, Chandrasekharpur, Bhubaneswar - 751016.
5. For detail terms & condition & any further information or site visit, please contact Defence Estates Office, Odisha Circle, Plot No. 163, Prachi Enclave, Chandrasekharpur, Bhubaneswar - 751016, E-mail: deobhub-stats@nic.in.



**GOVERNMENT OF ODISHA**
**OFFICE OF THE SUPERINTENDING ENGINEER, KANUPUR REHABILITATION, CAMPS & BUILDING DIVISION**
At/P.O.: Basudevpur, Dist.: Keonjhar, PIN - 758047
**e-PROCUREMENT NOTICE**
No. A- Bid Identification No. SE, KRC & BD - 08/2025-26
Email: eekrcbdbasudevpur@gmail.com

| Sl. No. | Name of Work | Approx. Value of Work (Rs. in Lakh) | E.M.D./Bid Security in Rs. (To be remitted Online) | Cost of Bid Document in Rs. (To be remitted Online) | Period of Completion | Class of Contractor | Name & Address of the Division under which the work will be executed |
|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 |
| 01 | "Construction of Sanitary facilities to each house at Sankarpur Resettlement Colony for the DPs of Village Dhobakuchuda under KIP" | 55.30 | 55300.00 | 10,000/- | 08 (Eight) Calendar Months | "B" | Kanupur Reh. Camps & Building Division, At/P.O.: Basudevpur, Dist.: Keonjhar |

| Procurement Officer | Bid Identification No. | Availability of Tender online for Bidding From | To | Date & time of Opening of Tender (Technical Bid | Last date of seeking clarification | Place of Opening |
|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 |
| Superintending Engineer, Kanupur Reh. C & B Division, Basudevpur, Dist.: Keonjhar | SE, KRC & BD - 08/2025-26 | 24.07.25 From 10.00 hours | 07.08.2025 Upto 17.00 hours | 08.08.25 at 11.00 hours | 07.08.25 Upto 11.00 hours | O/o. the Superintending Engineering, Kanupur Reh. C & B Division, Basudevpur, Dist.: Keonjhar |

OIPR-46009/11/0003/2526 Sd./- Superintending Engineer, Kanupur Reh. C & B. Division, Basudevpur



**ମଧ୍ୟସ୍ଥତା ଦ୍ୱାରା ବିଚାରାଧୀନ ମାମଲାର ଆଇନଗତ ସମାଧାନ ପାଇଁ ଏକ ଦେଶବ୍ୟାପୀ ଅଭିଯାନ – ଦେଶ ନିମନ୍ତେ "ମଧ୍ୟସ୍ଥତା"**

No. CAD-1114: "ମଧ୍ୟସ୍ଥତା" ହେଉଛି ମାମଲାର ପରିସମାପ୍ତି ନିମନ୍ତେ ଆଇନ ଅନୁମୋଦିତ ଏକ ବିକଳ୍ପ ପଦ୍ଧତି। ଉଭୟପକ୍ଷଙ୍କ ସହମତିରେ ବା ଅଦାଲତଙ୍କର ନିର୍ଦ୍ଦେଶରେ ମଧ୍ୟସ୍ଥତା ଦ୍ୱାରା ବିଚାରାଧୀନ ମାମଲାର ସମାଧାନ ହୋଇଥାଏ ଓ ମାମଲାର ଅନ୍ତ ଘଟିଥାଏ। ପକ୍ଷମାନଙ୍କୁ ଅଦାଲତରେ ମିଳୁଥିବା ନିଷ୍ପତ୍ତିଠାରୁ ସନ୍ତୋଷଜନକ ଫଳ ଏହି ବିକଳ୍ପ ପଦ୍ଧତି ମାଧ୍ୟମରେ ଶୀଘ୍ର ମିଳିଥାଏ। ଏହି ବିକଳ୍ପ ପଦ୍ଧତିରେ ପକ୍ଷମାନେ ବା ସେମାନଙ୍କର କ୍ଷମତାପ୍ରାପ୍ତ ପ୍ରତିନିଧି ବା ଆଇନ ପରାମର୍ଶଦାତାମାନେ ସକ୍ରିୟ ଭାଗ ନେଇ ସେମାନଙ୍କର ପକ୍ଷ ରଖିପାରିବେ ଓ ମାମଲା ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିପାରିବେ। ମାମଲାର ଚୂଡ଼ାନ୍ତ ଫଳର ରୂପରେଖ ଉଭୟ ପକ୍ଷଙ୍କ ସହମତିରେ ନିର୍ଣ୍ଣୟ କରାଯାଇପାରିବ।

ଏହି ପଦ୍ଧତି ଦ୍ୱାରା ମାନ୍ୟବର ଉଚ୍ଚ ନ୍ୟାୟାଳୟ, ଜିଲ୍ଲା ଅଦାଲତ ଓ ତାଲୁକ ଅଦାଲତରେ ବିଚାରାଧୀନ ବିଭିନ୍ନ ପ୍ରକାରର ମାମଲା ଯଥା:

- ପାରିବାରିକ ବିବାଦ
- ମଟର ଦୁର୍ଘଟଣାଜନିତ କ୍ଷତିପୂରଣ
- ଘରୋଇ ହିଂସାଜନିତ ମାମଲା
- ଚେକ୍ ବାଉନ୍ସ ମାମଲା
- ଉଚ୍ଛେଦ ମାମଲା
- ନିଯୁକ୍ତି ସମ୍ପର୍କୀୟ ମାମଲା
- ବାଣିଜ୍ୟିକ ଅଦାଲତରେ ଥିବା ମାମଲା
- ରଫାଯୋଗ୍ୟ ଫୌଜଦାରି ମାମଲା
- ଖାଉଟି ଅଦାଲତରେ ଥିବା ବିବାଦ
- ଋଣ ଅସୁଲ ମାମଲା
- ସମ୍ପତ୍ତି ବଣ୍ଟନ ବିବାଦ
- ଭୂ-ଅଧିଗ୍ରହଣଜନିତ ମାମଲା

ଓ ଅନ୍ୟାନ୍ୟ ଯୋଗ୍ୟ ଦେୱାନୀ ମାମଲାଗୁଡ଼ିକର ପରିସମାପ୍ତି କରାଯାଇପାରିବ।

ମଧ୍ୟସ୍ଥତା ଦ୍ୱାରା ମାମଲାର ପରିସମାପ୍ତି ପାଇଁ ସମଗ୍ର ଦେଶରେ ନବେଦିନ ବ୍ୟାପୀ ଏକ ଅଭିଯାନ ଚାଲୁଅଛି। ଯାହାକି **ଦେଶ ନିମନ୍ତେ "ମଧ୍ୟସ୍ଥତା"** ନାମରେ ନାମିତ ହୋଇଛି। ଏହି ଅଭିଯାନ ଆସନ୍ତା ଅକ୍ଟୋବରର ପ୍ରଥମ ସପ୍ତାହ ପର୍ଯ୍ୟନ୍ତ ଚାଲୁରହିବ। ମାମଲାରେ ପକ୍ଷଭୁକ୍ତ ବ୍ୟକ୍ତି ବା ସଂସ୍ଥା ଏହାର ସୁଯୋଗ ନେଇ ନିଜ ମାମଲାର ପରିସମାପ୍ତି ପାଇଁ ସମ୍ପୃକ୍ତ ଅଦାଲତ କିମ୍ବା ନିକଟସ୍ଥ ଆଇନ ସେବା ସଂସ୍ଥା ସହ ଯୋଗାଯୋଗ କରନ୍ତୁ।

ଅଧିକ ବିବରଣୀ ପାଇଁ ଦେୟମୁକ୍ତ ନମ୍ବର – ୧୫୧୦୦ ଯୋଗାଯୋଗ କରନ୍ତୁ।

**ସଦସ୍ୟ ସଚିବ**
ଓଡ଼ିଶା ରାଜ୍ୟ ଆଇନ ସେବା ପ୍ରାଧିକରଣ, କଟକ
ଆଇନ ସେବା ଭବନ, ସେକ୍ଟର-୧, ସିଡିଏ, କଟକ
ଯୋଗାଯୋଗ: ୯୪୩୮୫୭୮୫୮୬
e-mail ID: oslsa1997@gmail.com

OIPR-18008/11/0019/2526



**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.ST-OT-AMC-EI-KYOSAN-480 ତା. : 14.07.2025ରିଖ

**କାର୍ଯ୍ୟର ନାମ :** 36 (ଛତିଶ) ମାସର ସମୟାବଧି ନିମନ୍ତେ ପୂର୍ବ ତଟ ରେଳପଥର ଖୋର୍ଦ୍ଧା ରୋଡ୍ ମଣ୍ଡଳର ମାର୍ଶାଘାଇ (MSGR), କଳାଘର (KLGA), ନୂଆଗାଁ (NUGN), ସିଜୁ (SIJU) ଷ୍ଟେସନ ଗୁଡ଼ିକରେ KYOSAN ଦ୍ୱାରା ନିର୍ମିତ ଇଲେକ୍ଟ୍ରୋନିକ ଇଣ୍ଟରଲକିଙ୍ଗ ସିଷ୍ଟମ ପାଇଁ ବ୍ୟାପକ ବାର୍ଷିକ ରକ୍ଷଣାବେକ୍ଷଣ ଚୁକ୍ତିର ବ୍ୟବସ୍ଥା ।

**ଟେଣ୍ଡର ମୂଲ୍ୟ :** ₹ 1,65,77,870.76, **EMD :** ₹ 2,32,900/-, ବିଡ୍ ଆରମ୍ଭ ହେବା ତାରିଖ: 22.07.2025, ଟେଣ୍ଡର ନଥିପତ୍ରର ମୂଲ୍ୟ (ଟଙ୍କାରେ) : ₹ 5,900/-

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.05.08.2025ରିଖ 1100 ଘଟିକା ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ / କୋରିୟର / ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ ।
ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ / ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି ।

ବରିଷ୍ଠ ମଣ୍ଡଳ ସଙ୍କେତ ଏବଂ ଦୂରସଞ୍ଚାର ଯନ୍ତ୍ରୀ, ଖୋର୍ଦ୍ଧା ରୋଡ୍
PR-379/Q/25-26



**ପୂର୍ବ ତଟ ରେଳପଥ**

ଫାଇଲ ସଂ. DRM/Engg/KUR/25-26/E-Tender/44, ତା.17.07.2025ରିଖ

(1) ଟେଣ୍ଡର ସଂ. e-Tender-CENTKUR-126-2025, ତା.07.07.2025ରିଖ
**ବିବରଣୀ :** ଖୋର୍ଦ୍ଧା ରୋଡ୍ ମଣ୍ଡଳର ଅନୁଗୁଳ ଷ୍ଟେସନରେ ସିନିୟର ସେକ୍ସନ ଇଞ୍ଜିନିୟର (କାର୍ଯ୍ୟ)ଙ୍କ ନିମନ୍ତେ ଷ୍ଟୋର ସହିତ ନୂତନ କାର୍ଯ୍ୟାଳୟ ଭବନର ନିର୍ମାଣ ।
**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 141.20 ଲକ୍ଷ, EMD : ₹ 2,20,600/-

(2) ଟେଣ୍ଡର ସଂ. e-Tender-CENTKUR-128-2025, ତା.07.07.2025ରିଖ
**ବିବରଣୀ :** ଖୋର୍ଦ୍ଧା ରୋଡ୍ ମଣ୍ଡଳର ବାରଙ୍ଗ ଷ୍ଟେସନରେ ସିନିୟର ସେକ୍ସନ ଇଞ୍ଜିନିୟର (କାର୍ଯ୍ୟ)ଙ୍କ ନିମନ୍ତେ ଷ୍ଟୋର ସହିତ ନୂତନ କାର୍ଯ୍ୟାଳୟ ଭବନର ନିର୍ମାଣ ।
**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 150.76 ଲକ୍ଷ, EMD : ₹ 2,25,400/-

(3) ଟେଣ୍ଡର ସଂ. e-Tender-CENKUR-150-2025, ତା.08.07.2025ରିଖ
**ବିବରଣୀ :** ଖୋର୍ଦ୍ଧା ରୋଡ୍ ମଣ୍ଡଳର କଟକ-ତାଳଚେର ଲାଇନରେ ହିନ୍ଦୋଳ ରୋଡ୍-ମେରାମଣ୍ଡଳୀ ଷ୍ଟେସନ ମଧ୍ୟରେ କି.ମି. 473/29-31 ଠାରେ ବର୍ତ୍ତମାନର ଜଗୁଆଳିଥିବା ଲେଭେଲ୍ କ୍ରସିଙ୍ଗ ନଂ. CT-65 ପରିବର୍ତ୍ତେ ସ୍ୱଳ୍ପ ଉଚ୍ଚତା ବିଶିଷ୍ଟ ଉପମାର୍ଗ (LHS)ର ବ୍ୟବସ୍ଥା । (ଏୟାର ପୁସିଙ୍ଗ୍ ଟେକ୍‌ନିକ୍ ଦ୍ୱାରା) ।
**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 477.19 ଲକ୍ଷ, EMD : ₹ 3,88,600/-

(4) ଟେଣ୍ଡର ସଂ. e-Tender-CENKUR-151-2025, ତା.08.07.2025ରିଖ
**ବିବରଣୀ :** ଖୋର୍ଦ୍ଧା ରୋଡ୍ ମଣ୍ଡଳର କଟକ-ତାଳଚେର ଲାଇନରେ ଢେଙ୍କାନାଳ-ସଦାଶିବପୁର ଷ୍ଟେସନ ମଧ୍ୟରେ କି.ମି. 499/9-11 ଠାରେ ବର୍ତ୍ତମାନର ଜଗୁଆଳିଥିବା ଲେଭେଲ୍ କ୍ରସିଙ୍ଗ ନଂ. CT-42 ପରିବର୍ତ୍ତେ ସ୍ୱଳ୍ପ ଉଚ୍ଚତା ବିଶିଷ୍ଟ ଉପମାର୍ଗ (LHS)ର ବ୍ୟବସ୍ଥା । (ଏୟାର ପୁସିଙ୍ଗ୍ ଟେକ୍‌ନିକ୍ ଦ୍ୱାରା) ।
**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 422.57 ଲକ୍ଷ, EMD : ₹ 3,61,300/-

ଶେଷ ହେବା ଅବଧି : 10 (ଦଶ) ମାସ (କ୍ରମ ସଂ. 1, 2 ଓ 4 ପାଇଁ) ଏବଂ 12 (ବାର) ମାସ (କ୍ରମ ସଂ. 3 ପାଇଁ) ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.30.07.2025ରିଖ 1500 ଘଟିକାରେ (ସମସ୍ତ ଟେଣ୍ଡର ନିମନ୍ତେ) ।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ(Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ । ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 10 (ଦଶ) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି । ଟେଣ୍ଡରଦାତା/ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ । କେବଳ ପଞ୍ଜୀକୃତ ଟେଣ୍ଡରଦାତା / ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ ।

ମଣ୍ଡଳ ରେଳ ପ୍ରବନ୍ଧକ (ଇଂଜିନିୟରିଂ), ଖୋର୍ଦ୍ଧା ରୋଡ୍
PR-385/Q/25-26

**୨ ଡ୍ରାଇଭର ଗିରଫ**

ଜୟପୁର,(ପବନ ପାଣିଗ୍ରାହୀ)- ମଦ୍ୟପାନ କରି ଗାଡି ଚଲାଉଥିବା ବେଳେ ଜୟପୁର ସଦର ପୋଲିସ ୨ ଡ୍ରାଇଭରଙ୍କୁ ଗିରଫ କରିଛି। ରବିବାର ରାତିରେ ପୋଲିସ ପାଟ୍ରୋଲିଂ କରୁଥିବା ବେଳେ ପାଣ୍ଡିଆଗୁଡ଼ା କୁଟରାଖାଲ ଆସୁଥିବା ଓଡ଼ାଗୁଡ଼ା ଅଞ୍ଚଳର ପି.ଚନ୍ଦ୍ର(୨୭) ବାଇକ ଆରୋହୀଙ୍କୁ ଅଟକ ରଖି ଯାଞ୍ଚ କରିବାରୁ ସେ ମଦ୍ୟପାନ କରିଥିବା ଜଣାପଡିଥିଲା। ସେହିପରି କୋରାପୁଟ ସଦରଥାନା ଅଞ୍ଚଳର ରାଜୁ ଗୁଲେପ ଏକ ସ୍କୁଟିରେ ବାଲିଆରୁ ଜୟପୁର ଅଭିମୁଖେ ଆସୁଥିବା ବେଳେ ତାଙ୍କୁ ଧରିଥିଲା ପୋଲିସ।

# ୨୦୨୯ ସୁଦ୍ଧା କୋରାପୁଟ ଜିଲା ହେବ ଦାଦନ ମୁକ୍ତ:ମନ୍ତ୍ରୀ

କୋରାପୁଟ,୨୧।୭(ଅମିତାଭ ବେହେରା)



କାର୍ଯ୍ୟକ୍ରମରେ ଉପସ୍ଥିତ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାଏକ ଓ ଅନ୍ୟମାନେ।

## ୩୩୭ ପ୍ରକଳ୍ପର ଶିଳାନ୍ୟାସ

କୋରାପୁଟ ଶହୀଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ଓ ହସ୍ପିଟାଲର ଅଡିଟୋରିୟମରେ ରାଜ୍ୟ ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟ ଜଳଯୋଗାଣ ମନ୍ତ୍ରୀ ରବିନାରାୟଣ ନାଏକ ୩୩୭ ପ୍ରକଳ୍ପର ଶିଳାନ୍ୟାସ କରିଛନ୍ତି। ୧୬୩.୫୫ କୋଟି ପ୍ରକଳ୍ପରେ ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନା, ଗ୍ରାମୀଣ ବିକାଶ ଏବଂ ଗ୍ରାମୀଣ ପାନୀୟ ଜଳଯୋଗାଣ ଓ ପରିମଳ ବିଭାଗର ଉନ୍ନୟନମୂଳକ କାର୍ଯ୍ୟ କରାଯିବ। ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନାରେ ୨୫୮ ପ୍ରକଳ୍ପ ପାଇଁ ୧୨.୭୧କୋଟି ଟଙ୍କା ଆନୁମାନିକ ମୂଲ୍ୟ ଥିବା ବେଳେ ଗ୍ରାମୀଣ ବିକାଶ ବିଭାଗ ପାଇଁ ୩୦ଟି ପ୍ରକଳ୍ପ ରହିଛି। ଏହାର ଆନୁମାନିକ ମୂଲ୍ୟ ୧୨୫.୧୯ କୋଟି ଟଙ୍କା। ଗ୍ରାମୀଣ ପାନୀୟ ଜଳଯୋଗାଣ ଓ ପରିମଳ ବିଭାଗ ପାଇଁ ୪୯ ପ୍ରକଳ୍ପ ରହିଛି। ଏହାର ଆନୁମାନିକ ମୂଲ୍ୟ ୨୫.୬୫କୋଟି ଟଙ୍କା ରଖାଯାଇଛି। ପ୍ରକଳ୍ପଗୁଡ଼ିକ ଶେଷ ହେଲେ ଜିଲାବାସୀ ଉପକୃତ ହେବେ ବୋଲି ମନ୍ତ୍ରୀ ନାଏକ କହିଛନ୍ତି। ୨୦୨୯ ସୁଦ୍ଧା କୋରାପୁଟ ଜିଲା ଦାଦନ ମୁକ୍ତ ହେବ ବୋଲି ନିଷ୍ପତ୍ତି ନିଆଯାଇଥିବା ସେ କହିଛନ୍ତି। ୨୦୨୬ରେ ଜିଲାର ପ୍ରତି ଘରକୁ ପାନୀୟ ଜଳଯୋଗାଣ କରାଯିବ ବୋଲି ସେ କହିଛନ୍ତି। ନୂଆପଡ଼ା ଜିଲାରୁ ଦାଦନ ମୁକ୍ତ ପ୍ରକଳ୍ପ ଆରମ୍ଭ କରାଯାଇ କୋରାପୁଟ, କଳାହାଣ୍ଡି, ନବରଙ୍ଗପୁର ଓ ଗଞ୍ଜାମ ଜିଲାରେ ଆରମ୍ଭ ହେବ। ଜିଲାରେ ୩ ସବୁଜ ପାର୍କ ନିର୍ମାଣ ହୋଇଥିବା ବେଳେ କଫି ଚାଷ ପାଇଁ ଅନେକ ଯୁବ ଉଦ୍ୟୋଗୀ ବାହାରିଲେଣି। ପନିପରିବା ବଜାରିକରଣ କରିବା ସହ ଆଳୁ ସଂରକ୍ଷଣ ସୁବିଧା କରାଗଲେ ଲୋକେ ବାହାର ରାଜ୍ୟକୁ ଯିବେ ନାହିଁ ବୋଲି ମନ୍ତ୍ରୀ କହିଛନ୍ତି। ଜିଲାକୁ ୧୫୨୦ ନଳକୂପ ନିର୍ମାଣ କରିବାକୁ ଅନୁମୋଦନ କରାଯାଇଥିବା ସେ ସୂଚନା ଦେଇଛନ୍ତି। କାର୍ଯ୍ୟକ୍ରମରେ କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ଼ ବିଧାୟକ ରୁପୁ ଭତ୍ରା,ଜିଲାପାଳ ଭି.କୀର୍ତ୍ତି ୱାସନ ଓ ଆଇଏଏସ ପ୍ରୋବେସାନେରୀ ସନ୍ତୋଷ କୁମାର ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ଜିଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବେଣୁଧର ଶବର ଧନ୍ୟବାଦ ଦେଇଥିଲେ। ସୁନାବେଡ଼ା ଗ୍ରାମୀଣ ବିକାଶ ମୁଖ୍ୟ ନିର୍ମାଣ ଇଞ୍ଜିନିୟର ପ୍ରଭାକର ବେହେରା,କୋରାପୁଟ ଗ୍ରାମୀଣ ପାନୀୟ ଜଳଯୋଗାଣ ଓ ପରିମଳ ଅଧିକ୍ଷଣ ଯନ୍ତ୍ରୀ ଜଗନ୍ନାଥ ଚୌଧୁରୀ,କୋରାପୁଟ ଗ୍ରାମୀଣ ବିକାଶ ନିର୍ବାହୀ ଯନ୍ତ୍ରୀ ଶ୍ରୀକୃଷ୍ଣ ଶବର, ବିଡିଓ ଦେବାଶିଷ ଗୌଡ଼,ପୌର ପରିଷଦ ନିର୍ବାହୀ ଅଧିକାରୀ ଜ୍ଞାନଜିତ ତ୍ରିପାଠୀ,ଜିଲା ପରିଷଦ କାର୍ଯ୍ୟାଳୟର ହିମାଂଶୁ ଶତପଥି, ଗୌରୀ ଶଙ୍କର ସାହୁ,ମିଶନଶକ୍ତି ଜିଲା ସଭାନେତ୍ରୀ ଜ୍ୟୋତିରେଖା ଚେଟ୍ଟି ପ୍ରମୁଖ ଯୋଗଦେଇଥିଲେ। ମନ୍ତ୍ରୀ ନାଏକ ସୁକୁ ନିର୍ମାଣଧୀନ ବ୍ରିଜ୍‌ସ୍ଥଳକୁ ଯାଇ ଆଲୋଚନା କରି ନିର୍ଦ୍ଧାରିତ ସମୟରେ ଶେଷ କରିବାକୁ ନିର୍ଦ୍ଦେଶ ଦେଇଥିଲେ। କୋରାପୁଟ ବ୍ଲକ୍ ବାସିନ୍ଦାଙ୍କ ପାଇଁ ନିର୍ମାଣଧୀନ ମେଗା ପାନୀୟ ଜଳ ପ୍ରକଳ୍ପ ପରିଦର୍ଶନ କରିଥିଲେ। ଅପରାହ୍ନରେ ପଦ୍ମପୁର ପଞ୍ଚାୟତ କାର୍ଯ୍ୟାଳୟ ପରିଦର୍ଶନ କରି ଲୋକମାନଙ୍କ ସହ ଆଲୋଚନା କରିଥିଲେ। ଦଶମନ୍ତପୁର ବ୍ଲକ୍ ବାଡଁଶଗୁଡା କଫି ନର୍ସରୀ, ସେମିଳିଗୁଡା ବ୍ଲକ୍ ମିଲେଟ ପ୍ରକ୍ରିୟାକରଣ ୟୁନିଟ୍ ଏବଂ ସେମିଳିଗୁଡା ଅଦା ପ୍ରକ୍ରିୟାକରଣ ୟୁନିଟ ପରିଦର୍ଶନ କରି ମହିଳା ଗୋଷ୍ଠୀ ସଦସ୍ୟାମାନଙ୍କ ସହ ଆଲୋଚନା କରିଥିଲେ।

# ଉନ୍ନୟନ କାର୍ଯ୍ୟର ସମୀକ୍ଷା କଲେ ମନ୍ତ୍ରୀ

କୋରାପୁଟ,୨୧।୭(ଅମିତାଭ ବେହେରା)

ଗ୍ରାମୀଣ ବିକାଶ, ପଞ୍ଚାୟତିରାଜ ଓ ପାନୀୟ ଜଳ ଯୋଗାଣ ମନ୍ତ୍ରୀ ରବିନାରାୟଣ ନାଏକ ଦୁଇଦିନିଆ କୋରାପୁଟ ଗସ୍ତ କରି ଜିଲାର ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟକ୍ରମର ସମୀକ୍ଷା କରିଛନ୍ତି। ସ୍ଥାନୀୟ ସଦ୍‌ଭାବନା ସଭାଗୃହରେ ଅନୁଷ୍ଠିତ ବୈଠକରେ ହର୍ ଘର ଜଳ, ଗ୍ରାମୀଣ ଘର, ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଆଦି ସମ୍ପର୍କରେ ଆଲୋଚନା କରିଥିଲେ। ସରକାରଙ୍କ ବିଭିନ୍ନ ବିଭାଗ ଦ୍ୱାରା ବିଭିନ୍ନ ଯୋଜନା ସାହାଯ୍ୟରେ କାମ ଯୋଗେଇ ଦିଆଯାଉଛି। ଏହି ସଂଖ୍ୟା ବଢେଇବାକୁ ସମସ୍ତ ଅଧିକାରୀଙ୍କୁ କହିଥିଲେ। ଲୋକଙ୍କ ଦରକାର ମୁତାବକ ପ୍ରକଳ୍ପ ହେଲେ ସମସ୍ୟାର ସମାଧାନ ହେଇପାରିବ ବୋଲି ସେ କହିଥିଲେ। ବିଭାଗୀୟ ଅଧିକାରୀମାନେ ଚାହିଁଲେ ଜିଲାର ସମସ୍ୟା ଦୂର ହୋଇପାରିବ ବୋଲି ମନ୍ତ୍ରୀ କହିଥିଲେ। ବୈଠକରେ କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ଼ ବିଧାୟକ ରୁପୁ ଭତ୍ରା, କୋରାପୁଟ ଜିଲାପାଳ ଭି.କୀର୍ତ୍ତି ୱାସନ, ଆଇଏଏସ୍ ପ୍ରୋବେଶନର ସନ୍ତୋଷ କୁମାର ପାତ୍ର, ଜିଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବେଣୁଧର ଶବର, ଜିଲାସ୍ତରୀୟ ଅଧିକାରୀ,ଜିଲାର ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଓ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ଜିଲା ପରିଷଦର ଅଧିକାରୀ ଗୌରୀ ଦାସ, ହିମାଂଶୁ ଶତପଥୀ ଓ ଅଂଶୁମାନ ପ୍ରଧାନ ଓ ଜୟନ୍ତ ନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନରେ ସହଯୋଗ କରିଥିଲେ।

# କୁଳପତିଙ୍କୁ ଭେଟିଲେ ଏବିଭିପି ସଦସ୍ୟ, ଛାତ୍ରୀଛାତ୍ର



ଛାତ୍ରୀଛାତ୍ର ଓ ଏବିଭିପି ସଦସ୍ୟମାନେ କୁଳପତିଙ୍କୁ ଦାବିପତ୍ର ଦେଉଛନ୍ତି।

## ସ୍ନାତକ ପରୀକ୍ଷାଫଳ ପ୍ରକାଶନରେ ବିଳମ୍ବ

କୋରାପୁଟ/ଜୟପୁର,୨୧।୭
(ଅମିତାଭ ବେହେରା/ପବନ ପାଣିଗ୍ରାହୀ)

ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ଓ ଯୁକ୍ତ ୩ ଛାତ୍ରୀଛାତ୍ରଙ୍କ ପକ୍ଷରୁ କୋରାପୁଟ ଜିଲା ବିକ୍ରମଦେବ ବିଶ୍ୱବିଦ୍ୟାଳୟର ପରୀକ୍ଷାଫଳ ପ୍ରକାଶ ବିଳମ୍ବ ନେଇ କୁଳପତିଙ୍କୁ ଅବଗତ କରାଯାଇଛି। ୨୦୨୩-୨୪ ଶିକ୍ଷାବର୍ଷଠାରୁ ସ୍ନାତକ ଏ ପର୍ଯ୍ୟନ୍ତ ପରୀକ୍ଷାଫଳ ପ୍ରକାଶ ହୋଇନାହିଁ। ଶିକ୍ଷାର୍ଥୀ ପରୀକ୍ଷା ପରେ ପରୀକ୍ଷା ଦେଉଥିବା ବେଳେ ଏତେ ଦିନ ବିତିଥିଲେ ସୁଦ୍ଧା ଫଳ ପ୍ରକାଶ ପାଉନାହିଁ। କୁଳପତି ଶୀଘ୍ର ଏ କ୍ଷେତ୍ରରେ ପଦକ୍ଷେପ ଗ୍ରହଣ କରାଯିବ ବୋଲି ଆଶ୍ୱାସନା ଦେଇଛନ୍ତି। ୨୦୨୩-୨୪ ଶିକ୍ଷାବର୍ଷର ପ୍ରଥମ ସେମିଷ୍ଟର କଳା ବିଭାଗର ପରୀକ୍ଷାଫଳ ୭ ଦିନ ମଧ୍ୟରେ ପ୍ରକାଶ ପାଇବା ସହ ଦ୍ୱିତୀୟ ସେମିଷ୍ଟରର କଳା, ବିଜ୍ଞାନ ଏବଂ ବାଣିଜ୍ୟ ବିଭାଗର ପରୀକ୍ଷାଫଳ ୨୦ଦିନ ମଧ୍ୟରେ ପ୍ରକାଶ ପାଇବ ବୋଲି କୁଳପତି ପ୍ରତିଶ୍ରୁତି ଦେଇଛନ୍ତି। ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦର ଦାବି ପୂରଣ ନ ହେଲେ ଆନ୍ଦୋଳନ ପନ୍ଥା ଆପଣାଇବେ ବୋଲି ଚେତାବନୀ ଦିଆଯାଇଛି। ଖେଳ ଭାରତ ପ୍ରମୁଖ ପପୁନ ବିଷୋୟୀ, ଛାତ୍ରନେତା ମନୋଜ ସାହୁ, ଶିବାନନ୍ଦ ପାତ୍ର, ଶ୍ରାବଣୀ ପଟ୍ଟନାୟକ, ଅଜିତ୍ ଦାସ, ଅଙ୍କିତା ମହାପାତ୍ର, ଶୁଭଶ୍ରୀ ମିଶ୍ର, ନିରୁ ମୁଦୁଲି, ଜ୍ୟୋତିରଞ୍ଜନ ପାଣିଗ୍ରାହୀ ଓ ଘାସିରାମ ହିଆଲ ପ୍ରମୁଖ ଉପସ୍ଥିତ ଥିଲେ।

## ସଂକ୍ଷେପରେ

### ଅବକାରୀ ବିଭାଗ, ଫ୍ଲାଇଂ ସ୍କ୍ୱାଡ୍‌ର ମିଳିତ ଚଢ଼ାଉ,୨ ଗିରଫ

ସୁନାବେଡା/ସେମିଳିଗୁଡ଼ା,୨୧।୭
(କୃତ୍ତିବାସ ପ୍ରଧାନ/ବାସୁଦେବ ବରାଡ଼)

କୋରାପୁଟ ଅବକାରୀ ବିଭାଗ ସୁପରିନଟେଣ୍ଡେଣ୍ଟ ଅରୁଣ କୁମାର ପାଢ଼ୀଙ୍କ ନିର୍ଦ୍ଦେଶରେ ଅବକାରୀ ବିଭାଗ ଓ ଫ୍ଲାଇଂ ସ୍କ୍ୱାଡ୍ ପକ୍ଷରୁ ସୁନାବେଡା ଏବଂ ସେମିଳିଗୁଡ଼ାର ବିଭିନ୍ନ ସ୍ଥାନରେ ଚଢ଼ାଉ କରି ୨ଜଣଙ୍କୁ ଗିରଫ କରାଯାଇଛି। ଅଭିଯୁକ୍ତମାନେ ହେଲେ ସୁନାବେଡା ବାପୁଜୀ କଲୋନୀର ମାଧବ ଟାକ୍ରି(୩୫) ଓ ସେମିଳିଗୁଡ଼ା ଓସିସି ନଗରର ରିନା ଯାନୀ(୩୪)। କୋରାପୁଟ ଅବକାରୀ ଇନିସ୍‌ପେକ୍ଟର ସୁଧୀର କୁମାର ସାହୁ, ଏସ୍‌ଆଇ ରାଜୁକୁମାର କ୍ଷିତୀ,ଜଗବନ୍ଧୁ ଯାନୀ ଓ କର୍ମଚାରୀମାନେ ଚଢ଼ାଉ କରି ସୁନାବେଡା ମ୍ୟୁନିସିପାଲଟିର ଏକ ଦୋକାନରୁ ୪୦ ଲିଟର ଦେଶୀ ରନ୍ଧାମଦ ଓ ୨୦ ଲିଟର ଭାଟି ମଦ ଜବତ କରିଥିଲେ। ଏ ନେଇ କୋରାପୁଟ ଅବକାରୀ ଥାନାରେ କେସ୍ ନଂ ୧୨୨/୨୫ରେ ଏକ ମାମଲା ରୁଜୁ ହୋଇଛି। ଅବକାରୀ ଫ୍ଲାଇଂ ସ୍କ୍ୱାଡ୍ ସେମିଳିଗୁଡ଼ା ଓସିସି ନଗରର ଏକ ଘରେ ଚଢ଼ାଉ କରି ସେଠାରୁ ୭ ଲିଟର ଭାଟିମଦ ଜବତ କରି ରିନାଙ୍କୁ ଗିରଫ କରିଥିଲେ। ଏ ନେଇ କେସ୍ ନଂ ୧୨୦/୨୫ରେ ମାମଲା ରୁଜୁ ହୋଇଥିବା ଓ ୨ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇଥିବା କୋରାପୁଟ ଅବକାରୀ ଇନ୍ସପେକ୍ଟର ସାହୁ ସୂଚନା ଦେଇଛନ୍ତି।

### ଦେଶୀ ମଦ ଚାଲାଣ, ୨ ଗିରଫ

ଜୟପୁର,୨୧।୭(ପବନ ପାଣିଗ୍ରାହୀ)

ଦେଶୀ ମଦ ଚାଲାଣ ସୂଚନା ପାଇ ଅବକାରୀ ବିଭାଗ ଚଡାଉ କରି ୨ ଅଭିଯୁକ୍ତଙ୍କୁ ଗିରଫ କରିଛି। ଅଭିଯୁକ୍ତମାନେ ହେଲେ ସୁନାନଗର ଲଛମ୍ ପରଜା ଓ ଏଲଆଇସି କୋଲନୀର ଶିବ ଟାକରି। ସୂଚନା ଅନୁଯାୟୀ, ସୁନାନଗରରେ ଅବକାରୀ ନିରୀକ୍ଷକ କାର୍ଯ୍ୟାଳୟ ପକ୍ଷରୁ ଚଡାଉ କରି ୯.୬ ଲିଟର ଦେଶୀ ମଦ ଜବତ କରାଯାଇ ମହିଳାଙ୍କୁ ଗିରଫ କରାଯାଇଥିଲା। ଜୟପୁର ଅବକାରୀ ଥାନା ପକ୍ଷରୁ କଳାଗୁଡାରୁ ଏକ ଅଟୋରୁ ୬୦ ଲିଟର ଦେଶୀ ମଦ ଜବତ କରାଯାଇଥିଲା। ୨ ଅଭିଯୁକ୍ତଙ୍କୁ ସନ୍ଧ୍ୟା ୫ଟାରେ କୋର୍ଟ ଚାଲାଣ କରାଯାଇଥିବା ଜୟପୁର ଅବକାରୀ ନିରୀକ୍ଷକ ଶଶୀକାନ୍ତ ଦତ୍ତ ଓ ଅବକାରୀ ଥାନା ଓଆଇସି ସୁବ୍ରତ କେଶରି ହିରଣ ସୂଚନା ଦେଇଛନ୍ତି।

### ପଞ୍ଚାୟତସ୍ତରୀୟ ଜନଶୁଣାଣି

ନନ୍ଦପୁର,୨୧।୭(ତୁଷାରକାନ୍ତ ମହାନ୍ତି)

ନନ୍ଦପୁର ବ୍ଲକ୍ ପ୍ରଶାସନ ପକ୍ଷରୁ ବାଲଡ଼ା ପଞ୍ଚାୟତ କାର୍ଯ୍ୟାଳୟରେ ପଞ୍ଚାୟତସ୍ତରୀୟ ଜନଶୁଣାଣି ସୋମବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଡିଓ ଦୁର୍ଗାପ୍ରସାଦ ଦୋରା, ସରପଞ୍ଚ ବିକ୍ରମ ଶୀସା, ଅତିରିକ୍ତ ତହସିଲଦାର ମାଧବ ପାଙ୍ଗୀ, ବ୍ଲକ୍ ସହକାରୀ ନିର୍ବାହୀ ଯନ୍ତ୍ରୀ ଝସକେତନ ବେହେରା, ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧୀକ୍ଷକ ଦୁବରାଜ ମୁର୍ମୁ, ସିଡିପିଓ ମିନତିବାଳା ପଟ୍ଟନାୟକ, ସହକାରୀ ଶିକ୍ଷାଧିକାରୀ ମମତାଜ ଗୋମାଙ୍ଗ ଓ ବନାଞ୍ଚଳ ଅଧିକାରୀ ବାଦଲ କୁମାର ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ଶିବିରରେ ପଞ୍ଚାୟତବାସୀ ୭ଟି ଅଭିଯୋଗପତ୍ର ପ୍ରଦାନ କରିଥିଲେ। ମେଗା ପ୍ରକଳ୍ପର ପାଣିଟାଙ୍କି ନିର୍ମାଣ ନେଇ ହୋଇଥିବା ବିରୋଧର ସମାଧାନ ପାଇଁ ବୈଠକରେ ଆଲୋଚନାର ସୁଫଳ ମିଳି ନ ଥିଲା। ଅଭିଯୋଗଗୁଡ଼ିକ ପଞ୍ଜୀକୃତ ହୋଇଛି। ଜିଲାପାଳଙ୍କ ଦୃଷ୍ଟି ଆକର୍ଷଣ କରାଯାଇ ସମସ୍ୟା ସମାଧାନ କରାଯିବ ବୋଲି ବିଡିଓ ଦୋରା ସୂଚନା ଦେଇଛନ୍ତି।

# ପୁରାତନ କ୍ଲବ୍‌ର ନୂତନ ପରିଚାଳନା କମିଟି ଗଠିତ

ବୋରିଗୁମ୍ମା,୨୧।୭(ବିଜୟ ସାହୁ)



ସୂର୍ଯ୍ୟଭାନୁ ପାଠାଗାରର ସଦସ୍ୟମାନେ ।

କୋରାପୁଟ ଜିଲା ବୋରିଗୁମ୍ମାର ସର୍ବପୁରାତନ କ୍ଲବ୍ ସୂର୍ଯ୍ୟଭାନୁ ପାଠାଗାରର ନୂତନ ପରିଚାଳନା କମିଟି ସୋମବାର ଗଠିତ ହୋଇଯାଇଛି। ଦୁର୍ଗାପୂଜା ଆୟୋଜନ କରିବାରେ ପରିଚିତ ଏହି କ୍ଲବ୍‌ର ବରିଷ୍ଠ ସଦସ୍ୟ ପି.ଗଣପତି ରାଓ, ସୁଭାଷ ନାୟକ, ଗୁପ୍ତ ଗନ୍ତାୟତ,ଅଶୋକ ଗନ୍ତାୟତ,ସୁରେଶ ରାଉତ, ପି.ଜଗଦେଶ୍ୱର୍ ରାଓ ପ୍ରମୁଖ ସଭାରେ ମଞ୍ଚାସୀନ ଥିଲେ। ସମସ୍ତଙ୍କ ସମର୍ଥନ ଓ ସହମତିରେ କମିଟି ଗଠନ ହୋଇଥିଲା। ଗ୍ରାମବାସୀଙ୍କ ସମର୍ଥନରେ ବିଜୟ ନାରାୟଣ ସାହୁଙ୍କୁ ସଭାପତି, ଉପସଭାପତି କେ.କେଶବ ରାଓ,ସମ୍ପାଦକ କେ.ଅନିଲ କୁମାର, ସହସମ୍ପାଦକ ନିଖିଲ ନାୟକ, କୋଷାଧ୍ୟକ୍ଷ ସୁଜିତ୍ ଦାସଙ୍କୁ ଚୟନ କରାଯାଇଛି। ବିଭିନ୍ନ ଖେଳ ମାଧ୍ୟମରେ ଏହି କ୍ଲବ୍ ଜିଲା ଓ ରାଜ୍ୟସ୍ତରୀୟ ପ୍ରତିଯୋଗିତା ଆୟୋଜନ କରିବ ବୋଲି ନୂତନ ସଭାପତି ସାହୁ କହିଥିଲେ। ସଭାରେ ବୃନ୍ଦା ପ୍ରଧାନ,ସୂର୍ଯ୍ୟ ନାରାୟଣ ଆଚାରି,ସୁଧାକର ରାଓ,ଏସ ସାଇ,ମୁନ୍ନା ଦୋରା ଓ ବନମାଳି ଡିସାରି ପ୍ରମୁଖ ଉପସ୍ଥିତ ଥିଲେ।

# ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି

ଜୟପୁର,୨୧।୭(ପବନ ପାଣିଗ୍ରାହୀ)

ଜୟପୁର ବ୍ଲକ୍‌କାଳିଆଗାଁରେ ପଞ୍ଚାୟତସ୍ତରୀୟ ଅଭିଯୋଗ ଓ ଜନଶୁଣାଣି ଶିବିର ସୋମବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଏବିଡିଓ ମନୋଜ ନାୟକ, ସହକାରୀ ନିର୍ବାହୀ ଯନ୍ତ୍ରୀ ବିଜୟ ନନ୍ଦ, ସହକାରୀ ଯନ୍ତ୍ରୀ ରଞ୍ଜିତା ରାଣୀ ପଣ୍ଡା, ଏପିଓ ସନ୍ତୋଷି ମହାପାତ୍ର, ଡବ୍ଲୁଓ ଆଭା ପ୍ରଧାନ, ପେନସନ ବିଭାଗର ସସ୍ମିତା ପରିଡ଼ା ଓ ଅନ୍ୟ ବ୍ଲକସ୍ତରୀୟ ଅଧିକାରୀମାନେ ଉପସ୍ଥିତ ଥିଲେ। ଶୁଣାଣିରେ ବିଭିନ୍ନ ଗ୍ରାମର ଗ୍ରାମବାସୀ ରାସ୍ତା, ପାନୀୟ ଜଳ ଓ ଅଙ୍ଗନୱାଡି କେନ୍ଦ୍ର ମରାମତି ଓ ନିର୍ମାଣ ନେଇ ଅଭିଯୋଗ କରିଥିଲେ।

# ଇଂଲିଶ 'ଓ' ବଦଳରେ ସାର୍ଟିଫିକେଟ୍‌ରେ ଲେଖାଅଛି ଶୂନ

- ବୋର୍ଡ ସାର୍ଟିଫିକେଟରେ ତ୍ରୁଟି
- ଛାତ୍ରଙ୍କ ଭବିଷ୍ୟତ ଗଠନରେ ବାଧା

ନନ୍ଦପୁର/ପାଡୁଆ,୨୧।୭
(ତୁଷାର କାନ୍ତ ମହାନ୍ତି/ଶଙ୍କର ପୂଜାରୀ)



ଗୋପାଳଙ୍କ ମାଟ୍ରିକ୍ ସାର୍ଟିଫିକେଟ୍ ।

ମାଟ୍ରିକ୍ ବୋର୍ଡ ସାର୍ଟିଫିକେଟ୍‌ରେ ନାଁରେ ତ୍ରୁଟି ଥିବାରୁ ଜଣେ ଛାତ୍ରଙ୍କ ସରକାରୀ ଶିକ୍ଷାନୁଷ୍ଠାନରେ ନାମ ଲେଖାଇବାରେ ବାଧା ଉପୁଜିଛି। କୋରାପୁଟ ଜିଲା ନନ୍ଦପୁର ବ୍ଲକ ପାଡୁଆ ପଞ୍ଚାୟତ ଗତରକଣ୍ଡା ଗ୍ରାମର ଦଶମ ଶ୍ରେଣୀ ପାସ କରିଥିବା ଛାତ୍ର ଗୋପାଳ ଖରାଙ୍କ କ୍ଷେତ୍ରରେ ଏଭଳି ଦେଖିବାକୁ ମିଳିଛି। ପ୍ରମାଣପତ୍ରରେ ଛାତ୍ରଙ୍କ ନାଁ ଗୋପାଳ ହୋଇଥିବା ବେଳେ ଇଂଲିଶ ଲେଟର 'ଓ' ବଦଳରେ ଶୂନ(୦) ଲେଖାଅଛି। ଜିଓପିଏଏଲ ବଦଳରେ ଜି୦ପିଏଏଲ୍ ଲେଖାଥିବାରୁ ଅନ୍‌ଲାଇନ୍ ପୋର୍ଟାଲରେ ପ୍ରମାଣପତ୍ର କ୍ରମାଙ୍କ ସହ ନାମ ମେଳ ଖାଉନି। ଏହି ତ୍ରୁଟି ଜଣେ ଆଦିବାସୀ, ମେଧାବୀ ଓ ଉଚ୍ଚଶିକ୍ଷା ପାଇଁ ଆଗ୍ରହୀ ଥିବା ଗୋପାଳଙ୍କ ଭବିଷ୍ୟ ଗଠନରେ ବାଧକ ସାଜିଛି। ତ୍ରୁଟି ପାଇଁ ଗୋପାଳ ପଢ଼ିଥିବା ଚାଟୁଆ ଉଚ୍ଚ ବିଦ୍ୟାଳୟ, ଜୟପୁର ରିଜିଓନାଲ ଅଧିକାରୀଙ୍କ କାର୍ଯ୍ୟାଳୟ ଓ କଟକ ବୋର୍ଡ କାର୍ଯ୍ୟାଳୟ ମଧ୍ୟରୁ କିଏ ଦାୟୀ ବୋଲି ତାଙ୍କ ଅଭିଭାବକ ପ୍ରଶ୍ନ କରିଛନ୍ତି। ସୂଚନାଯୋଗ୍ୟ, ଗୋପାଳ ଚାଟୁଆ ଉଚ୍ଚ ବିଦ୍ୟାଳୟରୁ ଚଳିତବର୍ଷ ଦଶମ ଶ୍ରେଣୀରେ ୩୧୬ ଅଙ୍କ ରଖି ପାସ କରିଥିଲେ। ଗୋପାଳଙ୍କୁ ଉଚ୍ଚଶିକ୍ଷା ଦେବା ପାଇଁ ମା ଅନିତା ଖରା ଓ ବାପା ରଘୁନାଥ ଖରା ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ପଢ଼ାଇବା ପାଇଁ ଅନ୍‌ଲାଇନ୍ ଆବେଦନ କରିବା ବେଳେ ପୋର୍ଟାଲ ତାଙ୍କ ବୋର୍ଡ ସାର୍ଟିଫିକେଟ ଗ୍ରହଣ ହୋଇ ନ ଥିଲା। ଏହା ପରିବାରର ଚିନ୍ତା ବଢାଇଥିଲା। କାରଣ ଖୋଜିବାରୁ ବୋର୍ଡ ପ୍ରଦତ୍ତ ଦଶମ ପ୍ରମାଣପତ୍ରରେ ନାଁରେ ସାମାନ୍ୟ ତ୍ରୁଟି ଥିବା ଜଣାପଡିଥିଲା। ଇଂଲିଶ ଓ ବଦଳରେ ୦ ଥିବାରୁ ସାର୍ଟିଫିକେଟ କ୍ରମାଙ୍କ ସହ ନାମ ମେଳ ଖାଉ ନ ଥିବା ଜଣାପଡିଥିଲା। ପରିବାର ସଙ୍ଗେ ସଙ୍ଗେ ଚାଟୁଆ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ଟି.ଜଗଦୀଶ୍ୱେରୀଙ୍କୁ ଭେଟି ତ୍ରୁଟି ସମ୍ପର୍କରେ ଅବଗତ କରିଥିଲେ। ପ୍ରଧାନଶିକ୍ଷୟିତ୍ରୀ କଟକ ମାଧ୍ୟମିକ ଶିକ୍ଷା ପରିଷଦର ବୋର୍ଡ ଅଫିସ ଓ ଜୟପୁର ଜୋନାଲ ଅଫିସ୍ ସହ ଯୋଗାଯୋଗ କରି ତ୍ରୁଟି ସଂଶୋଧନ କରିବାକୁ ଅନୁରୋଧ କରିଥିଲେ। ବୋର୍ଡ ପକ୍ଷରୁ ସଂଶୋଧନ ପାଇଁ ନିର୍ଦ୍ଦିଷ୍ଟ ତାରିଖ ଘୋଷଣା ହେବ। ପ୍ରମାଣପତ୍ରରେ ଥିବା ତ୍ରୁଟି ସଂଶୋଧନ ଲାଗି ଆବେଦନ କରିବାକୁ ସୂଚନା ଦିଆଯାଇଥିଲା। ତାରିଖ ଘୋଷଣାକୁ ଅପେକ୍ଷାରେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ନାମଲେଖା ଆବେଦନ ଓ ନାମଲେଖା ପ୍ରକ୍ରିୟା ଶେଷ ହେଉଥିବାରୁ ଗୋପାଳଙ୍କ ଅବିଭାବକ ସ୍ୱଟ୍ ଆଡମିଶନରେ ପାଡୁଆ ରାଧାକୃଷ୍ଣ ବେସରକାରୀ ବିଦ୍ୟାଳୟରେ ତାଙ୍କ ନାମ ଲେଖାଇବାକୁ ବାଧ ହୋଇଥିଲେ। ଆର୍ଥିକ ସ୍ଥିତି ସ୍ୱଚ୍ଛଳ ନ ଥିବାରୁ ଆଗକୁ ମାସିକ ଫି ଦେବାରେ କଷ୍ଟ ହେବ ବୋଲି କହିଛନ୍ତି। ଚାଟୁଆ ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ଜଗଦୀଶ୍ୱେରୀ ଜୁଲାଇ ୧ରୁ ୮ ମଧ୍ୟରେ ତ୍ରୁଟି ସଂଶୋଧନ ପାଇଁ ବୋର୍ଡ ପକ୍ଷରୁ ଆବେଦନ କରିବାକୁ ତାରିଖ ଘୋଷଣା ପରେ ବିଦ୍ୟାଳୟ ପକ୍ଷରୁ ଜୁଲାଇ ୧ରେ ଗୋପାଳଙ୍କ ପ୍ରମାଣପତ୍ରରେ ଥିବା ତ୍ରୁଟି ସଂଶୋଧନ ପାଇଁ ଆବେଦନ କରାଯାଇଥିବା ସୂଚନା ଦେଇଛନ୍ତି। କିନ୍ତୁ ଏଭଳି ତ୍ରୁଟି କାହିଁକି, କେମିତି ଓ କାହା ଦ୍ୱାରା ହେଲା ବୋର୍ଡ କର୍ତ୍ତୃପକ୍ଷ ଓ ରାଜ୍ୟ ଶିକ୍ଷା ବିଭାଗ ପକ୍ଷରୁ ତଦନ୍ତ କରାଯାଉ ବୋଲି ତାଙ୍କ ବାପା ରଘୁନାଥ ଅନୁରୋଧ କରିଛନ୍ତି। ବ୍ଲକ୍‌ଶିକ୍ଷାଧିକାରୀ ଭବାନୀ ନନ୍ଦନ ପଟ୍ଟନାୟକ ଘଟଣାର ତଦନ୍ତ କରାଯିବା ସହ ଛାତ୍ରଙ୍କୁ ତ୍ରୁଟି ସଂଶୋଧିତ ପ୍ରମାଣପତ୍ର ପ୍ରଦାନ ପାଇଁ ଉପରିସ୍ଥ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିବେ ବୋଲି ସୂଚନା ଦେଇଛନ୍ତି।

# କାଉଡିଆଙ୍କୁ ଅନ୍ନସେବା



ମନ୍ଦିରରେ ବୋଲବମ୍ ଭକ୍ତମାନେ ଭୋଜନ କରୁଛନ୍ତି।

କୋରାପୁଟ,୨୧।୭(ଅମିତାଭ ବେହେରା)

ଶ୍ରାବଣ ଦ୍ୱିତୀୟ ସୋମବାର ଅବସରରେ କୋରାପୁଟ ଜିଲାର ଗୁପ୍ତେଶ୍ୱର ସହ ବିଭିନ୍ନ ଶୈବପୀଠକୁ ଜଳଲାଗି ପାଇଁ ଆସୁଥିବା ବୋଲବମ ଭକ୍ତମାନଙ୍କୁ ବିଶ୍ୱାସରାୟ ମାର୍କେଟ କମ୍ପ୍ଲେକ୍ସରେ ଥିବା ହରିଓଂ ଗ୍ରୁପ ପକ୍ଷରୁ ଅନ୍ନସେବା ଦିଆଯାଇଛି। ରବିବାର ରାତିରେ ସ୍ଥାନୀୟ ବସ୍‌ଷ୍ଟାଣ୍ଡସ୍ଥିତ ଶିବ ମନ୍ଦିରରେ ଟ୍ରେନ ଯୋଗେ ପଶ୍ଚିମବଙ୍ଗ, ଆନ୍ଧ୍ର ପ୍ରଦେଶ ଓ ଛତିଶଗଡରୁ ଆସିଥିବା ଶତାଧିକ ବୋଲବମ ଭକ୍ତଙ୍କ ପାଇଁ ଭୋଜନ ବ୍ୟବସ୍ଥା କରାଯାଇଥିଲା। ପ୍ରତି ବର୍ଷ ଶ୍ରାବଣ ମାସରେ ଦୂରଦୂରାନ୍ତରୁ ଆସୁଥିବା ବୋଲବମ ଭକ୍ତଙ୍କ ସହରରେ ଖାଇବା ପାଇଁ ସୁବିଧା ନ ଥିବାରୁ ଗ୍ରୁପ ପକ୍ଷରୁ ୧୮ ବର୍ଷ ହେବ ଅନ୍ନସେବା ଦିଆଯାଉଛି।

# ଦ୍ୱିତୀୟ ସୋମବାରରେ ଜଳାଭିଷେକ କଲେ କାଉଡିଆ

## ଗୁପ୍ତେଶ୍ୱର ପୀଠରେ ଭକ୍ତଙ୍କ ଭିଡ଼

ଜୟପୁର,୨୧।୭(ପବନ ପାଣିଗ୍ରାହୀ)

ଶ୍ରାବଣ ଦ୍ୱିତୀୟ ସୋମବାର ଅବସରରେ ବୋଲବମ, ହରହର ବମ୍ ଧ୍ୱନିରେ କାଉଡିଆ ଶୈବପୀଠରେ ଜଳାଭିଷେକ କରିଛନ୍ତି। ବର୍ଷା ସତ୍ତ୍ୱେ ସହରର ଭୁତନାଥ ମନ୍ଦିର, ପଞ୍ଚାନନ ମନ୍ଦିର, ବୈଦ୍ୟନାଥ ମନ୍ଦିର, ନୀଳକଣ୍ଠେଶ୍ୱର ମନ୍ଦିର, କପିଳେଶ୍ୱର ମନ୍ଦିର, ପାରାବେଡା ଶିବମନ୍ଦିର, ଗାଗନାପୁର ଶିବ ମନ୍ଦିର, କୋରାପୁଟ ଘାଟିର ଅର୍ଦ୍ଧନାରେଶ୍ୱର ଓ ହଟକେଶ୍ୱର ମନ୍ଦିରରେ ଭକ୍ତଙ୍କ ଭିଡି ଜମିଥିଲା। କାଉଡିଆମାନେ ବିଭିନ୍ନ ନଦୀରୁ ପାଣି ନେଇ ମହାଦେବଙ୍କୁ ଜଳ ଚଢ଼ାଇଥିଲେ। ଗୁପ୍ତେଶ୍ୱର ପୀଠରେ ପ୍ରଥମ ସୋମବାରରେ ଭିଡ ଦେଖିବାକୁ ମିଳି ନ ଥିବା ବେଳେ ଦ୍ୱିତୀୟ ସୋମବାରରେ ଭକ୍ତଙ୍କ ଭିଡ଼ ଦେଖିବାକୁ ମିଳିଥିଲା। ଗୁପ୍ତେଶ୍ୱର ପୀଠରେ ଜଳାଭିଷେକ କରିବାକୁ କାଉଡିଆମାନେ ଜୟପୁର ବ୍ଲକ୍ ପାତ୍ରପୁଟ କୋଲାବ ବ୍ରିଜ୍ ନିକଟ ନଦୀରୁ ଜଳ ସଂଗ୍ରହ କରିଥିଲେ। ପୂଜାର୍ଚ୍ଚନା କରିବା ପରେ କାଉଡିଆ ଗୁପ୍ତେଶ୍ୱର ଯାଇଥିଲେ। କାଉଡିଆମାନଙ୍କୁ ସେବା ଯୋଗାଇଦେବା ପାଇଁ ରାସ୍ତାକଡ଼ରେ ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ପ୍ରସାଦ ବଣ୍ଟନ କରାଯାଇଥିଲା। ସେମିଳିଗୁଡାର ହରିଓଁ ସେବା ମଣ୍ଡଳ ପକ୍ଷରୁ ସ୍ଥାନୀୟ ରାମଗିରି ନିକଟରେ ୧୩ ବର୍ଷ ହେବ ସେବା ଯୋଗାଇ ଦିଆଯାଉଛି। ଚଳିତବର୍ଷ ମଧ୍ୟ ୪ରୁ ୫ହଜାର ଭକ୍ତଙ୍କ ପାଇଁ ଚାହା, ଜଳଖିଆ ଓ ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା କରାଯାଇଛି।



କାଉଡିଆମାନେ ପାଣିଭାର ନେଇ ଯାଉଛନ୍ତି ।

# ସମସ୍ୟା ସମାଧାନ ପାଇଁ ଉପଜିଲାପାଳଙ୍କ ତାଗିଦ୍

## ଜିଲାପାଳଙ୍କ ମିଳିତ ଅଭିଯୋଗ ଶୁଣାଣି

ପଟ୍ଟାଙ୍ଗି,୨୧।୭(ଶରତ କୁମାର ଧଳ)



ଶିବିରରେ ଅଧିକାରୀମାନେ ଶୁଣାଣି କରୁଛନ୍ତି ।

କୋରାପୁଟ ଜିଲା ପଟ୍ଟାଙ୍ଗି ବ୍ଲକ୍ ସଭାଗୃହରେ ଜିଲାପାଳଙ୍କ ମିଳିତ ଅଭିଯୋଗ ଶୁଣାଣି ସୋମବାର ଅନୁଷ୍ଠିତ ହୋଇଯାଇଛି। ଜିଲାପାଳ ଭି. କୀର୍ତ୍ତି ୱାସନିଙ୍କ ଅନୁପସ୍ଥିତିରେ ଉପଜିଲାପାଳ ପ୍ରେମ୍‌ଲାଲ୍ ହିଆଲ୍ ଓ ଏଡିଏମ୍ ତପନ କୁମାର ନାୟକ ଅଭିଯୋଗର ଶୁଣାଣି କରିଥିଲେ। ଆସୁଥିବା ଅଭିଯୋଗ କାର୍ଯ୍ୟକାରୀ ହେବା ନେଇ ସମସ୍ତ ବିଭାଗର ଅଧିକାରୀ ଓ କର୍ମଚାରୀ ଦୃଷ୍ଟି ଦେବା ସହ କାର୍ଯ୍ୟକାରୀ କରିବାକୁ ପଦକ୍ଷେପ ନେବା ଆବଶ୍ୟକ ରହିଛି ବୋଲି ଉପଜିଲାପାଳ ତାଗିଦ୍ କରିଥିଲେ। ୨ ମାସ ପରେ ଜିଲାପାଳଙ୍କ ଅଭିଯୋଗ ଶୁଣାଣି ହୋଇଥିଲା। ଏଥିରେ ମୋଟ ୩୮ଟି ଅଭିଯୋଗ ଆସିଥିଲା। ସେଥିରୁ ୧୦ ବ୍ୟକ୍ତିଗତ ଓ ୧୮ଗୋଷ୍ଠୀଗତ ଥିଲା। ସୁଙ୍କି ପଞ୍ଚାୟତ ଅଧୀନରେ ଥିବା ଲାଉଡି ଗ୍ରାମରେ ଆବଶ୍ୟକ ସ୍ଥାନରେ ରାସ୍ତା ନିର୍ମାଣ ନ କରି ଅନ୍ୟ ଜାଗାରେ ହୋଇଥିବାରୁ ସରକାରଙ୍କ ଅର୍ଥକୁ ଦୁରୁପଯୋଗ କରାଯାଉଥିବା ନେଇ ଗ୍ରାମବାସୀ ଲିଖିତ ଅଭିଯୋଗ କରିଥିଲେ। ଉପଜିଲାପାଳ ହିଆଲ୍ ବିଡିଓ ରାମକୃଷ୍ଣା ନାୟକଙ୍କୁ ଏହାର ତଦନ୍ତ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ପଟ୍ଟାଙ୍ଗି ସରପଞ୍ଚ ଆଲମେ ଫୁଲ ପଞ୍ଚାୟତ ଅଧୀନରେ ଥିବା ବିଚୁଗୁଡାଠାରୁ ସେରୁବନ୍ଧ ଗାଁ ଯାଏ ବିଦ୍ୟୁତ୍ ସଂଯୋଗ ହୋଇ ନ ଥିବାରୁ ଗ୍ରାମବାସୀ ଅନେକ ସମସ୍ୟା ସମ୍ମୁଖୀନ ହେଉଥିବା ଲିଖିତ ଅଭିଯୋଗ କରିଥିଲେ। ବ୍ଲକ୍ ସଦର ମହକୁମାସ୍ଥିତ ସରକାରୀ ହାଇସ୍କୁଲରେ ମିଟିଂ ହଲ୍ ନ ଥିବାରୁ ଛାତ୍ରୀଛାତ୍ର ଓ ଶିକ୍ଷକମାନଙ୍କୁ ସମସ୍ୟା ହେଉଥିବା ସମିତିସଭ୍ୟା ଶିବାନୀ ନାୟକ ଅଭିଯୋଗ କରି ପଦକ୍ଷେପ ନେବାକୁ କହିଥିଲେ। ବ୍ଲକର ପୁକାଲି ପଞ୍ଚାୟତସ୍ଥିତ ସାପ୍ତାହିକ ହାଟ ନିକଟରେ ଦୀର୍ଘ ବର୍ଷ ହେବ ଏକ ବନ୍ଧ ନିର୍ମାଣ ହୋଇଥିଲେ ସୁଦ୍ଧା ଏହାର ବିଲ୍ ହୋଇନଥିବା ମହେଶ ହନ୍ତାଳ ଦୃଷ୍ଟି ଆକର୍ଷଣ କରିଥିଲେ। ନୂଆଁଗା ପଞ୍ଚାୟତକୁ ଲକ୍ଷ୍ମୀ ବସ୍ ଯାତାୟାତ କରୁ ନ ଥିବାରୁ ପଞ୍ଚାୟତବାସୀଙ୍କଠାରୁ ଆରମ୍ଭ କରି ବିଭିନ୍ନ ସ୍କୁଲର ଛାତ୍ରୀଛାତ୍ର ବ୍ଲକ୍ ସଦର ମହକୁମାରେ ପହଞ୍ଚିବାରେ ସମସ୍ୟା ହେଉଥିବା, ନେଟୱର୍କ ସୁବିଧା ନ ଥିବାରୁ ସମସ୍ୟା ହେଉଥିବା ସରପଞ୍ଚ ସୁବାଷ ଖରା ଜଣାଇଥିଲେ। ଶୁଣାଣିକୁ ଆସୁଥିବା ସମସ୍ୟାଗୁଡ଼ିକୁ ବିଭାଗ ପକ୍ଷରୁ ସମାଧାନ କରାଯାଉ ନ ଥିବା ଅଭିଯୋଗ ହେବା ପରେ ଉପଜିଲାପାଳ ଅସନ୍ତୋଷ ପ୍ରକାଶ କରିଥିଲେ। ଅଭିଯୋଗକୁ କାର୍ଯ୍ୟକାରୀ କରାଇବା ସମସ୍ତଙ୍କ ଦାୟିତ୍ୱ ବୋଲି ସେ ଅଧିକାରୀଙ୍କୁ ତାଗିଦ୍ କରିଥିଲେ। ଶୁଣାଣି ପରେ ମିଶନଶକ୍ତି ପକ୍ଷରୁ ଚିହ୍ନଟ କରାଯାଇଥିବା ୨୨ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ୧ କୋଟି ୨ ଲକ୍ଷ ଟଙ୍କାର ଋଣ ଚେକ୍ ଅଧିକାରୀମାନେ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମ ବ୍ଲକ୍ ଅଧ୍ୟକ୍ଷା କଳ୍ପନା ପାଙ୍ଗୀ, ଡିଏଫଓ କେ.ବି.ରାଓ, ତହସିଲଦାର ଦେବେନ୍ଦ୍ର ବାହାଦୂର ସିଂ ଧାରୁଆ ଓ ଏବିଡିଓ ବେଦାନ୍ତ ମାଝି ପ୍ରମୁଖ ଉପସ୍ଥିତ ଥିଲେ। ବ୍ଲକ୍ ବିଏସଏସଓ ସୁଧିର ସାହୁ , ବ୍ଲକ୍ ଯୋଗାଣ ଅଧିକାରୀ ଅଶୋକ କୁମାର ସାହୁ ଓ ଡବ୍ଲୁଇଓ ଅନିଲ କୁମାର ସେଠୀ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

# ସମ୍ପତ୍ତି ତାଲିକାରେ ଲୁଚାଇଥିଲେ ଜମି ତଥ୍ୟ

## ଡିଏଫ୍‌ଓଙ୍କ ସରକାରୀ ବାସଭବନରୁ ମିଳିଲା ଆଉ ୮.୫ ଲକ୍ଷ

■୯ଟି ବ୍ୟାଙ୍କ ଆକାଉଣ୍ଟରେ ୫୦ ଲକ୍ଷ ଜମାରାଶି

■ମଙ୍ଗଳବାର ଚଢ଼ାଉ ଜାରି ରହିବ

ଭୁବନେଶ୍ୱର/ କେନ୍ଦୁଝର, ୨୧।୭ (ସତ୍ୟଜିତ୍ ରାଉତ/ ନରେଶ ଚନ୍ଦ୍ର ପଟ୍ଟନାୟକ)

କେନ୍ଦୁଝର ଜିଲା କେନ୍ଦୁପତ୍ର ଡିଭିଜନର ବନଖଣ୍ଡ ଅଧିକାରୀ (ଡିଏଫ୍‌ଓ) ନିତ୍ୟାନନ୍ଦ ନାୟକଙ୍କ ଘରେ ଭିଜିଲାନ୍ସ ଯେତେ ଯାଞ୍ଚ କରୁଛି ସେତେ ସମ୍ପତ୍ତି ଠାବ ହେଉଛି। ସୋମବାର ଚଢ଼ାଉର ଦ୍ୱିତୀୟ ଦିନ ବହୁ ସମ୍ପତ୍ତି ଠାବ ହୋଇଛି। ଏପରିକି ସମ୍ପତ୍ତି ତାଲିକାରେ ନିତ୍ୟାନନ୍ଦ ଜମି କିଣା ତଥ୍ୟ ଲୁଚାଇଥିଲେ ବୋଲି ଜଣାପଡ଼ିଛି। ନିତ୍ୟାନନ୍ଦଙ୍କୁ ଭିଜିଲାନ୍ସ ଟିମ୍ କେନ୍ଦୁଝରସ୍ଥିତ ଫରେଷ୍ଟ କଲୋନୀରେ ଥିବା ସରକାରୀ ବାସଭବନରେ ଯାଞ୍ଚ କରିଥିଲା। କ୍ୱାର୍ଟରରୁ ସୋମବାର ୮.୫ ଲକ୍ଷ ଟଙ୍କା ଠାବ ହୋଇଛି। ଫଳରେ ମୋଟ ଜବତ ଟଙ୍କାର ପରିମାଣ ୧୦ ଲକ୍ଷରେ ପହଞ୍ଚିଛି।

ନିତ୍ୟାନନ୍ଦ ଓ ତାଙ୍କ ପରିବାର ସଦସ୍ୟଙ୍କ ନାଁରେ ୯ଟି ବ୍ୟାଙ୍କ ଆକାଉଣ୍ଟ ଥିବା ଜଣାପଡ଼ିଥିବାବେଳେ ଏସବୁଥିରେ ୫୦ଲକ୍ଷ ଟଙ୍କା ଜମା ରହିଛି। ଏଥିସହ ତାଙ୍କ ପାଖରୁ ଆହୁରି ଜମି ଦସ୍ତାବିଜ୍, ବ୍ୟାଙ୍କ ପାସବୁକ୍ ଓ ଜୀବନବୀମା ଜମା ଦସ୍ତାବିଜ୍ ଆଦି ଠାବ ହୋଇଥିବାବେଳେ ଏସବୁ ସମ୍ପର୍କରେ ଭିଜିଲାନ୍ସ ଟିମ୍ ଅଧିକ ଯାଞ୍ଚ ଚଳାଇଛି। ତେବେ ବଡ଼ କଥା ହେଲା, ନିତ୍ୟାନନ୍ଦ ସରକାରଙ୍କୁ ଦେଇଥିବା ସମ୍ପତ୍ତି ତାଲିକାରେ ମାତ୍ର ୧୨ଟି ପ୍ଲଟ ଥିବା ଦର୍ଶାଇଥିବା ବେଳେ ଅନ୍ୟ ପ୍ଲଟ ସମ୍ପର୍କିତ ତଥ୍ୟ ଲୁଚାଇଥିଲେ ବୋଲି ଭିଜିଲାନ୍ସ ପକ୍ଷରୁ ସୂଚନା ଦିଆଯାଇଛି। ମଙ୍ଗଳବାର ତାଙ୍କ ଅଫିସ ଚାମ୍ବର ଓ ଅନ୍ୟାନ୍ୟ ସ୍ଥାନରେ ମଧ୍ୟ ଯାଞ୍ଚ ହେବ। ତେଣୁ ଆହୁରି ଅଧିକ ସମ୍ପତ୍ତି ଠାବ ହୋଇପାରେ ବୋଲି ଆଶଙ୍କା କରାଯାଉଛି। ସୂଚନାଯୋଗ୍ୟ, ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ରବିବାର ନିତ୍ୟାନନ୍ଦଙ୍କ ୭ଟି ସ୍ଥାନରେ ଭିଜିଲାନ୍ସ ଚଢ଼ାଉ କରିଥିଲା। ଯାଞ୍ଚବେଳେ ୧୧୫ଟି ପ୍ଲଟ୍, ଅନୁଗୋଳ ଟାଉନରେ ୪ମହଲାର ଏକ ଆଲିଶାନ୍ କୋଠା, ଘରୁ ୨୦୦ ଗ୍ରାମ ସୁନା ଅଳଙ୍କାର, କାଠ ନିର୍ମିତ ବିଭିନ୍ନ ଆକର୍ଷଣୀୟ କଳାକୃତି ଓ ତୀର, ବନ୍ଧୁକ, ଟାଙ୍ଗିଆ ଆଦି ଜବତ ହୋଇଛି। ଏଥିସହ ୧୫ ଲକ୍ଷ ଟଙ୍କାର ଘରୋଇ ଉପକରଣ ଏବଂ ଦୁଇଟି ଚାରିଚକିଆ ଯାନ ଓ ୪ଟି ଦୁଇଚକିଆ ଯାନ ଠାବ ହୋଇଥିଲା। ମଙ୍ଗଳବାର ଆୟବହିର୍ଭୂତ ସମ୍ପତ୍ତି ଠୁଳ ନେଇ ମାମଲା ରୁଜୁ ହେବ ବୋଲି ସୂଚନା ମିଳିଛି।



# ୨ ଶିକ୍ଷକ ଗିରଫ, ପ୍ରଧାନ ଶିକ୍ଷକ ଅଟକ

## ନବମ ଶ୍ରେଣୀ ଛାତ୍ରୀଙ୍କୁ ଅସଦାଚରଣ ଅଭିଯୋଗ

ଜଳେଶ୍ୱର,୨୧।୭(ନବୀନ ସାହୁ/ ସତ୍ୟରଞ୍ଜନ ପ୍ରଧାନ)

ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶି ବିଭାଗୀୟ ଏଚ୍‌ଓଡିଙ୍କ ଦ୍ୱାରା ନିର୍ଯାତିତ ହୋଇ ଶେଷରେ ଆତ୍ମାହୁତି ଦେବା ଘଟଣାର ୧୦ଦିନ ନ ପୂରୁଣୁ ଜଣେ ନବମ ଶ୍ରେଣୀ ଛାତ୍ରୀଙ୍କୁ ଶିକ୍ଷକ ଅସଦାଚରଣ କରିବା ଆଲୋଡ଼ନ ସୃଷ୍ଟି କରିଛି। ଏହି ଘଟଣାରେ ପୋଲିସ ଅଭିଯୁକ୍ତ ୨ ଶିକ୍ଷକଙ୍କୁ ଗିରଫ କରିଥିବା ବେଳେ ପ୍ରଧାନ ଶିକ୍ଷକଙ୍କୁ ଅଟକ ରଖି ପଚରାଉଚରା କରୁଛି।

ଅଭିଯୋଗ ଅନୁଯାୟୀ, ଜଳେଶ୍ୱର ବ୍ଲକ୍ ରାଇବଣିଆ ଥାନା ଅଧୀନ ଏକ ସରକାରୀ ଉଚ୍ଚ ବିଦ୍ୟାଳୟର ସହକାରୀ ଗଣିତ ଶିକ୍ଷକ କୈଳାସ ଚନ୍ଦ୍ର ବେଜ ଜଣେ ନବମ ଶ୍ରେଣୀ ଛାତ୍ରୀଙ୍କୁ ଦୀର୍ଘଦିନ ଧରି ଅସଦାଚରଣ କରିବା ସହ ଅଶ୍ଳୀଳ ଇଙ୍ଗିତ ଦେଇ ଆସୁଥିଲେ। କଥା ନ ମାନିଲେ ପରୀକ୍ଷାରେ ଫେଲ୍ କରିଦେବେ ବୋଲି ଧମକ ଦେଉଥିଲେ। ଏ ନେଇ ଛାତ୍ରୀ ଜଣକ ମାନସିକ ଚାପରେ ରହୁଥିଲେ। ଛାତ୍ରୀ ଜଣକ ଏ ସମ୍ପର୍କରେ ପ୍ରଧାନ ଶିକ୍ଷକ ଭବାନୀ ଶଙ୍କର ପାଲ୍‌ଙ୍କଠାରେ ୮ ଦିନ ପୂର୍ବେ ଅଭିଯୋଗ କରିଥିଲେ ମଧ୍ୟ ସେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନ ଥିଲେ। ଛାତ୍ରୀ ଜଣକ ଏ ସମ୍ପର୍କରେ ତାଙ୍କ ମା'ଙ୍କୁ ଜଣାଇଥିଲେ। ଛାତ୍ରୀଙ୍କ ମା' ରବିବାର ରାତିରେ ଘଟଣା ସମ୍ପର୍କରେ ରାଇବଣିଆ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଏ ସମ୍ପର୍କରେ ପୋଲିସ ସୋମବାର ଏକ ମାମଲା (ନଂ. ୬୩/୨୫) ରୁଜୁକରି ତଦନ୍ତ ଆରମ୍ଭ କରିଥିଲା। ଛାତ୍ରୀଙ୍କ ବୟାନକୁ ନେଇ ସହକାରୀ ଶିକ୍ଷକ କୈଳାସ ବେଜ ଓ କାଳିଚରଣ ମାଝୀ, ପ୍ରଧାନ ଶିକ୍ଷକ ଭବାନୀ ଶଙ୍କର ପାଲ୍‌ଙ୍କୁ ପୋଲିସ ଥାନାକୁ ଆଣି ପଚରାଉଚରା କରିଥିଲେ। ଦୁଇ ଶିକ୍ଷକ କୈଳାସ ବେଜ ଓ କାଳିଚରଣ ମାଝୀଙ୍କୁ ଗିରଫ କରାଯାଇଥିବା ବେଳେ ପ୍ରଧାନ ଶିକ୍ଷକଙ୍କୁ ଅଟକ ରଖାଯାଇ ଅଧିକ ତଦନ୍ତ ଜାରି ରହିଥିବା ରାଇବଣିଆ ଥାନା ଓଆଇସି ଲୋପାମୁଦ୍ରା ପଣ୍ଡା ସୂଚନା ଦେଇଛନ୍ତି।

# ବନ୍ୟପ୍ରାଣୀ ଦେହାବଶେଷ ଜବତ, ୨ ଗିରଫ

ବାରିପଦା,୨୧।୭(ନୀଳାଦ୍ରି ବିହାରୀ ଦଣ୍ଡପାଟ)

ମୟୂରଭଞ୍ଜ ଜିଲା ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ଉତ୍ତର ଡିଭିଜନ ବନବିଭାଗ ମିଳିତ ଚଢ଼ାଉ କରି ୨ ଶିକାରୀଙ୍କୁ ଗିରଫ କରିଛି। ଅଭିଯୁକ୍ତ ଦ୍ୱୟ ହେଲେ ଠାକୁରମୁଣ୍ଡା ଥାନା ଅଧିନ ଅଶନକୁଦର ଗ୍ରାମର ଫକୀର ଚାକିଆ(୪୪) ଓ ରାଣୀଭୋଳ ଗ୍ରାମର କମଳା ଡାଙ୍ଗିଲ(୨୧)। ସେମାନଙ୍କ ଘରୁ ବନ୍ୟପ୍ରାଣୀ ଦେହାବଶେଷ, ଧନୁ, ତୀର ଓ ଶିକାର ସରାମକୁ ଜବତ କରିଛି । ବନ୍ୟପ୍ରାଣୀ ସୁରକ୍ଷା ଆଇନ ୧୯୭୨ ଅନୁଯାୟୀ ପୃଥକ ମାମଲା ରୁଜୁ କରି ସମସ୍ତ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରାଯାଇଛି ବୋଲି ଉତ୍ତର ଡିଭିଜନର ଉପ ନିର୍ଦ୍ଦେଶକ ସାଇ କିରଣ ପ୍ରକାଶ କରିଛନ୍ତି। ତେବେ ଏଆଇ କ୍ୟାମେରାରୁ ଉକ୍ତ ଶିକାରୀଙ୍କୁ ଠାବ କରାଯାଇ କରିଆ ଡିଭିଜନ, ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ଦକ୍ଷିଣ ଡିଭିଜନ ଓ ଉତ୍ତର ଡିଭିଜନର କର୍ମଚାରୀ ଚଢ଼ାଉ କରିଥିଲେ। ଅଭିଯୁକ୍ତଙ୍କୁ ସୋମବାର କୋର୍ଟ ଚାଲାଣ କରାଯାଇଛି।


ଅଭିଯୁକ୍ତ ଶିକାରୀ ଓ ଜବତ ସାମଗ୍ରୀ।

# ଓଡ଼ିଶା ଗ୍ରାମୀଣ ବ୍ୟାଙ୍କ ଭିକମପାଲି ଶାଖାରୁ ଡକାୟତି

■ବନ୍ଧୁକ ଦେଖାଇ ନେଇଗଲେ ୧ ଲକ୍ଷ ଟଙ୍କା

■ନାହାନ୍ତି ସୁରକ୍ଷା କର୍ମୀ

ଲଖନପୁର,୨୧।୭(ଗୌତମ ସାହୁ)

ଝାରସୁଗୁଡ଼ା ଜିଲା ଲଖନପୁର ବ୍ଲକ ସୀମାନ୍ତ ଅଞ୍ଚଳ ଚିଖଲାପାଲି ଜାତୀୟ ରାଜପଥ ପାର୍ଶ୍ୱ ନାଥ କମ୍ପ୍ଲେକ୍ସସ୍ଥିତ ଓଡ଼ିଶା ଗ୍ରାମୀଣ ବ୍ୟାଙ୍କ ଭିକମପାଲି ଶାଖାରୁ ସୋମବାର ଅପରାହ୍ନ ପ୍ରାୟ ୧ଟା ୧୫ ମିନିଟ୍‌ରେ ଡକାୟତି ହୋଇଛି। ୩ ଜଣ ଦୁର୍ବୃତ୍ତ ଉକ୍ତ ବ୍ୟାଙ୍କରୁ ଟଙ୍କା ଲୁଟ୍ କରି ଫେରାର ହୋଇଯାଇଛନ୍ତି। ଦିନ ଦ୍ୱିପ୍ରହରରେ ଏଭଳି ଘଟଣା ଘଟୁଥିଲେ ମଧ୍ୟ ବ୍ୟାଙ୍କର ସୁରକ୍ଷା ବ୍ୟବସ୍ଥାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ସୂଚନା ଅନୁଯାୟୀ, ରେଙ୍ଗାଲୀ ଥାନାଠାରୁ ପ୍ରାୟ ସାଢେ ୩ କିମି ଦୂର ତଥା ପଡୋଶୀ ରାଜ୍ୟ ଛତିଶଗଡ଼ ସୀମାଠାରୁ ୪ କିମି ଦୂରରେ ଏହି ବ୍ୟାଙ୍କ ରହିଛି। ୩ ଜଣ ଦୁର୍ବୃତ୍ତ ହେଲ୍‌ମେଟ୍ ପିନ୍ଧି ବାଇକ୍‌ରେ ଆସି ବ୍ୟାଙ୍କ ସମ୍ମୁଖରେ ପହଞ୍ଚିଥିଲେ। ସେମାନଙ୍କ ମଧ୍ୟରୁ ଜଣେ ବ୍ୟାଙ୍କ ଫାଟକ ନିକଟରେ ଜଗି ରହିଥିବାବେଳେ ଅନ୍ୟ ୨ ଜଣ ବନ୍ଧୁକ ଧରି ଭିତରେ ପଶିଥିଲେ। ସେମାନେ ବ୍ୟାଙ୍କ କର୍ମଚାରୀ ଓ ଗ୍ରାହକଙ୍କୁ ଭୟଭୀତ କରିବା ସହ ବ୍ୟାଙ୍କ ଡ୍ରୟରରୁ ପ୍ରାୟ ୧ ଲକ୍ଷ ଟଙ୍କା ଲୁଟ୍ କରି ଫେରାର ହୋଇଯାଇଛନ୍ତି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଏହି ବ୍ୟାଙ୍କରେ ସୁରକ୍ଷା କର୍ମୀ ନିୟୋଜିତ ନଥିବାରୁ ଦୁର୍ବୃତ୍ତମାନେ ଲୁଟ୍ କରିବା ସହଜ ହୋଇଛି। ବ୍ୟାଙ୍କରେ ଲାଗିଥିବା ସିସିଟିଭି କ୍ୟାମେରାରେ ଲୁଟ୍‌ବେଳର ଦୃଶ୍ୟ କଏଦ ହୋଇଛି। ଖବରପାଇ ବ୍ରଜରାଜନଗର ଏସ୍‌ଡିପିଓ ଚିନ୍ତାମଣି ପ୍ରଧାନଙ୍କ ସମେତ ବେଲପାହାଡ଼, ବ୍ରଜରାଜନଗର ଓ ରେଙ୍ଗାଲୀ ଥାନାର ପୋଲିସ ଅଧିକାରୀ ଘଟଣାସ୍ଥଳରେ ପହଞ୍ଚି ସାଇଣ୍ଟିଫିକ୍ ଟିମ୍ ସହାୟତାରେ ତଦନ୍ତ କରିଛନ୍ତି। ଏଥିସହ ବ୍ୟାଙ୍କର ବିଭିନ୍ନ ସାମଗ୍ରୀ ଓ ହାର୍ଡଡିକ୍ସ ଜବତ କରାଯାଇଛି। ଏନେଇ ଏସ୍‌ଡିପିଓ ପ୍ରଧାନ କହିଛନ୍ତି, ବ୍ୟାଙ୍କରୁ ପ୍ରାୟ ୧ ଲକ୍ଷ ଟଙ୍କା ଲୁଟ୍ ହୋଇଥିବା ପ୍ରାଥମିକ ତଦନ୍ତରୁ ଜଣାପଡିଛି। ଦୁର୍ବୃତ୍ତଙ୍କୁ ଧରିବା ପାଇଁ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରହିଛି।


ସିସିଟିଭି ଫୁଟେଜରେ କଏଦ ହୋଇଥିବା ଲୁଟ୍‌ର ଦୃଶ୍ୟ।

# ଜମି ବିବାଦରୁ ଭଉଣୀଙ୍କୁ ହାଣିଦେଲେ ଭାଇ

ବଇଣ୍ଡା, ୨୧।୭ (ପରିକ୍ଷିତ ସାହୁ)

ପୈତୃକ ସମ୍ପତ୍ତିରେ ଘର କରିବାକୁ ଭଉଣୀ ଯୋଜନା କରିଥିବା ବେଳେ ଏହାକୁ ନେଇ ଭାଇଙ୍କ ସହ ବିବାଦ ବଢ଼ିଥିଲା। ସୋମବାର ଉଭୟଙ୍କ ମଧ୍ୟରେ ଗଣ୍ଡଗୋଳ ହେବାରୁ ଉତ୍‌କ୍ଷିପ୍ତ ହୋଇ ଭାଇ ଏକ ଟାଙ୍ଗିଆରେ ହାଣି ଭଉଣୀଙ୍କ ଜୀବନ ନେଇଛନ୍ତି। ଅନୁଗୋଳ ଜିଲା କିଶୋରନଗର ବ୍ଲକ ହଣ୍ଡପା ଥାନା ସୋଲଣ୍ଡା ଗ୍ରାମରେ ଏହି ହତ୍ୟାକାଣ୍ଡ ଘଟିଛି। ମୃତା ହେଲେ କଳ୍ପନା ସାହୁ (୪୫)। ଏହି ହତ୍ୟାକାଣ୍ଡ ପରେ ଟାଙ୍ଗିଆ ଧରି ଅଭିଯୁକ୍ତ ଭାଇ ଗୟାଧର ପ୍ରଧାନ ଫେରାର ହୋଇଯାଇଛନ୍ତି।

ପୋଲିସ କହିଛି, କଳ୍ପନା ପାପସରା ଗ୍ରାମରେ ବିବାହ କରିଥିଲେ। ତାଙ୍କର ୨ଟି ସନ୍ତାନ ଅଛନ୍ତି। ସ୍ୱାମୀଙ୍କ ପରଲୋକ ହୋଇଯାଇଥିବାରୁ ସେ କିଛି ମାସ ହେବ ବାପଘର ସୋଲଣ୍ଡା ଗ୍ରାମରେ ରହୁଥିଲେ। ସେ ବାପାଙ୍କ ସମ୍ପତ୍ତିରେ ଏକ ଘର ନିର୍ମାଣ କରିବାକୁ ଯୋଜନା କରିଥିବାରୁ ଏହାକୁ ନେଇ ଭାଇ ଗୟାଧରଙ୍କ ସହ ବିବାଦ ଦେଖାଦେଇଥିଲା। ଉଭୟଙ୍କ ମଧ୍ୟରେ ସାମାନ୍ୟ କଥାକୁ ନେଇ ଝଗଡ଼ା ହେଉଥିଲା। ଅପରାହ୍ନ ପ୍ରାୟ ୨ଟାରେ କଳ୍ପନା ଘରେ ଥିବାବେଳେ ଗୟାଧର ମଦ୍ୟପାନ କରି ଘରକୁ ଆସିଥିଲେ। ପରେ ଘର ନିର୍ମାଣକୁ ନେଇ ଭଉଣୀ-ଭାଇଙ୍କ ମଧ୍ୟରେ ଗଣ୍ଡଗୋଳ ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଗୟାଧର ଘରେ ଥିବା ଟାଙ୍ଗିଆରେ କଳ୍ପନାଙ୍କ ବେକକୁ ହାଣି ହତ୍ୟା କରିଥିଲେ। ଖବରପାଇ ପୋଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ହଣ୍ଡପା ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇ ଦେବା ସହ ଘଟଣାର ତଦନ୍ତ ଆରମ୍ଭ କରିଛି।

ରାଜ୍ୟ ଖବର

# ୩୦ ମଧ୍ୟରେ ଯୁକ୍ତ୨ ଇନ୍‌ଷ୍ଟାଣ୍ଟ ପରୀକ୍ଷା ଖାତା ରିଚେକିଂ ଆବେଦନ

ଭୁବନେଶ୍ୱର,୨୧।୭(ସୁଚିସ୍ମିତା ସାହୁ): ଯୁକ୍ତ୨ ଇନ୍‌ଷ୍ଟାଣ୍ଟ ପରୀକ୍ଷାର ଖାତା ପୁନଃ ଯାଞ୍ଚ (ରିଚେକିଂ) ଓ ମାର୍କ ପୁନଃ ମିଶ୍ରଣ (ରିଆଡିଶନ୍) ପାଇଁ ସୋମବାର ବିଜ୍ଞପ୍ତି ପ୍ରକାଶ ପାଇଛି। ଆସନ୍ତା ୩୦ ତାରିଖ ସୁଦ୍ଧା ଆଶାୟୀମାନେ ଏନେଇ ଆବେଦନ କରିପାରିବେ। ସମୟ ଅବଧି ପରେ କୌଣସି ଆବେଦନ ଗ୍ରହଣ କରାଯିବ ନାହିଁ ବୋଲି ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍‌ଏସ୍‌ଇ) ପକ୍ଷରୁ କୁହାଯାଇଛି। ଆବେଦନ କରିବା ପାଇଁ ୨୦୦ଟଙ୍କା ଫୈଠ କରିବାକୁ ସ୍ଥିର କରାଯାଇଛି। ବ୍ୟାଙ୍କ ଚାଲାନ ମାଧ୍ୟମରେ ଛାତ୍ରୀଛାତ୍ର ଫି' ଫୈଠ କରିପାରିବେ। ପରିଷଦ ପକ୍ଷରୁ ଦିଆଯାଇଥିବା ଫର୍ମାଟ୍‌ରେ ଛାତ୍ରୀଛାତ୍ର ଆବେଦନ କରିବାକୁ କୁହାଯାଇଛି। ସୂଚନାଅନୁସାରେ, ଚଳିତ ବର୍ଷ ୧୦୦୮ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ୯୧୩ ଜଣ କୃତକାର୍ଯ୍ୟ ହୋଇଛନ୍ତି। କଳାରେ ସର୍ବାଧିକ ୪୪୯ ଜଣ ଛାତ୍ରୀଛାତ୍ର ପାସ୍ କରିଥିବାବେଳେ ବିଜ୍ଞାନରେ ୩୧୧, ବାଣିଜ୍ୟରେ ୧୨୧ ଏବଂ ଧନ୍ଦାମୂଳକ ଶିକ୍ଷାରେ ୨୯ଜଣ ଉତ୍ତୀର୍ଣ୍ଣ ହୋଇଛନ୍ତି।

## ଛାତ୍ରୀ ବଳାତ୍କାର ମାମଲା

# ଜେଲ ଗଲେ ଛାତ୍ର କଂଗ୍ରେସ ସଭାପତି

## ପୀଡ଼ିତାଙ୍କ ବୟାନ ରେକର୍ଡ କଲା ପୋଲିସ

ଭୁବନେଶ୍ୱର,୨୧।୭ (ସତ୍ୟଜିତ୍ ରାଉତ)

ଜଣେ ଛାତ୍ରୀ(୧୯)ଙ୍କୁ ମୃଦୁ ପାନୀୟରେ ନିଶା ଦେଇ ବଳାତ୍କାର ମାମଲାରେ ଗିରଫ ହୋଇଥିବା ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ଉଦିତ ପ୍ରଧାନଙ୍କୁ ମଞ୍ଚେଶ୍ୱର ଥାନା ପୋଲିସ ସୋମବାର ଭୁବନେଶ୍ୱର ଜେଏମ୍‌ଏଫ୍‌ସି-୨ କୋର୍ଟକୁ ଚାଲାଣ କରିଛି। ଜାମିନ ନାମଞ୍ଜୁର ପରେ ଉଦିତ୍‌ଙ୍କୁ ୧୪ଦିନିଆ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି। ଅପରପକ୍ଷେ ପୋଲିସ ପୀଡ଼ିତାଙ୍କ ବୟାନ ରେକର୍ଡ କରିବା ସହ ଘଟଣା ଘଟିଥିବା ହୋଟେଲକୁ ଯାଇ ତଦନ୍ତ କରିଛି। ଗତ ମାର୍ଚ୍ଚ ୧୮ ରାତିରେ ହୋଟେଲ ରୁମ୍‌ରେ ଉଦିତ୍‌ଙ୍କ ସମେତ ଆଉ କେଉଁମାନେ ଥିଲେ, କେତେବେଳେ ଯାଇଥିଲେ, ଫେରିଥିଲେ ଆଦି ତଥ୍ୟ ଯୋଗାଡ଼ କରିଛି। ପୋଲିସ ଟିମ୍ ହୋଟେଲର ରେଜିଷ୍ଟର ଓ ସିସିଟିଭି ଫୁଟେଜକୁ ଜବତ କରି ଛାନଭିନ୍ ଚଳାଇଛି। ଏଥିସହ କର୍ମଚାରୀଙ୍କୁ ଉକ୍ତ ଦିନର ଘଟଣା ବିଷୟରେ ପଚରାଉଚରା କରି ତଥ୍ୟ ହାସଲ କରିଛି।

ଏନେଇ ଖବରଦାତା ସମ୍ମିଳନୀରେ ଜୋନ-୫ ଏସିପି ବିଶ୍ୱରଞ୍ଜନ ସେନାପତି କହିଛନ୍ତି, ଉଦିତ୍‌ଙ୍କ ବିରୋଧରେ ପ୍ରାଥମିକ ପ୍ରମାଣ ଥିବାରୁ ତାଙ୍କୁ ଗିରଫ କରାଯାଇଛି। ଉଦିତଙ୍କ ସହ ଥିବା ଅନ୍ୟମାନଙ୍କୁ ପଚରାଉଚରା କରାଯିବ। ସମ୍ପୃକ୍ତି ଆସିଲେ ସେମାନଙ୍କୁ ମଧ୍ୟ ଗିରଫ କରାଯିବ ବୋଲି ଏସିପି କହିଛନ୍ତି। ଅଭିଯୋଗ ଅନୁଯାୟୀ, ପୀଡ଼ିତା ହେଉଛନ୍ତି ଚନ୍ଦକା ଥାନା ଅଞ୍ଚଳର। ସେ ଓ ତାଙ୍କର ଜଣେ ସାଙ୍ଗ ଅନ୍ୟ ଜଣେ ଯୁବକଙ୍କ ସହ ଗତ ମାର୍ଚ୍ଚ ୧୮ ସନ୍ଧ୍ୟାରେ ମାଷ୍ଟରକ୍ୟାଣ୍ଟିନକୁ ବୁଲି ଯାଇଥିଲେ। ଏହାପରେ ସେଠାରେ ଉଦିତ୍ ସେମାନଙ୍କ ଗାଡ଼ିରେ ବସିବା ସହ ସମସ୍ତେ ମଞ୍ଚେଶ୍ୱରସ୍ଥିତ ଏକ ହୋଟେଲକୁ ଯାଇଥିଲେ। ସେଠାରେ ଉଦିତ୍ ଓ ଅନ୍ୟମାନେ ମଦ୍ୟପାନ କରିଥିଲେ। ପୀଡ଼ିତା ମଦ୍ୟପାନ କରିବାକୁ ମନା କରିବାରୁ ଉଦିତ୍ ତାଙ୍କୁ ମୃଦୁ ପାନୀୟରେ ନିଶା ଦେଇ ପିଇବାକୁ ଦେବା ପରେ ତାଙ୍କ ମୁଣ୍ଡ ବୁଲେଇଥିଲା। ସେ ଘରକୁ ଯିବାକୁ ଚେଷ୍ଟା କରିବାରୁ ସେମାନେ ତାଙ୍କୁ ଛାଡ଼ି ନ ଥିଲେ। ସେ ଚେତାଶୂନ୍ୟ ହୋଇଯିବା ପରେ ଉଦିତ ତାଙ୍କୁ ବଳାତ୍କାର କରିଥିଲେ। ପ୍ରାୟ ୩୦ମିନିଟ ପରେ ତାଙ୍କ ଆଖି ଖୋଲିବାରୁ ଏ ବିଷୟରେ ସେ ଜାଣିପାରିଥିଲେ। ଉଦିତ୍ ତାଙ୍କୁ ଧମକ ଦେବାରୁ ସେ ଏବିଷୟରେ ଚୁପ ରହିଥିଲେ। ତେବେ ବର୍ତ୍ତମାନ ପରିସ୍ଥିତିରେ ନାରୀକୁ ନ୍ୟାୟ ଦେବାକୁ ଅଭିଯାନ ଚାଲିଥିବା ବେଳେ ପୀଡ଼ିତା ସାହସ କରି ଅଭିଯୋଗ କରିଛନ୍ତି ବୋଲି ଏତଲାରେ ଦର୍ଶାଇଥିଲେ। ରବିବାର ରାତି ୮ଟା ୩୦ରେ ଅଭିଯୋଗ ପାଇ ପୋଲିସ ମାମଲା (ନଂ.୪୧୭/୨୦୨୫) ରୁଜୁ କରିବା ସହ ବିଳମ୍ବିତ ରାତିରେ ଉଦିତ୍‌ଙ୍କୁ ଗିରଫ କରିଥିଲା।


ଉଦିତ୍ ପ୍ରଧାନ

# କଂଗ୍ରେସରୁ ଉଦିତ୍ ନିଲମ୍ବିତ

ଭୁବନେଶ୍ୱର,୨୧।୭(ରବିନାରାୟଣ ଜେନା)

ଜଣେ ଛାତ୍ରୀଙ୍କୁ ବଳାତ୍କାର ଅଭିଯୋଗରେ ମଞ୍ଚେଶ୍ୱର ଥାନା ପୋଲିସ ରବିବାର ବିଳମ୍ବିତ ରାତିରେ ଗିରଫ କରିଥିବା ରାଜ୍ୟ ଛାତ୍ର କଂଗ୍ରେସ ସଭାପତି ଉଦିତ୍ ପ୍ରଧାନଙ୍କୁ କଂଗ୍ରେସ ନିଲମ୍ବନ କରିଛି।

ସୋମବାର ଏନ୍‌ଏସ୍‌ୟୁଆଇର ଜାତୀୟ ସଭାପତି ବରୁଣ ଚୌଧାରୀ ଏକ ପ୍ରେସ୍ ବିବୃତିରେ କହିଛନ୍ତି, ମହିଳାଙ୍କ କ୍ଷେତ୍ରରେ କଂଗ୍ରେସ ସବୁବେଳେ ଶୂନ୍ୟ ସହନଶୀଳ ନୀତି ଉପରେ ବିଶ୍ୱାସ କରେ। ବର୍ତ୍ତମାନ ଘଟିଥିବା ଘଟଣାକୁ ନେଇ ଏନ୍‌ଏସ୍‌ୟୁଆଇ ଓଡ଼ିଶା ରାଜ୍ୟ ଛାତ୍ର କଂଗ୍ରେସ ସଭାପତି ପ୍ରଧାନଙ୍କୁ ବରଖାସ୍ତ କରିଛି। କଂଗ୍ରେସ ସର୍ବଦା ନିଜ ଦାୟିତ୍ୱ ଓ ନ୍ୟାୟ ପ୍ରତି ଦୃଢ଼ ସଂକଳ୍ପବଦ୍ଧ। ବାଲେଶ୍ୱର ପୀଡ଼ିତାଙ୍କୁ ନ୍ୟାୟ ପାଇଁ ଆମର ସଂଘର୍ଷ ଜାରିରହିବ ବୋଲି ବରୁଣ କହିଛନ୍ତି।

# ସତ୍ୟାସତ୍ୟ ଜାଣିବା ପାଇଁ ପିସିସି ଗଠନ କଲା କମିଟି

ଭୁବନେଶ୍ୱର,୨୧।୭(ରବିନାରାୟଣ ଜେନା)

ରାଜ୍ୟ ଛାତ୍ର କଂଗ୍ରେସ ସଭାପତି ଉଦିତ୍ ପ୍ରଧାନଙ୍କ ବିରୋଧରେ ଆସିଥିବା ସଙ୍ଗିନ ଅଭିଯୋଗକୁ ନେଇ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ନିର୍ଦ୍ଦେଶକ୍ରମେ ଏକ ତଥ୍ୟ ଅନୁସନ୍ଧାନ କମିଟି ସୋମବାର ଗଠନ କରାଯାଇଛି। ଉକ୍ତ କମିଟି ସଂପୃକ୍ତା ଛାତ୍ରୀଙ୍କୁ ଭେଟି ସତ୍ୟାସତ୍ୟ ଜାଣିବା ସହିତ ସଭାପତିଙ୍କୁ ଏ ନେଇ ଅବଗତ କରାଇବାକୁ କୁହାଯାଇଛି। ଏହି କମିଟିରେ ପିସିସି ଉପସଭାପତି ସସ୍ମିତା ବେହେରା ଅଧ୍ୟକ୍ଷା ରହିଥିବାବେଳେ ବିଧାୟିକା ସୋଫିଆ ଫିର୍ଦ୍ଦୋସ, ସମ୍ପାଦିକା ଡ. ଦେବସ୍ମିତା ଶର୍ମା, ବିଧାୟିକା ପ୍ରାର୍ଥୀ ସୋନାଲି ସାହୁ, ମୁଖପାତ୍ର ଜୟଶ୍ରୀ ପାତ୍ର ଓ ଡ. ମନୀଷା ଦାସ ପଟ୍ଟନାୟକ ସଦସ୍ୟା ରହିଛନ୍ତି।

# ଓଡ଼ିଶାରେ ମିଳିବ ଏମ୍‌ଆର୍‌ଓ ସୁବିଧା

## ବିମାନ ଚଳାଚଳରେ ନୂଆ ମାଇଲଖୁଣ୍ଟ

ଭୁବନେଶ୍ୱର, ୨୧।୭ (ଅନୁରାଧା ମହାରଣା)

ରାଜ୍ୟ ସରକାରଙ୍କ 'ନୂଆ ଗନ୍ତବ୍ୟନୀତି' ଦ୍ୱାରା ପରିଚାଳିତ ତଥା ବାଣିଜ୍ୟ ଓ ପରିବହନ ବିଭାଗର ନେତୃତ୍ୱରେ ଆଞ୍ଚଳିକ ଓ ଆନ୍ତର୍ଜାତୀୟ ବିମାନ ସଂଯୋଗକୁ ପ୍ରୋତ୍ସାହିତ କରାଯାଉଛି। ଏହି କ୍ରମରେ ଭୁବନେଶ୍ୱରରେ ରାଜ୍ୟର ପ୍ରଥମ ବିମାନ ରକ୍ଷଣାବେକ୍ଷଣ, ମରାମତି ଓ ପରିଚାଳନା (ଏମ୍‌ଆରଓ) ସୁବିଧା ସ୍ଥାପନ କରାଯିବ। ଏଥିପାଇଁ ସମସ୍ତ ଆନୁଷ୍ଠାନିକ ପ୍ରକ୍ରିୟା ସମ୍ପୂର୍ଣ୍ଣ ହୋଇଛି। ଏହା ବିମାନ ଚଳାଚଳ ସହ ଜଡ଼ିତ ଅର୍ଥନୈତିକ ଇକୋସିଷ୍ଟମ ଗଢ଼ି ତୋଳିବାରେ ଏକ ବଡ଼ ଅଗ୍ରଗତି ହେବ ବୋଲି ଆଶା କରାଯାଉଛି।

ବାଣିଜ୍ୟ ଓ ପରିବହନ ବିଭାଗର ସୂଚନାନୁସାରେ, ଅଳ୍ପ ସମୟ ମଧ୍ୟରେ 'ନୂଆ ଗନ୍ତବ୍ୟ ନୀତି' ଓଡ଼ିଶାକୁ ଅନ୍ତର୍ଜାତୀୟ ଓ ଘରୋଇ ବିମାନ ସଂଯୋଗରେ ଏକ ନୂଆ ପରିଚୟ ଦେଇଛି। ଏହି ନୀତି ଅଧୀନରେ ୧୩ଟି ନୂଆ ଅନ୍ତର୍ଜାତୀୟ ଓ ଘରୋଇ ବିମାନ ସେବା ଆରମ୍ଭ ହୋଇଛି। ଏହା ବାଣିଜ୍ୟ, ପର୍ଯ୍ୟଟନ ଓ ଆଞ୍ଚଳିକ ସମନ୍ୱୟକୁ ନୂଆ ମାତ୍ରା ଦେଇଛି। ଅନ୍ତର୍ଜାତୀୟ ସ୍ତରରେ ଭୁବନେଶ୍ୱରରୁ ଦୁବାଇ ଓ ଆବୁଧାବିକୁ ସିଧାସଳଖ ବିମାନ ସେବା ଓଡ଼ିଶାକୁ ବିଶ୍ୱ ବିମାନ ମାନଚିତ୍ରରେ ସ୍ଥାନିତ କରିବା ସହ ପ୍ରବାସୀ ସମ୍ପର୍କକୁ ମଜବୁତ କରି ବିଶ୍ୱ ବଜାରରେ ପ୍ରବେଶକୁ ସହଜ କରିଛି। ଘରୋଇ ସ୍ତରରେ ଝାରସୁଗୁଡ଼ା-ମୁମ୍ବାଇ, ଝାରସୁଗୁଡ଼ା-ହାଇଦ୍ରାବାଦ, ଭୁବନେଶ୍ୱର-ଗୋଆ, ଭୁବନେଶ୍ୱର-ଡେରାଡୁନ୍ ଏବଂ ଭୁବନେଶ୍ୱର-ପୋର୍ଟ ବ୍ଲେୟାର ଆଦି ରୁଟ୍‌ଗୁଡ଼ିକୁ ଆଦିବାସୀ ଅଞ୍ଚଳ, ଶିଳ୍ପ କ୍ଷେତ୍ର ଏବଂ ପ୍ରମୁଖ ପର୍ଯ୍ୟଟନସ୍ଥଳୀଗୁଡ଼ିକୁ ସଂଯୋଗ କରିଛି। ଉଡାନ ଯୋଜନା ଅଧୀନରେ ଜୟପୁର, ରାଉରକେଲା, ଉତ୍କେଲା ଓ ରଙ୍ଗେଇଲୁଣ୍ଡାରେ ଆଞ୍ଚଳିକ ଏୟାରଷ୍ଟ୍ରିପ୍‌ଗୁଡ଼ିକର କାର୍ଯ୍ୟକାରୀତା ଯାତାୟତ ବ୍ୟବସ୍ଥାକୁ ସୁଦୃଢ଼ କରିଛି। ପ୍ରସ୍ତାବିତ ପୁରୀ ବିମାନବନ୍ଦର ପ୍ରକଳ୍ପ ନୋକାସ୍ ୨.୦ରେ ଇଣ୍ଟରଆକ୍ଟିଭ କଲର କୋଡେଡ ଜୋନିଂ ମ୍ୟାପ (ସିସିଜେଡ୍‌ଏମ୍) ଲଞ୍ଚ ସହିତ ଏକ ଗୁରୁତ୍ୱପୂର୍ଣ୍ଣ ମାଇଲଷ୍ଟୋନ ହାସଲ କରିଛି। ଏହି ଡିଜିଟାଲ ଉପକରଣ ଅନ୍‌ଲାଇନ ଉଚ୍ଚତା ମଞ୍ଜୁରୀ ପ୍ରକ୍ରିୟାକୁ ସରଳ କରି ବିମାନ ଯୋଜନାକୁ ନିରାପଦ ସହରୀ ବିକାଶ, ନିୟନ୍ତ୍ରିତ ଭିତ୍ତିଭୂମି ଏବଂ ପରିବେଶ ସୁରକ୍ଷା ସହ ସମନ୍ୱୟ ରକ୍ଷା କରୁଛି। ୨୦୩୬ ସୁଦ୍ଧା ବିକଶିତ ଓଡ଼ିଶାର ଲକ୍ଷ୍ୟ ସହ ସମନ୍ୱିତ ଭବିଷ୍ୟତମୁଖୀ ଭିତ୍ତିଭୂମି ପ୍ରତି ପ୍ରତିବଦ୍ଧତା ଦ୍ୱାରା ଓଡ଼ିଶା ଏକ ଉଦୀୟମାନ ବିମାନ ହବ ଭାବେ ଗଢ଼ି ତୋଳିବାକୁ ରାଜ୍ୟ ସରକାର ଯୋଜନା ରଖିଛନ୍ତି।

# ଯୁବବର୍ଗଙ୍କ ସମର୍ପଣ ଭାରତକୁ ବିଶ୍ୱର ଅଦ୍ୱିତୀୟ ରାଷ୍ଟ୍ରରେ ରୂପାନ୍ତରିତ କରିବ

## ଯୁବୋଦୟ ପକ୍ଷରୁ 'ଆଚିଭର୍ସ ମିଟ୍'

ଭୁବନେଶ୍ୱର, ୨୧।୭(ଅନୁରାଧା ମହାରଣା)

ପ୍ରତିଭାଦୀପ୍ତ ତରୁଣ ଓ ଯୁବବର୍ଗଙ୍କ ସମର୍ପଣ ଭାରତକୁ ବିଶ୍ୱର ଅଦ୍ୱିତୀୟ ରାଷ୍ଟ୍ରରେ ରୂପାନ୍ତରିତ କରିବ। ନିଜ ମେଧା, ପ୍ରତିଭା ଓ ଉଦ୍‌ଯୋଗକୁ ଦେଶ ଗଠନ ଏବଂ ରାଷ୍ଟ୍ର ନିର୍ମାଣରେ ବିନିଯୋଗ କରି ଏକ ଜାତୀୟ କର୍ତ୍ତବ୍ୟରେ ସମ୍ପାଦନ କରିବାକୁ ଯୁବୋଦୟର 'ଆଚିଭର୍ସ ମିଟ୍' ସମାବେଶରେ ଅତିଥିମାନେ ଆହ୍ୱାନ ଦେଇଛନ୍ତି। ନିଟ୍ ଓ ଜେଇଇ-୨୦୨୫ର ସଫଳ ଛାତ୍ରୀଛାତ୍ରଙ୍କୁ ସମ୍ବର୍ଦ୍ଧନା ଦେବା ପାଇଁ ଯୁବୋଦୟ ପକ୍ଷରୁ ସୋଆ ବିଶ୍ୱବିଦ୍ୟାଳୟ ପରିସରରେ ସ୍ୱତନ୍ତ୍ର ସମାବେଶ ରବିବାର ଅନୁଷ୍ଠିତ ହୋଇଯାଇଛି। ଅତିଥି ଭାବେ ଜାତୀୟ ମାନବାଧିକାର ଆୟୋଗର ସଭ୍ୟ ଜଷ୍ଟିସ୍ ଡ. ବିଦ୍ୟୁତ୍ ରଞ୍ଜନ ଷଡ଼ଙ୍ଗୀ, ଅନ୍ତର୍ଜାତୀୟ ସ୍ନାୟୁଶଲ୍ୟ ବିଶେଷଜ୍ଞ ପ୍ରଫେସର ଡା. ଅଶୋକ ମହାପାତ୍ର, ହୃଦ୍‌ରୋଗ ବିଶେଷଜ୍ଞ ପ୍ରଫେସର ଡା. ଶିଶୁ ଶଙ୍କର ମିଶ୍ର ଓ ପୂର୍ବତନ ରାଷ୍ଟ୍ରଦୂତ ସଞ୍ଜୟ ପଣ୍ଡା ପ୍ରମୁଖ ଯୋଗଦେଇ କୃତୀ ଛାତ୍ରୀଛାତ୍ରଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଏହି ଛାତ୍ରୀଛାତ୍ରମାନେ ଯୁବୋଦୟରେ ପ୍ରଶିକ୍ଷଣ ନେଇ ସର୍ବଭାରତୀୟ ପ୍ରବେଶିକା ପରୀକ୍ଷା ନିଟ୍ ଓ ଜେଇଇରେ କୃତିତ୍ୱ ଲାଭ କରିଛନ୍ତି। ଯୁବୋଦୟ ଅଧ୍ୟକ୍ଷ ଅଭିରାମ ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିକ୍ଷା ଉଦ୍ୟୋଗୀ ଅମ୍ବରୀଶ ଦାଶ ସ୍ୱାଗତ ଭାଷଣ ଦେଇଥିଲେ। ସମ୍ପାଦିକା ମିତ୍ରବିନ୍ଦା ଦାଶ ଅତିଥିମାନଙ୍କୁ ସମ୍ମାନିତ କରିଥିଲେ। ଏହାସହ ବିଗତ ବର୍ଷଗୁଡ଼ିକରେ ମେଡିକାଲ କଲେଜରେ ଅଧ୍ୟୟନ କରିଥିବା ଯୁବୋଦୟର ପୁରାତନ ଛାତ୍ରୀଛାତ୍ରମାନଙ୍କୁ ଉପହାର ଓ ଉପଢ଼ୌକନ ଦେଇ ଅଭିନନ୍ଦନ ଜଣାଇଥିଲେ। ଅଧ୍ୟାପକ ଡ. ମୃତ୍ୟୁଞ୍ଜୟ ରଥ ମଞ୍ଚ ସଞ୍ଚାଳନ କରିବା ସହ ଧନ୍ୟବାଦ ଦେଇଥିଲେ।



ଯୁବୋଦୟର 'ଆଚିଭର୍ସ ମିଟ୍' ସମାବେଶରେ ଅତିଥିମାନେ ଜଣେ କୃତୀ ଛାତ୍ରୀଙ୍କୁ ପୁରସ୍କୃତ କରୁଛନ୍ତି।

## ଜନ୍ମଦିନର ଶୁଭେଚ୍ଛା

ନାମ: ..............................
ବୟସ:..............................
ଜନ୍ମ ତାରିଖ: ..............................


ଶୁଭସ୍ମିତ୍ ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହା କୁପନ କାଟିକରି ଏଥିରେ ନାଗରାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ସତ୍ୟନଗର ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


# ଅନଲାଇନ୍ କାରବାରରେ ନୂଆ ମାଇଲଷ୍ଟୋନ୍

## ପ୍ରତି ମିନିଟରେ ୧୮,୦୦୦ ଅର୍ଡର

ଭୁବନେଶ୍ୱର,୨୧।୭

ବର୍ତ୍ତମାନ ସବୁବର୍ଗର ଗ୍ରାହକ ଅନ୍‌ଲାଇନ ପ୍ଲାଟଫର୍ମରେ କାରବାର କରିବାକୁ ପସନ୍ଦ କରୁଥିଲାବେଳେ ପ୍ଲାଟଫର୍ମର ଚାହିଦା ଉଭୟ ସହରାଞ୍ଚଳ ଓ ଗ୍ରାମାଞ୍ଚଳରେ ମଧ୍ୟ ଉଲ୍ଲେଖନୀୟ ଭାବେ ବୃଦ୍ଧି ପାଇଛି। ଏପରିକି ନିକଟରେ ଆରମ୍ଭ ହୋଇଥିବା ଆମାଜନ ପ୍ରାଇମ ଡେ-୨୦୨୫ ସେଲରେ ଏକ ଉତ୍ସାହଜନକ କାରବାର ଦେଖିବାକୁ ମିଳିଥିଲା। ଫଳରେ ଉପଭୋକ୍ତା ପ୍ରତି ମିନିଟ୍‌ରେ ୧୮,୦୦୦ ଅର୍ଡର ଅନଲାଇନ



ପ୍ଲାଟଫର୍ମରେ କରି ଏକ ନୂଆ ମାଇଲଷ୍ଟୋନ ତିଆରି କରିଛନ୍ତି। ଏହି ଅର୍ଡର ସହରାଞ୍ଚଳ ଅପେକ୍ଷା ଟାୟାର-୨ ସହରଗୁଡ଼ିକରେ ଦେଖିବାକୁ ମିଳିଛି। ସେହିଭଳି ଏହି ସେଲର ଅବଧି ମଧ୍ୟରେ ଆମାଜନ ଫ୍ରେସ ସର୍ବାଧିକ ୯୦% ଅର୍ଡର ଟାୟାର-୨ ସହରରୁ ଗ୍ରହଣ କରିଥିଲାବେଳେ ସେଥିମଧ୍ୟରୁ ୭୦% ଅର୍ଡର ଅତ୍ୟାବଶ୍ୟକ ସାମଗ୍ରୀର ଚିଠା ରହିଥିଲା। ଏହି ଅର୍ଡର ଦେଶର ପ୍ରମୁଖ ସହରର ଟାୟାର ୨ ଓ ୩ ବଜାରରେ ହୋଇଥିଲା ବୋଲି ପ୍ଲାଟଫର୍ମ ପକ୍ଷରୁ ବିସ୍ତୃତ ଭାବେ ସୂଚନା ଦିଆଯାଇଛି। ସେହିପରି ଏହି ସେଲ ସମସ୍ତ ରେକର୍ଡ ଭଙ୍ଗ କରି ନୂଆ ରେକର୍ଡ ହାସଲ ସହ ଅନଲାଇନ କାରବାରରେ ନୂଆ ମାଇଲଷ୍ଟୋନ ହାସଲ କରିଛି। ୨୦୨୪ରେ ଏହି ସେଲ ୫୦% ପାରକରିଥିଲାବେଳେ ୭୦% ଗ୍ରାହକ ଏହି ସେଲରେ ସାମିଲ ଥିଲେ। ବର୍ତ୍ତମାନ ସମୟରେ ପ୍ଲାଟଫର୍ମର ନେଟୱର୍କ ବୃଦ୍ଧି ସହ ଡେଲିଭରି ଓ ପହଞ୍ଚଯୋଗ୍ୟ ସେବାର ସମ୍ପ୍ରସାରଣ ଯୋଗୁ ଅର୍ଡରରେ ଉଲ୍ଲେଖନୀୟ ବୃଦ୍ଧି ଘଟିଛି। ଫଳରେ ବାର୍ଷିକଭିତ୍ତିରେ ଏହି ଅର୍ଡର ବୃଦ୍ଧି ପାଇ ୮୦%ରେ ପହଞ୍ଚିଛି। ଅପରପକ୍ଷରେ ପ୍ଲାଟଫର୍ମର ପ୍ରାଇମ ମେମ୍ବରମାନେ ଅଧିକ ସୁବିଧା ଓ ରିହାତି ପାଇପାରିଥିବାରୁ କାରବାର ପ୍ରାୟ ୨ ଗୁଣା ବୃଦ୍ଧି ଘଟିଛି। ପ୍ଲାଟଫର୍ମର ସମସ୍ତ ସେବାକୁ ସମ୍ପ୍ରସାରଣ କରାଯାଇଛି। ଏ ନେଇ ପ୍ଲାଟଫର୍ମ ପ୍ରାୟ ୨୦୦୦ କୋଟି ଟଙ୍କା ନିକଟରେ ନିବେଶ କରିଥିଲା ବୋଲି କମ୍ପାନୀ ପକ୍ଷରୁ ବିସ୍ତୃତ ଭାବେ କୁହାଯାଇଛି।

# ଆର୍ଥିକ ଅନ୍ତର୍ଭୁକ୍ତୀକରଣକୁ ଗୁରୁତ୍ୱ



ଭୁବନେଶ୍ୱର,୨୧।୭

ଭାରତ ସରକାରଙ୍କ ଆର୍ଥିକ ସେବା ବିଭାଗ ଦ୍ୱାରା ଆର୍ଥିକ ଅନ୍ତର୍ଭୁକ୍ତୀକରଣକୁ ଗୁରୁତ୍ୱାରୋପ କରାଯାଇଛି। ଏପରିକି ଦେଶବ୍ୟାପୀ ଆର୍ଥିକ ଅନ୍ତର୍ଭୁକ୍ତିକରଣ ଅଭିଯାନ ମାଧ୍ୟମରେ ନାଗରିକମାନଙ୍କୁ ସୁଲଭ ବ୍ୟାଙ୍କ ଏବଂ ଆର୍ଥିକ ସେବା ଯୋଗାଇ ଦିଆଯାଉଛି। ଚଳିତ ବର୍ଷ ଜୁଲାଇ ପହିଲାରୁ ଆରମ୍ଭ ହୋଇଥିବା ଏହି ଅଭିଯାନ ୨୦୨୫ ସେପ୍ଟେମ୍ବର ୩୦ ପର୍ଯ୍ୟନ୍ତ ଚାଲିବ। ଓଡ଼ିଶାରେ ମଧ୍ୟ ଏହି ଅଭିଯାନ ଆରମ୍ଭ ହୋଇସାରିଛି ଏବଂ ଏହାକୁ ତିନି ମାସର ଅବଧି ମଧ୍ୟରେ ଶେଷ କରିବା ସହ ରାଜ୍ୟର ୬,୭୯୪ଟି ଗ୍ରାମ ପଞ୍ଚାୟତରେ ପହଞ୍ଚାଇବାକୁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ଭୁବନେଶ୍ୱରରେ ୟୁକୋ ବ୍ୟାଙ୍କ ନେତୃତ୍ୱରେ ରାଜ୍ୟସ୍ତରୀୟ ବ୍ୟାଙ୍କର୍ସ କମିଟି (ଏସଏଲବିସି) ଏବଂ ପିଆଇବି ଭୁବନେଶ୍ୱର ପକ୍ଷରୁ ସୋମବାର ଏକ ଖବରଦାତା ସମ୍ମିଳନୀରେ ଏହି ସୂଚନା ଦିଆଯାଇଛି। ରାଜ୍ୟରେ ଆର୍ଥିକ ଅନ୍ତର୍ଭୁକ୍ତିକରଣକୁ ଗଭୀର କରିବା ଏବଂ ପ୍ରମୁଖ ସାମାଜିକ ସୁରକ୍ଷା ଯୋଜନାଗୁଡ଼ିକୁ ତୃଣମୂଳସ୍ତରରେ ପହଞ୍ଚାଇବାର ପ୍ରୟାସକୁ ଆହୁରି ବ୍ୟାପକ କରିବା ଲାଗି ଏସଏଲବିସି ନିଷ୍ପତ୍ତି ନେଇଛି। ଏହି ସମ୍ମିଳନୀରେ ଆର୍ଥିକ ଅନ୍ତର୍ଭୁକ୍ତିକରଣ ଅଭିଯାନର ଅଗ୍ରଗତି ଏବଂ ଭବିଷ୍ୟତର ରୂପରେଖ ସମ୍ପର୍କରେ ଆଲୋକପାତ କରାଯାଇଛି। ଏ ସମ୍ପର୍କରେ ୟୁକୋ ବ୍ୟାଙ୍କର ମୁଖ୍ୟ ମହାପ୍ରବନ୍ଧକ ଏବଂ ଏସଏଲବିସି ଓଡ଼ିଶାର ସଂଯୋଜକ ଗୌତମ ପାତ୍ର ଏହି ଅଭିଯାନର ଅଗ୍ରଗତି ଓ ଭବିଷ୍ୟତର ରୂପରେଖ ଉପରେ ଆଲୋକପାତ କରିଛନ୍ତି। ସେ କହିଛନ୍ତି, ଅଭିଯାନର ସଫଳ କାର୍ଯ୍ୟକାରିତା ପାଇଁ ୨୦୨୫ ଜୁନ୍ ୨୧ ରେ ରାଜ୍ୟସ୍ତରୀୟ ରଣନୀତି ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ ବ୍ୟାଙ୍କଗୁଡ଼ିକର ନିୟନ୍ତ୍ରଣ ମୁଖ୍ୟ, ଲିଡ୍ ଜିଲ୍ଲା ପରିଚାଳକ (ଏଲଡିଏମ୍), ନାବାର୍ଡ, ଆରବିଆଇର ପ୍ରତିନିଧି ଏବଂ ଓଡ଼ିଶା ସରକାରଙ୍କ ବରିଷ୍ଠ ଅଧିକାରୀମାନଙ୍କ ସମେତ ପ୍ରମୁଖ ଅଂଶୀଦାରମାନେ ଯୋଗ ଦେଇଥିଲେ। ଏହି ସମ୍ମିଳନୀରେ ପିଆଇବି ଭୁବନେଶ୍ୱରର ଅତିରିକ୍ତ ମହାନିର୍ଦ୍ଦେଶକ ଅଖିଳ କୁମାର ମିଶ୍ର, ଭୁବନେଶ୍ୱର ଜୋନ ୟୁକୋ ବ୍ୟାଙ୍କର ଉପମହାପ୍ରବନ୍ଧକ ଏବଂ ଜୋନାଲ ମ୍ୟାନେଜର ଭାଗବତ ସିଂହ ଭାକୁନି, କଟକ ଜୋନର ୟୁକୋ ବ୍ୟାଙ୍କର ଉପମହାପ୍ରବନ୍ଧକ ଏବଂ ଜୋନାଲ ମ୍ୟାନେଜର ସୁଶ୍ରୀ ବର୍ଷା ଏବଂ ଏସଏଲବିସି ଓଡ଼ିଶାର ପ୍ରଭାରୀ ସହାୟକ ମହାପ୍ରବନ୍ଧକ ଲିଙ୍ଗରାଜ ନାୟକ ଉପସ୍ଥିତ ଥିଲେ।

# ଏଲ୍ଆଇସି ସହ ଡିଓଆର୍‌ଡିର ବୁଝାମଣା




ଏମ୍ଓୟୁ ଅବସରରେ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଅଛନ୍ତି।

ଭୁବନେଶ୍ୱର,୨୧।୭ (ଅଭୟ ଦାଶ)

ଭାରତୀୟ ଜୀବନ ବୀମା ନିଗମ (ଏଲଆଇସି) ଏବଂ ଡିପାର୍ଟମେଣ୍ଟ ଅଫ ରୁରାଲ ଡେଭଲପମେଣ୍ଟ (ଡିଓଆର୍‌ଡି), ଗ୍ରାମୀଣ ବିକାଶ ମନ୍ତ୍ରଣାଳୟ ମଧ୍ୟରେ ଏକ ତ୍ରିପାକ୍ଷିକ ବୁଝାମଣା ନିକଟରେ ହୋଇଥିଲା। ଏହିକି ସାରା ଦେଶରେ ଏଲ୍ଆଇସିର ବହୁ ପ୍ରତୀକ୍ଷିତ ଯୋଜନା 'ବୀମା ସଖୀ ସ୍କିମ୍'ର ପ୍ରଚାର-ପ୍ରସାରକୁ ଅଧିକ ଲୋକାଭିମୁଖୀ କରିବା ପାଇଁ ଉଭୟ ଏଲ୍ଆଇସି ଏବଂ ଡିଓଆରଡି ମଧ୍ୟରେ ଏକ ବୁଝାମଣା ପତ୍ର (ଏମ୍ଓୟୁ) ସ୍ୱାକ୍ଷର ହୋଇଛି।

ଉଲ୍ଲେଖଯୋଗ୍ୟ, ଗ୍ରାମୀଣ ବିକାଶ ମନ୍ତ୍ରଣାଳୟ ପକ୍ଷରୁ ଗୋଆଠାରେ ଆୟୋଜିତ ୩ ଦିନିଆ ଜାତୀୟ ଆର୍ଥିକ ଅନ୍ତର୍ଭୁକ୍ତିକରଣ ସମ୍ମିଳନୀ 'ଅନୁଭୂତି' ଅବସରରେ ଏହି ଏମ୍ଓୟୁ ସ୍ୱାକ୍ଷରିତ ହୋଇଯାଇଛି।

ସେହିଭଳି ଏହି ଯୋଜନାର ପ୍ରଚାର ଓ ପ୍ରସାରକୁ ଉଭୟ ସରକାର ଓ ଏଲ୍ଆଇସି ଗୁରୁତ୍ୱ ଦେଉଥିଲାବେଳେ ବୀମା ସଖୀ ସ୍କିମ୍ ବିଶେଷ କରି ମହିଳାମାନଙ୍କ ପାଇଁ ଡିଜାଇନ କରାଯାଇଛି। ଏହାଫଳରେ ମହିଳାମାନେ ସ୍ୱାବଲମ୍ବୀ ହେବା ସହିତ ମାସିକ ରୂପେ ୭୦୦୦ ଟଙ୍କାର ଆର୍ଥିକ ସୁବିଧା ମଧ୍ୟ ଏହାର ବିକ୍ରୟ ବାବଦକୁ ବୃତ୍ତି ଆକାରରେ ପାଇବେ। ସେହିପରି ମହିଳାମାନଙ୍କୁ ଆର୍ଥିକ ଭାବେ ସ୍ୱାବଲମ୍ବୀ ସହ ସମାଜର ମୁଖ୍ୟ ସ୍ରୋତରେ ସାମିଲ କରାଇବାକୁ ଏହାକୁ ବିଶେଷ ଭାବେ ଡିଜାଇନ କରାଯାଇଛି।

# ଏଫ୍‌ଡବ୍ଲ୍ୟୁଏ ସେବା କ୍ଷେତ୍ରରେ ଜିଓ ବିଶ୍ୱର ଅଗ୍ରଣୀ

ଭୁବନେଶ୍ୱର,୨୧।୭

ଫିକ୍ସଡ୍ ୱାୟରଲେସ୍ ଆକ୍ସେସ୍ (ଏଫ୍‌ଡବ୍ଲ୍ୟୁଏ) ସେବା କ୍ଷେତ୍ରରେ ରିଲାଏନ୍ସ ଜିଓ ବିଶ୍ୱର ଏକ ନମ୍ବର ସେବା ପ୍ରଦାନକାରୀ ସଂସ୍ଥା (କମ୍ପାନୀ) ଭାବେ ଉଭା ହୋଇଛି। ଏପରିକି ୭୪ ଲକ୍ଷରୁ ଅଧିକ ଗ୍ରାହକ ଜିଓର ଏଫ୍‌ଡବ୍ଲ୍ୟୁଏ ସେବା ସହ ଯୋଡି ହୋଇଛନ୍ତି। ଏହା ବିଶ୍ୱରେ ସର୍ବାଧିକ ବୋଲି କମ୍ପାନୀ ପକ୍ଷରୁ ବିସ୍ତୃତ ଭାବେ ସୂଚନା ଦିଆଯାଇଛି। ବର୍ତ୍ତମାନ ରିଲାଏନ୍ସ ଜିଓ ଆମେରିକାର ଟି-ମୋବାଇଲ କମ୍ପାନୀକୁ ପଛରେ ପକାଇ ପ୍ରଥମ ସ୍ଥାନ ଅଧିକାର କରିଛି। ରିଲାଏନ୍ସ ଜିଓ ଏଫ୍‌ଡବ୍ଲ୍ୟୁଏ ଅଧୀନରେ ଜିଓଏୟାରଫାଇବର ସେବା ପ୍ରଦାନ କରୁଛି ବୋଲି ରିଲାଏନ୍ସ ଇଣ୍ଡଷ୍ଟ୍ରିଜର ଅଧ୍ୟକ୍ଷ ତଥା ଏମ୍‌ଡି ମୁକେଶ ଅମ୍ବାନୀ କମ୍ପାନୀର ତ୍ରୈମାସିକ ଫଳାଫଳ ଘୋଷଣା ଅବସରରେ ଏ ନେଇ ବିସ୍ତୃତ ଭାବେ ମତପ୍ରକାଶ କରିଛନ୍ତି। ଅପରପକ୍ଷରେ ସେ କହିଛନ୍ତି, ଜିଓ ଏୟାରଫାଇବର ସହ ଜିଓଫାଇବର ମଧ୍ୟ ବେଶ ଭଲ ପ୍ରଦର୍ଶନ



କରୁଛି। ଜିଓ ଦୁଇ କୋଟିରୁ ଅଧିକ ଘର ଓ ପରିସରକୁ ହାଇସ୍ପିଡ ହୋମ ବ୍ରଡବ୍ୟାଣ୍ଡ ସଂଯୋଗ କରିଛି। କମ୍ପାନୀ ୫ଜି କ୍ଷେତ୍ରରେ ମଧ୍ୟ ବେଶ ଦ୍ରୁତ ଗତିରେ ଗ୍ରାହକଙ୍କୁ ଯୋଡ଼ିଛି। ବର୍ତ୍ତମାନ ୨୧କୋଟି ୩୦ଲକ୍ଷରୁ ଅଧିକ ଗ୍ରାହକ ଜିଓ ଟ୍ରୁ ୫ଜି ନେଟୱର୍କ ସହ ସଂଯୁକ୍ତ ହୋଇଛନ୍ତି। ଆର୍ଥିକ ପ୍ରଦର୍ଶନରେ ମଧ୍ୟ କମ୍ପାନୀ ଅନେକ ରେକର୍ଡ ସ୍ଥାପନ କରିଛି। ଜିଓର ଗ୍ରାହକ ପିଛା ମାସିକ ହାରାହାରି ରାଜସ୍ୱ ୨୦୮.୭ ଟଙ୍କାକୁ ବୃଦ୍ଧି ପାଉଥିବାବେଳେ କମ୍ପାନୀର ତ୍ରୈମାସିକ ନେଟ୍ ଲାଭ ଗତବର୍ଷ ତୁଳନାରେ ୨୪.୮ % ବୃଦ୍ଧି ପାଇ ୭,୧୧୦କୋଟି ଟଙ୍କାରେ ପହଞ୍ଚିଛି। ରିଲାଏନ୍ସ ଇଣ୍ଡଷ୍ଟ୍ରିଜ ଲିମିଟେଡର ଅଧ୍ୟକ୍ଷ ତଥା ଏମ୍‌ଡି ମୁକେଶ ଅମ୍ବାନୀ କହିଛନ୍ତି, ଆମର ଡିଜିଟାଲ ସେବା ବ୍ୟବସାୟ ନିରନ୍ତର ଦୃଢ଼ ଆର୍ଥିକ ଏବଂ ପରିଚାଳନାଗତ ପ୍ରଦର୍ଶନ ସହିତ ଏହାର ବଜାର ସ୍ଥିତିକୁ ଆହୁରି ମଜଭୁତ କରିଛି।

# ଶେୟାର ବଜାରରେ ଉତ୍ସାହ

ମୁମ୍ବାଇ,୨୧।୭

କ୍ରମାଗତ ଭାବେ ଘରୋଇ ଶେୟାର ବଜାର କାରବାରରେ ପରିବର୍ତ୍ତନ ଘଟୁଛି। ଚଳିତ ସପ୍ତାହର ପ୍ରଥମ କାର୍ଯ୍ୟ ଦିବସ ଫଳାଫଳ ଅନୁଯାୟୀ ଶେୟାର ବଜାର କାରବାରରେ ଉତ୍ସାହ ସହ ନିବେଶକମାନେ ଲକ୍ଷାଧିକ ଟଙ୍କାର ନିବେଶ ବଢ଼ାଇଛନ୍ତି। ବିଶେଷ କରି ସୋମବାର ବମ୍ବେ ଷ୍ଟକ୍ ଏକ୍ସଚେଞ୍ଜ (ବିଏସ୍‌ଇ)ର ସେନସେକ୍ସ ୪୪୨ (୪୪୨.୬୧) ପଏଣ୍ଟ ବୃଦ୍ଧି ଘଟି ୮୨,୨୦୦ (୮୨,୨୦୦.୩୪) ଅଙ୍କରେ କାରବାର ବନ୍ଦ ହୋଇଥିଲା। ସେହିଭଳି ନ୍ୟାସନାଲ ଷ୍ଟକ ଏକ୍ସଚେଞ୍ଜ (ଏନଏସ୍‌ଇ)ର ନିଫ୍ଟି-୫୦ ରେ ମଧ୍ୟ ୧୨୨ (୧୨୨.୩୦) ପଏଣ୍ଟ ବଢ଼ି ୨୫,୦୯୦ (୨୫,୦୯୦.୭୦) ଅଙ୍କରେ କାରବାର ଶେଷ ହୋଇଥିଲା। ଅପରପକ୍ଷରେ ବିଏସଇ ସେନସେକ୍ସର ମିଡକ୍ୟାପ ଓ ସ୍ମଲକ୍ୟାପ ଶେୟାରଗୁଡ଼ିକର ଇଣ୍ଡେକ୍ସ ସହିତ ଏନ୍‌ଏସ୍‌ଇ ନିଫ୍ଟି ମିଡକ୍ୟାପ, ସ୍ମଲକ୍ୟାପ ଏବଂ ବ୍ୟାଙ୍କ ଓ ଆଇଟି ଶେୟାରଗୁଡ଼ିକର କାରବାରରେ ମଧ୍ୟ ପରିବର୍ତ୍ତନ ହୋଇଛି। ସେହିଭଳି ବଜାରର ସେକ୍ଟୋରାଲ ଇଣ୍ଡେକ୍ସ କାରବାରରେ ମଧ୍ୟ ବୃଦ୍ଧି ଘଟିଛି।

# ବିଏଲ୍ଆଇର ନୂତନ ଉତ୍ପାଦ

ଭୁବନେଶ୍ୱର,୨୧।୭

ବନ୍ଧନ ଲାଇଫ୍ ଇନସ୍ୟୁରାନ୍ସ (ବିଏଲ୍ଆଇ)ର ନୂତନ ଉତ୍ପାଦ ତଥା ବନ୍ଧନ ଲାଇଫ ଆଇଇନକମ୍ ୱେଲଥ୍ ଶୁଭାରମ୍ଭ ନିକଟରେ ହୋଇଯାଇଛି। ବିଶେଷ କରି ଏହା ପ୍ରିମିୟମ୍ ପେଡିର ୫ଦିନ ଦିନ ମଧ୍ୟରେ ତୁରନ୍ତ ଆୟ ଦେବା ଆରମ୍ଭ ସହ ୧୦୦ ବର୍ଷ ବୟସ ପର୍ଯ୍ୟନ୍ତ ଜୀବନ ସୁରକ୍ଷା ମଧ୍ୟ ପ୍ରଦାନ କରିଥାଏ। ଏହି ଆୟରେ ଗ୍ୟାରେଣ୍ଟିଡ ଦେୟ ସହିତ ସମ୍ଭାବ୍ୟ ନଗଦ ବୋନସ୍ ଅନ୍ତର୍ଭୁକ୍ତ ରହିଛି। ବନ୍ଧନ ଲାଇଫ୍ ଇନସ୍ୟୁରାନ୍ସର ଏମ୍‌ଡି ତଥା ସିଇଓ ସତୀଶ୍ୱର ବି କହିଛନ୍ତି, ଆମେ ବାସ୍ତବ ଜୀବନର ଆର୍ଥିକ ଚ୍ୟାଲେଞ୍ଜଗୁଡ଼ିକୁ ସମାଧାନ କରିବା ପାଇଁ ପ୍ରତିଶ୍ରୁତିବଦ୍ଧ ରହିଛୁ। ଏପରିକି ଅଧିକାଂଶ ଭାରତୀୟ ଯାହା ଆୟ କରନ୍ତି, ତାହା ଖର୍ଚ୍ଚରେ ସାରିଦେଉଥାନ୍ତି ଏବଂ ସଞ୍ଚୟ ପାଇଁ ସେମାନଙ୍କ ପାଖରେ କିଛି ବଳକା ରହେ ନାହିଁ, ଏପରିକି ସାମାଜିକ ସୁରକ୍ଷା ପାଇଁ ଅର୍ଥ ଅଭାବ ରହିଥାଏ। ଅପରପକ୍ଷରେ ଅନେକ ବ୍ୟକ୍ତି, ଜରୁରୀ ମାସିକ ଖର୍ଚ୍ଚ ଉଠାଇବା ପାଇଁ ମଧ୍ୟ ଋଣ କରିଥାନ୍ତି। ଚାକିରି ହରାଇବା କିମ୍ବା ଜରୁରୀକାଳୀନ ଚିକିତ୍ସା ପରିସ୍ଥିତି ପରିବାରକୁ ଆର୍ଥିକ ସଙ୍କଟରେ ପକାଇପାରେ। ଏହି ଆଇଇନକମ୍ ୱେଲଥ୍ ଏହି ଆବଶ୍ୟକତାକୁ ପୂରଣ କରିବା ପାଇଁ ପ୍ରସ୍ତୁତ କରାଯାଇଛି।


# Classified Everyday
0674-2580101, 9692975378



REAL ESTATE
SALE

BDA Approved Apartment Near SumHospital, Kalinganagar, Times Gurukul, Duplex near CVRaman, Tamando, Bhubaneswar- 7854015157 D-76295

କଟକ ମହାନଦୀବିହାରରେ 2/3 BHK flat ଗୋପାଳପୁର, ଫୁଲନଖରା ଛକ, ତ୍ରିନାଥବଜାରରେ 3BHK duplex readymade ଅଛି। 8327785834. D-76286

Stitiban plot sale near IIT Argul, Khurdha, Bhubaneswar immediate Registration possession sqft.- 350/-, SC plot 250/- . 8328868883. D-76284

ଭୁବନେଶ୍ୱର ହଂସପାଳ ଭିଙ୍ଗାରପୁର ପାଖରେ 1300sqft. 5,80,000/- ଫ୍ଲାଟ୍ ବିକ୍ରିହେବ 9114705579. D-76288

Ready to move 1/2BHK flat for sale @ 18/ 24 Lakh at Gudiapokhari Bhubaneswar. Call- 9861642492. D-1376

Email ମାଧ୍ୟମରେ କ୍ଲାସିଫାଏଡ୍ ବିଜ୍ଞାପନ ପଠାଇବାର ଠିକଣା:- classifieddharitri@gmail.com

3BHK ready to move flat for sale at Jayadev Vihar Square, 2/4 BHK flat for sale at Hansapal Square, NH facing. Contact No.- 9437307086, 7008789347. D-1241




Newly open health benefits SPA by expert therapist. Contact- 8280961126. D-76928

Full body massage experience, good looking therapist @999 (Bhubaneswar). 9078484455. D-1325

Newly open SPA positively health benefits (expert therapist). Contact- 7327030529. D-76929

Newly open Jyoti SPA positively health benefits (expert therapist). 8458067955. D-76927

ପାଠକଙ୍କ ପାଇଁ ସୂଚନା
କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

AFFIDAVIT

I, Sanjukta Kumari Acharya, aged about 51 years, W/o- Arvind Tripathy, Resident of Plot No.- 803-P, Jaydev Vihar, near May Fair Lagoon, Bhubaneswar, P.S.- Nayapalli, Dist.- Khurda, PIN- 751013, Odisha declared by this affidavit No.- 28825, dtd- 08.07.2025. That now onwards I shall be known as Sanjukta Tripathy for all future purposes. D-1377

ମୁଁ, ସୋନାଲି, ସ୍ୱାମୀଙ୍କ ନାମ ପ୍ରବୀଣ ଦିଙ୍କର ତନେ, ବାସିନ୍ଦା- ୬୦୮, ବ୍ଲକ୍-୫, ବ୍ଲୁ ଟାଉନ ଆପାର୍ଟମେଣ୍ଟ, ତମଣ୍ଡା ଛକ, ଭୁବନେଶ୍ୱର, ଖୋର୍ଦ୍ଧା, ଓଡ଼ିଶା- ୭୫୦୦୧୬, ଏହିପରି ଘୋଷଣା କରୁଛି ଯେ, ଏହା ପରଠାରୁ ମୋ ନାମ ସୋନାଲି ପ୍ରବୀଣ ତନେ ବୋଲି ପରିଚିତ ହେବ। ଏହି ସମ୍ପର୍କରେ ମୁଁ ଏକ ଶପଥପତ୍ର (Affidavit) ସି.ଇ.ନମ୍ବର ୪୨, ଯାହା ୧୧।୦୭।୨୦୨୫ ତାରିଖରେ ଭୁବନେଶ୍ୱରରେ କାର୍ଯ୍ୟରତ ଏକ୍ଜିକ୍ୟୁଟିଭ ମ୍ୟାଜିଷ୍ଟ୍ରେଟ୍‌ଙ୍କ ସମ୍ମୁଖରେ ଶପଥ ନେଇ ସ୍ୱୀକୃତ କରିଛି। ଧ-୧୩୭୦

By virtue of an affidavit No.- 5569, dtd. 31.05.25 sworn before Executive Magistrate, Bhadrak, I, Basanti Nayak, W/o- Bhagaban Charan Nayak, Vill- Sananda, P.O.- Haripur, P.S.- Khaira, Dist.- Balasore, PIN- 756115, Odisha declare that I have changed my name Basant Manjari Nayak to Basanti Nayak. Henceforth, I shall be known as Basanti Nayak for all future purposes. D-1369

By virtue of an affidavit sworn before Executive Magistrate, Bijepur, dated 18/07/2025, I Bhubaneswar Bhue, Address: At/P.O.- Saipali, P.S.- Bijepur, Dist.- Bargarh, PIN- 768032 declare that I have changed my name from Beda Dharua to Bhubaneswar Bhue. Henceforth, I shall be known as Bhubaneswar Bhue for all purposes. D-1374

I, Sofiya Khanam, W/o- Hussain Mohammad Khan, resident of Bada Shankarpur, Puruna Bazar, Bhadrak-756100, Odisha, India, declare by this affidavit No.-1566, dated - 16.07.2025. That now onwards I shall be known as SOFIA KHANAM for all future purposes. D-1373

ମୁଁ, ଶ୍ରୀ ଲୋକନାଥ ପଟ୍ଟନାୟକ, ବୟସ: ୫୭ ବର୍ଷ, ପିତା: ସ୍ୱର୍ଗତ ସୀତାକାନ୍ତ ପଟ୍ଟନାୟକ, ଗ୍ରାମ: ସିଂହାରସାହି ହାଜିପୁର, ତହସିଲ/ଥାନା: ଏରସମା, ଜିଲ୍ଲା: ଜଗତସିଂହପୁର, ଶପଥ କରି କହୁଅଛି କି, ଆମର ପିତା ସ୍ୱର୍ଗତ ସୀତାକାନ୍ତ ପଟ୍ଟନାୟକ, ତା.୦୮।୦୧।୨୦୧୯ରେ ସ୍ୱର୍ଗାରୋହଣ କଲେ। ସେତେବେଳେ ଉତ୍ତରାଧିକାରୀ ପ୍ରମାଣପତ୍ର ଆବେଦନ କରିବାକୁ ମୋର ଆଧାର କାର୍ଡର ନକଲ ଦେଇଥିଲି। ଏବେ ଜାଣିବାକୁ ପାଇଲି ଯେ, ଜାଲ୍ ଦସ୍ତଖତ କରି ମୋର ଆଧାର କାର୍ଡର ଅପବ୍ୟବହାର କରାଯାଇଛି। ଭବିଷ୍ୟତରେ ଯଦିବା କେହି ସମ୍ପତ୍ତି ବନ୍ଧକ/ଲିଜ/ବିକ୍ରିବଟା, ବ୍ୟାଙ୍କ ଲୋନ ଅଥବା ଅନ୍ୟ କିଛି କରାଯାଇଥାଏ / ଭବିଷ୍ୟତରେ କରାଯିବ, ସେଥିପାଇଁ ମୁଁ ଆଇନଗତ ଭାବେ ଦାୟୀ ରହିବି ନାହିଁ। ଉପରୋକ୍ତ ବିଷୟ ସମ୍ପୂର୍ଣ୍ଣ ସତ୍ୟ ଅଟେ। ଧ-୧୩୬୮

By virtue of an affidavit sworn before Executive Magistrate, Nabarangpur, on 16th July 2025, I, K Shiva Prasad resident of Gadabaguda, Nabarangpur, P.O./P.S./ Dist.- Nabarangpur, Odisha, PIN-764059, declare that I have changed my name from Korada Shiva Prasad to K Shiva Prasad. Henceforth, I shall be known as K Shiva Prasad for all purposes.
K Shiva Prasad D-1372

ଧରିତ୍ରୀ DHARITRI
Scan & Pay
ଧରିତ୍ରୀ କ୍ଲାସିଫାଏଡ୍ ବିଜ୍ଞାପନ ବାବଦୀୟ ଦେୟକୁ ନିମ୍ନପ୍ରଦତ୍ତ QR Code ସ୍କାନ୍ କରି ଯେକୌଣସି UPI App ମାଧ୍ୟମରେ ସହଜରେ ପୈଠ କରନ୍ତୁ।
BHIM UPI
ଦେୟ ପୈଠ ହେଲାପରେ ରସିଦର Screenshotକୁ classifieddharitri@gmail.com ରେ ଇମେଲ କରନ୍ତୁ।

ନିଜର ପ୍ରିୟଜନମାନଙ୍କୁ ଜନ୍ମଦିନର ଓ ବିବାହ ଶୁଭେଚ୍ଛା ଜଣାନ୍ତୁ କେବଳ ଟ୨୧୦/- ରେ। ରଙ୍ଗୀନ ଟ୪୨୦/- ବି.ଦ୍ର.: ଶୁଭେଚ୍ଛା ୬ସେମି. (H) X ୪ସେମି. (W) ହେବା ଆବଶ୍ୟକ।

## ମନେ ପଡ଼ୁଛି

ଏକବିଂଶତମ ଶ୍ରାଦ୍ଧବାର୍ଷିକୀ



ସ୍ୱ ବିଷ୍ଣୁପ୍ରିୟା ମହାନ୍ତି
ଆବିର୍ଭାବ : ୨୫.୦୪.୧୯୩୦
ତିରୋଧାନ : ୨୩.୦୮.୨୦୦୪

ମା' ତୁ ଯିବାର ୨୧ ବର୍ଷ ହୋଇଗଲାଣି। ତୋ ଅନୁପସ୍ଥିତି ଆମେ ପ୍ରତି ମୁହୂର୍ତ୍ତରେ ଅନୁଭବ କରୁଛୁ। ତୁ ଦେଇଥିବା ସ୍ନେହ, ଶ୍ରଦ୍ଧା ଓ ପ୍ରେରଣା ଆମ ପାଇଁ ଚିର ସ୍ମରଣୀୟ ହୋଇ ରହିଥିବ। ତୋର ଅମର ଆତ୍ମାର ସଦ୍‌ଗତି ପାଇଁ ଈଶ୍ୱରଙ୍କ ନିକଟରେ ପ୍ରାର୍ଥନା କରୁଅଛୁ।
ପୁତ୍ର : ମୁନ୍ନା, ଚୋଟୁ: ରିନି, ଝିଅ: ରୁମି, ରୁଚି, ଡେଇ କ୍ଲା: ଅନିମେଷ, ରିଜ୍‌ଲ, ମୁନ୍ନକ, ନାତୁଣୀ ନାତି: ରିୟା, ଶ୍ରେୟା, ସୋନୁ ଓ ଶୁଭମ୍
ଧ-୧୩୬୫

ପ୍ରଥମ ଶ୍ରାଦ୍ଧବାର୍ଷିକୀ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



ସ୍ୱର୍ଗତା ଜ୍ୟୋସ୍ନାମୟୀ ରାଉତ
ପୂର୍ବତନ ସରପଞ୍ଚ, ସଣ୍ଡସୁର ଗୌରିଆ ଜୁକ, ଢେଙ୍କାନାଳ
ଆବିର୍ଭାବ-୦୧।୦୧।୧୯୬୮
ତିରୋଧାନ-୦୨।୦୮।୨୦୨୪
ଆପଣଙ୍କ ଅମରାତ୍ମା ଶାନ୍ତି ଓ ସଦ୍‌ଗତି ଲାଭ କରୁ, ଏତିକି ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା।
ସ୍ୱାମୀ-ପ୍ରତାପ, ଝିଅ-ରିଙ୍କ, ରିଙ୍କି, ପୁଅ-ଲିପି, ଖୁକୁ, ଶିଶିର, ଝିଅ-ଚିନ୍ଟି, ନିଶା, ଲିପି, ଜୁବୁନା, ଝିଆରୀ, ବନ୍ଧୁ ଓ ପରିବାରବର୍ଗ
ଖୋଳକ୍ୟ-କ୍ଷେତ୍ରପଦେବ ଭାରତ, ସମାଜସେବୀ-ସ୍ୱପ୍ନଦେବ (ବୃନ୍ଦ ଇଣ୍ଡିଆ)
ଧ-୧୩୬୫

## ଜନ୍ମଦିନର ଶୁଭେଚ୍ଛା

ନାମ: ....................................
ବୟସ:....................................
ଜନ୍ମ ତାରିଖ: ..............................


ଗୁନ୍‌ଗୁନ୍
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


# ଅନଲାଇନ୍ କାରବାରରେ ନୂଆ ମାଇଲଷ୍ଟୋନ୍

## ପ୍ରତି ମିନିଟରେ ୧୮,୦୦୦ ଅର୍ଡର

ଭୁବନେଶ୍ୱର,୨୧।୭

ବର୍ତ୍ତମାନ ସବୁବର୍ଗର ଗ୍ରାହକ ଅନ୍‌ଲାଇନ ପ୍ଲାଟଫର୍ମରେ କାରବାର କରିବାକୁ ପସନ୍ଦ କରୁଥିଲାବେଳେ ପ୍ଲାଟଫର୍ମର ଚାହିଦା ଉଭୟ ସହରାଞ୍ଚଳ ଓ ଗ୍ରାମାଞ୍ଚଳରେ ମଧ୍ୟ ଉଲ୍ଲେଖନୀୟ ଭାବେ ବୃଦ୍ଧି ପାଇଛି। ଏପରିକି ନିକଟରେ ଆରମ୍ଭ ହୋଇଥିବା ଆମାଜନ ପ୍ରାଇମ ଡେ-୨୦୨୫ ସେଲରେ ଏକ ଉତ୍ସାହଜନକ କାରବାର ଦେଖିବାକୁ ମିଳିଥିଲା। ଫଳରେ ଉପଭୋକ୍ତା ପ୍ରତି ମିନିଟ୍‌ରେ ୧୮,୦୦୦ ଅର୍ଡର ଅନଲାଇନ



ପ୍ଲାଟଫର୍ମରେ କରି ଏକ ନୂଆ ମାଇଲଷ୍ଟୋନ ତିଆରି କରିଛନ୍ତି। ଏହି ଅର୍ଡର ସହରାଞ୍ଚଳ ଅପେକ୍ଷା ଟାୟାର-୨ ସହରଗୁଡିକରେ ଦେଖିବାକୁ ମିଳିଛି। ସେହିଭଳି ଏହି ସେଲର ଅବଧି ମଧ୍ୟରେ ଆମାଜନ ଫ୍ରେସ ସର୍ବାଧିକ ୯୦% ଅର୍ଡର ଟାୟାର-୨ ସହରରୁ ଗ୍ରହଣ କରିଥିଲାବେଳେ ସେଥିମଧ୍ୟରୁ ୭୦% ଅର୍ଡର ଅତ୍ୟାବଶ୍ୟକ ସାମଗ୍ରୀର ଚିଠା ରହିଥିଲା। ଏହି ଅର୍ଡର ଦେଶର ପ୍ରମୁଖ ସହରର ଟାୟାର ୨ଓ ୩ ବଜାରରେ ହୋଇଥିଲା ବୋଲି ପ୍ଲାଟଫର୍ମ ପକ୍ଷରୁ ବିସ୍ତୃତ ଭାବେ ସୂଚନା ଦିଆଯାଇଛି। ସେହିପରି ଏହି ସେଲ ସମସ୍ତ ରେକର୍ଡ ଭଙ୍ଗ କରି ନୂଆ ରେକର୍ଡ ହାସଲ ସହ ଅନଲାଇନ କାରବାରରେ ନୂଆ ମାଇଲଷ୍ଟୋନ ହାସଲ କରିଛି। ୨୦୨୪ରେ ଏହି ସେଲ ୫୦% ପାରକରିଥିଲାବେଳେ ୭୦% ଗ୍ରାହକ ଏହି ସେଲରେ ସାମିଲ ଥିଲେ। ବର୍ତ୍ତମାନ ସମୟରେ ପ୍ଲାଟଫର୍ମର ନେଟୱର୍କ ବୃଦ୍ଧି ସହ ଡେଲିଭରି ଓ ପହଞ୍ଚଯୋଗ୍ୟ ସେବାର ସମ୍ପ୍ରସାରଣ ଯୋଗୁ ଅର୍ଡରରେ ଉଲ୍ଲେଖନୀୟ ବୃଦ୍ଧି ଘଟିଛି। ଫଳରେ ବାର୍ଷିକଭିତ୍ତିରେ ଏହି ଅର୍ଡର ବୃଦ୍ଧି ପାଇ ୮୦%ରେ ପହଞ୍ଚିଛି। ଅପରପକ୍ଷରେ ପ୍ଲାଟଫର୍ମର ପ୍ରାଇମ ମେମ୍ବରମାନେ ଅଧିକ ସୁବିଧା ଓ ରିହାତି ପାଇପାରିଥିବାରୁ କାରବାର ପ୍ରାୟ ୨ ଗୁଣା ବୃଦ୍ଧି ଘଟିଛି। ପ୍ଲାଟଫର୍ମର ସମସ୍ତ ସେବାକୁ ସମ୍ପ୍ରସାରଣ କରାଯାଇଛି। ଏ ନେଇ ପ୍ଲାଟଫର୍ମ ପ୍ରାୟ ୨୦୦୦ କୋଟି ଟଙ୍କା ନିକଟରେ ନିବେଶ କରିଥିଲା ବୋଲି କମ୍ପାନୀ ପକ୍ଷରୁ ବିସ୍ତୃତ ଭାବେ କୁହାଯାଇଛି।

# ଆର୍ଥିକ ଅନ୍ତର୍ଭୁକ୍ତୀକରଣକୁ ଗୁରୁତ୍ୱ



ଭୁବନେଶ୍ୱର,୨୧।୭

ଭାରତ ସରକାରଙ୍କ ଆର୍ଥିକ ସେବା ବିଭାଗ ଦ୍ୱାରା ଆର୍ଥିକ ଅନ୍ତର୍ଭୁକ୍ତୀକରଣକୁ ଗୁରୁତ୍ୱାରୋପ କରାଯାଇଛି। ଏପରିକି ଦେଶବ୍ୟାପୀ ଆର୍ଥିକ ଅନ୍ତର୍ଭୁକ୍ତିକରଣ ଅଭିଯାନ ମାଧ୍ୟମରେ ନାଗରିକମାନଙ୍କୁ ସୁଲଭ ବ୍ୟାଙ୍କ ଏବଂ ଆର୍ଥିକ ସେବା ଯୋଗାଇ ଦିଆଯାଉଛି। ଚଳିତ ବର୍ଷ ଜୁଲାଇ ପହିଲାରୁ ଆରମ୍ଭ ହୋଇଥିବା ଏହି ଅଭିଯାନ ୨୦୨୫ ସେପ୍ଟେମ୍ବର ୩୦ ପର୍ଯ୍ୟନ୍ତ ଚାଲିବ। ଓଡ଼ିଶାରେ ମଧ୍ୟ ଏହି ଅଭିଯାନ ଆରମ୍ଭ ହୋଇସାରିଛି ଏବଂ ଏହାକୁ ତିନି ମାସର ଅବଧି ମଧ୍ୟରେ ଶେଷ କରିବା ସହ ରାଜ୍ୟର ୬,୭୯୪ଟି ଗ୍ରାମ ପଞ୍ଚାୟତରେ ପହଞ୍ଚାଇବାକୁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ଭୁବନେଶ୍ୱରରେ ୟୁକୋ ବ୍ୟାଙ୍କ ନେତୃତ୍ୱରେ ରାଜ୍ୟସ୍ତରୀୟ ବ୍ୟାଙ୍କର୍ସ କମିଟି (ଏସଏଲବିସି) ଏବଂ ପିଆଇବି ଭୁବନେଶ୍ୱର ପକ୍ଷରୁ ସୋମବାର ଏକ ଖବରଦାତା ସମ୍ମିଳନୀରେ ଏହି ସୂଚନା ଦିଆଯାଇଛି। ରାଜ୍ୟରେ ଆର୍ଥିକ ଅନ୍ତର୍ଭୁକ୍ତିକରଣକୁ ଗଭୀର କରିବା ଏବଂ ପ୍ରମୁଖ ସାମାଜିକ ସୁରକ୍ଷା ଯୋଜନାଗୁଡ଼ିକୁ ତୃଣମୂଳସ୍ତରରେ ପହଞ୍ଚାଇବାର ପ୍ରୟାସକୁ ଆହୁରି ବ୍ୟାପକ କରିବା ଲାଗି ଏସଏଲବିସି ନିଷ୍ପତ୍ତି ନେଇଛି। ଏହି ସମ୍ମିଳନୀରେ ଆର୍ଥିକ ଅନ୍ତର୍ଭୁକ୍ତିକରଣ ଅଭିଯାନର ଅଗ୍ରଗତି ଏବଂ ଭବିଷ୍ୟତର ରୂପରେଖ ସମ୍ପର୍କରେ ଆଲୋକପାତ କରାଯାଇଛି। ଏ ସମ୍ପର୍କରେ ୟୁକୋ ବ୍ୟାଙ୍କର ମୁଖ୍ୟ ମହାପ୍ରବନ୍ଧକ ଏବଂ ଏସଏଲବିସି ଓଡ଼ିଶାର ସଂଯୋଜକ ଗୌତମ ପାତ୍ର ଏହି ଅଭିଯାନର ଅଗ୍ରଗତି ଓ ଭବିଷ୍ୟତର ରୂପରେଖ ଉପରେ ଆଲୋକପାତ କରିଛନ୍ତି। ସେ କହିଛନ୍ତି, ଅଭିଯାନର ସଫଳ କାର୍ଯ୍ୟକାରିତା ପାଇଁ ୨୦୨୫ ଜୁନ୍ ୨୧ ରେ ରାଜ୍ୟସ୍ତରୀୟ ରଣନୀତି ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ ବ୍ୟାଙ୍କଗୁଡ଼ିକର ନିୟନ୍ତ୍ରଣ ମୁଖ୍ୟ, ଲିଡ୍ ଜିଲ୍ଲା ପରିଚାଳକ (ଏଲଡିଏମ୍), ନାବାର୍ଡ, ଆରବିଆଇର ପ୍ରତିନିଧି ଏବଂ ଓଡ଼ିଶା ସରକାରଙ୍କ ବରିଷ୍ଠ ଅଧିକାରୀମାନଙ୍କ ସମେତ ପ୍ରମୁଖ ଅଂଶୀଦାରମାନେ ଯୋଗ ଦେଇଥିଲେ। ଏହି ସମ୍ମିଳନୀରେ ପିଆଇବି ଭୁବନେଶ୍ୱରର ଅତିରିକ୍ତ ମହାନିର୍ଦ୍ଦେଶକ ଅଖିଳ କୁମାର ମିଶ୍ର, ଭୁବନେଶ୍ୱର ଜୋନ ୟୁକୋ ବ୍ୟାଙ୍କର ଉପମହାପ୍ରବନ୍ଧକ ଏବଂ ଜୋନାଲ ମ୍ୟାନେଜର ଭାଗବତ ସିଂହ ଭାକୁନି, କଟକ ଜୋନର ୟୁକୋ ବ୍ୟାଙ୍କର ଉପମହାପ୍ରବନ୍ଧକ ଏବଂ ଜୋନାଲ ମ୍ୟାନେଜର ସୁଶ୍ରୀ ବର୍ଷା ଏବଂ ଏସଏଲବିସି ଓଡ଼ିଶାର ପ୍ରଭାରୀ ସହାୟକ ମହାପ୍ରବନ୍ଧକ ଲିଙ୍ଗରାଜ ନାୟକ ଉପସ୍ଥିତ ଥିଲେ।

# ଏଲ୍‌ଆଇସି ସହ ଡିଓଆର୍‌ଡିର ବୁଝାମଣା



ଏମ୍‌ଓୟୁ ଅବସରରେ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଅଛନ୍ତି।

ଭୁବନେଶ୍ୱର,୨୧।୭ (ଅଭୟ ଦାଶ)

ଭାରତୀୟ ଜୀବନ ବୀମା ନିଗମ (ଏଲ୍‌ଆଇସି) ଏବଂ ଡିପାର୍ଟମେଣ୍ଟ ଅଫ ରୁରାଲ ଡେଭଲପମେଣ୍ଟ (ଡିଓଆର୍‌ଡି), ଗ୍ରାମୀଣ ବିକାଶ ମନ୍ତ୍ରଣାଳୟ ମଧ୍ୟରେ ଏକ ଦ୍ୱିପାକ୍ଷିକ ବୁଝାମଣା ନିକଟରେ ହୋଇଯାଇଛି। ଏପରିକି ସାରା ଦେଶରେ ଏଲ୍‌ଆଇସିର ବହୁ ପ୍ରତୀକ୍ଷିତ ଯୋଜନା 'ବୀମା ସଖୀ ସ୍କିମ୍'ର ପ୍ରଚାର-ପ୍ରସାରକୁ ଅଧିକ ଲୋକାଭିମୁଖୀ କରିବା ପାଇଁ ଉଭୟ ଏଲ୍‌ଆଇସି ଏବଂ ଡିଓଆରଡି ମଧ୍ୟରେ ଏକ ବୁଝାମଣା ପତ୍ର (ଏମଓୟୁ) ସ୍ୱାକ୍ଷର ହୋଇଛି।

ଉଲ୍ଲେଖଯୋଗ୍ୟ, ଗ୍ରାମୀଣ ବିକାଶ ମନ୍ତ୍ରଣାଳୟ ପକ୍ଷରୁ ଗୋଆଠାରେ ଆୟୋଜିତ ୩ ଦିନିଆ ଜାତୀୟ ଆର୍ଥିକ ଅନ୍ତର୍ଭୁକ୍ତୀକରଣ ସମ୍ମିଳନୀ 'ଅନୁଭୂତି' ଅବସରରେ ଏହି ଏମଓୟୁ ସ୍ୱାକ୍ଷରିତ ହୋଇଯାଇଛି।

ସେହିଭଳି ଏହି ଯୋଜନାର ପ୍ରଚାର ଓ ପ୍ରସାରକୁ ଉଭୟ ସରକାର ଓ ଏଲ୍‌ଆଇସି ଗୁରୁତ୍ୱ ଦେଉଥିଲାବେଳେ ବୀମା ସଖୀ ସ୍କିମ୍ ବିଶେଷ କରି ମହିଳାମାନଙ୍କ ପାଇଁ ଡିଜାଇନ କରାଯାଇଛି। ଏହାଫଳରେ ମହିଳାମାନେ ସ୍ୱାବଲମ୍ବୀ ହେବା ସହିତ ମାସିକ ରୂପେ ୭୦୦୦ ଟଙ୍କାର ଆର୍ଥିକ ସୁବିଧା ମଧ୍ୟ ଏହାର ବିକ୍ରୟ ବାବଦକୁ ବୃତ୍ତି ଆକାରରେ ପାଇବେ। ସେହିପରି ମହିଳାମାନଙ୍କୁ ଆର୍ଥିକ ଭାବେ ସ୍ୱାବଲମ୍ବୀ ସହ ସମାଜର ମୁଖ୍ୟ ସ୍ରୋତରେ ସାମିଲ କରାଇବାକୁ ଏହାକୁ ବିଶେଷ ଭାବେ ଡିଜାଇନ କରାଯାଇଛି।

# ଏଫ୍‌ଡବ୍ଲ୍ୟୁଏ ସେବା କ୍ଷେତ୍ରରେ ଜିଓ ବିଶ୍ୱର ଅଗ୍ରଣୀ

ଭୁବନେଶ୍ୱର,୨୧।୭

ଫିକ୍ସଡ୍ ୱାୟାରଲେସ୍ ଆକ୍ସେସ୍ (ଏଫ୍‌ଡବ୍ଲ୍ୟୁଏ) ସେବା କ୍ଷେତ୍ରରେ ରିଲାଏନ୍ସ ଜିଓ ବିଶ୍ୱର ଏକ ନମ୍ବର ସେବା ପ୍ରଦାନକାରୀ ସଂସ୍ଥା (କମ୍ପାନୀ) ଭାବେ ଉଭା ହୋଇଛି। ଏପରିକି ୭୪ ଲକ୍ଷରୁ ଅଧିକ ଗ୍ରାହକ ଜିଓର ଏଫଡବ୍ଲ୍ୟୁଏ ସେବା ସହ ଯୋଡି ହୋଇଛନ୍ତି। ଏହା ବିଶ୍ୱରେ ସର୍ବାଧିକ ବୋଲି କମ୍ପାନୀ ପକ୍ଷରୁ ବିସ୍ତୃତ ଭାବେ ସୂଚନା ଦିଆଯାଇଛି। ବର୍ତ୍ତମାନ ରିଲାଏନ୍ସ ଜିଓ ଆମେରିକାର ଟି-ମୋବାଇଲ କମ୍ପାନୀକୁ ପଛରେ ପକାଇ ପ୍ରଥମ ସ୍ଥାନ ଅଧିକାର କରିଛି। ରିଲାଏନ୍ସ ଜିଓ ଏଫଡବ୍ଲ୍ୟୁଏ ଅଧୀନରେ ଜିଓଏୟାରଫାଇବର ସେବା ପ୍ରଦାନ କରୁଛି ବୋଲି ରିଲାଏନ୍ସ ଇଣ୍ଡଷ୍ଟ୍ରିଜର ଅଧ୍ୟକ୍ଷ ତଥା ଏମ୍‌ଡି ମୁକେଶ ଅମ୍ବାନୀ କମ୍ପାନୀର ତ୍ରୈମାସିକ ଫଳାଫଳ ଘୋଷଣା ଅବସରରେ ଏ ନେଇ ବିସ୍ତୃତ ଭାବେ ମତପ୍ରକାଶ କରିଛନ୍ତି। ଅପରପକ୍ଷରେ ସେ କହିଛନ୍ତି, ଜିଓ ଏୟାରଫାଇବର ସହ ଜିଓଫାଇବର ମଧ୍ୟ ବେଶ ଭଲ ପ୍ରଦର୍ଶନ



କରୁଛି। ଜିଓ ଦୁଇ କୋଟିରୁ ଅଧିକ ଘର ଓ ପରିସରକୁ ହାଇସ୍ପିଡ ହୋମ ବ୍ରଡବ୍ୟାଣ୍ଡ ସଂଯୋଗ କରିଛି। କମ୍ପାନୀ ୫ଜି କ୍ଷେତ୍ରରେ ମଧ୍ୟ ବେଶ ଦ୍ରୁତ ଗତିରେ ଗ୍ରାହକଙ୍କୁ ଯୋଡିଛି। ବର୍ତ୍ତମାନ ୨୧କୋଟି ୩୦ଲକ୍ଷରୁ ଅଧିକ ଗ୍ରାହକ ଜିଓ ଟ୍ରୁ ୫ଜି ନେଟୱର୍କ ସହ ସଂଯୁକ୍ତ ହୋଇଛନ୍ତି। ଆର୍ଥିକ ପ୍ରଦର୍ଶନରେ ମଧ୍ୟ କମ୍ପାନୀ ଅନେକ ରେକର୍ଡ ସ୍ଥାପନ କରିଛି। ଜିଓର ଗ୍ରାହକ ପିଛା ମାସିକ ହାରାହାରି ରାଜସ୍ୱ ୨୦୮.୭ ଟଙ୍କାକୁ ବୃଦ୍ଧି ପାଇଥିବାବେଳେ କମ୍ପାନୀର ତ୍ରୈମାସିକ ନେଟ୍ ଲାଭ ଗତବର୍ଷ ତୁଳନାରେ ୨୪.୮ % ବୃଦ୍ଧି ପାଇ ୭,୧୧୦କୋଟି ଟଙ୍କାରେ ପହଞ୍ଚିଛି। ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ଲିମିଟେଡର ଅଧ୍ୟକ୍ଷ ତଥା ଏମ୍‌ଡି ମୁକେଶ ଅମ୍ବାନୀ କହିଛନ୍ତି, ଆମର ଡିଜିଟାଲ୍ ସେବା ବ୍ୟବସାୟ ନିରନ୍ତର ଦୃଢ଼ ଆର୍ଥିକ ଏବଂ ପରିଚାଳନାଗତ ପ୍ରଦର୍ଶନ ସହିତ ଏହାର ବଜାର ସ୍ଥିତିକୁ ଆହୁରି ମଜଭୁତ କରିଛି।


# Classified Everyday
0674-2580101, 9692975378



REAL ESTATE
SALE

BDA Approved Apartment Near SumHospital, Kalinganagar, Times Gurukul, Duplex near CVRaman, Tamando, Bhubaneswar-7854015157 D-76295

କଟକ ମହାନଦୀବିହାରରେ 2/3 BHK flat ଗୋପାଳପୁର, ଫୁଲନଖରା ଛକ, ତ୍ରିନାଥବଜାରରେ 3BHK duplex readymade ଅଛି। 8327785834. D-76286

Stitiban plot sale near IIT Argul, Khurdha, Bhubaneswar immediate Registration possession sqft.- 350/-, SC plot 250/-. 8328868883. D-76284

ଭୁବନେଶ୍ୱର ହଂସପାଳ ଭିଙ୍ଗାରପୁର ପାଖରେ 1300sqft. 5,80,000/- ପ୍ଲଟ୍ ବିକ୍ରିହେବ। 9114705579. D-76288

Ready to move 1/2BHK flat for sale @ 18/ 24 Lakh at Gudiapokhari Bhubaneswar. Call-9861642492. D-1376

Email ମାଧ୍ୟମରେ କ୍ଲାସିଫାଏଡକୁ ବିଜ୍ଞାପନ ପଠାଇବାର ଠିକଣା:- classifieddharitri@gmail.com

3BHK ready to move flat for sale at Jayadev Vihar Square, 2/4 BHK flat for sale at Hansapal Square, NH facing. Contact No.- 9437307086, 7008789347. D-1241




Newly open health benefits SPA by expert therapist. Contact-8280961126. D-76928

Full body massage experience, good looking therapist @999 (Bhubaneswar). 9078484455. D-1325

Newly open SPA positively health benefits (expert therapist). Contact- 7327030529. D-76929

Newly open Jyoti SPA positively health benefits (expert therapist). 8458067955. D-76927

### ପାଠକଙ୍କ ପାଇଁ ସୂଚନା

କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

### AFFIDAVIT

I, Sanjukta Kumari Acharya, aged about 51 years, W/o- Arvind Tripathy, Resident of Plot No.- 803-P, Jaydev Vihar, near May Fair Lagoon, Bhubaneswar, P.S.- Nayapalli, Dist.- Khurda, PIN- 751013, Odisha declared by this affidavit No.- 28825, dtd- 08.07.2025. That now onwards I shall be known as Sanjukta Tripathy for all future purposes. D-1377

ମୁଁ, ସୋନାଲି, ସ୍ୱାମୀଙ୍କ ନାମ ପ୍ରବୀଣ ଦିଙ୍କର ଚନ୍ଦେ, ବାସିନ୍ଦା- ୬୦୮, ବ୍ଲକ୍-୫, କ୍ଲବ୍ ଟାଉନ ଆପାର୍ଟମେଣ୍ଟ, ଡମଣା ଛକ, ଭୁବନେଶ୍ୱର, ଖୋର୍ଦ୍ଧା, ଓଡ଼ିଶା- ୭୫୧୦୧୬, ଏହିପରି ଘୋଷଣା କରୁଛି ଯେ, ଏହା ପରଠାରୁ ମୋ ନାମ ସୋନାଲି ପ୍ରବୀଣ ଚନ୍ଦେ ବୋଲି ପରିଚିତ ହେବ। ଏହି ସମ୍ପର୍କରେ ମୁଁ ଏକ ଶପଥପତ୍ର (Affidavit) ସି.ଇ.ନମ୍ବର ୪୨, ଯାହା ୧୧।୦୭।୨୦୨୫ ତାରିଖରେ ଭୁବନେଶ୍ୱରରେ କାର୍ଯ୍ୟରତ ଏକ୍ଜିକ୍ୟୁଟିଭ ମ୍ୟାଜିଷ୍ଟ୍ରେଟ୍‌ଙ୍କ ସମ୍ମୁଖରେ ଶପଥ ନେଇ ସ୍ୱୀକୃତ କରିଛି। ଧ-୧୩୭୦

By virtue of an affidavit No.- 5569, dtd. 31.05.25 sworn before Executive Magistrate, Bhadrak, I, Basanti Nayak, W/o- Bhagaban Charan Nayak, Vill- Sananda, P.O.- Haripur, P.S.- Khaira, Dist.- Balasore, PIN- 756115, Odisha declare that I have changed my name Basant Manjari Nayak to Basanti Nayak. Henceforth, I shall be known as Basanti Nayak for all future purposes. D-1369

By virtue of an affidavit sworn before Executive Magistrate, Bijepur, dated 18/07/2025, I Bhubaneswar Bhue, Address: At/P.O.- Saipali, P.S.- Bijepur, Dist.- Bargarh, PIN- 768032 declare that I have changed my name from Beda Dharua to Bhubaneswar Bhue. Henceforth, I shall be known as Bhubaneswar Bhue for all purposes. D-1374

I, Sofiya Khanam, W/o- Hussain Mohammad Khan, resident of Bada Shankarpur, Puruna Bazar, Bhadrak-756100, Odisha, India, declare by this affidavit No.-1566, dated - 16.07.2025. That now onwards I shall be known as SOFIA KHANAM for all future purposes. D-1373

ମୁଁ, ଶ୍ରୀ ଲୋକନାଥ ପଟ୍ଟନାୟକ, ବୟସ: ୫୭ ବର୍ଷ, ପିତା: ସ୍ୱର୍ଗତ ସୀତାକାନ୍ତ ପଟ୍ଟନାୟକ, ଗ୍ରାମ: ସିଂହାରସାହି ହାଜିପୁର, ତହସିଲ/ଥାନା: ଏରସମା, ଜିଲ୍ଲା: ଜଗତ୍‌ସିଂହପୁର, ଶପଥ କରି କହୁଅଛି କି, ଆମ୍ଭର ପିତା ସ୍ୱର୍ଗତ ସୀତାକାନ୍ତ ପଟ୍ଟନାୟକ, ତା।.୦୮।୦୧।୨୦୧୯ରେ ସ୍ୱର୍ଗାରୋହଣ କଲେ। ସେତେବେଳେ ଉତ୍ତରାଧିକାରୀ ପ୍ରମାଣପତ୍ର ଆବେଦନ କରିବାକୁ ମୋର ଆଧାର କାର୍ଡର ନକଲ ଦେଇଥିଲି। ଏବେ ଜାଣିବାକୁ ପାଇଲି ଯେ, ଜାଲ୍ ଦସ୍ତଖତ କରି ମୋର ଆଧାର କାର୍ଡର ଅପବ୍ୟବହାର କରାଯାଉଛି। ଇତିମଧ୍ୟରେ ଯଦି ପୈତୃକ ସମ୍ପତ୍ତି ବନ୍ଧକ/ଲିଜ/ବିକ୍ରିବଟା, ବ୍ୟାଙ୍କ ଲୋନ ଅବା ଅନ୍ୟ କିଛି କରାଯାଇଥାଏ / ଭବିଷ୍ୟତରେ କରାଯିବ, ସେଥିପାଇଁ ମୁଁ ଆଇନଗତ ଭାବେ ଦାୟୀ ରହିବି ନାହିଁ। ଉପରୋକ୍ତ ବିଷୟ ସମ୍ପୂର୍ଣ୍ଣ ସତ୍ୟ ଅଟେ। ଧ-୧୩୭୧

By virtue of an affidavit sworn before Executive Magistrate, Nabarangpur, on 16th July 2025, I, K Shiva Prasad resident of Gadabaguda, Nabarangpur, P.O./P.S./Dist.- Nabarangpur, Odisha, PIN-764059, declare that I have changed my name from Korada Shiva Prasad to K Shiva Prasad. Henceforth, I shall be known as K Shiva Prasad for all purposes.
K Shiva Prasad D-1372

ଧରିତ୍ରୀ DHARITRI
Scan & Pay
ଧରିତ୍ରୀ କ୍ଲାସିଫାଏଡ୍ ବିଜ୍ଞାପନ ବାବଦୀୟ ଦେୟକୁ ନିମ୍ନପ୍ରଦତ୍ତ QR Code ସ୍କାନ୍ କରି ଯେକୌଣସି UPI App ମାଧ୍ୟମରେ ସହଜରେ ପୈଠ କରନ୍ତୁ।
Q199723846@ybl | T&C Apply
BHIM | UPI
ଦେୟ ପୈଠ ହେଲାପରେ ରସିଦ୍‌ର Screenshotକୁ classifieddharitri@gmail.com ରେ ଇମେଲ୍ କରନ୍ତୁ।

ନିଜର ପ୍ରିୟଜନମାନଙ୍କୁ ଜନ୍ମଦିନର ଓ ବିବାହ ଶୁଭେଚ୍ଛା ଜଣାନ୍ତୁ କେବଳ ଟ୨୧୦/-ରେ। ରଙ୍ଗୀନ ଟ୪୨୦/-ରେ। (ଫଟୋ ସହ) ବି.ଦ୍ର.: ଶୁଭେଚ୍ଛା ୬ସେମି. (H) X ୪ସେମି. (W) ହେବା ଆବଶ୍ୟକ।

### ମନେ ପଡ଼ନ୍ତି

ଏକବିଂଶତମ ଶ୍ରାଦ୍ଧବାର୍ଷିକୀ



ସ୍ୱ ବିଷ୍ଣୁପ୍ରିୟା ମହାନ୍ତି
ଆବିର୍ଭାବ : ୨୫.୦୪.୧୯୩୦
ତିରୋଧାନ : ୧୩.୦୮.୨୦୦୪
ମା' ତୁ ଯିବାର ୨୧ବର୍ଷ ହୋଇଗଲାଣି। ତୋ ଅନୁପସ୍ଥିତି ଆମେ ପ୍ରତି ମୁହୂର୍ତ୍ତରେ ଅନୁଭବ କରୁଛୁ। ତୁ ଦେଇଥିବା ସ୍ନେହ, ଶ୍ରଦ୍ଧା ଓ ପ୍ରେରଣା ଆମ ପାଇଁ ଚିର ସ୍ମରଣୀୟ ହୋଇ ରହିଥିବ। ତୋର ଅମର ଆତ୍ମାର ସଦ୍‌ଗତି ପାଇଁ ଈଶ୍ୱରଙ୍କ ନିକଟରେ ପ୍ରାର୍ଥନା କରୁଅଛୁ।
ପୁତ୍ର : ମୁନ୍ନା, ବୋହୂ: ରିନି, ଝିଅ: ରୁନି, ରୁଜି, ରେବା ଜ୍ୱାଇଁ: ଅନିମେଷ, ଗଗନ, ସୁବ୍ରତ, ନାତୁଣୀ ନାତି: ରିୟା, ଶ୍ରୀୟା, ସୋନୁ ଓ ଶୁଭମ୍
ଧ-୧୨୬୫

ପ୍ରଥମ ଶ୍ରାଦ୍ଧବାର୍ଷିକୀ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



ସ୍ୱର୍ଗତା ଜ୍ୟୋତ୍ସ୍ନାମୟୀ ରାଉତ
ପୂର୍ବତନ ସରପଞ୍ଚ, ସନ୍ଥପୁର
ଗଁଦିଆ ବ୍ଲକ, ଢେଙ୍କାନାଳ
ଆବିର୍ଭାବ-୦୧।୦୧।୧୯୬୮
ତିରୋଧାନ-୦୨।୦୮।୨୦୨୪
ଆପଣଙ୍କ ଅମରାତ୍ମା ଶାନ୍ତି ଓ ସଦ୍‌ଗତି ଲାଭ କରୁ, ଏତିକି ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା।
ସ୍ୱାମୀ-ପ୍ରତାପ, ଦିଅର-ନିର, ସୁଧିର, ଶିଶିର, ଝିଅ-ଟିଙ୍କି, ରିଙ୍କି, ପୁତୁରା, ଝିଆରୀ, ବନ୍ଧୁ ଓ ପରିବାରବର୍ଗ।
ସୌଜନ୍ୟ-ଶେଷଦେବ ରାଉତ, ସମାଜସେବୀ-ସମ୍ପାଦକ (ନ୍ୟୁ ଇଣ୍ଡିଆ)
ଧ-୧୩୭୫


# ଶେୟାର ବଜାରରେ ଉତ୍ସାହ

ମୁମ୍ବାଇ,୨୧।୭

କ୍ରମାଗତ ଭାବେ ଘରୋଇ ଶେୟାର ବଜାର କାରବାରରେ ପରିବର୍ତ୍ତନ ଘଟୁଛି। ଚଳିତ ସପ୍ତାହର ପ୍ରଥମ କାର୍ଯ୍ୟ ଦିବସ ଫଳାଫଳ ଅନୁଯାୟୀ ଶେୟାର ବଜାର କାରବାରରେ ଉତ୍ସାହ ସହ ନିବେଶକମାନେ ଲକ୍ଷାଧିକ ଟଙ୍କାର ନିବେଶ ବଢାଇଛନ୍ତି। ବିଶେଷ କରି ସୋମବାର ବମ୍ବେ ଷ୍ଟକ୍ ଏକ୍ସଚେଞ୍ଜ (ବିଏସ୍‌ଇ)ର ସେନସେକ୍ସ ୪୪୩ (୪୪୨.୬୧) ପଏଣ୍ଟ ବୃଦ୍ଧି ଘଟି ୮୨,୨୦୦ (୮୨,୨୦୦.୩୪) ଅଙ୍କରେ କାରବାର ବନ୍ଦ ହୋଇଥିଲା। ସେହିଭଳି ନ୍ୟାଶନାଲ ଷ୍ଟକ ଏକ୍ସଚେଞ୍ଜ (ଏନଏସଇ)ର ନିଫ୍ଟି-୫୦ ରେ ମଧ୍ୟ ୧୨୨ (୧୨୨.୩୦) ପଏଣ୍ଟ ବଢି ୨୫,୦୯୧ (୨୫,୦୯୦.୭୦) ଅଙ୍କରେ କାରବାର ଶେଷ ହୋଇଥିଲା। ଅପରପକ୍ଷରେ ବିଏସଇ ସେନସେକ୍ସର ମିଡକ୍ୟାପ୍ ଓ ସ୍ମଲକ୍ୟାପ୍ ଶେୟାରଗୁଡିକର ଇଣ୍ଡେକ୍ସ ସହିତ ଏନ୍‌ଏସଇ ନିଫ୍ଟି ମିଡକ୍ୟାପ, ସ୍ମଲକ୍ୟାପ ଏବଂ ବ୍ୟାଙ୍କ ଓ ଆଇଟି ଶେୟାରଗୁଡିକର କାରବାରରେ ମଧ୍ୟ ପରିବର୍ତ୍ତନ ହୋଇଛି। ଏପରିକି ଶେୟାର ବଜାରର ସେକ୍ଟୋରାଲ ଇଣ୍ଡେକ୍ସ କାରବାରରେ ମଧ୍ୟ ବୃଦ୍ଧି ଘଟିଛି।

# ବିଏଲ୍‌ଆଇର ନୂତନ ଉତ୍ପାଦ

ଭୁବନେଶ୍ୱର,୨୧।୭

ବନ୍ଧନ ଲାଇଫ୍ ଇନସ୍ୟୁରାନ୍ସ (ବିଏଲ୍‌ଆଇ)ର ନୂତନ ଉତ୍ପାଦ ତଥା ବନ୍ଧନ ଲାଇଫ୍ ଆଇଇନକମ୍ ୱେଲଥ୍‌ର ଶୁଭାରମ୍ଭ ନିକଟରେ ହୋଇଯାଇଛି। ବିଶେଷ କରି ଏହା ପ୍ରିମିୟମ୍ ପୈଠର ୫ରୁ ୭ ଦିନ ମଧ୍ୟରେ ତୁରନ୍ତ ଆୟ ଦେବା ଆରମ୍ଭ ସହ ୧୦୦ ବର୍ଷ ବୟସ ପର୍ଯ୍ୟନ୍ତ ଜୀବନ ସୁରକ୍ଷା ମଧ୍ୟ ପ୍ରଦାନ କରିଥାଏ। ଏହି ଆୟରେ ସୁନିଶ୍ଚିତ ଦେୟ ସହିତ ସମ୍ଭାବ୍ୟ ନଗଦ ବୋନସ୍ ଅନ୍ତର୍ଭୁକ୍ତ ରହିଛି। ବନ୍ଧନ ଲାଇଫ୍ ଇନସ୍ୟୁରାନ୍ସର ଏମଡି ତଥା ସିଇଓ ସତୀଶ୍ୱର ବି କହିଛନ୍ତି, ଆମେ ବାସ୍ତବ ଜୀବନର ଆର୍ଥିକ ଚ୍ୟାଲେଞ୍ଜଗୁଡ଼ିକୁ ସମାଧାନ କରିବା ପାଇଁ ପ୍ରତିଶ୍ରୁତିବଦ୍ଧ ରହିଛୁ। ଏପରିକି ଅଧିକାଂଶ ଭାରତୀୟ ଯାହା ଆୟ କରନ୍ତି, ତାହା ଖର୍ଚ୍ଚରେ ସାରିଦେଇଥାନ୍ତି ଏବଂ ସଞ୍ଚୟ ପାଇଁ ସେମାନଙ୍କ ପାଖରେ କିଛି ବଳକା ରହେ ନାହିଁ, ଏପରିକି ସାମାଜିକ ସୁରକ୍ଷା ପାଇଁ ଅର୍ଥର ଅଭାବ ରହିଥାଏ। ଅପରପକ୍ଷରେ ଅନେକ ବ୍ୟକ୍ତି, ଜରୁରୀ ମାସିକ ଖର୍ଚ୍ଚ ଉଠାଇବା ପାଇଁ ମଧ୍ୟ ଋଣ କରିଥାନ୍ତି। ଚାକିରୀ ହରାଇବା କିମ୍ବା ଜରୁରୀକାଳୀନ ଚିକିତ୍ସା ପରିସ୍ଥିତି ପରିବାରକୁ ଆର୍ଥିକ ସଙ୍କଟରେ ପକାଇପାରେ ଏବଂ ଆଇଇନକମ୍ ୱେଲଥ୍ ଏହି ଆବଶ୍ୟକତାକୁ ପୂରଣ କରିବା ପାଇଁ ପ୍ରସ୍ତୁତ କରାଯାଇଛି।

# ଘରୁ ଦୂରାନ୍ତୁ ଝିଟିପିଟି

**ଝିଟିପିଟି ପ୍ରାୟ ଅଧିକାଂଶଙ୍କ ଘରେ ଥିବା ଦେଖିବାକୁ ମିଳିଥାଏ। କେହି କେହି ଏହାକୁ ଦେଖିଲେ ଭୟ ମଧ୍ୟ କରିଥାନ୍ତି। ଯଦି ଆପଣଙ୍କ ଘରେ ବି ଅଧିକ ଝିଟିପିଟି ଅଛନ୍ତି ଏବଂ ତାଙ୍କୁ ନ ମାରି ଘରୁ ବାହାର କରିବାକୁ ଚାହାନ୍ତି ତେବେ ଜାଣିରଖନ୍ତୁ କେତୋଟି ସହଜ ଉପାୟ...**



★ କର୍ପୂରର ଗନ୍ଧ ଝିଟିପିଟିକୁ ପସନ୍ଦ ନୁହେଁ। ତେଣୁ ୪ଟି କର୍ପୂରକୁ ଗୁଣ୍ଡକରି ୧୫୦ମି.ଲି. ପାଣିରେ ମିଶାନ୍ତୁ। ସେଥିରେ ଅଳ୍ପ ଡେଟଲ ମିଶାଇ ସ୍ପ୍ରେ ବଟଲରେ ରଖି ଘରର ସବୁ କାନ୍ଥରେ ସ୍ପ୍ରେ କରନ୍ତୁ, ଝିଟିପିଟି କିମ୍ବା ଅନ୍ୟ ପୋକ ମଧ୍ୟ ଆସିବେ ନାହିଁ।

★ ଯଦି କେମିକାଲ ବ୍ୟବହାର ପସନ୍ଦ ନୁହେଁ ତେବେ ପିଆଜ ଏବଂ ରସୁଣ ଆପଣଙ୍କ ପାଇଁ ସବୁଠୁ ସହଜ ପ୍ରାକୃତିକ ଉପାୟ। ଗୋଟିଏ ବଡ଼ ପିଆଜକୁ କାଟି ଦିଅନ୍ତୁ। ସେଥିରେ ଗୋଟିଏ ରସୁଣର ୧୦-୧୨ କୋଳା ମିଶାଇ ଗ୍ରାଇଣ୍ଡ କରିଦିଅନ୍ତୁ। ଏହାକୁ ଏକ କପଡ଼ାରେ ଚିପୁଡି ରସ ବାହାର କରନ୍ତୁ। ସେଥିରେ ସମ ପରିମାଣର ପାଣି ମିଶାଇ ସ୍ପ୍ରେ ବଟଲ୍‌ରେ ରଖି ଘରେ ସ୍ପ୍ରେ କରନ୍ତୁ। ଏହାର ତୀବ୍ର ଗନ୍ଧରେ ଘରୁ ଝିଟିପିଟି ଚାଲିଯିବେ।

★ ସେହିପରି ପିପରମିଣ୍ଟ ଅଏଲ ୧୦-୧୫ ଟୋପା ନେଇ ପାଣିରେ ମିଶାଇ ସ୍ପ୍ରେ ବଟଲ୍‌ରେ ରଖି ଝିଟିପିଟି ହେଉଥିବା ସ୍ଥାନରେ ସ୍ପ୍ରେ କରନ୍ତୁ ଦେଖିବେ ଝିଟିପିଟି ଆଉ ଆସିବେ ନାହିଁ।

★ ଘରର ବିଭିନ୍ନ ସ୍ଥାନରେ ଅଣ୍ଡା ଖୋଳ ରଖିଲେ ବି ଝିଟିପିଟି ଘରକୁ ଆସି ନ ଥାନ୍ତି।

★ ଝିଟିପିଟି ନ ଆସିବା ଲାଗି ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଘରକୁ ସଫା ରଖିବା। ତେଣୁ ନିୟମିତ ସମୟ ଅନ୍ତରାଳରେ ଘରର ଛାତ, ଆଲମିରା ଓ କପ୍‌ବୋର୍ଡ ପଛପଟ, ବିଭିନ୍ନ ଫର୍ନିଚରର ପଛପଟ ଆଦିକୁ ସଫା କରନ୍ତୁ।



ଖାଦ୍ୟରୁଚି

## ମଖାନା ରାଇତା



**ଆବଶ୍ୟକ ସାମଗ୍ରୀ:** ୨ କପ୍ ମଖାନା, ୨ କପ୍ ଦହି, ଅଧା ଚାମଚ ଲେଖାଏ ଜିରା ଏବଂ ଧନିଆ ପାଉଡର, ଗୋଟିଏ କଞ୍ଚାଲଙ୍କା(ଛୋଟ ଛୋଟ କଟାହୋଇଥିବା), କଳା ଲୁଣ, ଧନିଆ ପତ୍ର( ଛୋଟ ଛୋଟ କଟାହୋଇଥିବା)।

**ପ୍ରସ୍ତୁତି ପ୍ରଣାଳୀ:** ପ୍ରଥମେ ଏକ ପାତ୍ରରେ ମଖାନା ଭିଜାଇ ଦିଅନ୍ତୁ। ୨ମିନିଟ୍ ପରେ ଏହାକୁ ଭଲ ଭାବେ ଧୋଇ ଛାଣିଦିଅନ୍ତୁ। ଆଉ ଏକ ପାତ୍ରରେ ଦହି ନେଇ ସେଥିରେ ଜିରା ଏବଂ ଧନିଆ ପାଉଡର ପକାନ୍ତୁ। ସେଥିରେ କଟା ଲଙ୍କା ଏବଂ ସ୍ୱାଦ ଅନୁସାରେ କଳା ଲୁଣ ପକାଇ ମିଶାନ୍ତୁ। ବର୍ତ୍ତମାନ ସେଥିରେ ମଖାନା ପକାଇ ଭଲ ଭାବେ ଗୋଳାଇ ଦିଅନ୍ତୁ। ଏହାକୁ ୧୫-୨୦ମିନିଟ୍ ଫ୍ରିଜ୍‌ରେ ରଖନ୍ତୁ। ଏହା ଉପରେ କଟା ଧନିଆପତ୍ର ପକାଇ ଗାର୍ନିସ୍ କରି ଖାଇବାର ମଜା ନିଅନ୍ତୁ।

ମହିଳାମାନେ ସାଧାରଣତଃ ସୁନାଗହଣା ପ୍ରିୟ। ତେଣୁ ସୁନା ଦର ଦିନକୁ ଦିନ ବଢୁଥିଲେ ସୁଦ୍ଧା ଅନେକେ ଏହାକୁ କିଣିବାକୁ ଆଦୌ ପଛଘୁଞ୍ଚା ଦିଅନ୍ତି ନାହିଁ। ଏହା ପଛର ମୁଖ୍ୟ କାରଣ ହେଉଛି ସୁନା ଏଭଳି ଏକ ମୂଲ୍ୟବାନ୍ ଧାତୁ ଯାହାକି ଇନ୍‌ଭେଷ୍ଟମେଣ୍ଟ ପାଇଁ ମଧ୍ୟ ଏକ ଭଲ ବିକଳ୍ପ ସାଜିପାରେ। ତେବେ

# ଗୋଲ୍ଡ ଲୋନ୍



ହଠାତ୍ ଟଙ୍କା ଆବଶ୍ୟକ ସମୟରେ ପାଖରେ ସୁନା ଥିଲେ ଏହାକୁ ନିବେଶକରି ସହଜ ଏବଂ ସୁରକ୍ଷିତ ଭାବେ ଲୋନ୍ ଅଣାଯାଇପାରିବ। ବର୍ତ୍ତମାନ ଆମ ଦେଶରେ ମଧ୍ୟ ଗୋଲ୍ଡ ଲୋନ୍ ନେବା ପାଇଁ ଅନେକ ସୁବିଧା ଉପଲବ୍ଧ ହେଲାଣି ; ଯେଉଁଥିପାଇଁ ଅସମୟରେ ଲୋକଙ୍କୁ ଆଉ ସୁନା ବିକ୍ରି କରିବାକୁ ପଡୁନାହିଁ। ବିବାହ, ଚିକିତ୍ସା, ପିଲାଙ୍କ ହାୟର ଷ୍ଟଡି ଏମିତିକି କେହି କେହି ଗାଡ଼ି କିଣିବା ଲାଗି ମଧ୍ୟ ସୁଧ ହାର କମ୍ ଥିବାରୁ ଗୋଲ୍ଡ ଲୋନ୍ ନେଉଛନ୍ତି। ତେବେ ଗୋଲ୍ଡ ଲୋନ୍ କିପରି ମିଳିଥାଏ, ଏଥିରେ କ'ଣ ସୁବିଧା ବା ଅସୁବିଧା ରହିଛି, ସମ୍ପୂର୍ଣ୍ଣ ଋଣ ଶୁଝିବା ପରେ ସୁନା ମିଳିବା କଷ୍ଟକର ନୁହେଁ ତ ଇତ୍ୟାଦି ଭଳି ପ୍ରଶ୍ନ ଅନେକଙ୍କ ମନରେ ଆସୁଥାଇପାରେ। ଜାଣନ୍ତୁ ଏହା ସମ୍ପର୍କରେ...


**ଗୋଲ୍ଡ ଲୋନ୍ ମିଳେ କିପରି:** ଏହି ପ୍ରକ୍ରିୟା ଆଦୌ କଷ୍ଟକର ନୁହେଁ। ଯଦି କୌଣସି ବ୍ୟାଙ୍କ୍ , ଗୋଲ୍ଡ ଲୋନ୍ ଦେଉଥିବା କମ୍ପାନୀ ବା ନନ୍ ବ୍ୟାଙ୍କିଙ୍ଗ୍ ଫାଇନାନ୍ସିଆଲ୍ କମ୍ପାନୀ(ଏନ୍‌ବିଏଫ୍‌ସି)ରେ ନିଜର ସୁନାଗହଣା, ବାର୍, କଏନ୍ ଆଦି ବନ୍ଧକ ରଖି ଲୋନ୍ ନେବାକୁ ଚାହୁଁଥାନ୍ତି ତେବେ ସେଠାରେ ସେମାନେ ପ୍ରଥମେ ଏହାର କ୍ୱାଲିଟି ଯାଞ୍ଚ କରିଥାନ୍ତି। ଏହାକୁ ଆଧାରକରି ବର୍ତ୍ତମାନର ମାର୍କେଟ୍ ରେଟ୍ ବା ବଜାର ମୂଲ୍ୟ ଅନୁଯାୟୀ କେତେ ଲୋନ୍ ମିଳିପାରିବ ତାହା ନିର୍ଦ୍ଧାରଣ କରିଥାନ୍ତି। ଏହି ଦାମ୍ ନିବେଶକାରୀଙ୍କୁ ପସନ୍ଦ ଆସିଲେ କେତେକ ଅଫିସିଆଲ୍ କାଗଜପତ୍ର କାମ ବା ଡକ୍ୟୁମେଣ୍ଟେଶନ କରାଯିବା ପରେ ଲୋନ୍ ମିଳିଥାଏ। ଅନ୍ୟ ଲୋନ୍ ପରି ଏଥିପାଇଁ ଦିନ ଦିନ ବ୍ୟାଙ୍କକୁ ଧାଇଁବାର ଟେନ୍‌ସନ ନ ଥାଏ। ମାତ୍ର କେତେଘଣ୍ଟାରେ ଏହା ମିଳିଯାଏ। ଯଦି ଲୋନ୍ ରାଶି ଅଳ୍ପ ଥାଏ ତେବେ କ୍ୟାଶ୍ ଆକାରରେ ମିଳିଯାଉଥିବା ବେଳେ ଅଧିକ ହୋଇଥିଲେ ଅନ୍‌ଲାଇନରେ ଆକାଉଣ୍ଟକୁ ଟ୍ରାନ୍ସଫର କରିଦିଆଯାଇଥାଏ।

### ଜାଣିରଖନ୍ତୁ

➔ ଗୋଲ୍ଡ ଲୋନ୍ ନେଉଥିଲେ ଯଦି ମଝିରେ ମଝିରେ କିଛି ମାସ ଆଦୌ ସୁଧ ନ ଦିଅନ୍ତି ତେବେ ବ୍ୟାଙ୍କ କିମ୍ବା ଉକ୍ତ କମ୍ପାନୀ ପକ୍ଷରୁ ନୋଟିସ ଆସିଥାଏ। ତଥାପି ସୁଧ ନ ଦେଲେ ଉକ୍ତ ବ୍ୟାଙ୍କ୍‌ର ଅଧିକାର ଅଛି ଯେ ସେ ଆପଣଙ୍କ ସୁନାଗହଣାକୁ ନିଲାମ କରିଦେଇପାରିବ। କେବଳ ଏତିକି ନୁହେଁ, ଠିକ୍ ସମୟରେ ସୁଧ ନ ଦେଲେ ସିଭିଲ ସ୍କୋର ଡାଉନ୍ ହୋଇଯାଇଥାଏ।

➔ ଲୋନ୍ ସେତିକି ନିଅନ୍ତୁ ଯେତିକି ଶୁଝିପାରିବେ। ଅର୍ଥାତ୍ ଇଏମ୍‌ଆଇ ଯେପରି ନିଜ ମାସିକ ରୋଜଗାରର ୪୦%ରୁ କମ୍ ହୁଏ ସେଥିପ୍ରତି ଧ୍ୟାନଦିଅନ୍ତୁ।

**ସୁନା କେବଳ ଏକ ଦାମୀ ଆଭୂଷଣ ଭାବେ ନାରୀର ସୌନ୍ଦର୍ଯ୍ୟ ବୃଦ୍ଧିକରି ନ ଥାଏ ବରଂ ପାଖରେ ସୁନା ଥିଲେ ଅସମୟରେ ଏହାକୁ ବନ୍ଧକ ରଖି ଲୋନ୍ ଆଣିବା, ଆର୍ଥିକ ସଙ୍କଟ ଦୂରକରିବାର ସବୁଠୁ ଭଲ ବିକଳ୍ପ ବି ସାଜିପାରେ ...**





ସବୁଠୁ ଭଲ କଥା ହେଉଛି ଅନ୍ୟ ଲୋନ୍ ତୁଳନାରେ ଏଥିରେ ସୁଧହାର କମ୍ ରହିଥାଏ।

**କେତେ ମିଳେ ଲୋନ୍:** ରିଜର୍ଭ ବ୍ୟାଙ୍କର ଗୋଲ୍ଡଲୋନ୍ ଗାଇଡ୍‌ଲାଇନ ଅନୁଯାୟୀ ଲୋନ୍ ଟୁ ଭାଲ୍ୟୁ(ଏଲ୍‌ଟିଭି) ବା ସୁନାର ଦାମ୍ ଅନୁଯାୟୀ ଲୋନ୍‌ର ଅନୁପାତ ସର୍ବାଧିକ ୭୫% ରହିଥାଏ। ଅର୍ଥାତ୍ ଯଦି ଜଣେ ୧୦୦୦ ଟଙ୍କାର ସୁନା ବନ୍ଧକ ରଖେ ତେବେ ତାଙ୍କୁ ସର୍ବାଧିକ ୭୫୦ ଟଙ୍କା ପର୍ଯ୍ୟନ୍ତ ଲୋନ୍ ମିଳିପାରିବ। ତେବେ ନିକଟରେ ରିଜର୍ଭ ବ୍ୟାଙ୍କ ପକ୍ଷରୁ ୨ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁନା ପାଇଁ ୮୫% ପର୍ଯ୍ୟନ୍ତ ଲୋନ୍ ଦେବାକୁ ନିଷ୍ପତ୍ତି ନିଆଯାଇଛି। ଗୋଲ୍ଡ ଲୋନ୍‌ରେ କେତେ ହଜାର ଟଙ୍କାରୁ ଲକ୍ଷ ଲକ୍ଷ ଟଙ୍କା ଲୋନ୍ ନେଇପାରିବେ। ଯେଉଁଥିରେ ଲୋନ୍ ଶୁଝିବାର ସମୟ ସୀମା ୩ ମାସରୁ ୫ ବର୍ଷ ପର୍ଯ୍ୟନ୍ତ ରହିଥାଏ।

**କିପରି କରିବେ ଗଣନା:** କେତେ ସୁନା ପାଇଁ କେତେ ଟଙ୍କା ଲୋନ୍ ପାଇପାରିବେ ଜାଣିବା ଲାଗି ବ୍ୟାଙ୍କ୍ କିମ୍ବା ଗୋଲ୍ଡ ଲୋନ୍ କମ୍ପାନୀ ସହ ଯୋଗାଯୋଗ କରିପାରିବେ। ଯଦି ଘରେ ରହି ଏହା ଅନୁମାନ ଲଗାଇବାକୁ ଚାହାନ୍ତି ତେବେ ବ୍ୟାଙ୍କ୍ କିମ୍ବା କମ୍ପାନୀର ୱେବ୍‌ସାଇଟ୍‌ରେ ଦିଆଯାଇଥିବା କାଲ୍‌କୁଲେଟରର ସାହାଯ୍ୟ ନେଇପାରିବେ। ଏଥିରୁ ଆପଣଙ୍କୁ ପ୍ରତି ମାସରେ କେତେ ଟଙ୍କା ପର୍ଯ୍ୟନ୍ତ ଇଏମ୍‌ଆଇ ଦେବାକୁ ପଡ଼ିବ ମଧ୍ୟ ଜାଣିପାରିବେ।

**ସୁଧ ହାର:** ବିନା ସିକ୍ୟୁରିଟି ଥିବା ପର୍ସନାଲ ଲୋନ୍ କିମ୍ବା କ୍ରେଡିଟ୍ କାର୍ଡରେ ନେଉଥିବା ଲୋନ୍‌ରେ ସୁଧ ହାର ୯%ରୁ ଆରମ୍ଭକରି ୪୫% ପର୍ଯ୍ୟନ୍ତ ରହୁଥିବା ବେଳେ ଗୋଲ୍ଡ ଲୋନ୍‌ରେ ଏହି ସୁଧ ହାର ଅପେକ୍ଷାକୃତ କମ୍ ଅର୍ଥାତ୍ ବିଭିନ୍ନ ବ୍ୟାଙ୍କ ତଥା କମ୍ପାନୀ ଅନୁଯାୟୀ ୮.୮%ରୁ ୨୭% ପର୍ଯ୍ୟନ୍ତ ରହିଥାଏ। ଏହାକୁ ଚାହିଁଲେ ପ୍ରତି ମାସରେ ଇନ୍‌ଷ୍ଟାଲ୍‌ମେଣ୍ଟରେ ଶୁଝିପାରିବେ କିମ୍ବା ଏକକାଳୀନ ମଧ୍ୟ ଶୁଝିପାରିବେ।

**ଲୋନ୍ ନେବାର ଯୋଗ୍ୟତା:** ଯେକେହି ଚାହିଁଲେ ଗୋଲ୍ଡ ଲୋନ୍ ନେଇପାରିବେ ନାହିଁ। ଏଥିପାଇଁ ବୟସ ସୀମା ୧୮ରୁ ଊର୍ଦ୍ଧ୍ୱ ଏବଂ ୭୫ ବର୍ଷରୁ କମ୍ ହୋଇଥିବା ଦରକାର। ପାଖରେ ପ୍ୟାନ୍ କାର୍ଡ, ଆଧାର କାର୍ଡ, ଡ୍ରାଇଭିଂ ଲାଇସେନ୍ସ, ଭୋଟର ଆଇଡି, ପାସ୍‌ପୋର୍ଟ ଭଳି କୌଣସି ଆଇଡି ପ୍ରୁଫ୍ ଦରକାର। ଏହାସହ ଇଲେକ୍ଟ୍ରି ବିଲ୍, ପୋଷ୍ଟପେଡ୍ ଫୋନ୍ ବିଲ୍, ୱାଟର ବିଲ୍ ଭଳି ଆଡ୍ରେସ୍ ପ୍ରୁଫ୍ ଏବଂ ୨ଟି ପାସ୍‌ପୋର୍ଟ ସାଇଜ୍ ଫଟୋଗ୍ରାଫ୍ ସହ ବନ୍ଧା ରଖିବା ଲାଗି ସୁନା ଥିବା ଦରକାର।





ସୌନ୍ଦର୍ଯ୍ୟ

# ବର୍ଷାରେ କେଶ ଝଡୁଥିଲେ...

**ବର୍ଷାଦିନେ କେଶ ଝଡ଼ିବା ସମସ୍ୟା ସାଧାରଣତଃ ବଢ଼ିଯାଏ। ବର୍ଷାପାଣି ସଂସ୍ପର୍ଶରେ ଆସି କେଶ ନ ଶୁଖିବା, ଫଙ୍ଗାଲ୍ ଇନ୍‌ଫେକ୍ସନ ହେବା ଆଦି ଏହାର ମୁଖ୍ୟ କାରଣ। ତେଣୁ ଏଦିନେ କିପରି ଯତ୍ନ ନେଲେ କେଶ ଝଡ଼ିବ ନାହିଁ ଜାଣିରଖନ୍ତୁ ସେ ସମ୍ପର୍କରେ...**

❖ ଏହିଦିନେ କେଶକୁ ବର୍ଷାପାଣି ସଂସ୍ପର୍ଶରେ ଆସିବାକୁ ଦିଅନ୍ତୁ ନାହିଁ। କାରଣ ବର୍ଷାପାଣି ସାଧାରଣତଃ ସାମାନ୍ୟ ଅମ୍ଳଯୁକ୍ତ ହୋଇଥିବା ବେଳେ ଏଥିରେ ଅନେକ ଧୂଳିକଣା ମଧ୍ୟ ମିଶାଥାଏ, ଯାହାକି କେଶକୁ କ୍ଷତି ପହଞ୍ଚାଇଥାଏ। ଯଦି ହଠାତ୍ ବର୍ଷାରେ ଓଦାହୋଇଯାଏ ତେବେ ତୁରନ୍ତ ଶୁଖିଲା ଟାୱେଲ୍‌ରେ ଭଲ ଭାବେ କେଶ ପୋଛିଦିଅନ୍ତୁ। ମାଇଲ୍ଡ, ସଲ୍‌ଫେଟ୍ ଫ୍ରି ଶାମ୍ପୁରେ ଧୋଇପାରିଲେ ଖୁବ୍ ଭଲ। ନଚେତ୍ ପାଣି ଜମି ରହିବା ଯୋଗୁ ଫଙ୍ଗାଲ୍ ଇନ୍‌ଫେକ୍ସନ ହୋଇ କେଶ ଝଡ଼ିପାରେ।



❖ ବର୍ଷାଦିନେ ସପ୍ତାହରେ ଅତି କମ୍‌ରେ ୨-୩ ଥର ମାଇଲ୍ଡ ହର୍ବାଲ ଶାମ୍ପୁ ଲଗାଇ କେଶ ଧୁଅନ୍ତୁ। ନିୟମିତ ନଡ଼ିଆତେଲ, ଅଁଳା, ଆଲମଣ୍ଡ ତେଲ କିମ୍ବା ବ୍ରାହ୍ମି ତେଲ ଲଗାଇ ସ୍କାଲ୍ପ ଏବଂ କେଶକୁ ଭଲ ଭାବେ ମସାଜ କରନ୍ତୁ, କେଶ ମଜଭୁତ ହେବ। ତା'ଛଡ଼ା ଏପରି କଲେ କେଶରେ ଫଙ୍ଗାଲ ଇନ୍‌ଫେକ୍ସନ ହେବ ନାହିଁ ଏବଂ କେଶ ଝଡ଼ିବା ସମସ୍ୟା ମଧ୍ୟ ଦେଖାଦେବ ନାହିଁ।

❖ ଅନେକେ ବର୍ଷାପାଣି ପଡ଼ିଲେ ହେୟାର ଡ୍ରାୟର, ଷ୍ଟ୍ରେଟ୍‌ନର ଆଦି ସାହାଯ୍ୟରେ କେଶ ଶୁଖାଇଦିଅନ୍ତି। ହେଲେ କେଶକୁ ଅଧିକ କ୍ଷତି ପହଞ୍ଚାଇଥାଏ। ତେଣୁ ଏପରି ଆଦୌ କରନ୍ତୁ ନାହିଁ।

❖ ଏଦିନେ ଖାଦ୍ୟପେୟରେ ଅବହେଳା ମଧ୍ୟ କେଶ ଝଡ଼ିବାର ଅନ୍ୟତମ ମୁଖ୍ୟ କାରଣ। ତେଣୁ ଯଥା ସମ୍ଭବ ବାହାର ଖାଦ୍ୟ, ଜଙ୍କ୍‌ଫୁଡ୍, ଷ୍ଟ୍ରିଟ୍‌ଫୁଡ୍ ବଦଳରେ ସନ୍ତୁଳିତ ଖାଦ୍ୟ ଖାଆନ୍ତୁ। ଏହାଦ୍ୱାରା ଶରୀରର ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି କରିବା ସହ କେଶ ଝଡ଼ିବା ସମସ୍ୟା ବି କମାଇବ।



❖ ବର୍ଷାଦିନେ ଅନେକେ ପାଣି ପିଇବା କମ୍ କରିଦିଅନ୍ତି। ହେଲେ ଏପରି ନ କରି ଅତି କମ୍‌ରେ ଦିନକୁ ୩-୪ ଲିଟର ପାଣି ପିଅନ୍ତୁ, ଯାହା କେଶ ଏବଂ ସ୍କାଲ୍ପକୁ ଭିତରୁ ମଶ୍ଚରାଇଜ୍ ରଖିବ ଏବଂ ଝଡ଼ିବାକୁ ଦେବ ନାହିଁ।

❖ ବର୍ଷାରେ ବାୟୁମଣ୍ଡଳର ଆର୍ଦ୍ରତା ବଢ଼ିଯାଉଥିବାରୁ କେଶ ଝଡିବା ସମସ୍ୟା ବୃଦ୍ଧିପାଇଥାଏ। ଚର୍ମ ବିଶେଷଜ୍ଞଙ୍କ କହିବା ଅନୁଯାୟୀ ଯଦି ଏହିଦିନେ ୧୦୦ରୁ ୧୫୦ଟି କେଶ ଝଡୁଥାଏ ତେବେ ତାହା ସାଧାରଣ କଥା। ହେଲେ ଯଦି ଏହାଠାରୁ ଅଧିକ କେଶ ଝଡୁଛି ତେବେ ଡାକ୍ତରଙ୍କ ପରାମର୍ଶ ନେବା ଆବଶ୍ୟକ।

# ବର୍ଷାରେ ଗର୍ଭବତୀଙ୍କ ଯତ୍ନ

**ବର୍ଷାଦିନେ ସାଧାରଣତଃ ଅନେକଙ୍କଠାରେ ବିଭିନ୍ନ ସ୍ୱାସ୍ଥ୍ୟ ସମସ୍ୟା ଦେଖାଦେଇଥାଏ। ଗର୍ଭବତୀ ନାରୀମାନଙ୍କୁ ନିଜ ସହ ଗର୍ଭସ୍ଥ ଶିଶୁ ପାଇଁ ବିଶେଷ ଧ୍ୟାନ ଦେବା ଆବଶ୍ୟକ...**

➔ ବର୍ଷା ସମୟରେ ଗର୍ଭବତୀ ନାରୀମାନଙ୍କ ଦେହର ରୋଗ ପ୍ରତିରୋଧକ ଶକ୍ତି କମିଯାଉଥିବାରୁ ଝାଡ଼ା, ବାନ୍ତି, ଜଣ୍ଡିସ୍, ଜ୍ୱର ଆଦି ଅନେକ ଖାଦ୍ୟଜନିତ ସଂକ୍ରମଣ ରୋଗ ହୋଇଥାଏ। ତେଣୁ ନିଜ ସହ ଗର୍ଭସ୍ଥ ଶିଶୁର ଶରୀରକୁ ଶକ୍ତି ଯୋଗାଇ ଦେବା ଭଳି ସୁଷମ ତଥା ବେଶି ପୁଷ୍ଟିକର ଖାଦ୍ୟ ଖାଇବା ଆବଶ୍ୟକ। ବେଶି ତେଲ ମସଲାଯୁକ୍ତ, ବାସିଖାଦ୍ୟ, ବଜାରରେ ମିଳୁଥିବା ଖାଦ୍ୟ ଖାଇବା ଅନୁଚିତ।

➔ ବର୍ଷା ଅଧିକ ହେଲେ ଅନେକେ ଜଳବାୟୁ ଆର୍ଦ୍ର ଥିବାରୁ ପାଣି ପିଇବାରେ ଅବହେଳା କରି ବସନ୍ତି। ହେଲେ ଏ ସମୟରେ କମ୍ ପାଣି ପିଇଲେ ଗର୍ଭବତୀଙ୍କୁ ଡିହାଇଡ୍ରେଶନ ହୋଇ ବାନ୍ତି ଲାଗେ, ମୁଣ୍ଡ ବିନ୍ଧେ ଏବଂ ଅଚେତ ହେବା ଭଳି ଲାଗେ। ତେଣୁ ସେମାନେ ଫଳରସ, ପଇଡ଼, ପାଣି, ଲେମ୍ବୁ ସରବତ, ସୁପ୍ ଆଦି ପ୍ରଚୁର ପରିମାଣରେ ପିଇବା ଦରକାର।

➔ ଗର୍ଭବତୀଙ୍କୁ ସ୍ୱାସ୍ଥ୍ୟରକ୍ଷା ନିମନ୍ତେ ସଫାସୁତରା ରହିବା ଆବଶ୍ୟକ। ଭଲ ଭାବରେ ସ୍ନାନ କରିବା ଦ୍ୱାରା ଚର୍ମ ପରିଷ୍କାର ହୁଏ ଓ ଜୀବାଣୁ ଚର୍ମ ଭିତରକୁ ଯାଇପାରେ ନାହିଁ। ଖାଇବା ଆଗରୁ ଡିସ୍-ଇନ୍‌ଫ୍ୟାକ୍ଟାଣ୍ଟ ହ୍ୟାଣ୍ଡୱାଶ୍ ଲଗାଇ ହାତ ଧୋଇବା ଆବଶ୍ୟକ।

➔ ମ୍ୟାଲେରିଆ ଓ ଡେଙ୍ଗୁ ରୋଗରୁ ରକ୍ଷା ପାଇଁ ମଶାରି ଟାଣି ଶୋଇବା ଦରକାର।

➔ ଗର୍ଭବତୀ ମହିଳା ବର୍ଷାଦିନେ ବାହାରକୁ ଯାଉଥିଲେ ପାଖରେ ଛତା, ରେନିକୋଟ ରଖିବା ନିହାତି ଆବଶ୍ୟକ।

➔ ଏଦିନେ ଶୋଇବା ପୂର୍ବରୁ ପାଦରେ ଉଷୁମତେଲ ମାଲିସକଲେ ଉପକୃତ ହେବେ।



ଧରିତ୍ରୀ 51 Years
ଧରିତ୍ରୀ DHARITRI
www.orissakhabar.com/ www.dharitri.com ପୃଷ୍ଠା ୧୪ Press Regd. No. R.N. 21326/74 Postal Regd. No. BN/42/24-26. ଭୁବନେଶ୍ୱର, ମଙ୍ଗଳବାର, ଜୁଲାଇ ୨୨/୨୦୨୫ Bhubaneswar, Tuesday, July 22/ 2025

# ଇଂଲଣ୍ଡ ଟୁର୍‌ରୁ ନୀତୀଶ ବାଦ୍





ଓଲ୍ଡ ଟ୍ରାଫୋର୍ଡ କ୍ରିକେଟ ଗ୍ରାଉଣ୍ଡରେ ପ୍ରାକ୍ଟିସ ସେସନରେ ଯଶସ୍ୱୀ ଜୟସ୍ୱାଲ ଓ ଯଶପ୍ରୀତ ବୁମ୍‌ରା। ଅଂଶୁଲ କାମ୍ବୋଜ।

ମାଞ୍ଚେଷ୍ଟର,୨୧।୭(ପି.ଟି.)

ଭାରତୀୟ ଅଲ୍‌ରାଉଣ୍ଡର ନୀତୀଶ କୁମାର ରେଡ୍ଡୀ ଇଂଲଣ୍ଡ ବିପକ୍ଷରେ ଚାଲିଥିବା ଟେଷ୍ଟ ସିରିଜ୍‌ର ବଳକା ମ୍ୟାଚ୍‌ରୁ ବାଦ୍ ପଡ଼ିଛନ୍ତି। ସେହିଭଳି ପେସର ଅର୍ଶଦୀପ ସିଂ ଚତୁର୍ଥ ଟେଷ୍ଟ ଲାଗି ଉପଲବ୍ଧ ହେବେ ନାହିଁ ବୋଲି ବିସିସିଆଇ ପକ୍ଷରୁ ସୋମବାର କୁହାଯାଇଛି।

ଦ୍ୱିତୀୟ ଓ ତୃତୀୟ ଟେଷ୍ଟରେ ଖେଳିଥିବା ରେଡ୍ଡୀ ରବିବାର ଜିମ୍‌ରେ

## ଅର୍ଶଦୀପ ଚତୁର୍ଥ ଟେଷ୍ଟ ପାଇଁ ଅନୁପଲବ୍ଧ

ଟ୍ରେନିଂ କରୁଥିବା ବେଳେ ଆହତ ହୋଇଛନ୍ତି। ସ୍କାନ୍‌ରୁ ତାଙ୍କ ଲିଗାମେଣ୍ଟ ଡ୍ୟାମେଜ୍ ହୋଇଥିବା ଜଣାପଡ଼ିଛି। ବାମ ଆଣ୍ଠୁରେ ଆଘାତ ଲାଗିଥିବାରୁ ରେଡ୍ଡୀ ବଳକା ଦୁଇ ଟେଷ୍ଟରୁ ବାଦ୍ ପଡ଼ିଛନ୍ତି। ସେ ସ୍ୱଦେଶ ଫେରିବେ। ଏପର୍ଯ୍ୟନ୍ତ ସିରିଜ୍‌ରେ ଖେଳି ନ ଥିବା ଅର୍ଶଦୀପ ମଧ୍ୟ ଆହତ ହୋଇଛନ୍ତି। ଗତ ସପ୍ତାହରେ ନେଟ୍ସରେ ବୋଲିଂ ପ୍ରାକ୍ଟିସ୍ ବେଳେ ତାଙ୍କ ବାମହାତ ବୁଢ଼ା ଆଙ୍ଗୁଠିରେ ଆଘାତ ଲାଗିଥିଲା। ବିସିସିଆଇ ମେଡିକାଲ ଦଳ ତାଙ୍କ ଉପରେ ନଜର ରଖିଛି ବୋଲି ବିସିସିଆଇ ପକ୍ଷରୁ ଜାରି ବିଜ୍ଞପ୍ତିରେ କୁହାଯାଇଛି। ଦଳରେ ଆହତ ଖେଳାଳିଙ୍କ ସଂଖ୍ୟା ବୃଦ୍ଧି ପାଇବାରୁ ହରିୟାଣା ପେସର ଅନ୍‌ଶୁଲ କାମ୍ବୋଜଙ୍କୁ ଦଳରେ ସାମିଲ କରାଯାଇଛି। ସିରିଜ୍‌ର ଚତୁର୍ଥ ଟେଷ୍ଟ ବୁଧବାରଠାରୁ ଆରମ୍ଭ ହେବ।

**ଭାରତୀୟ ଦଳ:** ଶୁବମନ ଗିଲ୍ (ଅଧିନାୟକ), ରିଷଭ ପନ୍ତ(ଉଇକେଟ୍‌କିପର ଓ ଉପ ଅଧିନାୟକ), ଯଶସ୍ୱୀ ଜୟସ୍ୱାଲ, ଲୋକେଶ ରାହୁଲ, ସାଇ ସୁଦର୍ଶନ, ଅଭିମନ୍ୟୁ ଈଶ୍ୱରନ, କରୁନ ନାୟାର, ରବୀନ୍ଦ୍ର ଜାଡେଜା, ଧ୍ରୁବ ଜୁରେଲ(ଉଇକେଟ୍‌କିପର), ୱାଶିଂଟନ ସୁନ୍ଦର, ଶାର୍ଦ୍ଦୁଳ ଠାକୁର, ଯଶପ୍ରୀତ ବୁମ୍‌ରା, ମହମ୍ମଦ ସିରାଜ, ପ୍ରସିଦ୍ଧ କ୍ରିଷ୍ଣା, ଆକାଶ ଦୀପ, କୁଲ୍‌ଦୀପ ଯାଦବ ଓ ଅନ୍‌ଶୁଲ କାମ୍ବୋଜ୍।

## ଓଲ୍ଡ ଟ୍ରାଫୋର୍ଡରେ ଇଞ୍ଜିନିୟରଙ୍କ ନାମରେ ନାମିତ ହେବ ଷ୍ଟାଣ୍ଡ୍

ଭାରତର ପୂର୍ବତନ ଉଇକେଟ୍‌କିପର-ବ୍ୟାଟର ଫାରୁଖ୍ ଇଞ୍ଜିନିୟର ଓ ୱେଷ୍ଟଇଣ୍ଡିଜ୍ ଲିଜେଣ୍ଡ କ୍ଲାଇଭ୍ ଲୟଡଙ୍କ ନାମରେ ଆଇକନିକ୍ ଓଲ୍ଡ ଟ୍ରାଫୋର୍ଡ ଗ୍ରାଉଣ୍ଡରେ ଷ୍ଟାଣ୍ଡ ନାମିତ କରାଯିବ। ଉଭୟଙ୍କର ପୂର୍ବତନ କାଉଣ୍ଟି କ୍ଲବ ଲଙ୍କାଶାୟାର ପକ୍ଷରୁ ଏହି ଘୋଷଣା କରାଯାଇଛି। ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ବୁଧବାରଠାରୁ ଆରମ୍ଭ ହେବାକୁଥିବା ଚତୁର୍ଥ ଟେଷ୍ଟର ପ୍ରଥମ ଦିନରେ ଷ୍ଟାଣ୍ଡର ନାମକରଣ ଉତ୍ସବ ଆୟୋଜନ ହୋଇପାରେ। ଇଂଲଣ୍ଡ ଏବେ ୫ ମ୍ୟାଚ୍‌ବିଶିଷ୍ଟ ଆଣ୍ଡରସନ-ତେନ୍ଦୁଲକର ଟ୍ରଫି(ଏଟିଟି) ସିରିଜ୍‌ରେ ୨-୧ରେ ଆଗରେ ରହିଛି।

ଫାରୁଖ୍ ୧୯୬୮ରୁ ୧୯୭୬ ମଧ୍ୟରେ ଲଙ୍କାଶାୟାର ପାଇଁ ୧୭୫ ମ୍ୟାଚ୍ ଖେଳି ୫,୯୪୨ ରନ୍ କରିବା ସହ ୪୨୯ କ୍ୟାଚ୍ ଓ ୩୫ ଷ୍ଟମ୍ପିଂ କରିଥିଲେ। ଦୁଇଥରର ବିଶ୍ୱକପ୍ ବିଜୟୀ ୱେଷ୍ଟଇଣ୍ଡିଜ ଦଳର ଅଧିନାୟକ ଲୟଡ୍ ୧୯୭୦ ଦଶକରେ ଦଳରେ ଯୋଗଦେବା ପରେ କ୍ଲବର ଭାଗ୍ୟ ବଦଳାଇ ଦେଇଥିଲେ। ୮୭ ବର୍ଷୀୟ ଫାରୁଖ୍ ଲଙ୍କାଶାୟାର ପକ୍ଷରୁ ଖେଳିବା ପୂର୍ବରୁ ଏହି କ୍ଲବ କଦାପି କୌଣସି ଟାଇଟଲ ଜିତି ନ ଥିଲା। ତାଙ୍କ ପ୍ରତିନିଧିତ୍ୱରେ ଏହି କ୍ଲବ ୧୯୭୦ରୁ ୧୯୭୫ ମଧ୍ୟରେ ୪ଥର ଜିଲେଟ୍ କପ୍ ଜିତିଛି। ଅବସର ନେବା ପରେ ଇଞ୍ଜିନିୟର ମାଞ୍ଚେଷ୍ଟରକୁ ନିଜ ଘର କରିଥିଲେ। ଏପର୍ଯ୍ୟନ୍ତ ସେ ସେଠାରେ ରହୁଛନ୍ତି। ବ୍ୟକ୍ତିଗତ କାର୍ଯ୍ୟ ଯୋଗୁ ଇଂଲଣ୍ଡ ଟୁର୍‌ରେ ଥିବା ଭାରତର ପୂର୍ବତନ ଅଧିନାୟକ ଦିଲୀପ ଭେଙ୍ଗ୍‌ସରକାର ଓ କ୍ଲବର ଅନ୍ୟ ସିନିୟର ସଦସ୍ୟ ଷ୍ଟାଣ୍ଡ ନାମକରଣ ଉତ୍ସବରେ ଯୋଗଦେବେ।

# ଅନୁଶ ଜିତିଲେ ଡ୍ରେସେଜ ଇଭେଣ୍ଟ



ଘୋଡ଼ା ଫ୍ଲୋରିଆନା ସହ ଅନୁଶ ଅଗ୍ରୱାଲ।

ବର୍ଲିନ,୨୧।୭(ପି.ଟି.)

ଭାରତର ଅନୁଶ ଅଗ୍ରୱାଲ ଜୁବିଲୌମଷ୍ଟରନିୟର ହଫଗେସ୍କାର ଓପନ୍‌ର ଡ୍ରେସେଜ ଇଭେଣ୍ଟରେ ଚାମ୍ପିୟନ ହୋଇଛନ୍ତି। ପ୍ୟାରିସ୍ ଅଲିମ୍ପିକ୍ସରେ ଭାରତକୁ ପ୍ରତିନିଧିତ୍ୱ କରିଥିବା ଅନୁଶ ୬୯.୮୯୧ ପ୍ରତିଶତ ପଏଣ୍ଟ ସହ ୬ ପ୍ରତିଯୋଗୀବିଶିଷ୍ଟ ଫାଇନାଲରେ ସ୍ୱର୍ଣ୍ଣ ପଦକ ଅଧିକାର କରିଛନ୍ତି। ତାଙ୍କ ବ୍ୟତୀତ ଅନ୍ୟ ସମସ୍ତ ପ୍ରତିଯୋଗୀ ଜର୍ମାନୀର ଥିଲେ। ପିଆ ପିଓଟ୍ରୋୱସ୍କି ଓ କାଥାରିନା ହେମର ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ରହିଥିଲେ। ଅନୁଶ ଓ ତାଙ୍କ ୭ ବର୍ଷର ଘୋଡ଼ା ଫ୍ଲୋରିଆନାଙ୍କ ଲାଗି ଏସ୍ ଲିଭେଲରେ ପ୍ରଥମ ସଫଳତା ହାସଲ କରିଛନ୍ତି।

# ପରାଜୟ ସହ ଭାରତ ଏ'ର ଅଭିଯାନ ଶେଷ

ଇଣ୍ଡୋଭେନ୍, ୨୧।୭(ପି.ଟି.)

ଭାରତ ପୁରୁଷ ଏ' ହକି ଦଳ ଏଠାରେ ନେଦରଲାଣ୍ଡସଠାରୁ ୨-୮ରେ ପରାଜିତ ହୋଇ ଏହାର ୟୁରୋପ ଟୁର୍ ଅଭିଯାନ ଶେଷ କରିଛି। ରବିବାର ଅନୁଷ୍ଠିତ ଫାଇନାଲ ମ୍ୟାଚରେ ଯୁବ ଭାରତୀୟ ମିଡ୍ ଫିଲ୍ଡର ରଣଧୀର ସିଂ ଓ ଫରୱାର୍ଡ ସେଲ୍‌ଭାମ କାର୍ତ୍ତି ଭାରତ ଏ' ତରଫରୁ ୨ଟି ଯାକ ଗୋଲ୍ ସ୍କୋର କରିଥିଲେ। ଭାରତ ଏ' ଗତ ସପ୍ତାହରେ ନେଦରଲାଣ୍ଡସ ବିପକ୍ଷ ପୂର୍ବ ମ୍ୟାଚ୍ ୦-୩ରେ ପରାଜିତ ହୋଇଥିଲା। ଦଳ ଜୁଲାଇ ୮ରେ ଏହାର ଟୁର୍ ଆରମ୍ଭକରି ୟୁରୋପର ୫ଟି ଦଳ ସହ ମୋଟ ୮ଟି ମ୍ୟାଚ ଖେଳିଥିଲା। ଦଳ ୩ଟି ସହର ଗସ୍ତକରି ହକିର କେତୋଟି ଟପ୍ ଟିମ୍ ସହ ଖେଳିଥିଲା।



ସିଙ୍ଗାପୁରରେ ଚାଲିଥିବା ୱାର୍ଲ୍ଡ ଆକ୍ୱାଟିକ୍ ଚାମ୍ପିୟନଶିପ୍‌ର ଆର୍ଟିଷ୍ଟିକ୍ ସୁଇମିଂର ଓମେନ୍ସ ଡୁଏଟ୍ ଟେକ୍‌ନିକାଲ ଫାଇନାଲରେ ଅଂଶଗ୍ରହଣ ଅବସରରେ ଫ୍ରାନ୍ସର ଆନାସ୍ତାସିଆ ବାୟାନ୍ଡିନା ଓ ରୋମେନ୍ ଲୁନେଲ।

# ଇଂଲଣ୍ଡର ଚୂଡ଼ାନ୍ତ ଏକାଦଶ ଘୋଷଣା

ମାଞ୍ଚେଷ୍ଟର,୨୧।୭(ପି.ଟି.)

ଆସନ୍ତା ବୁଧବାରଠାରୁ ଭାରତ ବିପକ୍ଷରେ ଆରମ୍ଭ ହେବାକୁ ଥିବା ଚତୁର୍ଥ ଟେଷ୍ଟ ଲାଗି ସୋମବାର ଇଂଲଣ୍ଡ ତା'ର ଚୂଡ଼ାନ୍ତ ଏକାଦଶ ଘୋଷଣା କରିଛି। ଆହତ ସମସ୍ୟା ଯୋଗୁ ଦଳରୁ ବାଦ୍ ପଡ଼ିଥିବା

## ଭାରତ ବିପକ୍ଷ ଚତୁର୍ଥ ଟେଷ୍ଟ

ଶୋଏବ ବଶିରଙ୍କ ବଦଳରେ ବାମହାତୀ ସ୍ପିନର ଲିଆନ ଡସନଙ୍କୁ ଦଳରେ ସାମିଲ କରାଯାଇଛି। ଏହା ଛଡ଼ା ଦଳରେ ଅନ୍ୟ କୌଣସି ପରିବର୍ତ୍ତନ କରାଯାଇ ନାହିଁ। ବଶିରଙ୍କ ବିଦାୟ ଯୋଗୁ ୩୫ ବର୍ଷୀୟ ଡସନ ୮ ବର୍ଷର ବ୍ୟବଧାନ ପରେ ଜାତୀୟ ଦଳକୁ ଫେରିଛନ୍ତି। ଇଂଲଣ୍ଡର ଚୂଡ଼ାନ୍ତ ଏକାଦଶ: ଜ୍ୟାକ କ୍ରଲି, ବେନ ଡକେଟ, ଓଲି ପୋପ (ଉପ ଅଧିନାୟକ), ଜୋ ରୁଟ, ହ୍ୟାରୀ ବ୍ରୁକ, ବେନ ଷ୍ଟୋକ୍ସ (ଅଧିନାୟକ), ଜେମି ସ୍ମିଥ (ଉଇକେଟ କିପର), ଲିଆନ ଡସନ, କ୍ରିସ ୱୋକ୍ସ, ବ୍ରାଇଡନ କାର୍ସ ଓ ଜୋଫ୍ରା ଆର୍ଚ୍ଚର।

# ଅଷ୍ଟ୍ରେଲିଆକୁ ଜିତାଇଲେ ଓୱେନ୍

କାମାଇକା,୨୧।୭

ପଦାର୍ପଣକାରୀ ମିଚେଲ ଓୱେନଙ୍କ ଅଲ୍‌ରାଉଣ୍ଡ ପ୍ରଦର୍ଶନ ବଳରେ ୱେଷ୍ଟଇଣ୍ଡିଜ୍ ବିପକ୍ଷ ରବିବାର ରାତିରେ ଖେଳାଯାଇଥିବା ପ୍ରଥମ ଟି୨୦ ମ୍ୟାଚ୍‌କୁ ଅଷ୍ଟ୍ରେଲିଆ ୩ ଉଇକେଟରେ ଜିତିନେଇଛି। ଏହି ବିଜୟ ସହ ୫ ମ୍ୟାଚ୍‌ବିଶିଷ୍ଟ ଟି୨୦ ସିରିଜ୍‌ରେ ଭ୍ରମଣକାରୀ ଅଷ୍ଟ୍ରେଲିଆ ୧-୦ରେ ଅଗ୍ରଣୀ ହାସଲ କରିଛି। କ୍ୟାରିୟରର ପ୍ରଥମ ମ୍ୟାଚ୍‌ରେ ଓୱେନ ପ୍ଲେୟର ଅଫ୍ ମ୍ୟାଚ୍ ବିବେଚିତ ହୋଇଛନ୍ତି। ସିରିଜ୍‌ର ଦ୍ୱିତୀୟ ମ୍ୟାଚ୍ ସମାନ ଭେନ୍ୟୁରେ ମଙ୍ଗଳବାର ଖେଳାଯିବ।

ଆମନ୍ତ୍ରଣ ପାଇ ପ୍ରଥମେ ବ୍ୟାଟିଂ କରିଥିବା ୱେଷ୍ଟଇଣ୍ଡିଜ ନିର୍ଦ୍ଧାରିତ ୨୦ ଓଭରରେ ୮ ଉଇକେଟ ହରାଇ ୧୮୯ ରନ୍ କରିଥିଲା। ଦଳ ପକ୍ଷରୁ ରୋଷ୍ଟନ ଚେଜ୍ ୬୦(୯ ଚୌକା ଓ ୨ ଛକା), ଅଧିନାୟକ ଶାଇ ହୋପ୍ ୫୫(୪ ଚୌକା ଓ ୩ ଛକା) ଓ ସିମରନ ହେଟମେୟର ୩୮(୨ ଚୌକା ଓ ୩ ଛକା) ରନ୍ କରିଥିଲେ। ବୋଲିଂରେ ଅଷ୍ଟ୍ରେଲିଆ ପାଇଁ ବେନ୍ ଡ୍ୱାରଶୁଇସ ୪ ଉଇକେଟ ନେଇଥିବା ବେଳେ ସିନ ଆବଟ, କୁପର କୋନୋଲି, ନାଥନ ଏଲିସ ଓ ଓୱେନ ଗୋଟିଏ ଲେଖାଏ ଉଇକେଟ ନେଇଥିଲେ। ଜବାବରେ ଅଷ୍ଟ୍ରେଲିଆ ୧୮.୫ ଓଭରରେ ୭ ଉଇକଟ ହରାଇ ୧୯୦ ରନ୍ କରି ମ୍ୟାଚ୍ ଜିତି ନେଇଥିଲା। ଦଳ ଲାଗି କାମେରନ ଗ୍ରୀନ୍ ୨୬ ବଲରେ ୫୧(୨ ଚୌକା ଓ ୫ ଛକା) ଓ ଓୱେନ ୨୭ ବଲରେ ୫୦(୬ ଛକା) ରନ୍ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅଧିନାୟକ ମିଚେଲ ମାର୍ଶ ୨୪ (୩ ଛକା) ଓ ଜୋଶ ଇଙ୍ଗଲିସ ୧୮(୨ ଚୌକା ଓ ୩ ଛକା) ରନ୍ କରିଥିଲେ। ଘରୋଇ ୱେଷ୍ଟଇଣ୍ଡିଜ ପକ୍ଷରୁ ଜାସନ ହୋଲ୍ଡର, ଅଲ୍‌ଜାରି ଯୋଶେଫ ଓ ଗୁଡାକେଶ ମୋତି ଦୁଇଟି ଲେଖାଏ ଉଇକେଟ ନେଇଥିଲେ।



ଅର୍ଦ୍ଧଶତକୀୟ ଇନିଂସ ଅବସରରେ ମିଚେଲ ଓୱେନ (ବାମ)।

**ସଂକ୍ଷିପ୍ତ ସ୍କୋର**

ୱେଷ୍ଟଇଣ୍ଡିଜ: ୨୦ ଓଭରରେ ୧୮୯/୮(ରୋଷ୍ଟନ ଚେଜ୍-୬୦, ଶାଇ ହୋପ୍-୫୫, ସିମରନ ହେଟମେୟର-୩୮, ବେନ୍ ଡ୍ୱାରଶୁଇସ-୪/୩୬)। ଅଷ୍ଟ୍ରେଲିଆ: ୧୮.୫ ଓଭରରେ ୧୯୦/୭(କାମେରନ ଗ୍ରୀନ୍-୫୧, ମିଚେଲ ଓୱେନ-୫୦, ମିଚେଲ ମାର୍ଶ-୨୪, ଗୁଡାକେଶ ମୋତି-୨/୨୯, ଜାସନ ହୋଲ୍ଡର-୨/୩୨, ଅଲ୍‌ଜାରି ଯୋଶେଫ-୨/୩୯)।

# ରାଜ୍ୟସ୍ତରୀୟ ସ୍କୁଲ ଚେସ୍: ଶ୍ରଦ୍ଧା ସ୍ମରଣିକା ଚାମ୍ପିୟନ

ଭୁବନେଶ୍ୱର, ୨୧।୭ (ବିଜୟ ରଣା)

କଟକ ତ୍ରିଶୁଳିଆସ୍ଥିତ ସେରିମୋନିୟମ ମଣ୍ଡପଠାରେ ପ୍ରଥମ ରାଜ୍ୟସ୍ତରୀୟ ଏସ୍.ଆର ଦିନିକିଆ ରାପିଡ୍ ରାଜ୍ୟସ୍ତରୀୟ ସ୍କୁଲ ଚେସ୍ ଟୁର୍ନାମେଣ୍ଟ ଅନୁଷ୍ଠିତ ହୋଇଯାଇଛି। ଏଥିରେ ସିଡିଏ ଡିଏଭି ସ୍କୁଲ ଛାତ୍ରୀ ଶ୍ରଦ୍ଧା ସ୍ମରଣିକା ନନ୍ଦ ୭ରାଉଣ୍ଡ ବିଶିଷ୍ଟ ଏହି ପ୍ରତିଯୋଗିତାରେ ୬.୫ ପଏଣ୍ଟ ଅର୍ଜନ କରି ଚାମ୍ପିୟନ ହୋଇଛନ୍ତି। ଅନ୍ତର୍ଜାତୀୟ ଚେସ୍ ଦିବସ ଉପଲକ୍ଷେ ରାଜ୍ୟର ଅଗ୍ରଣୀ ଚେସ୍ ପ୍ରଶିକ୍ଷଣ କେନ୍ଦ୍ର ଏସ୍.ଆର୍ ଚେସ୍ ସେଣ୍ଟର ଓ କ୍ରୀଡ଼ା ସଂଗଠନ ଡି ୱେଟ୍‌ବିୱର୍ବର ମିଳିତ ଆନୁକୂଲ୍ୟରେ ଅନୁଷ୍ଠିତ ଏହି ଟୁର୍ନାମେଣ୍ଟରେ ରାଜ୍ୟର ୧୭ଟି ଜିଲାରୁ ୩୦ ଅନ୍ତର୍ଜାତୀୟ ରେଟେଡ ଖେଳାଳିଙ୍କ ସମେତ ମୋଟ ୧୯୦ ଜଣ ଖେଳାଳି ଅଂଶଗ୍ରହଣ କରିଥିଲେ। ଭୁବନେଶ୍ୱର ଚନ୍ଦ୍ରଶେଖରପୁର ଡିଏଭି ସ୍କୁଲର ଓମ୍ ସ୍ୱରୂପ ପାଢୀ ସମାନ ୬.୫ ପଏଣ୍ଟ ଅର୍ଜନ କରି ରନରଅପ୍ ହୋଇଥିବା ବେଳେ ଓଡ଼ିଏମ୍ ପବ୍ଲିକ ସ୍କୁଲର ସାୟାଂଶ ଦାସ ତୃତୀୟ ଏବଂ ଆୟାଶା ମହାନ୍ତି ୪ର୍ଥ, ଆଦଭିକ୍ ଆଦିତ୍ୟ ସ୍ୱାଇଁ ୫ମ, ସତ୍ୟ ସ୍ୱରୂପ ସାହୁ ୬ଷ୍ଠ ଏବଂ ଲଳିତ ରଞ୍ଜନ ସାହୁ ୭ମ ସ୍ଥାନରେ ରହିଥିଲେ। ଏମାନେ ସମସ୍ତେ ୬ ପଏଣ୍ଟ ଲେଖାଏଁ ଅର୍ଜନ କରିଥିଲେ। ସେହିପରି ୬ ବର୍ଷରୁ କମ୍, ୭ ବର୍ଷରୁ କମ୍, ୯ ବର୍ଷରୁ କମ୍, ୧୧ ବର୍ଷରୁ କମ୍ ବିଭାଗରେ ପ୍ରତିଯୋଗିତା ମାନ ହୋଇଥିଲା। ଏସ୍.ଆର୍ ଚେସ୍‌ର ସଭାପତି ସୁଭାଶିଷ ପଟ୍ଟନାୟକଙ୍କ ତତ୍ତ୍ୱାବଧାନରେ ଉଦ୍‌ଘାଟନୀ ଉତ୍ସବ ଅନୁଷ୍ଠିତ ହୋଇଥିଲା। ଚାଟାର୍ଡ ଆକାଉଣ୍ଟାଣ୍ଟ ରାଜନାରାୟଣ ତ୍ରିପାଠୀ ଓ ପୂର୍ବତନ ରାଜ୍ୟ ଚେସ୍ ସଂଘର ଆଡହକ୍ କମିଟି ଅଧକ୍ଷ ଅସିତ ମୁଖାର୍ଜୀ ଚେସ୍ ବୋର୍ଡରେ ପ୍ରଥମ ଚାଲ୍ ଚଳାଇ ପ୍ରତିଯୋଗିତାର ଉଦ୍‌ଘାଟନ କରି ଥିଲେ। ସନ୍ଧ୍ୟାରେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ ରାଜ୍ୟର ପ୍ରଥମ ଗ୍ରାଣ୍ଡମାଷ୍ଟର ଦେବାଶିଷ ଦାସ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ କୃତୀ ଶ୍ରେଷ୍ଠ ୧୫ ଖେଳାଳିଙ୍କୁ ୨୦ ହଜାର ଟଙ୍କାର ଆର୍ଥିକ ପୁରସ୍କାର ସହ ବିଭିନ୍ନ ବୟସବର୍ଗର ୬୫ ଜଣଙ୍କୁ ଟ୍ରଫି ପ୍ରଦାନ କରାଯାଇଥିଲା। ଏଥିରେ ସମ୍ମାନିତ ଅତିଥି ଭାବେ ବିଶିଷ୍ଟ ବ୍ୟବସାୟୀ ସିଦ୍ଧାର୍ଥ ଦାସ, କଟକ ଜିଲା ଚେସ୍ ସଂଘର ମେଣ୍ଟର ହେମନ୍ତ କୁମାର ନାୟକ ଏବଂ ବଲାଙ୍ଗୀର ଚେସ୍ ଜିଲା ଚେସ୍ ସଂଘର ସମ୍ପାଦକ ପ୍ରିୟବ୍ରତ ପଣ୍ଡା ପ୍ରମୁଖ ଯୋଗ ଦେଇଥିଲେ।




ଅତିଥିଙ୍କ ସହ କୃତୀ ଖେଳାଳି।

# ସାହାଣୀ କପ୍ ଫୁଟ୍‌ବଲ: ଖୋର୍ଦ୍ଧା, କଟକ ବିଜୟୀ

ରାଜକନିକା, ୨୧।୭
(ରବୀନ୍ଦ୍ର କୁମାର ଦାସ)

ଓଡ଼ିଶା ଫୁଟ୍‌ବଲ ଆସୋସିଏଶନ୍ ଆନୁକୂଲ୍ୟରେ କେନ୍ଦ୍ରାପଡ଼ା ଜିଲା କ୍ରୀଡ଼ା ସଂସଦ ଅନୁବନ୍ଧିତ ରାଜକନିକା ଆଥ୍‌ଲେଟିକ ଆସୋସିଏଶନ ଦ୍ୱାରା ଆର୍.ଏନ୍. ହାଇସ୍କୁଲ ମିନି ଷ୍ଟାଡିୟମରେ ସିନିୟର ଆନ୍ତଃ ଜିଲା ସାହାଣୀ କପ୍ ଫୁଟ୍‌ବଲ ଟୁର୍ନାମେଣ୍ଟରର ୬ଷ୍ଠ ଦିନ ଖେଳ ସୋମବାର ଅନୁଷ୍ଠିତ ହୋଇଯାଇଛି। ପ୍ରଥମ ମ୍ୟାଚ ଖୋର୍ଦ୍ଧା ଓ ପୁରୀ ମଧ୍ୟରେ ହୋଇଥିଲା। ଏଥିରେ ଖୋର୍ଦ୍ଧା ୫ -୦ ଗୋଲରେ ବିଜୟ ଲାଭ କରିଥିଲା। ଏହି ଖେଳରେ ମୁଖ୍ୟ ଅତିଥି ଭାବେ ଆସୋସିଏଶନର ଉପସଭାପତି କପିଳେନ୍ଦ୍ର ମଲ୍ଲିକ, ସମ୍ମାନିତ ଅତିଥି ଭାବେ କାର୍ଯ୍ୟକାରୀ ସଦସ୍ୟ ବେଣୁଧର ପରିଡା, ରଙ୍ଗାଧର ବେହୁରା ଓ ଶରତ କୁମାର ମଲ୍ଲିକ ପ୍ରମୁଖ ଯୋଗଦେଇ ଥିଲେ। ସେହିପରି ଦ୍ୱିତୀୟ ମ୍ୟାଚ କଟକ ଓ ପାରାଦୀପ ମଧ୍ୟରେ ହୋଇଥିଲା। ଏଥିରେ କଟକ ୬-୦ ଗୋଲରେ ବିଜୟ ଲାଭ କରିଥିଲା। ପ୍ରଥମ ମ୍ୟାଚରେ ଖୋର୍ଦ୍ଧା ଦଳର ଜଳଧର ନାୟକ ଓ ଦ୍ୱିତୀୟ ମ୍ୟାଚରେ କଟକ ଦଳର ଦୀନବନ୍ଧୁ ଦାସ ମ୍ୟାନ ଅଫ ଦି ମ୍ୟାଚ ହୋଇଥିଲେ। ରିଫେରି ଭାବେ ଆଲୋକ ଦେହୁରୀ, ଶଶିକାନ୍ତ ଦାସିଆ ଖେଳ ପରିଚାଳନା କରିଥିବାବେଳେ ଦିଲୀପ ରାଉତ ମ୍ୟାଚ କମିଶନର କାର୍ଯ୍ୟ ସମ୍ପାଦନ କରିଥିଲେ।

ଏହି ଖେଳରେ ମୁଖ୍ୟ ଅତିଥି ଭାବେ ଆସୋସିଏଶନର ସଭାପତି ଦୋଳ ଗୋବିନ୍ଦ ନାୟକ, ସମ୍ମାନିତ ଅତିଥି ଭାବେ ଉପସଭାପତି ପ୍ରଫେସର ବୈକୁଣ୍ଠ ନାଥ ପରିଡା, ଯୁଗ୍ମ ସମ୍ପାଦକ ଡ. ଫକୀର ଚନ୍ଦ୍ର ପ୍ରଧାନ, କୋଷାଧ୍ୟକ୍ଷ ଦେବେନ୍ଦ୍ର କୁମାର ନାୟକ, କାର୍ଯ୍ୟକାରୀ ସଦସ୍ୟ ବିଜୟ କୁମାର ଭୂୟାଁ ଓ ଅକ୍ଷୟ କୁମାର ନାଥ, ମିଡ଼ିଆ ସମ୍ପାଦକ ଅଜୟ କୁମାର ରାଉତ ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ ଅନୁଷ୍ଠାନର ସାଧାରଣ ସମ୍ପାଦକ ଅଜୟ କୁମାର ନାୟକ, ଉପଦେଷ୍ଟା ଆଦିକନ୍ଦ ଦାସ, ବାସୁଦେବ ବେହେରା, କେତନ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ଗୋଲକ ବିହାରୀ ମଲ୍ଲିକ, ପର୍ଶୁରାମ ସାହୁ, ଶରତ ଜେନା, ସୋମ୍ୟକାନ୍ତ ନାୟକ, ବିଶ୍ୱନାଥ ଦାଶ, ବିଶ୍ୱ ରଞ୍ଜନ ପଢ଼ିଆରୀ ଆଦି କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।



ମ୍ୟାଚ୍ ପୂର୍ବରୁ ଅତିଥିଙ୍କ ସହ ଖେଳାଳିମାନେ।

## ଅନ୍ୟ ଜୋନ୍ ଫଳାଫଳ

**କେନ୍ଦୁଝର ଜୋନ୍**
ବାଲେଶ୍ୱର-୦, ସୁନ୍ଦରଗଡ଼-୧
ଢେଙ୍କାନାଳ-୦, ସୁବର୍ଣ୍ଣପୁର-୦

**ବ୍ରହ୍ମପୁର ଜୋନ୍**
କୋରାପୁଟ-୪, ରାୟଗଡ଼ା-୦
ମାଲକାନଗିରି-୦, ମୟୂରଭଞ୍ଜ-୫।

ପ୍ରତିଯୋଗିତାର କ୍ୱାର୍ଟର ଫାଇନାଲ ପର୍ଯ୍ୟାୟ ୨୩ ତାରିଖରୁ ଆରମ୍ଭ ହେବ। ରାୟଗଡ଼ା ଜୋନ୍‌ରେ ସେଦିନ କଟକ ବନାମ ଝାରସୁଗୁଡ଼ା, ବ୍ରହ୍ମପୁର ଜୋନ୍‌ରେ ଭୁବନେଶ୍ୱର ବନାମ କୋରାପୁଟ, କେନ୍ଦୁଝର ଜୋନ୍‌ରେ ସୁନ୍ଦରଗଡ଼ ବନାମ ରାଉରକେଲା ଷ୍ଟିଲ୍‌ପ୍ଲାଣ୍ଟ ମ୍ୟାଚ୍ ଖେଳାଯିବ। ବୌଦ୍ଧ ଜୋନ୍‌ରେ ଲିଗ୍ ପର୍ଯ୍ୟାୟ ଶେଷ ହେବା ପରେ କ୍ୱାର୍ଟର ଫାଇନାଲ ପାଇଁ ଦିନ ଧାର୍ଯ୍ୟ ହେବ।

Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, B-34, Industrial Estate, Pita Mahal, Rayagada, Editor - Tathagata Satpathy, ସମ୍ପାଦକ– ତଥାଗତ ସତପଥୀ